

ଦକ୍ଷିଣ ମୁହାଁ ଦିଲଜିତ୍

▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ISSUE-84 WEDNESDAY 17 SEPTEMBER 2025 PAGE-12 ₹ 6.00 | BHUBANESWAR | ବର୍ଷ-୪୩ ସଂଖ୍ୟା-୮୪ ବୁଧବାର ୧୭ ସେପ୍ଟେମ୍ବର ୨୦୨୫ ପୃଷ୍ଠା-୧୨ ଟ.୬.୦୦


# ଉତ୍ତର ଭାରତରେ ବର୍ଷା ତାଣ୍ଡବ

**୧୨ ମୃତ**

## ଉତ୍ତରାଖଣ୍ଡ, ହିମାଚଳରେ ଫାଟିଲା ବାଦଲ

■ **ଡେରାଡୁନ, ୧୬।୯ (ଏଜେନ୍ସି):** ପ୍ରାକୃତିକ ବିପର୍ଯ୍ୟୟ ଦେବଭୂମି ଉତ୍ତରାଖଣ୍ଡର ପିଛା ଛାଡୁନାହିଁ। ମୌସୁମୀ ଜନିତ ପ୍ରବଳ ବର୍ଷା ରାଜ୍ୟରେ ବିପର୍ଯ୍ୟୟ ସୃଷ୍ଟି କରିଛି। ଜନଜୀବନକୁ ବିପର୍ଯ୍ୟସ୍ତ କରିଦେଇଛି। ଆଜି ସକାଳ ୫ଟାରେ ଡେରାଡୁନରେ ବାଦଲଫଟା ବର୍ଷା ଯୋଗୁଁ ତମସା, କାରଲିଗାଡ଼, ଟୋନ୍ସ ଏବଂ ସହସ୍ରଧାରା ନଦୀର ଜଳସ୍ତର ବୃଦ୍ଧି ପାଇଛି। ସହସ୍ରଧାରା ସମେତ ଆଖପାଖ ଅଞ୍ଚଳର ଅନେକ ଘର, ଦୋକାନ ଏବଂ ମନ୍ଦିରରେ ୫ରୁ ୬ ଫୁଟ ଉଚ୍ଚର ପାଣି ଜମା ହୋଇ ରହିଛି। ଅନେକ ରାସ୍ତାଘାଟ ଭାସି ଯାଇଛି। ବିକାଶ ନଗରରେ ଟୋନ୍ସ ନଦୀରେ ଅଚାନକ ପାଣି ମାଡ଼ି ଆସିବାରୁ ଶ୍ରମିକଙ୍କୁ ନେଇ ଯାଉଥିବା ଏକ ଟ୍ରାକ୍ଟର-ଟ୍ରଲି ଭାସି ଯାଇଛି। ଏଥିରେ ୮ ଜଣଙ୍କ ମୃତ୍ୟୁ ହୋଇଛି ଏବଂ ୪ ଜଣ ନିଖୋଜ ▶ପୃଷ୍ଠା-୧୦



# କଳିଙ୍ଗା ଘାଟିରେ ଭୂସ୍ଖଳନ

**ଗଞ୍ଜାମ-କନ୍ଧମାଳ ଯୋଗାଯୋଗ ବିଚ୍ଛିନ୍ନ**

■ **ଭଞ୍ଜନଗର/ଜି.ଉଦୟଗିରି, ୧୬।୯ (ସମିସ):** ଗଞ୍ଜାମ-କନ୍ଧମାଳ ସୀମାନ୍ତ କଳିଙ୍ଗା ଘାଟିରେ ପ୍ରବଳ ବର୍ଷା ଯୋଗୁଁ ଭୂସ୍ଖଳନ ଘଟି କନ୍ଧମାଳ ସମେତ ପଶ୍ଚିମ ଓଡ଼ିଶାକୁ ଯୋଗାଯୋଗ ବିଚ୍ଛିନ୍ନ ହୋଇଯାଇଛି। ପାହାଡ଼ରୁ ବଡ଼ବଡ଼ ପଥରଖଣ୍ଡ ସହ ମାଟି ଅତଡ଼ା ଖସି ରାସ୍ତା ଅବରୋଧ ହେବାରୁ ଉଭୟ ପାର୍ଶ୍ୱରେ ଶହଶହ ସଂଖ୍ୟାରେ ଗାଡ଼ିମୋଟର ଅଟକି ରହିଛି। ଗତ କିଛିଦିନ ହେଲା ସ୍ଥାନୀୟ ଅଞ୍ଚଳରେ ବର୍ଷା ଲାଗି ରହିଥିଲା। ଆଜି ଦୁର୍ଗାପ୍ରସାଦ ନିକଟରେ ହଠାତ୍ ପାହାଡ଼ରୁ ଅତଡ଼ା ଓ ପଥର ଧସି ରାସ୍ତା ବନ୍ଦ ହୋଇଯାଇଥିଲା। କୌଣସି ଅଘଟଣ ଘଟି ନଥିଲେ ମଧ୍ୟ ବର୍ତ୍ତମାନ ଉକ୍ତ ଅଞ୍ଚଳ ବିପଦପୂର୍ଣ୍ଣ ଅବସ୍ଥାରେ ରହିଛି। ବିଭିନ୍ନ ସ୍ଥାନରେ ପାହାଡ଼ରୁ ବଡ଼ବଡ଼ ପଥର ଖଣ୍ଡ ଖସି ରାସ୍ତା ଫାଟି ଯାଇଛି। ସନ୍ଧ୍ୟାରେ ଉକ୍ତ ଘାଟି ରାସ୍ତାକୁ ସିଲ୍ କରିବା ସହ ପୁଲିସ୍ ଜଗିରହିଛି। ଏନ୍ଏଚ୍ଏଆଇର ଏକ ଟିମ୍ ଘଟଣାସ୍ଥଳରେ ସ୍ଥିତି ପରଖିଛି।



**ଭିଜିବ ପାର୍ବଣ**

## ୨୬ ତାରିଖରେ ବଙ୍ଗୋପସାଗରରେ ଲଘୁଚାପ

# ଦୁର୍ଗାପୂଜାରେ ବର୍ଷା-ପବନ

■ **ଭୁବନେଶ୍ୱର, ୧୬।୯ (ସମିସ):** ଏଥର ବର୍ଷାରେ ଭିଜିବ ପାର୍ବଣ। ଦୁର୍ଗାପୂଜାରେ ଷଷ୍ଠୀ ଓ ସପ୍ତମୀ ଦିନ ରାଜ୍ୟର ଅଧିକାଂଶ ସ୍ଥାନରେ ପ୍ରବଳ ବର୍ଷା ହେବ। ସେପ୍ଟେମ୍ବର ୨୫ କିମ୍ବା ୨୬ ବେଳକୁ ବଙ୍ଗୋପାସଗରରେ ଲଘୁଚାପ ସୃଷ୍ଟି ଆଶଙ୍କା ପାଣିପାଗକୁ ବିଗାଡ଼ିବ। ଏପରିକି ପୂରା ପାର୍ବଣ ଫିକା ପଡ଼ିଯିବ। ସାଧାରଣତଃ ମୌସୁମୀ ପ୍ରତ୍ୟାବର୍ତ୍ତନ ପରେପରେ ସୃଷ୍ଟି ହେଉଥିବା ଲଘୁଚାପଗୁଡ଼ିକ ଅତ୍ୟନ୍ତ ଶକ୍ତିଶାଳୀ ହେଉଥିବା ଓ ଅଧିକ ଘନୀଭୂତ ହୋଇ ବାତ୍ୟାକୁ ନିମନ୍ତ୍ରଣ କରୁଥିବାରୁ ଦୁର୍ଗାପୂଜାରେ ପାଗକୁ ନେଇ ଏବେଠାରୁ ଆଶଙ୍କା ସୃଷ୍ଟି ହେଲାଣି। ଏପରିକି ସମ୍ଭାବ୍ୟ ଲଘୁଚାପ ବାତ୍ୟା ପରିସ୍ଥିତି ସୃଷ୍ଟି କରିପାରେ ବୋଲି ପାଣିପାଗ ବିଜ୍ଞାନୀମାନେ ଆକଳନ କରିଛନ୍ତି।

ସେପ୍ଟେମ୍ବର ଶେଷ ସପ୍ତାହରେ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବ ଓ ଏହା ପ୍ରଭାବରେ ଲଘୁଚାପ ସୃଷ୍ଟି ହୋଇ ବଳ ଗୋଟାଇବ। ପ୍ରାଥମିକ ଆକଳନରୁ ଏହା ଲଘୁଚାପ, ସଦୃଶ ଲଘୁଚାପ ଓ ପରେ ଅବପାତରେ ପରିଣତ ହୋଇପାରେ ବୋଲି ଆକଳନ କରାଯାଉଛି। ଯଦି ସେହି ସମୟରେ ସାମୁଦ୍ରିକ ସ୍ଥିତି ଓ ବାତ୍ୟା ପାଇଁ ସୁହାଉଥିବା କାରକଗୁଡ଼ିକ ଅନୁକୂଳ ରହେ, ତେବେ ଏହି ଲଘୁଚାପ ବାତ୍ୟାରେ ପରିଣତ ହେବା ନେଇ ମଧ୍ୟ ରହିଥିବା ଆଶଙ୍କାକୁ ଏଡ଼ାଯାଇ ନ ପାରେ। ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ବିଭିନ୍ନ ମଡେଲ ଅନୁସାରେ ଆସନ୍ତା ୨୫ କିମ୍ବା ୨୬ରେ ଉତ୍ତର ବଙ୍ଗୋପସାଗର ଏବଂ ସଂଲଗ୍ନ କେନ୍ଦ୍ରୀୟ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବ। ଏହା ଘନୀଭୂତ ହୋଇ ଅବପାତର ରୂପ ନେବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ରାଜ୍ୟରେ ୨୬ରୁ ପାଗରେ ପରିବର୍ତ୍ତନ ଆସିବ ଓ ୨୭-୨୮ ତାରିଖରେ ରାଜ୍ୟର ଅଧିକାଂଶ ସ୍ଥାନରେ ବର୍ଷା ହେବ। ଏପରିକି ଦକ୍ଷିଣ ଓଡ଼ିଶାରେ ପ୍ରବଳ ବର୍ଷା କରାଇବାର ସମ୍ଭାବନା ରହିଛି। ୨୯ ତାରିଖରେ ପଶ୍ଚିମ ଓଡ଼ିଶା ଦେଇ ଏହା ଛତିଶଗଡ଼ ଓ ପରେ ନାଗପୁର ଆଡ଼କୁ ଯିବ। ତେଣୁ ୨୯ରେ ବର୍ଷା ସମ୍ଭାବନା ରହିଛି। ୨୮ ତାରିଖରୁ ଷଷ୍ଠୀ ପୂଜା ଆରମ୍ଭ ହେବା ହେଉଥିବାରୁ ଷଷ୍ଠୀ ଓ ସପ୍ତମୀ ପୂଜା ସମୟରେ ବର୍ଷା ହୋଇପାରେ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି। ଅନ୍ୟପଟେ ବର୍ତ୍ତମାନ ଦେଶରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ ହୋଇଯାଇଥିବା ବେଳେ ଏବେ ଯେକୌଣସି ଲଘୁଚାପ ସୃଷ୍ଟି ହେ।ଲେ ତାହା ଉପରେ ପାଣିପାଗ କେନ୍ଦ୍ର ନଜର ରଖିଥାଏ। ଅତୀତରେ ଏହି ସମୟରେ ଅନେକ ବାତ୍ୟା ସୃଷ୍ଟି ହୋଇଛି। ୨୦୧୯ ମସିହା ସେପ୍ଟେମ୍ବର ▶ପୃଷ୍ଠା-୧୦



ରସୁଲଗଡ଼ ପୂଜାମଣ୍ଡପ

**ପୂଜା ମଣ୍ଡପକୁ ବତାସ ଭୟ**

## କେନ୍ଦ୍ର ଉପରେ ବର୍ଷିଲେ ସୁପ୍ରିମକୋର୍ଟ

# ସୁବିଧା ଦେଇ ନ ପାରିଲେ ବନ୍ଦ କରିଦିଅ ଟ୍ରିବ୍ୟୁନାଲ

■ **ନୂଆଦିଲ୍ଲୀ, ୧୬।୯ (ଏଜେନ୍ସି):** ପୂର୍ବତନ ମୁଖ୍ୟ ବିଚାରପତି ଏବଂ ବିଚାରପତିଙ୍କ ପ୍ରତି କେନ୍ଦ୍ର ସରକାରଙ୍କ ଉଦାସୀନ ମାନସିକତା ନେଇ କ୍ଷୋଭ ପ୍ରକାଶ କରିଛନ୍ତି ସୁପ୍ରିମକୋର୍ଟ। ବିଭିନ୍ନ ଟ୍ରିବ୍ୟୁନାଲରେ ଅବସରପ୍ରାପ୍ତ ବିଚାରପତିଙ୍କୁ ନିଯୁକ୍ତ କରାଯାଉଛି। କିନ୍ତୁ ସେହି ହିସାବରେ ସେମାନଙ୍କୁ ସୁବିଧା ସୁଯୋଗ ଦିଆଯାଉ ନାହିଁ। ସରକାରଙ୍କ ଏଭଳି ଆଭିମୁଖ୍ୟ ଯୋଗୁଁ ସେମାନେ ଅପମାନିତ ହେଉଛନ୍ତି ଏବଂ ଅପ୍ରୀତିକର ପରିସ୍ଥିତିର ସମ୍ମୁଖୀନ ବି ହେଉଛନ୍ତି। ଯଦି ସରକାର ସେମାନଙ୍କୁ ସୁବିଧା ସୁଯୋଗ ଦେଇ ପାରୁ ନାହାନ୍ତି, ତାହାହେଲେ ସମସ୍ତ ଟ୍ରିବ୍ୟୁନାଲକୁ ବନ୍ଦ କରି ମାମଲାଗୁଡ଼ିକୁ ହାଇକୋର୍ଟକୁ ହସ୍ତାନ୍ତର କରିଦିଆଯାଉ।



ଆଜି ଶୁଣାଣି ବେଳେ ସୁପ୍ରିମକୋର୍ଟ ଏଭଳି ଢଙ୍ଗରେ କେନ୍ଦ୍ର ସରକାର ବିରୋଧରେ ଅସନ୍ତୋଷ ଝାଡ଼ିଛନ୍ତି। ଜଷ୍ଟିସ ବିଭି ନାଗରତ୍ନ ଏବଂ ଜଷ୍ଟିସ ଆର ମହାଦେବନଙ୍କୁ ନେଇ ଗଠିତ ଖଣ୍ଡପୀଠ କହିଲେ ଯେ ଅବସର ପରେ ଅନେକ ମୁଖ୍ୟ ବିଚାରପତି ଏବଂ ବିଚାରପତି ଟ୍ରିବ୍ୟୁନାଲରେ ନିଯୁକ୍ତି ପାଇଁ ସରକାରଙ୍କ ପ୍ରସ୍ତାବକୁ ଗ୍ରହଣ କରୁ ନାହାନ୍ତି। ଏଥିରେ ସେମାନଙ୍କର କିଛି ଦୋଷ ନାହିଁ। କାରଣ ସେମାନଙ୍କୁ ଆବଶ୍ୟକ ସୁବିଧା ସୁଯୋଗ ଦିଆଯାଉ ନାହିଁ। ଯେଉଁମାନେ ଆପଣଙ୍କ ନିଯୁକ୍ତି ପ୍ରସ୍ତାବକୁ ଗ୍ରହଣ କରୁଛନ୍ତି ସେମାନଙ୍କ ପ୍ରତି ସମ୍ମାନ ଓ ମର୍ଯ୍ୟାଦା ସହ ବ୍ୟବହାର କରାଯାଉ। କୋର୍ଟ ଆହୁରି କହିଲେ ଯେ ଅନେକ ପୂର୍ବତନ ▶ପୃଷ୍ଠା-୧୦

# ଦିନକ ପରେ ମୌସୁମୀ ଅଧିବେଶନ

## ସର୍ବଦଳୀୟ ବୈଠକରେ ବିରୋଧୀଙ୍କ ସହଯୋଗ ଲୋଡ଼ିଲେ ବାଚସ୍ପତି



**ଆଜି ବିଜେଡି, କଂଗ୍ରେସ ବିଧାୟକ ଦଳ ବୈଠକ**

**ସରକାରଙ୍କୁ ଘେରିବାକୁ ପ୍ରସ୍ତୁତ ହେବ ଯୋଜନା**

■ **ଭୁବନେଶ୍ୱର, ୧୬।୯ (ସମିସ):** ବିଧାନସଭାର ମୌସୁମୀ ଅଧିବେଶନ ପୂର୍ବରୁ ମଙ୍ଗଳବାର ବାଚସ୍ପତି ସୁରମା ପାଢୀଙ୍କ ଅଧ୍ୟକ୍ଷତାରେ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହୋଇଛି। ମୌସୁମୀ ଅଧିବେଶନ କିପରି ସୁରୁଖୁରୁରେ ସମ୍ପନ୍ନ ହେବ, ସେନେଇ ବାଚସ୍ପତି ସମସ୍ତଙ୍କର ସହଯୋଗ ଲୋଡ଼ିଛନ୍ତି। ବାଚସ୍ପତି କହିଛନ୍ତି ଯେ ସମସ୍ତ ଦଳ ଅଧିବେଶନରେ ସହଯୋଗ କରିବାକୁ ପ୍ରତିଶ୍ରୁତି ପ୍ରଦାନ କରିଛନ୍ତି। ବିଧାନସଭା ୧୮ରୁ ୨୫ ତାରିଖ ଯାଏଁ ଚାଲିବ ଅର୍ଥାତ୍ ୭ଟି କାର୍ଯ୍ୟ ଦିବସ ରହିବ ବୋଲି ନିଷ୍ପତ୍ତି ହୋଇଛି। ତେବେ ଅଧିବେଶନର ପ୍ରଥମ ଦିନ ଗୃହରେ ଦିବଂଗତ ସଦସ୍ୟଙ୍କୁ ଶ୍ରଦ୍ଧାଞ୍ଜଳି ପ୍ରଦାନ କରାଯିବ। ୧୯ରୁ ୨୫ ତାରିଖ ମଧ୍ୟରେ ୫ଟି ସରକାରୀ ଦିବସ ଏବଂ ଗୋଟିଏ 'ପ୍ରାଇଭେଟ ମେମ୍ବର୍ସ ଡେ' ରହିବ। ଅଧିବେଶନରେ ବିଧି ମୁତାବକ ଗୃହ ପରିଚାଳନା ହେବ। ସେନେଇ ଆଜିର ବୈଠକରେ ପୁଙ୍ଖାନୁପୁଙ୍ଖ ଆଲୋଚନା ହୋଇଛି ବୋଲି ବାଚସ୍ପତି ସୂଚନା ଦେଇଛନ୍ତି।

ବିଧାନସଭା ସମ୍ମିଳନୀ କକ୍ଷରେ ଆହୂତ ଏହି ବୈଠକରେ ଶାସକ ବିଜେପି ▶ପୃଷ୍ଠା-୧୦

# ଅସୁରକ୍ଷିତ ଓଡ଼ିଶା, ଅସୁରକ୍ଷିତ ମହିଳା

■ **ଭୁବନେଶ୍ୱର, ୧୬।୯ (ସମିସ):** ମହିଳାଙ୍କ ପାଇଁ ଓଡ଼ିଶା ଏବେ ଅସୁରକ୍ଷିତ ହେବାରେ ଲାଗିଛି। ପ୍ରତିଦିନ ବିଭିନ୍ନ ସ୍ଥାନରୁ ଦୁଷ୍କର୍ମ ଓ ଗଣଦୁଷ୍କର୍ମ ଘଟଣା ଗଣମାଧ୍ୟମର ଶିରୋନାମା ପାଲଟୁଛି। ଏଥିପାଇଁ ଓଡ଼ିଶା ନିନ୍ଦିତ ହେଉଛି, ଓଡ଼ିଶାକୁ ଏକାକୀ ନ ଯିବାକୁ ଆମେରିକା ପ୍ରଶାସନ ନିଜ ନାଗରିକଙ୍କୁ ଚେତାବନୀ ଦେଇଛି। ଏହା ସତ୍ତ୍ୱେ ରାଜ୍ୟ ସରକାର ଚେତୁ ନାହାନ୍ତି, ପୁଲିସ ମହିଳାଙ୍କୁ ସୁରକ୍ଷା ଦେବାକୁ ସକ୍ଷମ ହେଉନାହିଁ।

ଗୋପାଳପୁର ଗଣଦୁଷ୍କର୍ମ ଘଟଣା ସାରା ଦେଶର ଆତ୍ମାକୁ ଦୋହଲାଇ ଦେଇଥିବାବେଳେ ଗତକାଲି ପୁରୀ ଜିଲ୍ଲାର ବାଲିହରଚଣ୍ଡୀ ପୀଠ ନିକଟରେ କିଛି ଦୁର୍ବୃତ୍ତ ବନ୍ଧୁଙ୍କୁ ଗଛରେ ବାନ୍ଧି ତାଙ୍କ ସାମ୍ନାରେ ତାଙ୍କର ବାନ୍ଧବୀଙ୍କୁ ଗଣଦୁଷ୍କର୍ମ ▶ପୃଷ୍ଠା-୧୦



**୧୦ମାସରେ ୪ ହଜାର ଦୁଷ୍କର୍ମ ଓ ଗଣଦୁଷ୍କର୍ମ**

## ଭୟଙ୍କର, ହୃଦୟବିଦାରକ: ନବୀନ

■ **ଭୁବନେଶ୍ୱର, ୧୬।୯ (ସମିସ):** ରାଜ୍ୟରେ ନାରୀ ନିର୍ଯାତନା ଚରମ ସୀମାରେ ପହଞ୍ଚିଥିବା ବେଳେ ମହିଳାମାନେ ଘରୁ ଗୋଡ଼ କାଢ଼ିବାକୁ ଭୟ କରୁଛନ୍ତି। କୌଣସି ନିକାଞ୍ଚନ ଦୁର୍ଗମ ଅଞ୍ଚଳ ନୁହେଁ, ରାଜ୍ୟର ପ୍ରମୁଖ ପର୍ଯ୍ୟଟନସ୍ଥଳୀରେ ମଧ୍ୟ ମହିଳାମାନେ ଆଉ ସୁରକ୍ଷିତ ନାହାନ୍ତି। ଗୋପାଳପୁର ବେଳାଭୂମିରେ ଗଣଦୁଷ୍କର୍ମ ଘଟଣା ପରେ ସୋମବାର ପୁରୀ ଜିଲ୍ଲାର ପ୍ରସିଦ୍ଧ ବାଲି ହରଚଣ୍ଡୀଠାରେ ସମାନ ଭାବେ ଆଉ ଏକ ଗଣଦୁଷ୍କର୍ମ ଘଟଣାର ପୁନରାବୃତ୍ତି ଘଟିଛି। ଯାହା ଓଡ଼ିଶାର ଛବିକୁ ଜାତୀୟସ୍ତରରେ ପୁଣି ଥରେ ମଳିନ କରିଥିବା ବେଳେ ରାଜ୍ୟ ସରକାରଙ୍କ ନିଷ୍କ୍ରିୟତାକୁ ନେଇ ସବୁଠାରେ କଡ଼ା ସମାଲୋଚନା ପ୍ରକାଶ ପାଇଛି। ଏପରି ସ୍ପର୍ଶକାତର ଘଟଣାକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଏପରି ଘଟଣାରେ ସେ ଗଭୀର ମର୍ମାହତ ବୋଲି ଉଲ୍ଲେଖ କରି ରାଜ୍ୟ ସରକାରଙ୍କ ଉପରେ ପ୍ରବଳ ବର୍ଷିଛନ୍ତି। ସରକାର ବ୍ୟବସ୍ଥା ପ୍ରତି ବିଶ୍ୱାସ ସୃଷ୍ଟି କରିବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି, ଯେଉଁଠାରେ ଆମ ଝିଅମାନେ ସୁରକ୍ଷିତ, ସମ୍ମାନିତ ଅନୁଭବ କରିପାରିବେ ବୋଲି ▶ପୃଷ୍ଠା-୧୦



**" ବ୍ୟବସ୍ଥା ପ୍ରତି ବିଶ୍ୱାସ ସୃଷ୍ଟିରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ବିଫଳ**

## ୟୁପିଆଇ କାରବାର ସୀମା ବୃଦ୍ଧି

# ଦିନକରେ କରିହେବ ୧୦ ଲକ୍ଷ

■ **ନୂଆଦିଲ୍ଲୀ, ୧୬।୯ (ଏଜେନ୍ସି):** ସମ୍ପ୍ରତି ଅନ୍‌ଲାଇନ୍ କାରବାର ଢ଼େର ବଢ଼ିଯାଇଛି। ଆଜିକାଲି ଅଧିକାଂଶ ଲୋକ ନଗଦ ପରିବର୍ତ୍ତେ ଅନ୍‌ଲାଇନରେ ଦେୟ ଦେବାକୁ ପସନ୍ଦ କରୁଛନ୍ତି। ଏବେ ଏଥିରେ ଏକ ବଡ଼ ଅପଡେଟ୍ ଆସିଛି, ଯାହା ବଡ଼ ପରିମାଣର ପେମେଣ୍ଟକୁ ଆହୁରି ସହଜ କରିଦେବ। କାରଣ ନ୍ୟାସନାଲ ପେମେଣ୍ଟ କର୍ପୋରେସନ୍ ଅଫ୍ ଇଣ୍ଡିଆ (ଏନ୍‌ପିସିଆଇ) ୟୁପିଆଇ ପେମେଣ୍ଟ ନିୟମରେ ବଡ଼ ଧରଣର ପରିବର୍ତ୍ତନ କରିଛି। ଏଥିରେ ଦୈନିକ ୟୁପିଆଇ ପେମେଣ୍ଟ ସୀମାରେ ସରକାର ବୃଦ୍ଧି ଘଟାଇଛନ୍ତି। ଏହାଫଳରେ ଜଣେ ବ୍ୟକ୍ତି ଗୋଟିଏ ଦିନରେ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ପେମେଣ୍ଟ କରିପାରିବେ। ଏନ୍‌ପିସିଆଇ ପର୍ସନ୍-ଟୁ ମର୍ଚ୍ଚାଣ୍ଟ (ପିଟୁଏମ୍) ପେମେଣ୍ଟର ଅନେକ ବର୍ଗରେ ଦୈନିକ ସୀମା ୨ ଲକ୍ଷରୁ ୧୦ ଲକ୍ଷ ଟଙ୍କାକୁ ବୃଦ୍ଧି କରିଛି। ଏହି ପରିବର୍ତ୍ତନ ସେପ୍ଟେମ୍ବର ୧୫ରୁ କାର୍ଯ୍ୟକାରୀ ହୋଇଛି।

ଏହି ନୂଆ ପରିବର୍ତ୍ତନଗୁଡ଼ିକ ସାଧାରଣ ଲୋକଙ୍କ ସହିତ ୟୁପିଆଇ ମାଧ୍ୟମରେ କାରବାର କରୁଥିବା ଦୋକାନୀ/ବ୍ୟବସାୟୀମାନଙ୍କୁ ମଧ୍ୟ ବଡ଼ ଆଶ୍ୱସ୍ତି ପ୍ରଦାନ କରିବ। ଏନ୍‌ପିସିଆଇ ବୀମା ପ୍ରିମିୟମ, ପୁଞ୍ଜି ବଜାର, କ୍ରେଡିଟ୍ କାର୍ଡ ବିଲ୍ ପେମେଣ୍ଟ ଭଳି କିଛି ବିଶେଷ ବର୍ଗ ପାଇଁ ୟୁପିଆଇ କାରବାରର ସୀମା ପ୍ରତି କାରବାର ପାଇଁ ୫ ଲକ୍ଷ ଟଙ୍କାକୁ ବୃଦ୍ଧି କରିଛି। ଏପରି କାରବାର ପାଇଁ ଆପଣ ଗୋଟିଏ ଦିନରେ ▶ପୃଷ୍ଠା-୧୦




**କିଣିହେବ ୬ ଲକ୍ଷର ସୁନା ଅଳଙ୍କାର**

**ବଢ଼ିଲାନି ଖରିଫ୍ ପଞ୍ଜୀକରଣ ଅବଧି**

# ଘୋଷଣା କରି ଭୁଲିଗଲେ ସରକାର

■ **ଭୁବନେଶ୍ୱର, ୧୬।୯ (ସମିସ):** ଚାଷୀଙ୍କ ସମସ୍ୟା ସମାଧାନ କରିପାରୁନାହାନ୍ତି ସରକାର। ଧାନ ପଞ୍ଜୀକରଣଠାରୁ ଆରମ୍ଭ କରି ସାର ସଂକଟ ପର୍ଯ୍ୟନ୍ତ ବିଭିନ୍ନ ସମସ୍ୟାରେ ଚାଷୀ ଘାଣ୍ଟି ହେଉଛି। ମୁଖ୍ୟମନ୍ତ୍ରୀଙ୍କଠାରୁ ଆରମ୍ଭ କରି ବିଭାଗୀୟ ମନ୍ତ୍ରୀଙ୍କ ପର୍ଯ୍ୟନ୍ତ ଅଭିଯୋଗ କରିକରି ଚାଷୀ ନୟାନ୍ତ ହେଲେଣି। ହେଲେ କେହି ଶୁଣୁନାହାନ୍ତି। ଚଳିତ ଖରିଫ୍ ଋତୁରେ ଆରମ୍ଭରୁ ଜଟିଳ ପଞ୍ଜୀକରଣ ପ୍ରକ୍ରିୟାରେ ସନ୍ତୁଳି ହୋଇଥିଲେ ଚାଷୀ। ଏଥିଯୋଗୁଁ, ସମସ୍ତ ଯୋଗ୍ୟତା ଥିବା ସତ୍ତ୍ୱେ ଅଧିକାଂଶ ଚାଷୀ ପଞ୍ଜୀକରଣରୁ ବାଦ୍ ପଡ଼ିଥିଲେ। ତେଣୁ, ପଞ୍ଜୀକରଣ ଅବଧି ବୃଦ୍ଧି କରାଯିବ ବୋଲି ଖୋଦ୍ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଥିଲେ। କିନ୍ତୁ ଏପର୍ଯ୍ୟନ୍ତ ତାହା କାର୍ଯ୍ୟକାରୀ କରାଯାଇନାହିଁ। ତେଣୁ ପୁଣି କେବେ ପଞ୍ଜୀକରଣ ଆରମ୍ଭ ହେବ, ଚାଷୀକୁଳକୁ ଏବେ ▶ପୃଷ୍ଠା-୧୦

**ରାଜ୍ୟବ୍ୟାପୀ ଚାଷୀ ଅସନ୍ତୋଷ**

**ଗାଁ ଗାଁରେ ଧାନ ବେପାରୀଙ୍କ ଡେରା**

## ସାର ପାଇଁ ଅଖା ଧାଡ଼ି

■ **ସାନଖେମୁଣ୍ଡି, ୧୬।୯ (ସମିସ):** ଗଞ୍ଜାମ ଜିଲ୍ଲା ସାନଖେମୁଣ୍ଡି ବ୍ଲକ୍‌ରେ ଏବେ ଧାନ ଚାଷ ପାଇଁ ୟୁରିଆ ସାରର ଘୋର୍ ଅଭାବ ଦେଖାଦେଇଛି। ପର୍ଯ୍ୟାପ୍ତ ପରିମାଣର ସାର ମହଜୁଦ ଥିବା ନେଇ ମନ୍ତ୍ରୀ ଡିଣ୍ଡିମ ପିଟୁଥିବା ବେଳେ ବାସ୍ତବ ସ୍ଥିତି କିନ୍ତୁ ଓଲଟା। ସାର ନପାଇ ଚାଷୀ ହନ୍ତସନ୍ତ ହେଉଛି। ଏହାର ପ୍ରତିବାଦରେ ଚାଷୀ କେଉଁଠି ରାଜରାସ୍ତା ଅବରୋଧ କରୁଛି ତ କେଉଁଠି ସେବା ସମବାୟ ସମିତି ଅଫିସ ଆଗରେ ଧାରଣା ଦେଉଛି। ଏପରି ସ୍ଥିତିରେ ଆଜି ବ୍ଲକର ରାଧାଦେଇପୁର ସମବାୟ ସମିତି ଆଗରେ ବିଚିତ୍ର ଦୃଶ୍ୟ ଦେଖିବାକୁ ମିଳିଛି।

ସକାଳୁ ସକାଳୁ ସମବାୟ ସମିତି ଆଗରେ ଆଧାରକାର୍ଡ ଓ ଅଖା ରଖି ଚାଷୀଙ୍କ ଲମ୍ବା ଲାଇନ୍ ଲାଗିଥିଲା। ଏହି ସେବା ସମବାୟ ସମିତିରେ ପ୍ରାୟ ୪ଦିନ ତଳୁ ୟୁରିଆ ସାର ଆସିବ ବୋଲି ସୂଚନା ପାଇ ଚାଷୀମାନେ ମଙ୍ଗଳବାର୍ ଭୋର୍‌ରୁ ସେବା ସମବାୟ କେନ୍ଦ୍ରରେ ପହଞ୍ଚି ଭୋକଉପାସରେ ଲାଇନ୍‌ରେ ଛିଡ଼ା ହେବା ସହ ରାସ୍ତାକଡ଼ରେ ଲମ୍ବା ଲାଇନରେ ପାଲ, ଚପଲ ରଖିଥିଲେ। ମାତ୍ର ▶ପୃଷ୍ଠା-୧୦



# ଧର୍ମାନ୍ତରୀକରଣ ବିରୋଧୀ ଆଇନ ମାମଲାରେ ରାଜ୍ୟଙ୍କୁ ସୁପ୍ରିମକୋର୍ଟ ନୋଟିସ

ନୂଆଦିଲ୍ଲୀ, ୧୬।୯: ଧର୍ମାନ୍ତରୀକରଣ ଆଇନ ବିରୋଧରେ ଆଗତ ପିଟିସନକୁ ବିଚାର ପାଇଁ ଗ୍ରହଣ କରିଛନ୍ତି ସୁପ୍ରିମକୋର୍ଟ। ଏହାକୁ ନେଇ କେନ୍ଦ୍ର ସରକାର ସହିତ ଅନେକ ରାଜ୍ୟଙ୍କୁ ନୋଟିସ ଜାରିଛନ୍ତି। ଆବେଦନକାରୀ ଅଭିଯୋଗ କରିଛନ୍ତି ଯେ ବିଭିନ୍ନ ଧର୍ମାବଲମ୍ବୀଙ୍କୁ ବିବାହ କରିଥିବା ଦଂପତିଙ୍କୁ ହଇରାଣ କରିବା ଲାଗି ଧର୍ମାନ୍ତରୀକରଣ-ବିରୋଧୀ ଆଇନର ଦୁରୁପଯୋଗ କରାଯାଉଛି। ଉତ୍ତର ପ୍ରଦେଶ ସମେତ ମଧ୍ୟ ପ୍ରଦେଶ, ହିମାଚଳ ପ୍ରଦେଶ, ଉତ୍ତରାଖଣ୍ଡ, ଛତିଶଗଡ଼, ଗୁଜରାଟ, ହରିଆଣା, ଝାଡ଼ଖଣ୍ଡ ଓ କର୍ଣ୍ଣାଟକ ସରକାରଙ୍କୁ ନୋଟିସ ଜାରି କରାଯାଇଛି। ଜବାବ ପାଇଁ ୪ ସପ୍ତାହର ସମୟ ଦିଆଯାଇଛି। ନୋଟିସର ଜବାବ ମିଳିବା ପରେ ଧର୍ମାନ୍ତରୀକରଣ ବିରୋଧୀ ଆଇନ ଉପରେ ରୋକ ଲଗାଯିବ କି ନାହିଁ ତାହା ବିଚାର କରାଯିବ ବୋଲି ସୁପ୍ରିମକୋର୍ଟ କହିଛନ୍ତି। ଜମିଅତ ଉଲେମା-ଇ-ହିନ୍ଦ ସମେତ ଅନେକ ସଂଗଠନ ପକ୍ଷରୁ ଦାଏର ପିଟିସନରେ ଅଭିଯୋଗ କରାଯାଇଛି ଯେ ବିଭିନ୍ନ ଧର୍ମର ଲୋକମାନଙ୍କୁ ଏହି ଆଇନ ଆଳରେ ହଇରାଣ କରାଯାଉଛି।

# ଯୁବରାଜ ସିଂହ, ରବିନ ଉଥପ୍ପାଙ୍କୁ ଇଡି ସମନ

ନୂଆଦିଲ୍ଲୀ, ୧୬।୯ (ଏଜେନ୍ସି): ଅନ୍‌ଲାଇନ ବେଟିଂ ଆପ୍‌ର ପ୍ରଚାରପ୍ରସାର ମାମଲାରେ ଭାରତୀୟ କ୍ରିକେଟ ଟିମ୍‌ର ପୂର୍ବତନ ଖେଳାଳି ଯୁବରାଜ ସିଂହ ଏବଂ ରବିନ ଉଥପ୍ପାଙ୍କୁ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ସମନ ଜାରି କରିଛି। ବେଟିଂ ଆପ୍ '୧xବେଟ୍' ମାମଲାରେ ଜେରା ପାଇଁ ଡକାଇଛି। ଉଥପାଙ୍କୁ ୨୨ ତାରିଖରେ ଏବଂ ଯୁବରାଜଙ୍କୁ ୨୩ରେ ଦିଲ୍ଲୀ ସ୍ଥିତ ଇଡି ମୁଖ୍ୟାଳୟରେ ହାଜର ହେବାକୁ କୁହାଯାଇଛି। ବଲିଉଡ ଅଭିନେତା ସୋନୁ ସୁଦ୍‌ଙ୍କୁ ମଧ୍ୟ ୨୪ ତାରିଖରେ ହାଜର ହେବା ପାଇଁ ନୋଟିସ ପଠାଯାଇଛି। ମନି ଲଣ୍ଡରିଂ ମାମଲାରେ ସମସ୍ତଙ୍କୁ ପଚରାଉଚୁରା କରାଯିବ। ଅନ୍ୟପଟେ ଆଜି ଅଭିନେତ୍ରୀ ଉର୍ବଶୀ ରୌତେଲାଙ୍କୁ ଜେରା ପାଇଁ ଡକାଯାଇଛି। ସୋମବାର ଏହି ମାମଲାରେ ଟିଏମ୍‌ସିର ପୂର୍ବତନ ସାଂସଦ ତଥା ଅଭିନେତ୍ରୀ ମିମି ଚକ୍ରବର୍ତ୍ତୀଙ୍କୁ ଇଡି ଜେରା କରି ବୟାନ ରେକର୍ଡ କରିଥିଲା। ପୂର୍ବରୁ ଶିଖର ଧାୱନ, ସୁରେଶ ରୈନା ଏବଂ ହରଭଜନ ସିଂହଙ୍କୁ ମଧ୍ୟ ଜେରା କରାଯାଇଥିଲା। ସେଲିବ୍ରିଟିଙ୍କ ମାଧ୍ୟମରେ ବିଜ୍ଞାପନ କରି ଏହି ଅନ୍‌ଲାଇନ ବେଟିଂ ଆପ୍ କୋଟି କୋଟି ଟଙ୍କାର ମନି ଲଣ୍ଡରିଂ ତଥା ଟିକସ ଚୋରି କରିଥିବା ଅଭିଯୋଗ ଲାଗିଛି।

# ମାନିଲା ଜୈସ: ଅପରେସନ ସିନ୍ଦୂରରେ ମାସୁଦ ଆଝାର ପରିବାର ନିହତ

ଇସଲାମାବାଦ, ୧୬।୯ (ଏଜେନ୍ସି): ପ୍ରଥମ ଥର ପାଇଁ ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦ ସତ ସ୍ୱୀକାର କରିଛି। ଅପରେସନ ସିନ୍ଦୂର ସମୟରେ ଭାରତର ଆକ୍ରମଣରେ ଏହାର ମୁଖ୍ୟ ମୌଲାନା ମସୁଦ ଆଝାର ପରିବାରର ଅନେକ ସଦସ୍ୟ ନିହତ ହୋଇଥିଲେ। ଜୈସର କମାଣ୍ଡର ମାସୁଦ ଇଲିଆସ କାଶ୍ମୀର ଏହା ସ୍ୱୀକାର କରିଛି। ଏହି ଭିଡିଓ ଖୁବ୍ ଭାଇରାଲ ହେବାରେ ଲାଗିଛି। ସେ କହିଥିଲା ଯେ ମେ' ୭ ତାରିଖରେ ବାହାବଲପୁରରେ ଭାରତର କାର୍ଯ୍ୟାନୁଷ୍ଠାନ ସମୟରେ ଆଝାରଙ୍କ ପରିବାର ସଦସ୍ୟଙ୍କ ମୃତଦେହ ଖଣ୍ଡ ଖଣ୍ଡ ହୋଇଯାଇଥିଲା। ଏଥିରେ ପରିବାରର ୧୦ ସଦସ୍ୟଙ୍କ ସମେତ ମାସୁଦର ୪ ସହଯୋଗୀ ପ୍ରାଣ ହରାଇ ଥିଲେ। ତେବେ ଆକ୍ରମଣ ସମୟରେ କ୍ୟାମ୍ପରେ ନ ଥିବାରୁ ଜୈସ ମୁଖ୍ୟ ମାସୁଦ ଆଝାରର ଜୀବନ ବର୍ତ୍ତି ଯାଇଥିଲା।

# ମହିଳା ଅଧିକାରୀଙ୍କ ଘରୁ ୨ କୋଟିର ଅଳଙ୍କାର, ୯୨ ଲକ୍ଷ ଟଙ୍କା ଜବତ



ଗୌହାଟୀ, ୧୬।୯ (ଏଜେନ୍ସି): ଦୁର୍ନୀତିରେ ମହିଳା ଅଧିକାରୀଙ୍କ ସମ୍ପତ୍ତି ବଢ଼ିବାରେ ଲାଗିଛି। ବହୁତ କମ୍ ବର୍ଷ ହେଲା ଚାକିରି କରିଥିଲେ ମଧ୍ୟ ନବାଗତ ଅଧିକ ଧନ ଲୋଭରେ ପଡ଼ି ଦୁର୍ନୀତି କରୁଛନ୍ତି। ଏବେ ଆସାମ ସିଭିଲ ସେବା (ଏସିଏସ) ଅଧିକାରୀ ନୂପୁର ବୋରାଙ୍କୁ ଦୁର୍ନୀତି ମାମଲାରେ ଗିରଫ କରାଯାଇଛି। ଆୟ ବହିର୍ଭୁତ ସମ୍ପତ୍ତି ଠୁଳ ମାମଲାରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ଚାକିରିର ମାତ୍ର ୬ ବର୍ଷ ମଧ୍ୟରେ ସେ କୋଟିପତି ହୋଇଯାଇଛନ୍ତି। ତାଙ୍କ ସମ୍ପତ୍ତି ଅହେତୁକ ଭାବେ ବଢ଼ିବାରେ ଲାଗିଛି। ଏହି ମାମଲାରେ ସୋମବାର ସ୍ପେସିଆଲ ଭିଜିଲାନ୍ସ ଟିମ୍ ନୂପୁରଙ୍କ ଗୌହାଟୀ ସ୍ଥିତ ଘରେ ଚଢ଼ଉ କରିଥିଲା। ଏଠାରୁ ୯୨ ଲକ୍ଷ ଟଙ୍କା ଏବଂ ପ୍ରାୟ ୨ କୋଟି ଟଙ୍କାର ଅଳଙ୍କାର ଜବତ କରାଯାଇଥିଲା। ଆଉ ଏକ ଟିମ୍ ନୂପୁରଙ୍କ ବାରପେଟା ସ୍ଥିତ ଭଡ଼ା ଘରେ ଚଢ଼ଉ କରି ୧୦ ଲକ୍ଷ ଟଙ୍କା ଜବତ କରିଥିଲା। ଏହି ମହିଳା ଅଧିକାରୀଙ୍କ ସହଯୋଗୀ ଲାଟ ମଣ୍ଡଳ ସୁରଜିତ ଡେକାଙ୍କ ଘରେ ମଧ୍ୟ ଚଢ଼ଉ ହୋଇଛି। ବାରପେଟା ରାଜସ୍ୱ ସର୍କଲରେ ଥିବା ସମୟରେ ନୂପୁର ଲାଞ୍ଚ ନେଇ ଜମି କାରବାର କରିଥିବା ଅଭିଯୋଗ ହୋଇଥିଲା। ଏବେ ସେ କାମରୁପର ଗୋରୋଇମାରିରେ ସର୍କଲ ଅଫିସର ଭାବେ କାର୍ଯ୍ୟରତ।

ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱଶର୍ମା କହିଛନ୍ତି ଯେ ବିବାଦୀୟ ଜମି ମାମଲାରେ ନାମ ସାମ୍ନାକୁ ଆସିବା ପରେ ଗତ ୬ ମାସ ହେଲା ନୂପୁରଙ୍କ ଉପରେ ନଜର ରଖାଯାଇଥିଲା। ଏଥିପାଇଁ ତାଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ସୂଚନା ଅନୁଯାୟୀ ୨୦୧୯ରେ ନୂପୁର ସିଭିଲ ସେବାରେ ସାମିଲ ହୋଇଥିଲେ। ସେ ୧୯୮୯ ମାର୍ଚ୍ଚ ୩୧ରେ ଜନ୍ମଗ୍ରହଣ କରିଥିଲେ। ସେ କାମରୁପ ଜିଲ୍ଲା ଗୋଲାଘାଟର ବାସିନ୍ଦା। ସେ କାର୍ବି ଆଙ୍ଗଲୋଙ୍ଗରେ ସହାୟକ କମିସନର ଭାବେ ପ୍ରଶାସନିକ କ୍ୟାରିୟର ଆରମ୍ଭ କରିଥିଲେ। ଏହି ପଦରେ ସେ ୨୦୨୩ ଜୁନ୍ ପର୍ଯ୍ୟନ୍ତ ଥିଲେ। ଏଠାକାର ବିଭିନ୍ନ ଦୁର୍ନୀତି ମାମଲାରେ ତାଙ୍କ ନାମ ସାମ୍ନାକୁ ଆସିଥିଲା। ନୂପୁରଙ୍କ ସହଯୋଗୀ ସୁରଜିତ ଏବେ ବାରପେଟାରେ ନିଯୁକ୍ତ ଅଛନ୍ତି। ନୂପୁରଙ୍କ ସହ ମିଶି ସେ ବାରପେଟାରେ ଅନେକ ସମ୍ପତ୍ତି ନିଜ ନାମରେ କରିଥିବା ଅଭିଯୋଗ ହୋଇଛି।

# ଗାଜାରେ ପଶିଲା ଇସ୍ରାଏଲ ସେନା

## ୭୮ ମୃତ; ସହର ଛାଡ଼ିଲେ ୩ ଲକ୍ଷ ନାଗରିକ

## ଗାଜା ଜଳୁଛି କହିଲେ ପ୍ରତିରକ୍ଷା ମନ୍ତ୍ରୀ



ତେଲ ଆଭିଭ, ୧୬।୯ (ଏଜେନ୍ସି): ଇସ୍ରାଏଲ-ହମାସ ସଂଘର୍ଷ ବନ୍ଦ ହେବାର ନା ଧରୁନି। ଦୀର୍ଘ ଦିନ ହେଲା ଆକ୍ରମଣ ଜାରି ରହିଥିବାବେଳେ ଗାଜା ଅଧିବାସୀ ନାହିଁ ନ ଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଖାଦ୍ୟ ନ ପାଇ ମୃତ୍ୟୁ ସହ ଲଢ଼େଇ କରୁଛନ୍ତି। ଏପରି ସମୟରେ ପୁଣିଥରେ ଇସ୍ରାଏଲ ଗାଜା ସିଟିରେ ଜୋରଦାର ଆକ୍ରମଣ କରିଛି। ଏହି ସହରକୁ ଦଖଲ ପାଇଁ ପ୍ରକ୍ରିୟା ଆରମ୍ଭ କରିଛି। ମଙ୍ଗଳବାର ସକାଳେ ଇସ୍ରାଏଲ ସେନା ସ୍ଥଳ ଭାଗରେ ଆକ୍ରମଣ ଆରମ୍ଭ କରି ଗାଜା ସିଟିର ବାହ୍ୟ ଅଞ୍ଚଳକୁ ପ୍ରଥମେ କବ୍‌ଜା କରିବାରେ ଲାଗିଛି। ଏହି ଅଞ୍ଚଳରେ ଆଇଡିଏଫ ରାତି ସାରା ଆକାଶ ମାର୍ଗରୁ ଆକ୍ରମଣ କରିଥିଲେ। ବୋମା ମାଡ଼ରେ ସମ୍ପୂର୍ଣ୍ଣ ଅଞ୍ଚଳ ଥରି ଉଠିଛି। ଲୋକେ ଭୟରେ ଘରଦ୍ୱାର ଛାଡ଼ି ପଳାଇବାରେ ଲାଗିଛନ୍ତି। ଏହି ଆକ୍ରମଣରେ ୭୮ ଜଣ ପ୍ରାଣ ହରାଇଛନ୍ତି। ମୃତକଙ୍କ ମଧ୍ୟରେ ଫୁଟବଲ ଏକାଡେମିର ୧୦ ଶିଶୁ ସାମିଲ ଅଛନ୍ତି। ଶତାଧିକ ମଧ୍ୟ ଆହତ ହୋଇଛନ୍ତି। ୩.୨ ଲକ୍ଷରୁ ଅଧିକ ଲୋକ ସହର ଛାଡ଼ି ଚାଲି ଯାଇଛନ୍ତି ବୋଲି ଜଣେ ଇସ୍ରାଏଲ ଅଧିକାରୀ କହିଛନ୍ତି।

ଇସ୍ରାଏଲ ପ୍ରତିରକ୍ଷା ମନ୍ତ୍ରୀ କାଟ୍‌ଜ କହିଛନ୍ତି ଯେ ହମାସ କବ୍‌ଜାରେ ଥିବା ନାଗରିକଙ୍କୁ ମୁକ୍ତ କରିବାକୁ ଏବଂ ହମାସକୁ ହରାଇବା ପାଇଁ ସେନା ସାହସର ସହ ଲଢ଼େଇ କରୁଛି। ଏବେ ଗାଜା ଜଳୁଛି। ସେନା ସମ୍ପୂର୍ଣ୍ଣ କ୍ଷମତାର ସହ ଆତଙ୍କବାଦୀଙ୍କ ଠିକଣାରେ ଆକ୍ରମଣ କରୁଛି। ଅଭିଯାନ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟନ୍ତ ଇସ୍ରାଏଲ ପଛଘୁଞ୍ଚା ଦେବ ନାହିଁ କି ଅଟକିବ ନାହିଁ। ଏହା ପୂର୍ବରୁ ଗତ ମାସରେ ଗାଜା ସିଟି କବ୍‌ଜା ଯୋଜନାକୁ ଇସ୍ରାଏଲ କ୍ୟାବିନେଟ ମଞ୍ଜୁରି ଦେଇଥିଲା। ଏହା ଅଧିନରେ ୬୦ ହଜାର ସଂରକ୍ଷିତ ସୈନିକଙ୍କୁ ଡକାଇବାକୁ ନିର୍ଦ୍ଦେଶ ଜାରି କରାଯାଇଛି। ଯୋଜନା ଅନୁଯାୟୀ ଗାଜା ସହରକୁ କବ୍‌ଜା ପାଇଁ ମୋଟ ୧.୩୦ ଲକ୍ଷ ସୈନିକଙ୍କୁ ମୁତୟନ କରାଯିବ। କାର୍ଯ୍ୟରେ ଯୋଗଦେବା ପାଇଁ ସୈନିକଙ୍କୁ ଦୁଇ ସପ୍ତାହ ତଳେ ନୋଟିସ ଜାରି କରାଯାଇଥିଲା।

ପ୍ରଥମ ପର୍ଯ୍ୟାୟରେ ୪୦ରୁ ୫୦ ହଜାର ସୈନିକଙ୍କୁ ଡକାଇବା ପାଇଁ ଗତ ୨ ତାରିଖରେ ନିଷ୍ପତ୍ତି ନିଆଯାଇଥିଲା। ପରେ ନଭେମ୍ବର-ଡିସେମ୍ବର ଏବଂ ଫେବୃଆରୀ-ମାର୍ଚ୍ଚରେ ଅନ୍ୟ ସୈନିକଙ୍କୁ ଡକାଯିବ। ଏହି ଅଭିଯାନର ନାମ 'ଗିଦୋନସ ଚେରିଏଟ୍ସ-ବି' ରଖାଯାଇଛି। ଏହା ସହିତ ପୂର୍ବରୁ କାର୍ଯ୍ୟରେ ଯୋଗ ଦେଇଥିବା ସଂରକ୍ଷିତ ସୈନିକଙ୍କ ସେବା ଅବଧିକୁ ୪୦-୫୦ ଦିନ ପାଇଁ ବୃଦ୍ଧି କରାଯାଇଛି।

ଏହି ଅଭିଯାନରେ ଆର୍ମି ଡିଭିଜନର ୫ଟି ଟିମ୍ ଏବଂ ୧୨ଟି ବ୍ରିଗେଡସ୍ତରୀୟ ଟିମ୍ ସାମିଲ ହେବ। ଏହା ମଧ୍ୟରେ ପଦାତିକ ବାହିନୀ, ଟ୍ୟାଙ୍କ, ତୋପ, ଇଞ୍ଜିନିୟରିଂ ଏବଂ ସପୋର୍ଟ ୟୁନିଟ ସାମିଲ ରହିଛି। ଏହା ବ୍ୟତୀତ ଗାଜା ଡିଭିଜନର ଉତ୍ତର ଏବଂ ଦକ୍ଷିଣ ବ୍ରିଗେଡ ମଧ୍ୟ ସାମିଲ ହେଉଛି।

ଇସ୍ରାଏଲର ଆକ୍ରମଣ ଯୋଗୁଁ ଗାଜା ଷ୍ଟ୍ରିପ ଧ୍ୱଂସସ୍ତୁପରେ ପରିଣତ ହୋଇଯାଇଛି। ଏପରି ସମୟରେ ଇସ୍ରାଏଲର ନୂଆ ଅଭିଯାନ ସମସ୍ୟାକୁ ଅଧିକ ବଢ଼ାଇ ଦେଇଛି। ଏବେ ଗାଜାର ୮୦ ପ୍ରତିଶତ ଅଞ୍ଚଳରେ ପାଲେଷ୍ଟିନୀୟଙ୍କ ପ୍ରବେଶକୁ ବାରଣ କରିଦିଆଯାଇଛି। ଏହି ଅଭିଯାନରେ ହମାସ କବ୍‌ଜାରେ ଥିବା ବନ୍ଦୀଙ୍କୁ ମୁକ୍ତ କରିବାକୁ ଇସ୍ରାଏଲ ଲକ୍ଷ୍ୟ ରଖିଛି। ଏ ପର୍ଯ୍ୟନ୍ତ ଉକ୍ତ ଅଞ୍ଚଳରେ ଇସ୍ରାଏଲ ସେନା ବଡ଼ଧରଣର କାର୍ଯ୍ୟାନୁଷ୍ଠାନ ଆରମ୍ଭ କରି ନ ଥିଲା। ଆଇଡିଏଫ ଅନୁଯାୟୀ ଗାଜା ଷ୍ଟ୍ରିପ୍‌ର ପ୍ରାୟ ୭୫ ପ୍ରତିଶତ ଅଞ୍ଚଳ ଦେଶ ନିୟନ୍ତ୍ରଣରେ ରହିଛି। ମାତ୍ର ୨୫ ପ୍ରତିଶତ ଅଞ୍ଚଳକୁ ଦଖଲ କରାଯାଇ ନାହିଁ। ଏଠାରେ ଇସ୍ରାଏଲ ବନ୍ଦୀଙ୍କୁ ରଖାଯାଇଥିବା ଅନୁମାନ କରାଯାଉଛି। ତେଣୁ ଏହି ଅଭିଯାନ ଆରମ୍ଭ ହୋଇଛି। ଏବେ ଗାଜାରେ ହମାସ ପାଖରେ ପ୍ରାୟ ୫୦ ଜଣ ବନ୍ଦୀ ଅଛନ୍ତି। ଏମାନଙ୍କ ମଧ୍ୟରୁ ୨୦ ଜଣ ଜୀବିତ ଥିବାବେଳେ ୨୮ ଜଣ ପ୍ରାଣ ହରାଇଥିବା ସନ୍ଦେହ କରାଯାଉଛି।

# ହିଂସା ପାଇଁ ମସ୍କଙ୍କୁ ଦାୟୀକଲେ ବ୍ରିଟେନ ପ୍ରଧାନମନ୍ତ୍ରୀ

ଲଣ୍ଡନ, ୧୬।୯ (ଏଜେନ୍ସି): ଆପ୍ରବାସନ ନୀତିକୁ ବିରୋଧ କରି ବ୍ରିଟେନରେ ହୋଇଥିବା ହିଂସା ପାଇଁ ପ୍ରଧାନମନ୍ତ୍ରୀ କିର୍ ଷ୍ଟାର୍ମର ଆମେରିକା ବ୍ୟବସାୟୀ ଏଲନ ମସ୍କଙ୍କୁ ଦାୟୀ କରିଛନ୍ତି। ସେ ଟେସ୍‌ଲା ମାଲିକଙ୍କୁ ତୀବ୍ର ଭର୍ତ୍ସନା କରିଛନ୍ତି। ଉତ୍ତେଜନାପୂର୍ଣ୍ଣ ଏବଂ ବିପଜ୍ଜନକ ଭାଷଣ ପାଇଁ ଦକ୍ଷିଣ ପନ୍ଥୀ କର୍ମୀଙ୍କ ବିକ୍ଷୋଭ ପ୍ରଦର୍ଶନ ସମୟରେ ହିଂସା ହେଲା ବୋଲି କହିଛନ୍ତି। ଷ୍ଟାର୍ମରଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି ଯେ ବ୍ରିଟେନ ଏକ ସହିଷ୍ଣୁ ଦେଶ। ଏଠାରେ ହିଂସାକୁ ଉସୁକାଉଥିବା ଭାଷାର କୌଣସି ସ୍ଥାନ ନାହିଁ। ସୂଚନାଯୋଗ୍ୟ ଯେ ଦେଶରେ ବେଆଇନ ପ୍ରବାସୀଙ୍କ ବର୍ଦ୍ଧିତ ଜନସଂଖ୍ୟାକୁ ନେଇ ଲଣ୍ଡନରେ ପ୍ରତିବାଦ ହୋଇଥିଲା। ଅନଲାଇନ୍ ମାଧ୍ୟମରେ ମସ୍କ ଏଥିରେ ଯୋଗ ଦେଇଥିଲେ। ସେ ବ୍ରିଟେନ ସଂସଦ ଭଙ୍ଗ କରିବାକୁ ଦାବି କରିଥିଲେ। ଲଢ଼େଇ କରନ୍ତୁ, ନଚେତ ମରିବେ ବୋଲି କହିଥିଲେ। ଏହା ପରେ ପ୍ରଦର୍ଶନକାରୀ ଏବଂ ପୋଲିସ ମଧ୍ୟରେ ସଂଘର୍ଷ ହୋଇଥିଲା। ଏଥିରେ ୨୬ ଜଣ ପୋଲିସ ଆହତ ହୋଇଥିଲେ।

# ନିଟ୍ ଛାତ୍ରଙ୍କୁ ହତ୍ୟା କଲେ ପଶୁ ଚୋରାଚାଲାଣକାରୀ

ଗୋରଖପୁର, ୧୬।୯ (ଏଜେନ୍ସି): ଉତ୍ତର ପ୍ରଦେଶ ଗୋରଖପୁରରେ ପଶୁ ଚୋରାଚାଲାଣକାରୀ ଏବଂ ଗ୍ରାମବାସୀ ମୁହାଁମୁହିଁ ହୋଇଛନ୍ତି। ଏହି ସମୟରେ ଚୋରାଚାଲାଣକାରୀ ନିଟ୍ ପାଇଁ ପ୍ରସ୍ତୁତ ହେଉଥିବା ଜଣେ ଛାତ୍ରଙ୍କୁ ଟାଣି ନେଇ ପିଟି ପିଟି ହତ୍ୟା କରିଦେଇଛନ୍ତି। ମୃତଦେହକୁ ଘରଠୁ ୪ କିମି ଦୂରରେ ନେଇ ଫୋପାଡ଼ିଛନ୍ତି। ସାଢ଼େ ଚାରି ଘଣ୍ଟା ପରେ ରକ୍ତ ଜୁଡୁବୁଡୁ ଅବସ୍ଥାରେ ଛାତ୍ରଙ୍କ ମୃତଦେହ ମିଳିଥିଲା। ତାଙ୍କ ମୁଣ୍ଡକୁ ପିଟି ପିଟି ନଷ୍ଟ କରିଦିଆଯାଇଥିଲା। ଏହାକୁ ନେଇ ଗ୍ରାମବାସୀ ତୀବ୍ର ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ଜଣେ ଚୋରକୁ ଧରି ମଧ୍ୟ ପ୍ରବଳ ମାଡ଼ ମାରିଛନ୍ତି। ଛଡ଼ାଇବାକୁ ଆସିବାରୁ ପୁଲିସ ସହ ମୁହାଁମୁହିଁ ହୋଇଛନ୍ତି। ସୋମବାର ରାତି ୧୧ଟାରେ ଏହି ହଙ୍ଗାମା ଆରମ୍ଭ ହୋଇଥିଲା। ୧୦-୧୨ ଜଣ ପଶୁ ଚୋରାଚାଲାଣକାରୀ ପିକ୍‌ଅପରେ ପିପରାଇଚରୁ ମଓଆଚାପି ଗାଁରେ ପହଞ୍ଚି ଥିଲେ। ଏଠାରେ ଗ୍ରାମବାସୀଙ୍କ ସହ ହଙ୍ଗାମା ହେବା ପରେ ଆଗରେ ଥିବା ନିଟ୍ ଛାତ୍ର ଦୀପକଙ୍କୁ ନେଇ ପଳାଇ ଥିଲେ।

ସୂଚନା ଅନୁଯାୟୀ ଗାଁର ପ୍ରବେଶ ପଥ ନିକଟରେ ଦୁର୍ଗେଶ ପାଠକଙ୍କ ଆସବାବ ଦୋକାନ ଥିଲା। ଶୂନଶାନ ସ୍ଥାନ ଦେଖିବା ପରେ ସୋମବାର ରାତିରେ ଚୋରା ଲୁଟ୍ କରିବା ପାଇଁ ଦୋକାନ ତାଲା ଭାଙ୍ଗିବାରେ ଲାଗିଥିଲେ। ତେବେ ଦୋକାନର ଉପର ମହଲାରେ ଥିବା ଟ୍ରାଭେଲ ଅଫିସରେ ଦୁର୍ଗେଶଙ୍କ ଭଉଣୀର ପୁଅ ଶୋଇଥିଲେ। ସେ ୧୦-୧୨ ଚୋରଙ୍କୁ ଦେଖି ମାମୁଁ ଦୁର୍ଗେଶଙ୍କ ପୁଅ ଦୀପକଙ୍କୁ କଲ୍ କରି ଡକାଇ ଥିଲେ। ଅନ୍ୟମାନଙ୍କୁ ଧରି ସେ ଆସୁଥିବାର ଶବ୍ଦ ଶୁଣି ଚୋର ପଳାଉ ଥିଲେ। ଗ୍ରାମବାସୀଙ୍କ ଉପରେ ଗୁଳିମାଡ଼ କରି ଆଗରେ ଥିବା ଦୀପକଙ୍କୁ ସାଥିରେ ଭିଡ଼ି ନେଇଥିଲେ। ଏହି ସମୟରେ ଗ୍ରାମବାସୀ ଜଣେ ଚୋରକୁ ଧରି ନେଇ ପ୍ରବଳ ମାଡ଼ ମାରିଥିଲେ। ପୁଲିସ ପହଞ୍ଚି ଗିରଫ କରିବାକୁ ପ୍ରୟାସ କରୁଥିବାବେଳେ ଗ୍ରାମବାସୀ ଏସ୍‌ପିଙ୍କ ସହ ମୁହାଁମୁହିଁ ହୋଇଥିଲେ। ଏଥିରେ ଏସ୍‌ପି ଜିତେନ୍ଦ୍ର ଶ୍ରୀବାସ୍ତବ ଏବଂ ପିପରାଇଚ ଥାନା ପ୍ରଭାରୀ ଆହତ ହୋଇଥିଲେ।

# 'ଦ ନ୍ୟୁୟର୍କ ଟାଇମ୍ସ' ବିରୋଧରେ ଟ୍ରମ୍ପଙ୍କ ମାନହାନୀ ମାମଲା



ୱାଶିଂଟନ, ୧୬।୯ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ 'ଦ ନ୍ୟୁୟର୍କ ଟାଇମ୍ସ' ବିରୋଧରେ ବଡ଼ ଅଭିଯୋଗ ଲଗାଇ ୧୫ ବିଲିୟନ ଡଲାର ତଥା ୧.୩ ଲକ୍ଷ କୋଟି ଟଙ୍କାରର ମାନହାନୀ ମାମଲା ଦାଏର କରିଛନ୍ତି। କିଛି ଦଶନ୍ଧି ହେଲା ଏହି ଖବରକାଗଜ ତାଙ୍କ ବିରୋଧରେ ଭୁଲ୍ ରିପୋର୍ଟ ପ୍ରଚାରପ୍ରସାର କରି ଛବି ଖରାପ କରୁଥିବା ଟ୍ରମ୍ପ ଅଭିଯୋଗ ଲଗାଇଛନ୍ତି। ଏହା ମଧ୍ୟରେ ଦିବଙ୍ଗତ ସେକ୍ସ ଅପରାଧୀ ଜେଫରି ଏପଷ୍ଟିନ ସାମିଲ ଅଛନ୍ତି। ନିଜ ସାମାଜିକ ଗଣମାଧ୍ୟମ ପ୍ଲାଟଫର୍ମ ଟ୍ରୁଥ୍ ସୋସିଆଲରେ ଟ୍ରମ୍ପ କହିଛନ୍ତି ଯେ ନ୍ୟୁୟର୍କ ଟାଇମ୍ସ ତାଙ୍କ ପରିବାର, ବ୍ୟବସାୟ, ରାଷ୍ଟ୍ରପତି ଏବଂ ସାରା ଦେଶ ବିରୋଧରେ ମିଛ ପ୍ରଚାରପ୍ରସାର କରୁଛି। ଏହି ଖବରକାଗଜ ଚରମପନ୍ଥୀ 'ଲେଫ୍ଟ ଡେମୋକ୍ରାଟ ପାର୍ଟି'ର ପ୍ରବକ୍ତା ପାଲଟି ଯାଇଛି। କମଳା ହ୍ୟାରିସଙ୍କ ସମର୍ଥନରେ ପ୍ରଥମ ପୃଷ୍ଠାରେ ଆଲେଖ୍ୟ ଲେଖିଥିଲା। ଏହା ଆମେରିକା ଫାଷ୍ଟ ମୁଭମେଣ୍ଟ ଏବଂ ମାଗାର ମଧ୍ୟ ବିରୋଧୀ। ଏହି ମାମଲା ଫ୍ଲୋରିଡ଼ାରେ ଦାଏର କରାଯାଇଛି ବୋଲି ଟ୍ରମ୍ପ କହିଛନ୍ତି।

ଟ୍ରମ୍ପ ଅଭିଯୋଗ କରିଛନ୍ତି ଯେ ଏହି ଖବରକାଗଜ ଦୀର୍ଘ ଦିନ ହେଲା ଭିଡିଓ ଏବଂ ପ୍ରମାଣପତ୍ରରେ ଜାଲିଆତି କରି ମିଥ୍ୟା ଖବରର ପ୍ରଚାରପ୍ରସାର କରୁଛି। ଏହା ବେଆଇନ। ଏହାକୁ ରୋକିବାକୁ ହେବ। ଏପରି କରିବାକୁ ଯାଉଥିବାରୁ ମୋତେ ଗର୍ବ ଲାଗୁଛି। ଟ୍ରମ୍ପ ଏବଂ ବଦ୍‌ନାମ ହୋଇଥିବା ଫାଇନାନ୍ସର ଜେଫରି ଏପଷ୍ଟିନଙ୍କ ସମ୍ପର୍କକୁ ନେଇ ନ୍ୟୁୟର୍କ ଟାଇମ୍ସ ଖବର ଛାପିବା ପରେ ଆମେରିକା ରାଷ୍ଟ୍ରପତି ଏହି ପଦକ୍ଷେପ ନେଇଛନ୍ତି। ସେ ନ୍ୟୁୟର୍କ ଟାଇମ୍ସକୁ ଆମେରିକାର ସବୁଠୁ ଖରାପ ଏବଂ ବର୍ବାଦ ହୋଇଯାଇଥିବା ଖବରକାଗଜ କହିଛନ୍ତି। ତେବେ ଏ ପର୍ଯ୍ୟନ୍ତ ଟ୍ରମ୍ପଙ୍କ ଅଭିଯୋଗ ଉପରେ ନ୍ୟୁୟର୍କ ଟାଇମ୍ସ ପକ୍ଷରୁ କୌଣସି ପ୍ରତିକ୍ରିୟା ଦିଆଯାଇ ନାହିଁ।

ସୂଚନାଯୋଗ୍ୟ ଯେ ଏହି ଖବରକାଗଜ ଭାରତ ବିରୋଧରେ ମଧ୍ୟ ଅନେକ ମିଥ୍ୟା ଖବର ପ୍ରଚାରପ୍ରସାର କରିଥିଲା। ଭିତ୍ତିହୀନ ରିପୋର୍ଟିଂ କରି ଭାରତରେ ଗଣମାଧ୍ୟମର ସ୍ୱାଧୀନତା ଉପରେ ଆକ୍ରମଣ କରିଥିଲା। କଶ୍ମୀରରେ ଗଣମାଧ୍ୟମର ସ୍ୱାଧୀନତା ଉପରେ ଅଙ୍କୁଶ ଲଗାଯାଇଥିବା ଦାବି କରିଥିଲା। ଏହା ମଧ୍ୟ ଅନେକ ସମୟରେ କଶ୍ମୀର ପ୍ରସଙ୍ଗରେ ଭାରତ ବିରୋଧୀ ଖବର ଛାପିଥିଲା।

**ଟ୍ରମ୍ପଙ୍କ ଦାବିକୁ ଖାରଜ କଲେ ପାକିସ୍ତାନ ଉପ-ପ୍ରଧାନମନ୍ତ୍ରୀ**

# ତୃତୀୟ ପକ୍ଷର ମଧ୍ୟସ୍ଥତାକୁ କେବେ ସ୍ୱୀକାର କରିନି ଭାରତ

ଦୋହା, ୧୬।୯ (ଏଜେନ୍ସି): ପୁଣିଥରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମିଛ ପଦାରେ ପଡ଼ିଯାଇଛି। 'ଅପରେସନ ସିନ୍ଦୂର' ପରେ ଭାରତ ଏବଂ ପାକିସ୍ତାନ ସଂଘର୍ଷକୁ ଅଟକାଇଥିବା ନେଇ ଟ୍ରମ୍ପ ବାରମ୍ବାର ଦାବି କରିଆସୁଛନ୍ତି। ଏଥିପାଇଁ ନୋବେଲ ଶାନ୍ତି ପୁରସ୍କାର ନିମନ୍ତେ ତାଙ୍କୁ ମନୋନୀତ କରିବାକୁ ଟ୍ରମ୍ପ ଭାରତ ଉପରେ ଚାପ ପକାଉଛନ୍ତି। ଏପରି ସମୟରେ ଟ୍ରମ୍ପଙ୍କ ମିଛ ଉପରୁ ଖୋଦ ପାକିସ୍ତାନ ଉପ-ପ୍ରଧାନମନ୍ତ୍ରୀ ଇସାକ ଡାର୍ ପରଦା ଉଠାଇ ଦେଇଛନ୍ତି। ଏହା ସହିତ ସାରା ବିଶ୍ୱରେ ପୁଣିଥରେ ଟ୍ରମ୍ପଙ୍କ ଅସଲ ମୁଖା ଖୋଲି ଯାଇଛି। ଭାରତ-ପାକିସ୍ତାନ ଯୁଦ୍ଧ ରୋକିଥିବା ନେଇ ଟ୍ରମ୍ପଙ୍କ ଦାବିକୁ ଡାର୍ ଖାରଜ କରିଦେଇଛନ୍ତି।

ଅଲଜଜିରାକୁ ମଙ୍ଗଳବାର ଦେଇଥିବା ଏକ ସାକ୍ଷାତକାରରେ ଡାର୍ ସ୍ୱୀକାର କରିଛନ୍ତି ଯେ ଉଭୟ ଦେଶ ମଧ୍ୟରେ କୌଣସି ତୃତୀୟ ରାଷ୍ଟ୍ରର ମଧ୍ୟସ୍ଥତାକୁ ଭାରତ କେବେ ସ୍ୱୀକାର କରି ନାହିଁ। ଏହି ସମୟରେ ଉପସ୍ଥାପକ ତାଙ୍କୁ ସଂଘର୍ଷ ସମାଧାନ ଲାଗି ତୃତୀୟ ପକ୍ଷର ହସ୍ତକ୍ଷେପ ନିମନ୍ତେ ପାକିସ୍ତାନ ପ୍ରସ୍ତୁତ ଥିଲା କି ବୋଲି ପଚାରି ଥିଲେ। ଏହା ଉପରେ ପାକିସ୍ତାନର କୌଣସି ଆପତ୍ତି ନ ଥିଲା ବୋଲି ଡାର୍ କହିଥିଲେ। କିନ୍ତୁ ଏଥିପାଇଁ ଭାରତ ମନା କରିଦେଇଥିଲା। ସୂଚନା ଅନୁଯାୟୀ ମେ'୭ରେ ସଂଘର୍ଷ ଆରମ୍ଭ ହେବାର ତିନି ଦିନ ପରେ ୧୦ରେ ଭାରତ-ପାକିସ୍ତାନ ମଧ୍ୟରେ ଟ୍ରମ୍ପ ଅସ୍ତ୍ରବିରତିର ସୂଚନା ଦେଇଥିଲେ। ପରେ ସେ ପ୍ରାୟ ୩୦ ଥର ଏହି ଯୁଦ୍ଧ ବନ୍ଦ କରିଥିବାର ଶ୍ରେୟ ନିଜକୁ ଦେଲେଣି। କିନ୍ତୁ ଭାରତ ଟ୍ରମ୍ପଙ୍କ ଦାବିକୁ ଖାରଜ କରିଆସିଛି। ଅସ୍ତ୍ରବିରତିରେ ତୃତୀୟ ପକ୍ଷର କୌଣସି ଭୂମିକା ନାହିଁ ବୋଲି କୁହାଯାଇଛି। ଏହା ପରେ ଇସାକ ଡାର୍ ସଂଘର୍ଷର ସମାଧାନ ନେଇ ଆମେରିକା ବିଦେଶ ମନ୍ତ୍ରୀ ମାର୍ଗ ରୁବିୟୋଙ୍କୁ ପ୍ରଶ୍ନ କରିଥିଲେ। କିନ୍ତୁ ସେ ମଧ୍ୟ ଭାରତ ଆଉ କାହାର ହସ୍ତକ୍ଷେପ ଚାହୁଁ ନ ଥିବା କହିଥିଲେ।

ଡାର୍ କହିଥିଲେ ଯେ ଜୁଲାଇ ୨୫ରେ ୱାଶିଂଟନରେ ରୁବିୟୋଙ୍କ ସହ ବୈଠକ ହୋଇଥିଲା। ଏଠାରେ ମଧ୍ୟ ଅନ୍ୟ କୌଣସି ଦେଶରେ ପାକିସ୍ତାନ ସହ ଆଲୋଚନା କରିବା ପାଇଁ ଭାରତ ରାଜି ହୋଇ ନ ଥିଲା।

# ୪୦ ବର୍ଷ ପରେ ପାକିସ୍ତାନରେ 'ରାବି' ବିପର୍ଯ୍ୟୟ



ଇସଲାମାବାଦ, ୧୬।୯ (ଏଜେନ୍ସି): ଦୀର୍ଘ ୪୦ ବର୍ଷ ପରେ ଭାରତରେ ପ୍ରବାହିତ ରାବି ନଦୀ ପାକିସ୍ତାନରେ ବିପର୍ଯ୍ୟୟ ସୃଷ୍ଟି କରିଛି। ଦୀର୍ଘ ଚାରି ଦଶନ୍ଧି ପର୍ଯ୍ୟନ୍ତ ଶାନ୍ତ ରହିବା ପରେ ଏହି ନଦୀ ନିଜର ଭୟଙ୍କର ରୂପକୁ ଦେଖାଇଛି। ଚଳିତ ମୌସୁମୀର ଭୀଷଣ ବର୍ଷାରେ ଅଗଷ୍ଟରେ ରାବି ନଦୀ ପୁଣି ଫୁଲି ଉଠିଛି। ଏହା ସୀମା ସରହଦ ଡେଇଁ ପାକିସ୍ତାନର ଲାହୋରକୁ ବ୍ୟାପି ଯାଇଛି। ଏହା ଘର ଏବଂ କ୍ଷେତ ଭିତରେ ପଶି ବିପୁଳ କ୍ଷତି ଘଟାଇଛି। ଏବେ ବି ଅନେକ ଅଞ୍ଚଳ ବନ୍ୟାରେ ବୁଡି ରହିଛି। ଲୋକେ ନାହିଁ ନ ଥିବା ସ୍ଥିତିର ସମ୍ମୁଖୀନ ହେଉଛନ୍ତି। ଏହା ପୁଣିଥରେ ଲୋକଙ୍କୁ ୪୦ ବର୍ଷ ତଳେ ହୋଇଥିବା ବିପର୍ଯ୍ୟୟର କରୁଣ ଦୃଶ୍ୟକୁ ମନେ ପକାଇ ଦେଇଛି। ପ୍ରକୃତି ସହ ଖେଳି ହେଉଥିବା ବିକାଶ କାର୍ଯ୍ୟର ଏହା କୁପରିଣତି ବୋଲି କିଛି ଲୋକ କହୁଛନ୍ତି। ଆଉ କିଛି ଲୋକେ ଏହାକୁ ରାବି ନଦୀର ଚମତ୍କାର ବୋଲି ଆଖ୍ୟା ଦେଇଛନ୍ତି। ରାବି ବୁଡେଇଲା, ଭସେଇଲା ଆଉ ପୁରୁଣା ସ୍ମୃତିକୁ ସତେଜ କରିଦେଲା ବୋଲି ପୁରୁଖା ଲୋକ କହୁଛନ୍ତି। ତେବେ ଏହି ବନ୍ୟା ପାଇଁ ପାକିସ୍ତାନ ଭାରତକୁ ଦୋଷ ଦେଉଛି। ଭାରତ ପାଣି ଅଟକାଇ ଛାଡ଼ିବାରୁ ଏଭଳି ସ୍ଥିତି ସୃଷ୍ଟି ହେଲା ବୋଲି କୁହାଯାଉଛି।

ସିନ୍ଧୁ ନଦୀ ପ୍ରଣାଳୀର ନଦୀଗୁଡ଼ିକ ପାକିସ୍ତାନ ଏବଂ ଭାରତରେ ଥିବା ପଞ୍ଜାବ ପ୍ରଦେଶର ଲୋକକଥା ଏବଂ ସଂସ୍କୃତିର ଅଂଶ ହୋଇ ରହିଛି। ବିଭାଜନକୁ ମଧ୍ୟ ନଦୀ ପରି ଉଲ୍ଲେଖ କରାଯାଇଛି। ଏହାକୁ ନେଇ ଗୁରଦାସ ମାନ-ଦିଲଜିତ୍ ଦୋସାଞ୍ଜ୍ ପଞ୍ଜାବୀ ଗୀତ ଲେଖିଛନ୍ତି। ପାକିସ୍ତାନର ପଞ୍ଜାବର ରାଜଧାନୀ ଲାହୋରର ସହିତ ରାବୀ ନଦୀର ପ୍ରେମକାହାଣୀ ବହୁ ଶତାବ୍ଦୀ ପୁରୁଣା। ତେଣୁ ଚାରି ଦଶନ୍ଧିରୁ ଅଧିକ ସମୟ ପରେ ରାବି ଲାଗି ଲାହୋରରେ ବନ୍ୟା ଆସିବାରୁ କେବଳ ବ୍ୟାପକ କ୍ଷତି ଘଟାଇନଥିଲା, ବରଂ ସ୍ମୃତିର ଏକ ବନ୍ୟା ମଧ୍ୟ ଆସିଥିଲା।

ସତଲେଜ୍ ଏବଂ ଚେନାବ ସହିତ ରାବି ପଞ୍ଜାବର ସବୁଠୁ ଭୟଙ୍କର ବନ୍ୟା ସୃଷ୍ଟି କରିଥିଲା। ଲାହୋରର ଅଧିବାସୀ ସେତୁ ଉପରେ ଏକାଠି ହୋଇ ପରିବାର ସହ ନଦୀ ବଢ଼ି ଦେଖୁଥିଲେ। ଚଳିତ ଥର ଉଭୟ ପଞ୍ଜାବକୁ ରାବି କ୍ରୋଧର ସମ୍ମୁଖୀନ ହେବାକୁ ପଡିଛି। ଭାରତର ଗୁରୁଦାସପୁର ଏବଂ ପଠାନକୋଟରୁ ପାକିସ୍ତାନର ନାରୋୱାଲ, ସାହିୱାଲ, କସୁର ଏବଂ ଲାହୋର ପର୍ଯ୍ୟନ୍ତ ସହରଗୁଡିକୁ ରାବି ବୁଡାଇ ଦେଇଛି। କରତାରପୁରର ଗୁରୁଦ୍ୱାର ସାହିବକୁ ମଧ୍ୟ ବନ୍ୟାପାଣି ପ୍ରବେଶ କରିଛି।

## ବୁଡ଼େଇଲା, ଭସେଇଲା, କନ୍ଦେଇ ସତେଜ କଲା ସ୍ମୃତି

ରାବି ନଦୀ ହିମାଚଳ ପ୍ରଦେଶର ବାରା ଭଙ୍ଗାଲ ଅଞ୍ଚଳରୁ ବାହାରି ଚମ୍ବା ଉପତ୍ୟକା ଦେଇ ପଞ୍ଜାବରେ ପ୍ରବେଶ କରିଛି। ପାକିସ୍ତାନର ନାରୱାଲରେ ପ୍ରବେଶ କରିବା ପୂର୍ବରୁ ପଞ୍ଜାବର ପଠାନକୋଟ, ଅମୃତସର ଏବଂ ଗୁରୁଦାସପୁର ଜିଲ୍ଲା ଦେଇ ପ୍ରବାହିତ ହୋଇଛି। ସେଠାରୁ ଏହା ଲାହୋର ଆଡକୁ ଯାଇ ଶେଷରେ ଚେନାବ ନଦୀରେ ମିଶିଛି। ରାବି ଲାହୋରରେ ପ୍ରବେଶ କରି ଏହି ସହରର ଦୁର୍ବଳ ଭିତ୍ତିଭୂମିକୁ ବିପର୍ଯ୍ୟସ୍ତ କରିଦେଇଛି। ନଦୀବନ୍ଧ ଭାଙ୍ଗି ଯାଇଛି, ସହରୀ ଯୋଜନା ଭୁଶୁଡ଼ି ପଡ଼ିଛି ଏବଂ ସହରର ପରିବେଶଗତ ଅବହେଳା ପଦାରେ ପଡ଼ିଯାଇଛି। ରାବି ନଦୀ ବନ୍ଧ ପ୍ରକଳ୍ପକୁ ବିକାଶ ଭାବେ ଦେଖାଯାଉଥିବାବେଳେ ଏବେ ଏହା ଇତିହାସରୁ କିଛି ଶିକ୍ଷା ଗ୍ରହଣ କରିନାହିଁ ବୋଲି ଲାଗୁଛି। କାରଣ ପୂର୍ବରୁ ହୋଇଥିବା ଭୁଲ୍‌ଗୁଡ଼ିକର ପୁନରାବୃତ୍ତି ହେବାର ଆଶଙ୍କା ରହିଛି। ଶେଷ ଥର ପାଇଁ ୧୯୮୮ରେ ରାବି ଯୋଗୁଁ ଲାହୋରରେ ପ୍ରଳୟଙ୍କରୀ ବନ୍ୟା ଆସିଥିଲା। ଏହା ପରଠାରୁ କୌଣସି ବନ୍ୟା ଆସି ନ ଥିବାରୁ ମୁକାବିଲା ପାଇଁ ପାକିସ୍ତାନ ପ୍ରସ୍ତୁତ ନ ଥିଲା। ଫଳରେ ରାବିରେ ୧୪ ଲକ୍ଷ କ୍ୟୁସେକ ଜଳ ମାଡ଼ି ଆସି ସୀମାରେ ଥିବା ୩୦ କିମିର ଲୁହା ବାଡ଼କୁ ଭସାଇ ନେଇଥିଲା। ପହଲଗାମ ଆକ୍ରମଣକୁ ନେଇ ସିନ୍ଧୁ ଚୁକ୍ତି ରଦ୍ଦ କରିବା ପରେ ଏପରି ହୋଇଛି। 'ଇଷ୍ଟର୍ଣ୍ଣ ଇଣ୍ଡସ ରିଭର ସିଷ୍ଟମ'ରେ ପ୍ରବାହିତ ହେଉଥିବା ଏହି ରାବି ନଦୀ ଆଣିଥିବା ବନ୍ୟାକୁ ନେଇ ସାମାଜିକ ଗଣମାଧ୍ୟମରେ ମଧ୍ୟ 'ମେମେ'ର ବନ୍ୟା ଆସିଥିଲା। ପାଣି ରୋକିବାକୁ ଭାରତ ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ପାକିସ୍ତାନର ସିଂହ ଭାଗ କେମିତି ବୁଡିଗଲା ବୋଲି ଲୋକେ ପଚାରୁଛନ୍ତି।

### ରାଜ୍ୟରେ ମହିଳା ସୁରକ୍ଷା ବିପର୍ଯ୍ୟସ୍ତ

# ଆଜି ସବୁ ଏସ୍‌ପି ଅଫିସ ଘେରିବ ମହିଳା ବିଜେଡି

ଭୁବନେଶ୍ୱର,୧୬।୯ (ସମିସ): ପ୍ରସିଦ୍ଧ ପର୍ଯ୍ୟଟନସ୍ଥଳୀ ବାଲିହରଚଣ୍ଡୀ ପୀଠ ନିକଟ ଜଙ୍ଗଲରେ ପ୍ରେମିକକୁ ଗଛରେ ବାନ୍ଧି ପ୍ରେମିକାକୁ ଗଣଦୁଷ୍କର୍ମ ଘଟଣା ସାଧାରଣରେ ଆଲୋଡ଼ନ ସୃଷ୍ଟି କରିଛି। ଏପରି ଲୋମଟାଙ୍କୁରା ଘଟଣାରୁ ରାଜ୍ୟରେ ମହିଳା ସୁରକ୍ଷା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇଥିବା ପ୍ରମାଣିତ ହେଉଛି। ମଙ୍ଗଳବାର ଶଙ୍ଖ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ବିଜେଡି ଏପରି ଅଭିଯୋଗ କରିବା ସହ ରାଜ୍ୟ ସରକାରଙ୍କ ଉପରେ ଭୀଷଣ ବର୍ଷିଛି।

ଏହି ସାମ୍ବାଦିକ ସମ୍ମିଳନୀରେ ବିରୋଧୀ ଦଳ ମୁଖ୍ୟ ସଚେତକ ପ୍ରମିଳା ମଲ୍ଲିକ, ବରିଷ୍ଠ ସାଧାରଣ ସମ୍ପାଦିକା ଡ. ଲେଖାଶ୍ରୀ ସାମନ୍ତସିଂହାର ଓ ପୂର୍ବତନ ରାଜ୍ୟ ମହିଳା କମିଶନ ଅଧ୍ୟକ୍ଷା ମିନତି ବେହେରା ପ୍ରମୁଖ ଯୋଗଦେଇ ରାଜ୍ୟରେ ମହିଳାଙ୍କୁ ସୁରକ୍ଷା ପ୍ରଦାନରେ ରାଜ୍ୟ ସରକାର ସମ୍ପୂର୍ଣ୍ଣ ବିଫଳ ବୋଲି ଅଭିଯୋଗ କରିଛନ୍ତି। ଏହାର ପ୍ରତିବାଦରେ ଆସନ୍ତାକାଲି (ବୁଧବାର) ରାଜ୍ୟର ସମସ୍ତ ଜିଲ୍ଲା ଏସ୍‌ପି ଅଫିସ ସମ୍ମୁଖରେ ବିଜୁ ମହିଳା ଜନତା ଦଳ ପକ୍ଷରୁ ଧାରଣା ଦିଆଯିବା ସହ ଏସ୍‌ପିମାନଙ୍କୁ ସ୍ମାରକପତ୍ର ପ୍ରଦାନ କରାଯିବ ବୋଲି ସେମାନେ ସୂଚନା ଦେଇଛନ୍ତି।

ଶ୍ରୀମତୀ ମଲ୍ଲିକ କହିଥିଲେ ଯେ ରାଜ୍ୟରେ ଦୁଷ୍କର୍ମ, ଗଣଦୁଷ୍କର୍ମ, ଅସଦାଚରଣ ଓ ମହିଳାଙ୍କୁ ନିର୍ଯାତନା ଦିନକୁ ଦିନ ବୃଦ୍ଧି ପାଉଥିବା ବେଳେ ରାଜ୍ୟ ସରକାର ଏହାକୁ ନିୟନ୍ତ୍ରଣ କରିବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି। ମା' ବାଲିହରଚଣ୍ଡୀ ପୀଠ ନିକଟ ଜଙ୍ଗଲରେ ଘଟିଥିବା ଗଣଦୁଷ୍କର୍ମ ଘଟଣା ରାଜ୍ୟର ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ସ୍ଥିତିର ସଦ୍ୟତମ ନମୁନା। ଏହି ଘଟଣା ଗୋପାଳପୁର ବେଳାଭୂମିରେ




ଘଟିଥିବା ଗଣଦୁଷ୍କର୍ମ ଘଟଣାର ପୁନରାବୃତ୍ତି। ରାଜ୍ୟରେ ଗଣଦୁଷ୍କର୍ମ, ନାରୀ ନିର୍ଯାତନା ଇତ୍ୟାଦି ଘଟଣା ଯେପରି ଥମିବାର ନାଁ ନେଉନାହିଁ। ଦୁଷ୍କର୍ମ ଓ ନାରୀ ନିର୍ଯାତନା ଉଦ୍‌ବେଗଜନକ ଭାବେ ବୃଦ୍ଧି ପାଉଥିବାରୁ ଓଡ଼ିଶା ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ନିନ୍ଦିତ ହେଉଛି। ଗୋପାଳପୁର ଘଟଣା ପରେ ଆମେରିକା ପକ୍ଷରୁ ଜାରି ଆଡଭାଇଜରିରେ ମହିଳା ସୁରକ୍ଷା ସ୍ଥିତି ଠିକ୍ ନଥିବା ଦର୍ଶାଇ ଓଡ଼ିଶା ସମେତ ୬ଟି ରାଜ୍ୟକୁ ତାଙ୍କ ଦେଶର ମହିଳାମାନଙ୍କୁ ଯିବାକୁ ବାରଣ କରାଯାଇଥିଲା। ସେହିପରି, ଏଫଏମ୍ କଲେଜରେ ଛାତ୍ରୀ ଆତ୍ମାହୁତି ଓ ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣାରେ ସର୍ବୋଚ୍ଚ ନ୍ୟାୟାଳୟ ଲଜ୍ଜାଜନକ ବୋଲି ଦେଇଥିବା ମନ୍ତବ୍ୟ ପାଇଁ ଓଡ଼ିଶା ଜାତୀୟ ସ୍ତରରେ ନିନ୍ଦିତ ହୋଇଥିଲା। କିନ୍ତୁ ଏହାକୁ ନିୟନ୍ତ୍ରଣ କରିବା ପାଇଁ ରାଜ୍ୟ ସରକାର କୌଣସି ପଦକ୍ଷେପ ନେଉନାହାନ୍ତି। ତେଣୁ ଆସନ୍ତାକାଲି ରାଜ୍ୟର ସମସ୍ତ ଜିଲ୍ଲାରେ ମହିଳା ସୁରକ୍ଷା ପ୍ରସଙ୍ଗରେ ବିଜୁ ମହିଳା ଜନତା ଦଳ ପକ୍ଷରୁ ରାଜ୍ୟର ସମସ୍ତ ଜିଲ୍ଲା ଏସ୍‌ପିଙ୍କ ଅଫିସ ସମ୍ମୁଖରେ ଧାରଣା ଦେବା ସହ ଏକ ସ୍ମାରକପତ୍ର ପ୍ରଦାନ କରାଯିବ।

ଡ. ସାମନ୍ତସିଂହାର କହିଥିଲେ ଯେ ରାଜ୍ୟରେ ବିଜେପି ସରକାର କ୍ଷମତାକୁ ଆସିବା ପରେ ମହିଳାଙ୍କ ବିରୋଧରେ ଅପରାଧ ସୀମା ସରହଦ ଉଲ୍ଲଙ୍ଘନ ହୋଇଛି। ରାଜ୍ୟରେ ପ୍ରତିଦିନ ୧୫ଜଣ ମହିଳା ଦୁଷ୍କର୍ମର ଶିକାର ହେଉଛନ୍ତି। ଗତ ୧୪ ମାସର ବିଜେପି ଶାସନରେ ସମସ୍ତ ବର୍ଗର ବ୍ୟକ୍ତିମାନଙ୍କ ଭିତରୁ ମହିଳାମାନେ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛନ୍ତି। ମାତ୍ର ରାଜ୍ୟ ସରକାର ମହିଳା ସୁରକ୍ଷାର ଡିଣ୍ଡିମ ପିଟୁଛନ୍ତି। ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ରାଜ୍ୟର ସମସ୍ତ ଲଭର୍ସ ପଏଣ୍ଟରେ ସୁରକ୍ଷା ପ୍ରଦାନ ପାଇଁ ଘୋଷଣା କରିଥିଲେ। ବାଲିହରଚଣ୍ଡୀ ଗଣଦୁଷ୍କର୍ମ ଘଟଣା ପରେ ଶ୍ରୀମତୀ ପରିଡ଼ାଙ୍କ ଘୋଷଣା ପାଣିରେ ଗାର ସଦୃଶ୍ୟ ହୋଇଛି। ରାଜ୍ୟ ପୁଲିସ କର୍ତ୍ତୃପକ୍ଷ ପୁଲିସ କର୍ମଚାରୀ ଅଭାବ ରହିଛି ବୋଲି ସଫେଇ ଦେଉଛନ୍ତି। ରାଜ୍ୟର ନେତା, ମନ୍ତ୍ରୀମାନଙ୍କୁ ସୁରକ୍ଷା ଦେବା ପାଇଁ ପୁଲିସ ବ୍ୟସ୍ତ ଅଛି, କିନ୍ତୁ ମହିଳାଙ୍କୁ ସୁରକ୍ଷା ପ୍ରଦାନ ପାଇଁ କର୍ମଚାରୀଙ୍କ ଅଭାବ ରହିଛି ବୋଲି ଦର୍ଶାଯିବାକୁ ନେଇ ସେ କ୍ଷୋଭ ପ୍ରକାଶ କରିଥିଲେ।

ବିଜେଡି ନେତ୍ରୀ ମିନତି ବେହେରା କହିଥିଲେ ଯେ ମହିଳାମାନଙ୍କୁ ତ୍ୱରିତ ନ୍ୟାୟ ପ୍ରଦାନ କରିବା ପାଇଁ ବିଜେଡି ସରକାରଙ୍କ ସମୟରେ ଆରମ୍ଭ କରାଯାଇଥିବା ମହିଳା ଓ ଶିଶୁ ଡେସ୍କଗୁଡ଼ିକ ବର୍ତ୍ତମାନ କାର୍ଯ୍ୟ କରୁନାହିଁ। ଫଳରେ ଅତ୍ୟାଚାରର ଶିକାର ହେଉଥିବା ମହିଳାମାନେ ନ୍ୟାୟ ପାଇବାରୁ ବଞ୍ଚିତ ହେଉଛନ୍ତି। ଏହାଛଡ଼ା ୧୮୧ ହେଲ୍ପଲାଇନ ମଧ୍ୟ କାର୍ଯ୍ୟ କରୁନାହିଁ। ଗତ ୧୪ମାସର ବିଜେପି ଶାସନରେ ରାଜ୍ୟରୁ ଯୁବତୀ ଚାଲାଣ ମଧ୍ୟ ବୃଦ୍ଧି ପାଇଛି। କିନ୍ତୁ ରାଜ୍ୟ ସରକାରଙ୍କ ଏଥିପ୍ରତି ନିଘା ନାହିଁ। ତେଣୁ ବିଜୁ ମହିଳା ଜନତା ଦଳ ରାଜ୍ୟର ମହିଳାଙ୍କ ସୁରକ୍ଷା ପାଇଁ ଲଢ଼େଇ ଜାରି ରଖିବ ବୋଲି ସେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି।

# ସବୁ ଜାଣି ବି ସରକାର ନିରବ ରହିବା କ୍ଷୋଭର ବିଷୟ: ନବୀନ

### ଚାଷୀଙ୍କ ପାଇଁ ସ୍ୱର ଆହୁରି ଶାଣିତ କରିବ ବିଜେଡି



ଭୁବନେଶ୍ୱର, ୧୬।୯ (ସମିସ): ସରକାର ଯେତେ ବାହାସ୍ଫୋଟ ମାରିଲେ ମଧ୍ୟ ରାଜ୍ୟରେ ସାର ସଂକଟର ସମାଧାନ ହେଉନାହିଁ। ସମସ୍ୟାକୁ ନେଇ ଚାଷୀ ରାଜରାସ୍ତାକୁ ଓହ୍ଲାଇଥିବା ବେଳେ ସରକାରୀ ଅପାରଗତାକୁ ନେଇ ବିରୋଧୀ ଦଳ ବର୍ଷୁଛନ୍ତି। ଏହି କ୍ରମରେ ଚାଷୀଙ୍କ ସମସ୍ୟାକୁ ନେଇ କ୍ଷୋଭ ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ସେ ଉଲ୍ଲେଖ କରିଛନ୍ତି ଯେ ସାର ପାଇଁ ଚାଷୀମାନେ ନାହିଁ ନଥିବା ସମସ୍ୟା ଭୋଗୁଛନ୍ତି। କେଉଁଠି ଘଣ୍ଟାଘଣ୍ଟା ଲମ୍ବା ଧାଡ଼ି ତ କେଉଁଠି ସାରା ରାତି ଅନିଦ୍ରା ପରେ ବି ସାର ମିଳୁ ନାହିଁ। ଚାଷ ସମୟରେ ସାର ନ ପାଇ ଚାଷୀମାନେ ହତାଶ ହୋଇପଡ଼ିଛନ୍ତି। କିନ୍ତୁ ସାର ସଙ୍କଟ ନେଇ ସବୁ ଜାଣି ବି ସରକାର ନିରବ ରହିବା ସବୁଠୁ କ୍ଷୋଭର ବିଷୟ। ଏନେଇ ବିଜୁ ଜନତା ଦଳ ଜୋରଦାର ପ୍ରତିବାଦ କରିଛି। ଚାଷୀ ଭାଇଭଉଣୀଙ୍କ ସହ ଦୃଢ଼ ଭାବେ ଠିଆ ହୋଇଛି। ସାର ସମସ୍ୟାର ତୁରନ୍ତ ସମାଧାନ ପାଇଁ ଦଳ ଗଣଧାରଣା ଦେବା ସହ ରାଜ୍ୟପାଳଙ୍କୁ ଭେଟି ଦୃଷ୍ଟି ଆକର୍ଷଣ କରିଛି। ଯଥାଶୀଘ୍ର ସରକାର ଏ ଦିଗରେ ପଦକ୍ଷେପ ଗ୍ରହଣ ନ କଲେ ଚାଷୀଙ୍କ ହକ୍ ପାଇଁ ବିଜୁ ଜନତା ଦଳର ସ୍ୱର ଆହୁରି ଶାଣିତ ହେବ ବୋଲି ନବୀନ କହିଛନ୍ତି।

# ନୂଆପଡ଼ା ଉପନିର୍ବାଚନ: ୭ରେ ଚୂଡ଼ାନ୍ତ ଭୋଟର ତାଲିକା

ଭୁବନେଶ୍ୱର,୧୬।୯ (ସମିସ): ଉପନିର୍ବାଚନ ହେବାକୁ ଥିବା ନୂଆପଡ଼ା ବିଧାନସଭାରେ ଆଉ ୫୬ଟି ନୂତନ ମତଦାନ କେନ୍ଦ୍ର ଖୋଲାଯିବ। ପୂର୍ବରୁ ମୋଟ୍ ୩୦୨ଟି ମତଦାନ କେନ୍ଦ୍ର ଥିବାବେଳେ ଏହା ୩୫୮କୁ ବୃଦ୍ଧି ପାଇଛି। ତନ୍ମଧ୍ୟରୁ ସହରାଞ୍ଚଳରେ ୩୬ଟି ଏବଂ ଗ୍ରାମାଞ୍ଚଳରେ ୩୨୨ଟି ମତଦାନ କେନ୍ଦ୍ର କରାଯାଇଛି। ଏହାସହ ୫୨ଟି କେନ୍ଦ୍ରର ନାମ ପରିବର୍ତ୍ତନ କରାଯାଇଥିବା ମୁଖ୍ୟ ନିର୍ବାଚନ ଅଧିକାରୀ ମଙ୍ଗଳବାର ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ପୂର୍ବରୁ ଭୋଟର ତାଲିକାରେ ସ୍ୱତନ୍ତ୍ର ସଂକ୍ଷିପ୍ତ ସଂଶୋଧନ (ଏସ୍‌ଏସ୍‌ଆର୍) କରିବାକୁ ଆୟୋଗ ସୂଚନା ଦେଇଥିଲେ। ତଦନୁଯାୟୀ ଗତକାଲି ସମନ୍ୱିତ ଚିଠା ଭୋଟର ତାଲିକା ପ୍ରକାଶ ପାଇଛି। ଭୋଟର ତାଲିକା ନେଇ କାହାର ଆପତ୍ତି ଥିଲେ ଆସନ୍ତା ୨୯ ତାରିଖ ପର୍ଯ୍ୟନ୍ତ ଅଭିଯୋଗ ଦାଖଲ କରିପାରିବେ। ସମସ୍ତ ଅଭିଯୋଗକୁ ଅକ୍ଟୋବର ୭ ତାରିଖ ମଧ୍ୟରେ ସମାଧାନ କରାଯିବ। ଏହାପରେ ୯ ତାରିଖ ଦିନ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇବ। ନିର୍ବାଚନ ଅଧିକାରୀଙ୍କ ତଥ୍ୟ ଅନୁଯାୟୀ, ନୂଆପଡ଼ାରେ ମୋଟ୍ ୨ଲକ୍ଷ ୪୮ହଜାର ୨୫୬ ଭୋଟର୍ ରହିଛନ୍ତି। ତନ୍ମଧ୍ୟରୁ ୧ଲକ୍ଷ ୨୨ହଜାର ୧୦୩ ପୁରୁଷ ଥିବାବେଳେ ୧ଲକ୍ଷ ୨୬ହଜାର ୧୩୨ ମହିଳା ଓ ୨୧ଜଣ ତୃତୀୟ ଲିଙ୍ଗୀ ରହିଛନ୍ତି।

### ଡବଲ ଇଞ୍ଜିନ ସରକାର ଆଦିବାସୀ ବିରୋଧୀ

# ୫ ମାସ ହେବ ମିଳୁନି ପ୍ରାକ୍ ମାଟ୍ରିକ୍ ଛାତ୍ରବୃତ୍ତି

ଭୁବନେଶ୍ୱର,୧୬।୯ (ସମିସ): ରାଜ୍ୟର ମୁଖ୍ୟମନ୍ତ୍ରୀ ଜଣେ ଆଦିବାସୀ ଏବଂ ଦେଶର ରାଷ୍ଟ୍ରପତି ମଧ୍ୟ ଆଦିବାସୀ। ଏହାଫଳରେ ରାଜ୍ୟର ଆଦିବାସୀମାନଙ୍କୁ ଉଚିତ ନ୍ୟାୟ ମିଳିବ ବୋଲି ଆଶା ରହିଥିଲା; କିନ୍ତୁ ଆଦିବାସୀଙ୍କ ଦୁଃଖ ଦୂର ହେବା ପରିବର୍ତ୍ତେ ରାଜ୍ୟର ଆଦିବାସୀ ଛାତ୍ର ଛାତ୍ରୀଙ୍କୁ ମୌଳିକ ଅଧିକାରରୁ ସରକାର ବଞ୍ଚିତ କରିଛନ୍ତି ବୋଲି କଂଗ୍ରେସ ଅଭିଯୋଗ କରିଛି। ଦଳ ପକ୍ଷରୁ ମଙ୍ଗଳବାର ଲକ୍ଷ୍ମୀପୁର କଂଗ୍ରେସ ଯୁବ ବିଧାୟକ ପବିତ୍ର ସାଉଁନ୍ତା ସାମ୍ବାଦିକ ସମ୍ମିଳନୀରେ ଅଭିଯୋଗ କରିଛନ୍ତି ଯେ, ରାଜ୍ୟର ନବମ ଓ ଦଶମ ଶ୍ରେଣୀ ଛାତ୍ର ଛାତ୍ରୀଙ୍କ ପ୍ରାକ ମାଟ୍ରିକ ଛାତ୍ର ବୃତ୍ତିକୁ ରାଜ୍ୟ ସରକାର ଦୀର୍ଘ ୫ ମାସ ହେଲା ବନ୍ଦ କରି ରଖିଛନ୍ତି। ବୃତ୍ତି ବନ୍ଦ ହୋଇଯିବା ଫଳରେ ରାଜ୍ୟର ୫୩ ହଜାର ଗରିବ ଆଦିବାସୀ ପିଲାଙ୍କୁ ଅନେକ କଷ୍ଟ ଭୋଗିବାକୁ ପଡୁଛି। ଯଦି ସରକାର ଛାତ୍ର ଛାତ୍ରୀଙ୍କ ବୃତ୍ତି ପୁନଃଲାଗୁ ନ କରନ୍ତି, ତେବେ ନିକଟରେ ହେବାକୁ ଥିବା ବିଧାନସଭା ଅଧିବେଶନରେ କଂଗ୍ରେସ ଦଳ ଏହି ପ୍ରସଙ୍ଗରେ ସରକାରଙ୍କୁ ଉଚିତ ଜବାବ ମାଗିବ ବୋଲି ବିଧାୟକ ଶ୍ରୀ ସାଉଁନ୍ତା ପ୍ରକାଶ କରିଛନ୍ତି।

କଂଗ୍ରେସର ବରିଷ୍ଠ ମୁଖପାତ୍ର ରଜନୀ କୁମାର ମହାନ୍ତି କହିଛନ୍ତି ରାଜ୍ୟରେ ୫୩ ହଜାର ଛାତ୍ର ଛାତ୍ରୀଙ୍କୁ ଆଜିକୁ ୫ମାସ ହେଲାଣି ପ୍ରାକ୍ ମାଟ୍ରିକ ଛାତ୍ରବୃତ୍ତି ଏପର୍ଯ୍ୟନ୍ତ ମିଳିନାହିଁ। ସୁନ୍ଦରଗଡ଼ ଜିଲ୍ଲାରେ ଗଣଶିକ୍ଷା ବିଭାଗ ଦ୍ୱାରା ୨୮୭ ଟି ଛାତ୍ରବାସରେ ୨୮ ହଜାର ଅନୁସୂଚିତ ଜାତି ଓ ଆଦିବାସୀ ବର୍ଗର ଛାତ୍ର ଛାତ୍ରୀ ମାନେ ପାଠ ପଢୁଛନ୍ତି। ସେହିଭଳି ଭାବରେ ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ



ଓ ସଂଖ୍ୟା ଲଘୁ ପଛୁଆ ବର୍ଗ କଲ୍ୟାଣ ବିଭାଗ ଦ୍ୱାରା ପରିଚାଳିତ ୧୩୮ ଛାତ୍ରାବାସରେ ୨୫ହଜାରରୁ ଅଧିକ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ଗତ ଏପ୍ରିଲ ମାସ ଠାରୁ ଆଜି ପର୍ଯ୍ୟନ୍ତ ଅନୁଦାନ ବା ଛାତ୍ରବୃତ୍ତି ମିଳିଲା ନାହିଁ। ସରକାର ଛାତ୍ର ବୃତ୍ତି ସ୍ୱରୂପ ନବମ ଓ ଦଶମ ଶ୍ରେଣୀର ଛାତ୍ର ମାନଙ୍କୁ ୧୦୫୦ ଟଙ୍କା ଦେଉଥିବା ବେଳେ ଛାତ୍ରୀ ମାନଙ୍କୁ ୧୧୦୦ ଟଙ୍କା ଦେଉଛନ୍ତି। ଏହି ଅର୍ଥରାଶିକୁ ମାସକ ମଧ୍ୟରେ ସେମାନେ ଚାରି ଓଳି ସକାଳ ଜଳଖିଆ, ଦୁଇ ପହର ଭାତ, ଅପରାହ୍ନ ଜଳଖିଆ ଓ ରାତ୍ରି ଭୋଜନ କରିଥାନ୍ତି। ଏଥିରେ ମଧ୍ୟ ନିତ୍ୟ ବ୍ୟବହାର ଜିନିଷ(ସାବୁନ, ତେଲ, ପେନ୍)। ଏହି ପଞ୍ଚମାସ କାଳ ଛାତ୍ରବୃତ୍ତି ନ ଦେବା ହେତୁ ଏବେଠାରୁ ଛାତ୍ରାବାସ ପରିଚାଳନା ଦାୟିତ୍ୱରେ ଥିବା ଶିକ୍ଷକ ଓ ଶିକ୍ଷୟିତ୍ରୀ ମାନେ ହାତ ଟେକି ଦେଇଛନ୍ତି ବୋଲି ସେ କହିଛନ୍ତି।

ପ୍ରି-ମାଟ୍ରିକ ଛାତ୍ର ବୃତ୍ତି-ଏସଟି ଛାତ୍ର ବୃତ୍ତି କେନ୍ଦ୍ର ସରକାର ୭୫ ପ୍ରତିଶତ ଦେଉଥିବା ବେଳେ ରାଜ୍ୟ ସରକାର ୨୫ ପ୍ରତିଶତ ଦେଉଛନ୍ତି। ସେହିଭଳି ଅନୁସୂଚିତ ଜାତିବର୍ଗଙ୍କ ପାଇଁ ୬୦ ପ୍ରତିଶତ ଦେଉଥିବା ବେଳେ ୪୦ ପ୍ରତିଶତ ରାଜ୍ୟ ସରକାର ଦେଉଛନ୍ତି। ପଛୁଆବର୍ଗଙ୍କ କ୍ଷେତ୍ରରେ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ୫୦ ପ୍ରତିଶତ ଦେଉଛନ୍ତି। ଏହି ଛାତ୍ର ବୃତ୍ତି ପ୍ରଦାନ କ୍ଷେତ୍ରରେ ରାଜ୍ୟ ସରକାର ତାଙ୍କ ଭାଗ ପ୍ରଦାନ କରିସାରିବାର ପ୍ରମାଣ ଦେବା ପରେ କେନ୍ଦ୍ର ସରକାର ତାଙ୍କ ଅଂଶଧନ ସିଧାସଳଖ ଡିବିଟି ମାଧ୍ୟମରେ ବ୍ୟାଙ୍କ୍ ଖାତାକୁ ଆସିଥାଏ। ଉଭୟ ରାଜ୍ୟ ଓ କେନ୍ଦ୍ରର ବିଜେପି ସରକାର ଆଦିବାସୀ ବିରୋଧୀ ବୋଲି ଏଥିରୁ ପ୍ରମାଣିତ ହୋଇଥିଲା କଂଗ୍ରେସ କହିଛି।

**ବୃତ୍ତି ଅପେକ୍ଷାରେ ୫୩ ହଜାର ଛାତ୍ରଛାତ୍ରୀ**

# ଆତ୍ମସମର୍ପଣ କଲେ ମହିଳା ମାଓବାଦୀ



ନୂଆପଡ଼ା,୧୬।୯ (ସମିସ): ଛତିଶଗଡ଼ ରାଜ୍ୟ ଗରିଆବନ୍ଧ ଏସପିଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି ଜଣେ ମହିଳା ମାଓବାଦୀ। ତାଙ୍କ ନାମ ଜାନସି ଉର୍ଫ ବଛେଲା ଅଟାମୀ। ସେ ନଗରୀ ଏରିଆ ମାଓ ସଂଗଠନର ସଚିବ ଥିଲେ। ଜାନସି ମହାରାଷ୍ଟ୍ର ଗଡ଼ଚିରୋଲିର ମୂଳବାସିନ୍ଦା। ଦୀର୍ଘ ୨୦ବର୍ଷ ହେବ, ସେ ଧମତରୀ-ଗରିଆବନ୍ଧ- ନୂଆପଡ଼ା ଡିଭିଜନ କମିଟିର ସକ୍ରିୟ ସଦସ୍ୟ ଥିଲେ। ଜାନସୀ, କେନ୍ଦ୍ର କମିଟି ସଦସ୍ୟ ଚଳପତିର ଘନିଷ୍ଠ ସହଯୋଗୀ ସତ୍ୟମ ଗାବଡେଙ୍କ ସ୍ତ୍ରୀ। ଗତ ଜାନୁଆରୀ ମାଓ ଏନକାଉଣ୍ଟର୍‌ରେ ଚଳପତି ସହ ସତ୍ୟମ ଗାବଡେ ମଧ୍ୟ ନିହତ ହୋଇଥିଲା। ଜାନସିଙ୍କ ନାମରେ ସରକାର ୮ ଲକ୍ଷ ଟଙ୍କାର ପୁରସ୍କାର ରାଶି ରହିଥିଲା। ଜାନସୀ ମାଓ ସଂଗଠନ ଛାଡ଼ି ଗରିଆବନ୍ଧ ଏସ୍‌ପି ନିଖିଲ ରଖେଚାଙ୍କ ନିକଟରେ ଆତ୍ମସମର୍ପଣ କରିଛି।

# ଦୁର୍ଦ୍ଦାନ୍ତ ଦୀପକକୁ ଏନ୍‌କାଉଣ୍ଟର୍


ସମ୍ବଲପୁର, ୧୬।୯ (ସମିସ): ସମ୍ବଲପୁରରେ ପୁଣି ଏନ୍‌କାଉଣ୍ଟର୍। ବିଭିନ୍ନ ଥାନାରେ ୨୧ରୁ ଊର୍ଦ୍ଧ୍ୱ ସଂଗୀନ ମାମଲାରେ ଜଡ଼ିତ ଥିବା ଦୁର୍ଦ୍ଦାନ୍ତ ଅପରାଧୀ ଦୀପକ ମଣ୍ଡଳକୁ ଆଜି ସଂଧ୍ୟାରେ ରେଙ୍ଗାଲି ପୁଲିସ ଏନ୍‌କାଉଣ୍ଟର୍ କରିଛି। ତା'ର ଡାହାଣ ଗୋଡ଼ରେ ଗୁଳି ବାଜିଛି। ଚିକିତ୍ସା ଲାଗି ତାକୁ ବୁର୍ଲା ଭୀମସାରରେ ଭର୍ତ୍ତି କରାଯାଇଛି। ତା' ପାଖରୁ ପୁଲିସ ୭.୬୫ ଏମ୍‌ଏମ୍ ବିଶିଷ୍ଟ ଗୋଟିଏ ଦେଶୀ ବନ୍ଧୁକ, ୨ଟି ଗୁଳି ଓ ଗୋଟିଏ ସ୍କୁଟି ଜବତ କରିଛି।



(ଫାଇଲ୍ ଫଟୋ)

ସୂଚନାନୁଯାୟୀ, ରମ୍ପେଲା ଜଙ୍ଗଲ ନିକଟରେ ଦୀପକ ଥିବା ସୂଚନା ପାଇ ପୁଲିସ୍ ସେଠାରେ ଚଢ଼ଉ କରିଥିଲା। ପୁଲିସ ତାକୁ ଧରିବାକୁ ଚେଷ୍ଟା କରୁଥିବା ବେଳେ ଦୀପକ ପ୍ରଥମେ ପୁଲିସ ଉପରକୁ ୩ରାଉଣ୍ଡ ଗୁଳି ଚଳାଇଥିଲା। ଜବାବରେ ପୁଲିସ ମଧ୍ୟ ତା' ଉପରକୁ ଗୁଳି ଚାଳନା କରିଥିଲା। ଏଥିରେ ଦୀପକରୁ ଡାହାଣ ଗୋଡ଼ରେ ଗୋଟିଏ ଗୁଳି ବାଜିଥିଲା। ପରେ ପୁଲିସ ତାକୁ କାବୁ କରିନେଇଥିଲା।

ଉଲ୍ଲେଖଯୋଗ୍ୟ, ଦୀପକ ନାଁରେ ସମ୍ବଲପୁରର ବିଭିନ୍ନ ଥାନାରେ ୨୧ଟି ମାମଲା ରହିଛି। ଅଇଁଠାପାଲି ଥାନାରେ ୧୦ଟି ମାମଲା ଥିବାବେଳେ ବୁର୍ଲା ଥାନାରେ ୩ଟି, ଧନୁପାଲି ଥାନାରେ ୧, କ୍ଷେତରାଜପୁର ଥାନାରେ ୨ଟି, ସଦରରେ ଗୋଟାଏ ଓ ଟାଉନ ଥାନାରେ ୪ଟି ମାମଲା ରହିଛି। ଅଭିଯୁକ୍ତ ଅନେକ ସମୟରେ ଫେରାର ରହିଥିଲା। ପୁଲିସ ବାରମ୍ବାର ଚେଷ୍ଟା ପରେ ମଧ୍ୟ ଧରିବାରେ ବିଫଳ ହେଉଥିଲା।




# 'ଉତ୍କଳ'ରେ ଭୟଙ୍କର ଆର୍ଥିକ ଅନିୟମିତତା

### ୨୪୧ କୋଟି ଭରଣା ନିମନ୍ତେ ଅଡ଼ିଟ ଟିମ୍‌ର ସୁପାରିସ

ଭୁବନେଶ୍ୱର,୧୬।୯ (ସମିସ): ଉତ୍କଳ ବିଶ୍ୱବିଦ୍ୟାଳୟରୁ ହୋଇଛି ବ୍ୟାପକ ଅର୍ଥ ହରିଲୁଟ୍। ଲୁଚା ଛପାରେ ନୁହେଁ; ସମସ୍ତଙ୍କ ଜ୍ଞାତସାରରେ ଲୁଟ୍ ହୋଇଛି। ବିଭିନ୍ନ କାର୍ଯ୍ୟକ୍ରମରେ ଚାରଣା ଖର୍ଚ୍ଚକୁ ବାରଣା ଦର୍ଶାଯାଇଛି। ବିଶ୍ୱବିଦ୍ୟାଳୟ କୋଷାଗାରରୁ ଅଧିକାରୀମାନେ ମିଳିମିଶି ଟଙ୍କା ଉଠାଇ ନେଇଛନ୍ତି; ହେଲେ ଅଡିଟ୍ ସମୟରେ ଖର୍ଚ୍ଚର ହିସାବ ଦେଇ ପାରୁ ନାହାନ୍ତି। ଆବଶ୍ୟକ ବିନିଯୋଗ ପ୍ରମାଣପତ୍ର ପ୍ରଦାନ କରି ନ ପାରି ଅଡ଼ିଟ୍‌ରେ ଧରା ପଡ଼ିଛନ୍ତି। ୨୦୧୫-୧୬ ରୁ ୨୦୧୯-୨୦ ଆର୍ଥିକବର୍ଷ ଅର୍ଥାତ୍ ମାତ୍ର ୫ ବର୍ଷରେ ୨୪୧କୋଟିରୁ ଅଧିକ ଟଙ୍କା ଆତ୍ମସାତ୍ ହୋଇଥିବା ଧରିଛି ଅଡ଼ିଟ୍ ଟିମ୍। ଏସବୁ ଅର୍ଥ ଭରଣା କରିବାକୁ ଅଡିଟ୍ ରିପୋର୍ଟରେ ସୁପାରିସ୍ କରାଯାଇଥିଲେ ମଧ୍ୟ ଅଧିକାରୀମାନେ ଅର୍ଥ ଦାଖଲ କରିବା ପରିବର୍ତ୍ତେ ସମୟ ଗଡ଼ାଇ ଚାଲିଛନ୍ତି।

ଲୋକାଲ୍ ଫଣ୍ଡ ଅଡିଟ୍ ରିପୋର୍ଟ ଅନୁସାରେ ୨୦୧୫-୧୬ ଆର୍ଥିକ ବର୍ଷରେ ସମୁଦାୟ ୨୦କୋଟି ୧୫ଲକ୍ଷ ୯୦ହଜାର ୬ଟଙ୍କା ହଡ଼ପ କରାଯାଇଛି। ସମୁଦାୟ ୪୪ଜଣ ଅଧିକାରୀ ଏହି ଟଙ୍କା ଆତ୍ମସାତ୍ କରିଥିବା ରିପୋର୍ଟରେ ଉଲ୍ଲେଖ ରହିଛି। ତନ୍ମଧ୍ୟରୁ ୨ଜଣ ଅଧିକାରୀ ତାଙ୍କଠାରୁ ଆଦାୟ ହେବାକୁ ଥିବା ଟଙ୍କା ଭରଣା କରିଛନ୍ତି। ତତ୍କାଳୀନ କୁଳସଚିବ ପ୍ରାୟ ୧୩ଲକ୍ଷ ଟଙ୍କା ଭରଣା କରିବାକୁ ଥିବାବେଳେ ୮ଜଣ ଅଧିକାରୀ ଲକ୍ଷାଧିକ ଟଙ୍କା ଫେରସ୍ତ କରିବାକୁ ସୁପାରିସ୍ ହୋଇଛି। ସେହିପରି ୨୦୧୬-୧୭ରେ ଲୁଟ୍ ଅର୍ଥ ଶହେକୋଟି ଅତିକ୍ରମ କରିଛି। ସମୁଦାୟ ୬୭ ଜଣ ଅଧିକାରୀ ଓ କର୍ମଚାରୀଙ୍କ ଠାରୁ ୧୦୧ କୋଟି ୫୯ଲକ୍ଷ ୮୬ହଜାର ୭୩୮ଟଙ୍କା ଭରଣା କରିବାକୁ ଅଡ଼ିଟ୍ ଟିମ୍ ସୁପାରିସ କରିଛି। ତତ୍କାଳୀନ କୁଳସଚିବଙ୍କ ନାମରେ ୯ଲକ୍ଷରୁ ଅଧିକ ଟଙ୍କା ବକେୟା ରହିଛି, ଏପରିକି ଜଣେ ତତ୍ତ୍ୱାବଧାରକ (କେୟାରଟେକର)ଙ୍କ ଠାରୁ ୪ଲକ୍ଷ ୩୪ହଜାରରୁ ଅଧିକ ଟଙ୍କା ଭରଣା କରିବାକୁ କୁହାଯାଇଛି। କେୟାରଟେକର୍ ଏତେ ଟଙ୍କାର କାରବାର କିପରି କରୁଥିଲେ ନା ତାଙ୍କ ନାମରେ ଆଉ କେଉଁ ଅଧିକାରୀ ନେଣଦେଣ କରୁଥିଲେ ତାକୁ ନେଇ ପଶ୍ନବାଚୀ ସୃଷ୍ଟି ହୋଇଛି। ୨୦୧୭-୧୮ରେ ୫୨ ଜଣ ଅଧିକାରୀ ମିଳିତ ଭାବେ ୫୫କୋଟି ୮୧ଲକ୍ଷ ୨୬ହଜାର ୮୬୪ ଟଙ୍କା ହଡ଼ପ କରିଛନ୍ତି। ତନ୍ମଧ୍ୟରୁ ମାତ୍ର ୨ଜଣ କର୍ମଚାରୀ ଟଙ୍କା ଫେରସ୍ତ କରିଛନ୍ତି। ୨୦୧୮-୧୯ରେ ୪୦ ଜଣ କର୍ମଚାରୀ ୬୩କୋଟି ୫୫ଲକ୍ଷ ୭୨ହଜାର ୯୫୮ ଟଙ୍କା, ୨୦୧୯-୨୦ରେ ୭୩ଲକ୍ଷ ୭୫ହଜାର ୪୪୮ ଟଙ୍କା ହେରଫେର୍ କରାଯାଇଥିବା ଅଡିଟ୍ ରିପୋର୍ଟରେ ଦର୍ଶାଯାଇଛି। ଏସବୁ ଅର୍ଥ ଭରଣା କରିବାକୁ ସୁପାରିସ୍ କରିବା ସହ କେଉଁ ଅଧିକାରୀ କେତେ ଟଙ୍କା ହଡ଼ପ କରିଛନ୍ତି, ତାହାର ତାଲିକା ମଧ୍ୟ କରାଯାଇଛି।

ଅଡିଟ୍‌ରେ ତଞ୍ଚକତା ଧରା ପଡ଼ିବା ପରେ ମଧ୍ୟ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମୟ ଉପଯୋଗୀ ପଦକ୍ଷେପ ନିଆଯାଉ ନାହିଁ। ଫଳରେ ଅର୍ଥ ଭରଣା କରିବା ପୂର୍ବରୁ ବହୁ ଅଧିକାରୀ ଅବସର ନେଇ ସାରିଲେଣି। କିଛି ଅଧ୍ୟାପକ ଓ କର୍ମଚାରୀଙ୍କ ଅନ୍ୟତ୍ର ବଦଳି ମଧ୍ୟ ହୋଇ ସାରିଛି। ହେଲେ ସେମାନଙ୍କ ଠାରୁ ଏହି ଅର୍ଥ ଆଦାୟ କରିବାକୁ କୌଣସି ପଦକ୍ଷେପ ନିଆଯାଉ ନାହିଁ। ଏପରିକି ସେମାନଙ୍କୁ ନୋଅବଜେକସନ୍ ସାର୍ଟିଫିକେଟ୍ (ଏନ୍‌ଓସି) ପ୍ରଦାନ କରାଯାଇଥିବାରୁ ବିନା ଦ୍ୱନ୍ଦ୍ୱରେ ସେମାନେ ପେନସନ୍ ପାଉଛନ୍ତି। ସରକାରୀ ଅର୍ଥ ହେରଫେର କରିବା ପରେ ମଧ୍ୟ ବିଶ୍ୱବିଦ୍ୟାଳୟ ପକ୍ଷରୁ ତାହା ଆଦାୟ କରିବାକୁ କୌଣସି ପଦକ୍ଷେପ ନେଉ ନ ଥିବାରୁ ପୂର୍ବତନ ଛାତ୍ରଛାତ୍ରୀ ଓ ଶିକ୍ଷାବିତ୍‌ମାନେ ଚିନ୍ତା ପ୍ରକଟ କରିଛନ୍ତି। ରାଜ୍ୟର ପ୍ରଥମ ବିଶ୍ୱବିଦ୍ୟାଳୟରେ ମାତ୍ର ୫ ବର୍ଷରେ ଏତେ ପରିମାଣରେ ଟଙ୍କା ହଡ଼ପ ହେଉଥିବାରୁ କ୍ରମାଗତ ଭାବେ ଶିକ୍ଷାନୁଷ୍ଠାନର ଶୈକ୍ଷିକ ମାନ ହ୍ରାସ ପାଉଛି। ଏପରିକି ବ୍ୟାପକ ଦୁର୍ନୀତି ହିଁ ଏନ୍‌ଆଇଆର୍‌ଏଫ୍ ଓ ନାକ୍ ପରି ମାନ୍ୟତା ହ୍ରାସ ପାଇବାର ପ୍ରମୁଖ କାରଣ ବୋଲି ଅଭିଯୋଗ ହୋଇଛି।

ସକାଳ THE SAKALA

ଅନୁଗୋଳ

www.sakalaepaper.com

# ଶାନ୍ତିଶୃଙ୍ଖଳାରେ ପୂଜା ସାରିବା ପାଇଁ ପୁଲିସ ପକ୍ଷରୁ ପ୍ରସ୍ତୁତି

ବଇଣ୍ଡା,୧୬।୯(ସମିସ): ଆଗକୁ ପୂଜା ପାର୍ବଣ ଋତୁ ଆସୁଥିବା ବେଳେ କିପରି ଶାନ୍ତିଶୃଙ୍ଖଳାର ସହିତ ପୂଜା ସାରିବ ସେନେଇ ହଣ୍ଡପା ପୁଲିସ ପ୍ରସ୍ତୁତି ଆରମ୍ଭ କରିଛି। ମଙ୍ଗଳବାର ହଣ୍ଡପା ଥାନା ପରିସରରେ ପୁଲିସ ପକ୍ଷରୁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଆଇଆଇସି ନମିତା ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ବଇଣ୍ଡା ହାଇସ୍କୁଲ ରୋଡ୍‌ର ପୂଜା କମିଟିର କର୍ମକର୍ତ୍ତା ଗିରିଶ ଚନ୍ଦ୍ର ବେହେରା, ରାଜେନ୍ଦ୍ର ରାଉତ, ଛବି ପାତ୍ର, ରାକେଶ ମିଶ୍ର, ପ୍ରଦୀପ ସାହୁ, ବିକାଶ ବେହେରାଙ୍କ ସମେତ ପୂଜା କମିଟିର କର୍ମକର୍ତ୍ତାମାନେ ଯୋଗଦେଇଥିଲେ। ଆଗକୁ କିପରି ପୂଜା ଶାନ୍ତିଶୃଙ୍ଖଳାର ସହ ସମାପ୍ତ ହେବ ସେନେଇ ଆଲୋଚନା କରାଯାଇଥିଲା। ଏପରିକି ସମସ୍ତ ସଦସ୍ୟମାନେ ଏଥିପ୍ରତି ଗୁରୁତ୍ୱ ଦେବାକୁ ପୁଲିସ ପରାମର୍ଶ ଦେଇଥିଲା। ଅନ୍ୟପଟରେ ଓଡିଶା ପୁଲିସ ଡିଜିଙ୍କ ଥିବା ନିର୍ଦ୍ଦେଶ ଯାହାକି ବେଆଇନ ଭାବରେ ଚାନ୍ଦା ନ ମାଗିବା ପାଇ ମଧ ପୂଜା କମିଟିର କର୍ମକର୍ତ୍ତାମାନଙ୍କୁ ସୂଚନା ଦିଆଯାଇଛି। ସମସ୍ତଙ୍କର ସହଯୋଗ ପୁଲିସ ଲୋଡ଼ିଛି।

# ବିଲେଇନାଳୀ ପଞ୍ଚାୟତରେ ଜନଶୁଣାଣି



କିଶୋରନଗର,୧୬।୯(ସମିସ): କିଶୋରନଗର ବ୍ଲକ ବିଲେଇନାଳୀ ପଞ୍ଚାୟତରେ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ବିଡିଓ ସୁବ୍ରତ୍ତ କୁମାର ବେହେରା ଯୋଗଦେଇ ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରି ତାର ସମାଧାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ସରପଞ୍ଚ ବବିତା ପ୍ରଧାନ, ସମିତି ସଭ୍ୟ ସଂଯୁକ୍ତା ସେଠୀ, ଜିପିଡିଓ ସତ୍ୟପ୍ରିୟ ସାହୁ, ବିଆରସିସି ଜବାହରଲାଲ ପ୍ରଧାନ, ଆରଡବ୍ଲୁଏସ କନିଷ୍ଠ ଯନ୍ତ୍ରୀ ମନୋରଞ୍ଜନ ପ୍ରଧାନ, ଡିଇଓ(ଆରସିଏମ୍) ସରୋଜ ପ୍ରଧାନ, ବିଏସଏସ ଓ ଝସକେତନ ସାହୁ, ଏଲ ଏସ୍ ହଣ୍ଡପା ର ରେଣୁବାଳା ବେହେରା, ଡାକ୍ତର ବିଘ୍ନେଶ ସେଠୀ, ପ୍ରମୁଖ ସମସ୍ତ ଲାଇନ ଡିପାର୍ଟମେଣ୍ଟ ର ଅଧିକାରୀ ଉପସ୍ଥିତ ଥିଲେ।

# ଜିଲ୍ଲା କାର୍ଯ୍ୟାଳୟରେ ଅଭିଯୋଗ ଶୁଣାଣି

ଅନୁଗୋଳ,୧୬।୯(ସମିସ): ଜିଲ୍ଲା କାର୍ଯ୍ୟାଳୟଠାରେ ଅନୁଗୋଳ ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟଙ୍କ ଅଧକ୍ଷତାରେ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ୩୪ଟି ଅଭିଯୋଗ ଗ୍ରହଣ କରାଯାଇଥିଲା। ସେଥିମଧ୍ୟରୁ ୩୩ଟି ବ୍ୟକ୍ତିଗତ ଓ ୧ଟି ଗ୍ରାମ୍ୟଭିତ୍ତିକ ଅଭିଯୋଗର ଶୁଣାଣି ହୋଇଥିବା ବେଳେ ୪ଟି ଅଭିଯୋଗର ତୁରନ୍ତ ଫଇସଲା କରାଯାଇଥିଲା। ୪ ଜଣଙ୍କୁ ରେଡକ୍ରସ ପାଣ୍ଠିରୁ ୨୨ ହଜାର ୫୦୦ ଓ ୧ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫପାଣ୍ଠିରୁ ୫ ହଜାର ଟଙ୍କା ଚିକିତ୍ସା ସହାୟତା ରାଶି ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ବିଭିନ୍ନ ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀମାନେ ଯୋଗଦେଇଥିଲେ। ଶିବିରକୁ ଆସିଥିବା ଲୋକମାନେ ଗ୍ରାମ୍ୟ ସମସ୍ୟା, ସ୍ୱାସ୍ଥ୍ୟ, ଗ୍ରାମୀଣ ଆବାସ, ଜମିଜମା ସମ୍ବନ୍ଧୀୟ, ବ୍ୟକ୍ତିଗତ ସମସ୍ୟାସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ।

# ଜିଲ୍ଲାସ୍ତରୀୟ ଜନଶୁଣାଣି କାର୍ଯ୍ୟକ୍ରମ




ଅନୁଗୋଳ,୧୬।୯(ସମିସ): ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ରଙ୍କ ଅଧକ୍ଷତାରେ ବଣ୍ଟରପାଳ ବ୍ଲକ୍ କାର୍ଯ୍ୟାଳୟରେ ସୋମବାର ଜିଲ୍ଲାସ୍ତରୀୟ ଜନଶୁଣାଣି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏଥିରେ ସମୁଦାୟ ୩୧ ଅଭିଯୋଗ ଗ୍ରହଣ କରାଯାଇଥିଲା। ସେଥିମଧ୍ୟରୁ ୨୮ଟି ବ୍ୟକ୍ତିଗତ ଓ ୩ଟି ସାମୂହିକ ଅଭିଯୋଗର ଶୁଣାଣି ହୋଇଥିଲା। ୪ ଅଭିଯୋଗର ତତ୍କାଳ ଫଇସଲା କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥାକାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଦେବଦତ୍ତ ମହନ୍ତ, ବଣ୍ଟରପାଳ ଗୋଷ୍ଠୀ ଉନ୍ନୟନ ଅଧିକାରୀଶ୍ରୀ ଲୋଚନ ଦାସ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁ, ଜିଲ୍ଲା ସମାଜ ମଙ୍ଗଳଅଧିକାରିଣୀ ନିରୁପମା ପାଣି,ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ଶ୍ରୀ ଉମା ଶଙ୍କର ମିଶ୍ର, ଉପ-ନିର୍ଦ୍ଦେଶକ ଉଦ୍ୟାନ ଶ୍ରୀ ଅମ୍ବର ଲୁଗୁନ୍,ଜିଲ୍ଲା ମୁଖ୍ୟପ୍ରାଣୀ ଚିକିତ୍ସା ଅଧିକାରୀ ଡ.ନିରୋଦଦାସଙ୍କ ସମେତ ବିଭିନ୍ନ ଜିଲ୍ଲାସ୍ତରୀୟ ଓ ବ୍ଲକ୍‌ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ। ଏହି ଶିବିରକୁ ଆସିଥୁବା ଲୋକମାନେ ଗ୍ରାମ୍ୟ ସମସ୍ୟା, ସ୍ୱାସ୍ଥ୍ୟ, ଗ୍ରାମୀଣ ଆବାସ, ଜମିଜମାସମ୍ବନ୍ଧୀୟ,ବ୍ୟକ୍ତିଗତ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ।

# ଦେବଶିଳ୍ପୀଙ୍କ ଆଗମନ ପାଇଁ ଉତ୍ସବମୁଖର ନାଲ୍‌କୋନଗର

ଅନୁଗୋଳ,୧୬।୯(ସମିସ)





ପୌରାଣିକ, ଆଧ୍ୟାତ୍ମିକ ଓ ସାଂସ୍କୃତିକ ବାତାବରଣରେ ପ୍ରଭୁ ବିଶ୍ୱକର୍ମାଙ୍କ ପୂଜା ବୁଧବାରଠାରୁ ଆରମ୍ଭ ହେଉଛି। ଦେବଶିଳ୍ପୀଙ୍କ ଆଗମନ ପାଇଁ ରଙ୍ଗୀନ ଆଲୋକମାଳାରେ ସୁଉଚ୍ଚ ତୋରଣ ନାଲକୋନଗରକୁ ଉତ୍ସବ ମୁଖର କରୁଛି।

**● ରଙ୍ଗିନ ଆଲୋକମାଳାରେ ଝଲସୁଛି ସୁଉଚ୍ଚ ତୋରଣ**
**● ୧୯ଟି ପୂଜାମଣ୍ଡପରେ ପୂଜାପାଇବେ ବିଶ୍ୱବିନ୍ଧାଣି**

ପ୍ରାୟ ଚାରିଦଶନ୍ଧି ହେବ ନାଲକୋନଗରରେ ବିଶ୍ୱକର୍ମା ପୂଜା ଆଖପାଖ ଅଞ୍ଚଳରେ ପ୍ରସିଦ୍ଧ ଲାଭ କରିଛି। ଚଳିତ ବର୍ଷ ବଡ଼ ଉତ୍କଣ୍ଠା ସହ ପାଳନ ହେବାକୁ ଯାଉଛି ପ୍ରଭୁ ବିଶ୍ୱକର୍ମାଙ୍କ ପୂଜା। ବିଶ୍ୱବିନ୍ଧାଣି ଦେବଶିଳ୍ପୀଙ୍କ ଜୟନ୍ତୀ ଉତ୍ସବ ନାଲକୋ ନଗରରେ ଧୁମଧାମରେ ପାଳନ ହେବାକୁ ୧୯ଟି ପୂଜା ମଣ୍ଡପରେ ମହାଆଡମ୍ବର ପ୍ରସ୍ତୁତି ହୋଇସାରିଛି। ୧୭ତାରିଖରୁ ପୂଜା ଆରମ୍ଭ ହୋଇ ୨୪ ତାରିଖରେ ଭସାଣି ଉତ୍ସବ ଅନୁଷ୍ଠିତ ହେବ। ନାଲକୋ ସ୍ମେଲଟର ଓ ସିପିପି ପ୍ଲାଣ୍ଟର ବିଭିନ୍ନ ବିଭାଗର ପୂଜାମଣ୍ଡପରେ କମିଟି କର୍ମକର୍ତ୍ତାଙ୍କ ପ୍ରତିଯୋଗିତା ମନୋବୃତ୍ତି ନେଇ ଭିନ୍ନଭିନ୍ନ ଢାଞ୍ଚାରେ ଆକର୍ଷଣୀୟ ମେଢ ସାଜସଜ୍ଜା ଓ ସୁଉଚ୍ଚ ତୋରଣ ଏବଂ ରଙ୍ଗୀନ ଆଲୋକମାଳାରେ ନାଲକୋ ନଗର ଝଲସି ଉଠୁଛି। କୋ-ଅପରେଟିଭ ମାର୍କେଟ ଦେଇ ତାରିଣୀ ଛକଠାରୁ କଲ୍ୟାଣମଣ୍ଡପ ଯାଏ ରାସ୍ତାର ଗୋଟିଏ ପାଶ୍ୱର୍ରେ ନାଲକୋ କଣ୍ଟ୍ରାକ୍ଟର ଆସୋସିଏସନ ପୂଜାମଣ୍ଡପ ସମେତ ୧୯ଟି ମଣ୍ଡପ ଶୋଭାପାଉଛି। ପଟଲାଇନ, କାଷ୍ଟ ହାଉସ (ଏ), କାଷ୍ଟ ହାଉସ(ବି), ପଟଲାଇନ (ଇଲେକ୍ଟ୍ରିକାଲ), ରଡିଂସପ (୧), ସିପିପି (ଇଲେକ୍ଟ୍ରିକାଲ), ସିପିପି (ଅପରେସନ), ସିପିପି (ସିଏଚପି), ମେଟେରିଆଲ, କାର୍ବନ ଏରିଆ ଗ୍ରୀନ ଆନୋଡ଼, କାର୍ବନ ଏରିଆ ବେକ ଅଭେନ, ରୋଲିଂପ୍ଲାଣ୍ଟ, କାର୍ବନ ଏରିଆ (ଇଲେକ୍ଟ୍ରିକାଲ), ରୋଡିଂସପ (୨), ମୋବାଇଲ ଇକ୍ୟୁପମେଣ୍ଟ ସପ, କାର୍ବନ ଏରିଆ ମେକାନିକାଲ, ସିଭିଲ ମେଣ୍ଟେନାନ୍ସ, ଟାଉନସିପ ୨୨୦ କେଭି ଇଲେକ୍ଟ୍ରିକାଲ, କଣ୍ଟ୍ରାକ୍ଟର ଆସୋସିଏସନ ପ୍ରଭୃତି ପୂଜାମଣ୍ଡପରେ ବୁଧବାର ପୂର୍ବାହ୍ନରୁ ଦେବଶିଳ୍ପୀ ବିଶ୍ୱବିନ୍ଧାଣି ବିଶ୍ୱକର୍ମାଙ୍କ ପୂଜା ନୀତିକାନ୍ତିରେ ଆରମ୍ଭ ହେବ। ୭ଦିନ ବ୍ୟାପି ଏହି ପୂଜା ସମାରୋହରେ ଚଳିତ ବର୍ଷ ନୂଆ ଗୁଣ୍ଡିଚା ମନ୍ଦିରପଡ଼ିଆରେ ଦୋଳି ଓ କଲ୍ୟାଣମଣ୍ଡପ ନିକଟ ପଡ଼ିଆରେ ମୀନାବଜାରରେ ସ୍ୱତନ୍ତ୍ର ଖାଦ୍ୟ ପସରା ଓ ମନୋହରି ସାମଗ୍ରୀର ଦୋକାନ ବଜାର କରାଯାଇଛି।

ପୂଜା ସମାରୋହରେ ଜନ ସମାବେଶକୁ ଦୃଷ୍ଟିରେ ରଖି ନାଲକୋ ପ୍ରଶାସନ ପକ୍ଷରୁ ଟାଉନସିପର ପରିମଳ ବ୍ୟବସ୍ଥାରେ ସଫେଇ କର୍ମଚାରୀମାନେ ସମଗ୍ର ଟାଉନ ସିପ, ନାଳନର୍ଦ୍ଦମା, ରାସ୍ତାଘାଟ ଆଦି ଅଞ୍ଚଳରେ ବ୍ଲିଚିଂ ପାଉଡର ପକାଇ ସଫେଇ କରାଯାଉଛି। ଖାଲଖମା ରାସ୍ତାକୁ ମରାମତି କରାଯାଉଛି। ଶୃଙ୍ଖଳିତ ଭାବେ ଉତ୍ସବ ପାଳନକୁ ନାଲକୋ ପ୍ରଶାସନ, ଇଷ୍ଟେଟ ବିଭାଗ, ୱେଲଫେୟାର କମିଟି, ମାସାଧିକ ପୂର୍ବରୁ ପ୍ରସ୍ତୁତି ଜାରି ରଖିଛନ୍ତି। ମଙ୍ଗଳବାର ସନ୍ଧ୍ୟା ସୁଦ୍ଧା ଦୋକାନୀ ବ୍ୟବସାୟୀ ମାନେ ପ୍ରାୟ ପହଞ୍ଚିଛନ୍ତି। ଶୃଙ୍ଖଳା ରକ୍ଷା କରିବା ଦିଗରେ ନାଲକୋ ଥାନା ପୁଲିସ ପକ୍ଷରୁ ଟାଉନସିପକୁ ତୀକ୍ଷ୍ଣ ନଜର ରଖିଛନ୍ତି। ସିସିଟିଭି କ୍ୟାମେରା ଖଞ୍ଜା ଯାଇଛି। ତାରିଣୀ ମନ୍ଦିର ଛକ ଠାରେ ମୁଖ୍ୟ ପୁଲିସ କଣ୍ଟ୍ରୋଲ ରୁମ ତଥା ସୂଚନା କେନ୍ଦ୍ର ହୋଇଛି। ନାଲକୋ ଘରୋଇ ସିକ୍ୟୁରୀଟି କର୍ମଚାରୀ, ନାଲକୋ ଦମକଳ ବାହିନୀ, ଅନୁଗୁଳ ଦମକଳ ବାହିନୀଙ୍କୁ ଉତ୍ସବର ପୂଜାଞ୍ଚଳ, ମୀନାବଜାର, ପଲ୍ଲୀଶ୍ରୀ ମେଳା ପ୍ରଭୃତି ଅଞ୍ଚଳରେ ନିୟୋଜିତ କରାଯାଇଛି।

# ଜିଲ୍ଲା ଖଣିଜ ପ୍ରତିଷ୍ଠାନର ଟ୍ରଷ୍ଟ ବୋର୍ଡ ବୈଠକ




ଅନୁଗୋଳ,୧୬।୯(ସମିସ)

ଜିଲ୍ଲା ଖଣିଜ ପ୍ରତିଷ୍ଠାନ ଅନୁଗୋଳର ୧୧ତମ ଟ୍ରଷ୍ଟ ବୋର୍ଡ ବୈଠକ ଜିଲ୍ଲାପାଳ ତଥା ଖଣିଜ ପ୍ରତିଷ୍ଠାନର ଅଧକ୍ଷ ଅବଦାଲ୍ ମୁହମ୍ମଦ୍ ଅଖତରଙ୍କ ଅଧକ୍ଷତାରେ ଜିଲ୍ଲାକାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ସମ୍ବଲପୁର ସାଂସଦ ତଥା କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗଦେଇ ଜନସାଧାରଣଙ୍କ ସ୍ୱାର୍ଥ ପାଇଁ ଉନ୍ନୟନ କାର୍ଯ୍ୟ ଓ କଲ୍ୟାଣକାରୀ ପ୍ରକଳ୍ପ ସମ୍ପର୍କରେ ଆଲୋଚନା କରିଥିଲେ। ଜିଲ୍ଲାପାଳ ସମସ୍ତଙ୍କୁ ସ୍ୱାଗତ କରିବା ସହିତ ଜିଲ୍ଲା ଖଣିଜ ପ୍ରତିଷ୍ଠାନ ଅନୁଗୋଳର ୨୦୧୬ ମସିହାରୁ ୨୦୨୫ ମସିହା ପର୍ଯ୍ୟନ୍ତ ହୋଇଥିବା ସମସ୍ତ ଆୟ ଓ ବ୍ୟୟ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ବିଭିନ୍ନ ପ୍ରକଳ୍ପରେ ହୋଇଥିବା କାର୍ଯ୍ୟ ସମ୍ପର୍କରେ ମଧ ବିସ୍ତୃତ ବିବରଣୀ ପ୍ରଦାନ କରିଥିଲେ। ବୈଠକରେ ଡିଏମ୍‌ଏଫ୍ ପାଣ୍ଠିରୁ ହୋଇଥିବା ଅର୍ଥ ବିନିଯୋଗ ତଥା ପାନୀୟଜଳ, ସ୍ୱାସ୍ଥ୍ୟ, ଶିକ୍ଷା, ଦକ୍ଷତା ବିକାଶ, ଆନୁଷଙ୍ଗିକ ଭିତ୍ତିଭୂମି, ପରିବେଶ ସୁରକ୍ଷା, ଗମନାଗମନ ଭଳି ବିଭିନ୍ନ କ୍ଷେତ୍ରରେ ଉନ୍ନତିମୂଳକ କାର୍ଯ୍ୟ ସମ୍ପର୍କରେ ଆଲୋଚନା ହୋଇଥିଲା। ବୈଠକରେ ଆଗାମୀ ଦିନରେ ଗ୍ରାମୀଣ ଅଞ୍ଚଳରେ ପାନୀୟ ଜଳ ସୁବିଧା, ସ୍ୱଚ୍ଛତା, ଆଲୋକୀକରଣ ଇତ୍ୟାଦି ଜନହିତକର କାର୍ଯ୍ୟକ୍ରମକୁ ପ୍ରାଥମିକତା ଦେବାକୁ ସମ୍ମତି ପ୍ରକାଶ ପାଇଥିଲା। ବୈଠକରେ ଢେଙ୍କାନାଳ ସାଂସଦ ରୁଦ୍ର ନାରାୟଣ ପାଣି, ଅନୁଗୋଳ ବିଧାୟକ ପ୍ରତାପ ଚନ୍ଦ୍ର ପ୍ରଧାନ, ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରା, ପାଲଲହଡା ବିଧାୟକ ଅଶୋକ ମହାନ୍ତି, ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ, ଆଠମଲ୍ଲିକ ବିଧାୟକ ନଳିନୀକାନ୍ତ ପ୍ରଧାନ, ଆରକ୍ଷୀ ଅଧିକ୍ଷକ ରାହୁଲ ଜୈନ, ଆଇଏଏସ୍ ପ୍ରୋବେସନର କସ୍ତୁରୀ ସା, ଅତିରିକ୍ତ ଜିଲ୍ଲାପାଳ ଉଦୟ କୁମାର ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଦେବଦତ୍ତ ମହନ୍ତ, ତାଳଚେର ଉପଜିଲ୍ଲାପାଳ ସମୀର କୁମାର ଜେନା, ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀ, ଜିଲ୍ଲା ପରିଷଦ ସଦସ୍ୟ ଏବଂ ଗଣମାଧ୍ୟମର ପ୍ରତିନିଧି ପ୍ରମୁଖ ଯୋଗଦେଇଥିଲେ।

# ଠାକୁର ଅନୁକୂଳ ଚନ୍ଦ୍ରଙ୍କ ଜନ୍ମତିଥି ପାଳିତ

ବଇଣ୍ଡା,୧୬।୯(ସମିସ): କିଶୋର ନଗର ବ୍ଲକ ଅନ୍ତର୍ଗତ ବଇଣ୍ଡା ସତସଙ୍ଗ କେନ୍ଦ୍ର ଆନୁକୁଲ୍ୟରେ ଶ୍ରୀ ଶ୍ରୀଠାକୁର ଅନୁକୂଳ ଚନ୍ଦ୍ରଙ୍କର ୧୩୮ ତମ ଜନ୍ମ ଜୟନ୍ତୀ ସତସଙ୍ଗ ପରିସରରେ ଅନୁଷ୍ଠିତ ହୋଇଯାଇଛି। ପ୍ରାତଃରୁ ଉଷାକୀର୍ତ୍ତନ, ସକାଳ ୭ଟା ୫ରେ ଜନ୍ମଲଗ୍ନ ଘୋଷଣ ସହିତ ମାତୃ ସମ୍ମିଳନୀ ଓ ମଧ୍ୟାହ୍ନରେ ସତସଙ୍ଗ ଅଧିବେସନ ଅନୁଷ୍ଠିତ ହୋଇଥିଲା। ଯାଜକ ପୂର୍ଣ୍ଣେନ୍ଦୁ ଶେଖର ଦେହୁରୀ ପ୍ରାରମ୍ଭିକ ସୂଚନା ଦେଇଥିଲେ। ବୌଦ୍ଧ ସତସଙ୍ଗ କେନ୍ଦ୍ରର ଋତିକ୍ ପବିତ୍ର ମୋହନ ମିଶ୍ର ଯୋଗଦେଇ ଠାକୁରଙ୍କର ଭାବ ଓ ଆଦର୍ଶ ଉପରେ ଗୁରୁଭାଇ ଓ ମାଆମାନଙ୍କୁ ଅନୁପ୍ରାଣିତ କରିଥିଲେ। "ପ୍ରେମୀର ସଙ୍ଗକର ସେ ଆପଣା ଛାଏଁ ଭଲ ପାଇବେ। ଏହି ବାଣୀକୁ ନେଇ ଆଲୋଚନା କରିଥିଲେ। କୀର୍ତ୍ତନ ମାଧମରେ ଶ୍ରଦ୍ଧେୟ ଅଲେଖ ଭାଇ ସମସ୍ତଙ୍କୁ ଆପ୍ୟାୟିତ କରିଥିଲେ। ସଂଘମିତ୍ରା ମହାପାତ୍ର, ବିଷ୍ଣୁପ୍ରିୟା ଦାସ, ବୀରବର ଶତପଥୀ ଭଜନ ପରିବେଷଣ କରିଥିଲେ। କେନ୍ଦ୍ରର ବରିଷ୍ଠ ଗୁରୁ ଭାଇ ବିଚିତ୍ରାନନ୍ଦ ସାହୁ, କୃଷ୍ଣଚନ୍ଦ୍ର ପ୍ରଧାନ, ଶ୍ରୀଧର ବେହେରା, ଉପଦେଷ୍ଟା ରଞ୍ଜିତ ପଟ୍ଟନାୟକ, ଅରବିନ୍ଦ ସାହୁ, ଶ୍ରୀନିବାସ ବିଶ୍ୱାଳ, ମହେଶ ସାହା, ମନୋଜ ବେହେରା, ସଚିଦା ନନ୍ଦ ବେହେରା, ବଂଶୀଧର ଦେହୁରୀ, ସୂର୍ଯ୍ୟକାନ୍ତ ବିଶ୍ୱାଳ ପ୍ରମୁଖ କାର୍ଯ୍ୟକ୍ରମକୁ ସହଯୋଗ କରିଥିଲେ।

# ଦମ୍ପତିଙ୍କୁ ଆକ୍ରମଣ ଅଭିଯୋଗ

ବଇଣ୍ଡା,୧୬।୯(ସମିସ): ଅନୁଗୋଳ ଜିଲ୍ଲା ଠାକୁରଗଡ଼ ଥାନା ଝାର ବଇଣ୍ଡା ଗ୍ରାମର ମମତା ସିଠ ଓ ତାଙ୍କ ସ୍ୱାମୀ ଅନାଦି ସିଠଙ୍କୁ ଧୂଣ୍ଡି ଗ୍ରାମର ୩ ଜଣ ଯୁବକ ଆକ୍ରମଣ କରିଥିବା ନେଇ ଥାନାରେ ଅଭିଯୋଗ ହୋଇଛି। ମମତାଙ୍କ ଅଭିଯୋଗକୁ ଭିତ୍ତି କରି ଠାକୁରଗଡ଼ ଥାନା ପୁଲିସ ମାମଲା ରୁଜୁ କରିଛି। ପୁଲିସ କହିଛି ଯେ, ଉଭୟ ଦମ୍ପତି ତାଙ୍କ ଝାର ବଇଣ୍ଡା ନିକଟରେ ଦେଇଥିବା ହୋଟେଲ ଥିବା ବେଳେ ଧୂଣ୍ଡି ଗ୍ରାମର ୩ ଜଣ ଯୁବକ ଆସି ତାଙ୍କୁ ମାଛ ମାଗିଥିଲେ। ପରେ ମାଛଗୁଡିକ ଖରାପ କହିକି ତାଙ୍କୁ ମାଡ଼ ମାରିବା ସହ ହତ୍ୟା ଧମକ ଦେଇଥିବା ଅଭିଯୋଗପତ୍ରରେ ଉଲେଖ କରାଯାଇଛି।

# ୨୪ ମହିଳା ପ୍ରଶିକ୍ଷାର୍ଥୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ

ଅନୁଗୋଳ,୧୬।୯(ସମିସ): କେନ୍ଦ୍ରଶିକ୍ଷା ମନ୍ତ୍ରୀ ତଥା ସାଂସଦ ସମ୍ବଲପୁର ଧର୍ମେନ୍ଦ୍ର ପ୍ରଧାନ ନୂଆ ଓଡିଶା ଯୋଜନା ଅଧୀନରେ ମୋବାଇଲ୍ ଫୋନ୍ ହାର୍ଡୱେର୍ ମରାମତିରେ ତାଲିମପ୍ରାପ୍ତ ୨୪ ଜଣ ମହିଳା ପ୍ରଶିକ୍ଷାର୍ଥୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରିଛନ୍ତି। ଏହି ତାଲିମ କାର୍ଯ୍ୟକ୍ରମ ଜିଲ୍ଲା ପ୍ରଶାସନ, ଅନୁଗୋଳ ଏବଂ ସ୍କିଲ୍ କନେକ୍ଟ ସର୍ଭିସେସ୍ ସହଯୋଗରେ ସ୍କିଲ୍ ଡେଭଲପମେଣ୍ଟ ସେଣ୍ଟର, ଚନ୍ଦ୍ରବାହାଲ, ଅନୁଗୋଳରେ କାର୍ଯ୍ୟକାରୀ ହେଉଛି। ତାଲିମ ସମାପ୍ତ ହେବା ପରେ ପ୍ରଶିକ୍ଷାର୍ଥୀମାନେ ଟାଟା ଇଲେକ୍ଟ୍ରୋନିକ୍ସ ସିଷ୍ଟମ୍ ସଲ୍ୟୁସନ୍ସ ପ୍ରାଇଭେଟ୍ ଲିମିଟେଡ୍‌ରେ ଯୋଗଦେବେ।




# ଏମ୍‌ସିଏଲ୍‌ର ଆର୍‌ପିଡିଏସି ବୈଠକ

ଅନୁଗୋଳ,୧୬।୯(ସମିସ)

ମହାନଦୀ କୋଇଲା ଖଣି ସଂସ୍ଥା (ଏମ୍‌ସିଏଲ୍) ର ୧୫ ତମ ଥଇଥାନଓ ପାରିପାଶ୍ୱର୍କ ଉନ୍ନୟନ ପରାମର୍ଶଦାତା କମିଟି ବୈଠକ ଉତ୍ତରାଞ୍ଚଳ ରାଜସ୍ୱ କମିଶନର ସଚିନ୍ ରାମଚନ୍ଦ୍ରଯାଦବଙ୍କ ଅଧକ୍ଷତାରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ର ଶିକ୍ଷାମନ୍ତ୍ରୀ ତଥା ସାଂସଦ, ସମ୍ବଲପୁର ଧର୍ମେନ୍ଦ୍ର ପ୍ରଧାନ ଯୋଗଦେଇ ଜମି ଅଧିଗ୍ରହଣ ବ୍ୟବସ୍ଥାକୁ ଲୋକାଭିମୁଖୀ କରିବା ସହିତ ଲୋକମାନେ ଯେପରି ଉପଯୁକ୍ତ କ୍ଷତିପୂରଣ ଓ ଥଇଥାନ ପାଇପାରିବେ ସେନେଇ ଗୁରୁତ୍ୱାରୋପ କରିଥିଲେ। ଜିଲ୍ଲାପାଳ ଅବଦାଲ୍ ମୁହମ୍ମଦ ଅଖତର ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। ବୈଠକରେ ମୋଟ ୧୭ଟି ବିଷୟ ଉପରେ ଆଲୋଚନା ହୋଇଥିଲା। ତାଳଚେର, କଣିହାଁ ଓ ଛେଣ୍ଡିପଦା ଅଞ୍ଚଳରେ ଏମ୍‌ସିଏଲ୍ ପ୍ରକଳ୍ପ ପାଇଁ ବିସ୍ଥାପିତ ହୋଇଥିବା ଗ୍ରାମବାସୀଙ୍କର ବିଭିନ୍ନ ସମସ୍ୟାର ସମାଧାନ ଏବଂ ପ୍ରଭାବିତ ପରିବାର ଓ ଗ୍ରାମଗୁଡିକର ସାମଗ୍ରିକ ବିକାଶ ସୁନିଶ୍ଚିତ କରିବା ପାଇଁ କଲ୍ୟାଣକାରୀ ଯୋଜନାର କାର୍ଯ୍ୟାନ୍ୱୟନ, ଭିତ୍ତିଭୂମୀ ବିକାଶ, ଜିବୀକା ସହାୟତା ଏବଂ ଅନ୍ୟାନ୍ୟ ପଦକ୍ଷେପ




ସମ୍ପର୍କରେ ବୈଠକରେ ଅଲୋଚନା ହୋଇଥିଲା। ସେହିପରି ଆର୍‌ପିଡିଏସି ବୈଠକକୁ ନିୟମିତ ବ୍ୟବଧାନରେ ଆୟୋଜନ କରାଯିବାକୁ କେନ୍ଦ୍ରମନ୍ତ୍ରୀ ପ୍ରସ୍ତାବ ଦେଇଥିଲେ। ବିସ୍ଥାପିତମାନଙ୍କ ଦାବିକୁ ସକାରାତ୍ମକ ଭାବେ ବିଚାରକୁ ନେବା ପାଇଁ କେନ୍ଦ୍ରମନ୍ତ୍ରୀ ଅଧିକାରୀ ଓ ଏମ୍‌ସିଏଲ୍ କର୍ତ୍ତୃପକ୍ଷକୁ କହିଥିଲେ। ବୈଠକରେ ଢେଙ୍କାନାଳ ସାଂସଦ ରୁଦ୍ର ନାରାୟଣ ପାଣି, ଛେଣ୍ଡିପଦା ବିଧାୟକ ଅଗସ୍ତି ବେହେରା, ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ, ଜିଲ୍ଲା ପରିଷଦ ଅଧକ୍ଷା ବବିତା ପ୍ରଧାନ, ଆରକ୍ଷୀ ଅଧିକ୍ଷକ ରାହୁଲ ଜୈନ, ଆଇଏଏସ୍ ପ୍ରୋବେସନର କସ୍ତୁରୀ ସା, ଅତିରିକ୍ତ ଜିଲ୍ଲାପାଳ ଉଦୟକୁମାର ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ, ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ଦେବଦତ୍ତ ମହନ୍ତ, ତାଳଚେର ଉପଜିଲ୍ଲାପାଳ ସମୀରକୁମାର ଜେନା, ଅନୁଗୋଳ ଉପଜିଲ୍ଲାପାଳ ମାୟାଧର ବେହେରା, ସ୍ୱତନ୍ତ୍ର ଭୂଅର୍ଜନ ଅଧିକାରୀ ପ୍ରତାପ ପ୍ରଧାନ, ତାଳଚେର, କଣିହାଁ ଓ ଛେଣ୍ଡିପଦା ପଞ୍ଚାୟତ ସମିତି ଅଧକ୍ଷ, ବିସ୍ଥାପିତ ପରିବାରଙ୍କ ପ୍ରତିନିଧି, ଏମ୍‌ସିଏଲ୍ କର୍ତ୍ତୃପକ୍ଷ ପ୍ରମୁଖ ବୈଠକରେ ଯୋଗଦେଇଥିଲେ। ଶେଷରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ମହାପାତ୍ର ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# 'ମାନସିକ ଚାପର କାରଣ ଓ ନିରାକରଣ' ବିଷୟରେ ସଚେତନତା କର୍ମଶାଳା

ଅନୁଗୋଳ,୧୬।୯(ସମିସ)





ଅନୁଗୋଳର ପ୍ରତିଷ୍ଠିତ ଏନ୍‌ଜିଓ ଚେତନା ମିଶନ ଫାଉଣ୍ଡେସନ୍ ଦ୍ୱାରା ଭାରତ ସରକାରଙ୍କ ଅଟୋମିକ ଏନର୍ଜି ସମ୍ପୃକ୍ତ ତାଳଚେରସ୍ଥିତ ଭାରି ଜଳ ପ୍ରକଳ୍ପ (ହେଭି ୱାଟର ପ୍ଲାଣ୍ଟ) ପରିସରରେ କର୍ମଚାରୀଙ୍କ ନିମନ୍ତେ "ମାନସିକ ଚାପର କାରଣ ଓ ନିରାକରଣ' ବିଷୟରେ ସଚେତନତା କର୍ମଶାଳା ଅନୁଷ୍ଠିତ କରା ଯାଇଥିଲା। ଚେତନା ମିଶନର ପ୍ରତିଷ୍ଠାତ୍ରୀ ବାଣୀ ଦେବ, ବରିଷ୍ଠ ଚିକିତ୍ସକ ତଥା ନାଲକୋ ହସ୍ପିଟାଲର ଅବସରପ୍ରାପ୍ତ ମୁଖ୍ୟ ଡା. ସୁଷମା ଚୌଧୁରୀ, ଅନୁଗୋଳ ଜିଲ୍ଲା ହସ୍ପିଟାଲର ମାନସିକ ରୋଗ ବିଶେଷଜ୍ଞ ଡା. ରଶ୍ମିତା ଭଞ୍ଜଦେଓ ଏହି କାର୍ଯ୍ୟକ୍ରମର ପରିଚାଳନା କରିଥିଲେ। ପ୍ରାରମ୍ଭରେ ହେଭି ୱାଟର ପ୍ଲାଣ୍ଟର ଡାକ୍ତର ଉପିଆର ଗୋଡବଲେ ବକ୍ତାମାନଙ୍କ ପରିଚୟ ପ୍ରଦାନ କରି ଏହାର ଉପଯୋଗୀତା ବିଷୟରେ ସୂଚନା ପ୍ରଦାନ କରିଥିଲେ। ପ୍ଲାଣ୍ଟର ମୁଖ୍ୟ ଓ ଏସଡି ଜୈତୁଲ ହକ ଅତିଥିମାନଙ୍କୁ ସ୍ୱାଗତ ପୂର୍ବକ ପ୍ରୋଗ୍ରାମର ଉପାଦେୟତା ଓ ଆବଶ୍ୟକତା ବିଷୟରେ ସୂଚାଇଥିଲେ।

ପ୍ରଥମେ ଶ୍ରୀମତୀ ବାଣୀ ଦେବ ନିଜ ବକ୍ତବ୍ୟରେ ବର୍ତ୍ତମାନ ସମୟରେ ମାନସିକ ଚାପ ସଚେତନତାର ଆବଶ୍ୟକତା ଓ ଉଦ୍ଦେଶ୍ୟ ବିଷୟରେ ଆଲୋକପାତ କରିଥିଲେ। ଡା. ରଶ୍ମିତା ମାନସିକ ଚାପର କାରଣ, ଏହାଦ୍ୱାରା ହେଉଥିବା ଶାରୀରିକ ଓ ମାନସିକ ପ୍ରତିକ୍ରିୟା, କୁପ୍ରଭାବ, ସମାଜ ଓ ପରିବାର ଉପରେ ପ୍ରଭାବ ଇତ୍ୟାଦି ବିଷୟରେ ବିଷଦ ବିବରଣୀ ପ୍ରଦାନ କରିଥିଲେ। ସହଜ ଉପାୟରେ ଏହାର ନିରାକରଣ, ଚିକିତ୍ସା, ବ୍ୟାୟାମ, ବିଶ୍ରାମ, ନିଜପାଇଁ ସମୟ ସଂରକ୍ଷଣ, ମନୋଭାବର ଆଦାନ ପ୍ରଦାନ ଆଦିର ଗୁରୁତ୍ୱ ବିଷୟରେ ସେ ଆଲୋଚନା କରିଥିଲେ। ମାନସିକ ଚାପର ମାତ୍ରା ସ୍ୱୟଂ ଆକଳନ କରି ସଠିକ ସମୟରେ ବିଶେଷଜ୍ଞ ପରାମର୍ଶ ନେବା ଏବଂ ଆଧୁନିକ ନିଦାନ ଓ ଚିକିତ୍ସା ବିଷୟରେ ସେ ବିଷଦ ବିବରଣୀ ପ୍ରଦାନ କରିଥିଲେ। ଶେଷରେ ଡା. ସୁଷମା ଚୌଧୁରୀ ବିଭିନ୍ନ ମନୋରଞ୍ଜକ କାର୍ଯ୍ୟକ୍ରମ, ବନ୍ଧୁତା, ଉତ୍ତମ ଜୀବନଶୈଳୀ ଓ କର୍ମକ୍ଷେତ୍ରର ଦାୟିତ୍ୱ ସହ ପାରିବାରିକ ତଥା ସାମାଜିକ ଜୀବନର ସଠିକ ପରିଚାଳନା ଦ୍ୱାରା କିଭଳି ମାନସିକ ସନ୍ତୁଳନ ରକ୍ଷା କରାଯାଇପାରେ ସେହି ବିଷୟରେ ଆଲୋଚନା କରିଥିଲେ। ଜୀବନରେ ସଫଳତା ନିମନ୍ତେ ସଠିକ ମାତ୍ରାରେ ମାନସିକ ଚାପ ଆବଶ୍ୟକ ଓ ଏହା ଲକ୍ଷ୍ୟସାଧନରେ କିପରି ସାହାଯ୍ୟ କରେ, ଏକଥା ବୁଝାଇଥିଲେ। ଯେ କୌଣସି କଠିନ ପରିସ୍ଥିତିରେ ବିବ୍ରତ ନ ହୋଇ ଧୈର୍ଯ୍ୟର ସହିତ ଏହାର ଅନୁଶୀଳନ କରି ସମାଧାନର ପନ୍ଥା ବାହାର କରିବା ମନୁଷ୍ୟର କର୍ତ୍ତବ୍ୟ ବୋଲି ସେ ପରାମର୍ଶ ଦେଇଥିଲେ। ସରବଜିତ କୁମାର, କାର୍ଯ୍ୟକ୍ରମର ପରିଚାଳନାରେ ସହାୟତା କରିଥିଲେ। କାର୍ଯ୍ୟକ୍ରମରେ ପ୍ଲାଣ୍ଟର ସମସ୍ତ ବରିଷ୍ଠ କର୍ମକର୍ତ୍ତା ଓ ଅନ୍ୟ କର୍ମଚାରୀ ସକ୍ରିୟ ଅଂଶଗ୍ରହଣ କରି ପ୍ରଶ୍ନୋତ୍ତର ମାଧ୍ୟମରେ ନିଜ ନିଜ ସନ୍ଦେହ ଦୂର କରିଥିଲେ। ଭବିଷ୍ୟତରେ ଏହିଭଳି ଶିକ୍ଷଣୀୟ କାର୍ଯ୍ୟକ୍ରମ ପୁନର୍ବାର କରିବା ନିମନ୍ତେ ଯୋଜନା କରାଯାଇଥିଲା। ଶେଷରେ ଶୈଳେନ୍ଦ୍ର କୁମାର ଧନ୍ୟବାଦ ପ୍ରଦାନ କରିଥିଲେ।

# ଆଇନ ସଚେତନତା ଶିବିର

ଅନୁଗୋଳ,୧୬।୯(ସମିସ): ଜିଲ୍ଲା ଓ ଦୌରାଜଜ୍ ତଥା ଜିଲ୍ଲା ଆଇନସେବା ପ୍ରାଧିକରଣ, ଅନୁଗୋଳର ଅଧକ୍ଷ ଦାମୋଦର ରଥଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲା ଆଇନସେବା ପ୍ରାଧିକରଣ ତରଫରୁ ସ୍ଥାନୀୟ ଛେଳିଆପଡା ପଞ୍ଚାୟତ କାର୍ଯ୍ୟାଳୟରେ ପ୍ରବାସୀ ଶ୍ରମିକଙ୍କ ବିଭିନ୍ନ ଅସୁବିଧା ସମ୍ପର୍କିତ ସଚେତନତା ଶିବିର ଅନୁଷ୍ଠିତ ହୋଇଛି। ଶିବିରରେ ସଚିବ, ଜିଲ୍ଲା ଆଇନସେବା ପ୍ରାଧିକରଣ କମଳାକାନ୍ତ ନାୟକ, ଅତିରିକ୍ତ ଜିଲ୍ଲା ଶ୍ରମ ଅଧିକାରୀ ଦେବପ୍ରସାଦ ମହାନ୍ତି, ଜିଲ୍ଲା ଆଇନସେବା ପ୍ରାଧିକରଣର ସଦସ୍ୟ ପରମାନନ୍ଦ ମିଶ୍ର, ଛେଳିଆପଡା ପଞ୍ଚାୟତର ସରପଞ୍ଚ କୁମାର ମୁଦୁଲି ପ୍ରମୁଖ ଉପସ୍ଥିତ ଥିଲେ। ସମ୍ବିଧାନରେ ସାମାଜିକ ଏବଂ ଆର୍ଥିକସ୍ତରରେ ପଛୁଆ ଥିବା ବ୍ୟକ୍ତିଙ୍କ ମାଗଣାରେ ଆଇନ୍‌ସେବା ଯୋଗାଇ ଦେବାର ବ୍ୟବସ୍ଥା ରହିଛି। ଏହି ସୁବିଧା ଜାତୀୟ, ରାଜ୍ୟ, ଜିଲ୍ଲା ଓ ତାଲୁକ୍‌ସ୍ତରରେ କାର୍ଯ୍ୟ କରୁଥିବା ଆଇନସେବା ପ୍ରାଧିକରଣ ଓ କମିଟି ଦ୍ୱାରା ଯୋଗାଇ ଦିଆଯାଇଥାଏ। ଏହାବ୍ୟତୀତ ଲୋକ ଅଦାଲତ, ମଧ୍ୟସ୍ଥତା ଓ ଆପୋଷ ବୁଝାମଣା ପରି ବିକଳ୍ପ ବିବାଦ ସମାଧାନ ସୂତ୍ର ମାଧ୍ୟମରେ ବିଚାରାଧୀନ ଓ ପ୍ରାକ୍ ମକଦ୍ଦମାସ୍ତରର ବିବାଦର ଆଶୁ, ସହଜ ଓ ସରଳ ସମାଧାନ କରାଯାଏ। ଆମ ଜିଲ୍ଲାରେ ଜନ ଉପଯୋଗୀ ସେବା ସମ୍ବନ୍ଧୀୟ ବିବାଦଗୁଡ଼ିକର ସମାଧାନ ଆପୋଷ ବୁଝାମଣା ଭିତ୍ତିରେ କରିବା ପାଇଁ ସ୍ଥାୟୀ ଲୋକ ଅଦାଲତ, ଅନୁଗୋଳ କାର୍ଯ୍ୟ କରୁଅଛି ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। କାର୍ଯ୍ୟକ୍ରମରେ ୨୦ଜଣ ହିତାଧିକାରୀଙ୍କୁ ଶ୍ରମିକ କାର୍ଡ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ଜିଲ୍ଲା ଆଇନସେବା ପ୍ରାଧିକରଣ, ଅନୁଗୋଳର ପାରାଲିଗାଲ ଭଲାଣ୍ଟିଅର ଗଣ ଓ ଛେଳିଆପଡା ପଞ୍ଚାୟତର ଗ୍ରାମବାସୀ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ସଚିବ, ଜିଲ୍ଲା ଆଇନସେବା ପ୍ରାଧିକରଣ, ଅନୁଗୋଳ ପରିଚାଳନା କରିଥିଲେ।



## ସନରାଇଜ୍ କ୍ଲବ୍ ପକ୍ଷରୁ ସୁବର୍ଣ୍ଣ ଜୟନ୍ତୀ ପ୍ରସ୍ତୁତି



ହିନ୍ଦୋଳ,୧୬।୯(ସମିସ): ସ୍ୱପ୍ନେଶ୍ୱର ମନ୍ଦିର ପରିସରରେ ରାସୋଳ ସନରାଇଜ କ୍ଲବର ସୁବର୍ଣ୍ଣ ଜୟନ୍ତୀ ଉପଲକ୍ଷେ ପ୍ରସ୍ତୁତି ବୈଠକ ସ୍ଥାୟୀ ସଭାପତି ଭାସ୍କର ଚନ୍ଦ୍ର ନାୟକଙ୍କ ନେତୃତ୍ୱରେ ଅନୁଷ୍ଠିତ ହୋଇଯାଇଛି। ସୁବର୍ଣ୍ଣ ଜୟନ୍ତୀ ୩ ଦିନ ଧରି ଡିସେମ୍ବରରେ ହେବାକୁ ସ୍ଥିର କରାଯାଇଛି। ୧୯ ଜଣିଆ କମିଟି ଗଠନ କରାଯାଇଥିବା ବେଳେ ସଭାପତି ଭାବେ ଭାସ୍କର ଚନ୍ଦ୍ର ନାୟକ, ସମ୍ପାଦକ ବିନୟ ସାହୁ, କୋଷାଧ୍ୟକ୍ଷ ରମେଶ ଚନ୍ଦ୍ର ସାହୁ, ପ୍ରଫୁଲ୍ଲ ସାହୁ, ମହେନ୍ଦ୍ର ମିଶ୍ର, ଅଚ୍ୟୁତାନନ୍ଦ ସାହୁ, ଅମିୟ ମିଶ୍ର, ମିହିର ମିଶ୍ର, ରବୀନ୍ଦ୍ର ମହାରଣା, ବିରେନ୍ଦ୍ର ସାହୁ, ସଞ୍ଜୟ ସାହୁ, ରୋହିତ ସାହୁ, ଚନ୍ଦନ ସାହୁ, ମିଥୁନ ବେହେରା, ବସନ୍ତ ସାହୁ, ଅଜିତ ନାୟକ ଓ ଆଇନ ପରାମର୍ଶ ଦାତା ଭାବେ ନବକିଶୋର ସାହୁଙ୍କୁ ମନୋନୀତ କରାଯାଇଛି। ଉତ୍ସବରେ କ୍ରୀଡ଼ା, ସାଂସ୍କୃତିକ କାର୍ଯ୍ୟକ୍ରମ, ବିଭିନ୍ନ ବର୍ଗର ପ୍ରତିଷ୍ଠିତ ବ୍ୟକ୍ତି ବିଶେଷଙ୍କୁ ସମ୍ମାନିତ କରିବା, ନିରାଶ୍ରୟ ଲୋକଙ୍କୁ ଅନ୍ନ-ବସ୍ତ୍ର ଦାନ କରିବା, ବିଭିନ୍ନ ସମାଜର ମୁଖିଆ, ଧର୍ମାନୁଷ୍ଠାନର ମୁଖିଆଙ୍କୁ ସମ୍ମାନିତ କରିବା ଆଦି ଅନେକ କାର୍ଯ୍ୟକ୍ରମ ହେବାକୁ ସ୍ଥିର କରାଯାଇଛି। ବିଭିନ୍ନ ପୀଠରୁ ମଶାଲ ଆଣି ମା' ଦକ୍ଷିଣ କାଳୀ ମନ୍ଦିରରୁ ଘଣ୍ଟ ବାଦ୍ୟ ଓ କୀର୍ତ୍ତନ ମାଧ୍ୟମରେ ନଗର ପରିକ୍ରମା କରି ଖେଳପଡ଼ିଆକୁ ଆଣିବାକୁ ସ୍ଥିର କରାଯାଇଛି। ସମ୍ପାଦକ ବିନୟ ସାହୁ ଧନ୍ୟବାଦ ଦେଇଥିଲେ।

## ଭୂମିହୀନଙ୍କୁ ଭୂମିପ୍ରଦାନ ପାଲଟିଛି ଧୂଆଁବାଣ




ଖଜୁରିଆକଟା,୧୬।୯(ସମିସ): ରାଜ୍ୟରେ ଭୂମିହୀନ କେହି ରହିବେନି, ସମସ୍ତଙ୍କୁ ଜାଗା ଯୋଗାଇ ଦିଆଯିବ ବୋଲି ରାଜସ୍ୱ ମନ୍ତ୍ରୀ ବାରମ୍ବାର ଗଣମାଧ୍ୟମ ସାମ୍ନାରେ କହୁଥିବା ବେଳେ ହିନ୍ଦୋଳ ଉପଖଣ୍ଡରେ କିନ୍ତୁ ତା'ର ଓଲଟା ଦୃଶ୍ୟ ଦେଖିବାକୁ ମିଳୁଛି ବୋଲି ଅଭିଯୋଗ ହେଉଛି। ଭୂମିହୀନ ପ୍ରଜାମାନେ ଜମି ଗୁଣ୍ଠେ ପାଇଁ ବର୍ଷ ବର୍ଷ ଧରି ହିନ୍ଦୋଳ ତହସିଲରେ ଆବେଦନ କରିଥିଲେ ମଧ୍ୟ ଏପର୍ଯ୍ୟନ୍ତ କୌଣସି ଭୂମିହୀନ ପ୍ରଜାଙ୍କୁ ଜମି ପଟ୍ଟା ମିଳିନଥିବା ଅଭିଯୋଗ ହେଉଛି। ଯେତେବେଳେ ବି ଜମି ଗଣ୍ଠେ ପାଇଁ ଆବେଦନ କରିଥିବା ପ୍ରଜାଟିଏ ତହସିଲ ଯାଇ ବୁଝେ, ସେଠାରେ ତାଙ୍କୁ କୁହାଯାଏ କି ପ୍ରକ୍ରିୟା ଚାଲିଛି ଖୁବଶୀଘ୍ର ଦିଆଯିବ। କିନ୍ତୁ ଦୀର୍ଘଦିନ ବିତିଯାଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଭୂମିହୀନ ପ୍ରଜାଙ୍କୁ ଜମି ଖଣ୍ଡେ ମିଳିଲା ନାହିଁ। ଯାହାକୁ ନେଇ ଭୂମିହୀନ ପ୍ରଜାଙ୍କ ମନରେ ଅସନ୍ତୋଷ ତେଜିବାରେ ଲାଗିଛି। ପ୍ରକୃତରେ ଭୂମିହୀନ ପ୍ରଜାଙ୍କୁ ଜମି ଦେବାପାଇଁ ପ୍ରକ୍ରିୟା ଚାଲିଛି। ନା ସେମାନଙ୍କୁ ତହସିଲ ପ୍ରଶାସନ ମିଛ କଥା କହି ଭୂଆଁ ବୁଲାଉଛି ତାକୁ ନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। କେବେ ଭୂମିହୀନ ପ୍ରଜାଙ୍କୁ ଜମି ପଟ୍ଟା ମିଳୁଛି ତାହା ଦେଖିବାକୁ ବାକି ରହିଲା।

## ମହିଳାଙ୍କୁ ଗର୍ଭବତୀ କରିବା ମାମଲାରେ ଜଣେ ଗିରଫ

କାମାକ୍ଷାନଗର,୧୬।୯(ସମିସ): କାମାକ୍ଷାନଗର ଥାନା ଅଞ୍ଚଳରେ ଅଭାବନୀୟ ଘଟଣା ଘଟିଛି। ଜଣେ ମହିଳାଙ୍କୁ ଗର୍ଭବତୀ କରି ଫେରାରଥିବା ବେଳେ ମଙ୍ଗଳବାର ପୁଲିସ ଉକ୍ତ ଯୁବକକୁ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଯୁବକ ଜଣଙ୍କ ହେଲେ ଆଲନ ସୋରେନ(୨୪)। କାମାକ୍ଷାନଗର ଥାନା ପୁଲିସ ମହିଳାଙ୍କ ଅଭିଯୋଗ କ୍ରମେ ଉକ୍ତ ଫେରାର ଯୁବକ ଆଲନଙ୍କୁ ଗିରଫ କରିଥିଲା।

## ମାଛ ମାରିବାକୁ ଯାଇ ହାତୀ ସହ ମୁହାଁମୁହିଁ



ବଅଁରପାଳ,୧୬।୯(ସମିସ): ବଅଁରପାଳ ଥାନା ଅଧୀନ ଝଜିରି ବାହାଳ ଗ୍ରାମରେ ହାତୀ ସହ ମୁହାମୁହିଁ ହୋଇ ଜଣେ ଗୁରୁତର ହୋଇ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି ହୋଇଛନ୍ତି। ଗୁରୁତର ଜଣଙ୍କ ହେଲେ ଝଜିରି ବାହାଳ ଗ୍ରାମର ନକୁଳ ପ୍ରଧାନ। ସକାଳେ ଗୋଟିକିଆ ଦନ୍ତା ହାତୀ ଅଞ୍ଚଳରେ ଘୁରି ବୁଲୁଥିଲା। ସେତିକିବେଳେ ମାଛ ମାରିବାକୁ ନକୁଳ ପୋଖରୀ ଆଡକୁ ଯାଇ ହାତୀସହ ମୁହାଁମୁହିଁ ହୋଇଥିଲେ। ବନ ବିଭାଗ ତାଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଛନ୍ତି। ତାଙ୍କର ହାତ ଏବଂ ଗୋଡ ରେ ଗଭୀର ଆଘାତ ଲାଗି ଥିବା ଜଣା ପଡିଛି। ଗ୍ରାମରେ ଡାକବାଜି ଯନ୍ତ୍ରରେ ଏନେଇ ସୂଚନା ଦିଆଯାଇଥିଲା। ତେବେ ଗ୍ରାମବାସୀଙ୍କ ଅସାବଧାନତାରୁ ଏହିପରି ଅଘଟଣ ଘଟିଛି ବୋଲି ବିଭାଗୀୟ ଅଧିକାରୀ କହିଛନନ୍ତି।

# ଅଣଓଡ଼ିଆ ବ୍ୟବସାୟୀଙ୍କ କବ୍‌ଜାରେ ଅନୁଗୋଳ ସହର

- ଅସ୍ୱାସ୍ଥ୍ୟକର ପରିବେଶରେ ପ୍ରସ୍ତୁତ ଖାଦ୍ୟର ମାନ ହେଉନି ଯାଞ୍ଚ
- ପ୍ରଶାସନର ଦୃଷ୍ଟି ଆଢୁଆଳରେ ଶିଶୁ ଶ୍ରମିକ



ଅନୁଗୋଳ,୧୬।୯(ସମିସ)

ଅନୁଗୋଳ ସହର ତଥା ପୌରାଞ୍ଚଳ ଅଧିବାସୀଙ୍କୁ ସ୍ୱାସ୍ଥ୍ୟ, ପରିମଳ, ଡ୍ରେନ, ରାସ୍ତା, ଷ୍ଟ୍ରିଟ୍‌ଲାଇଟ, ପାର୍କ, ଓପନଜିମ୍, କଲ୍ୟାଣମଣ୍ଡପ, ହାଟବଜାର ପ୍ରଭୃତିକୁ ସୁବ୍ୟବସ୍ଥିତ ଢଙ୍ଗରେ ଯୋଗାଇଦେଇ ଉନ୍ନତ ଜୀବନଶୈଳୀ ଦେବାକୁ ପୌରପାଳିକା ବଦ୍ଧପରିକର। ତେବେ ପୌରପାଳିକାର ଦାୟିତ୍ୱ ନିର୍ବାହ କେଉଁଠି ନା କେଉଁଠି ବ୍ୟତିକ୍ରମ ହେଉଥିବା ମଧ୍ୟ ଅଭିଯୋଗ ହେଉଛି। ଫଳ, ପନିପରିବା, ଠେଲାରେ ଚଟ୍‌ପଟି ଖାଦ୍ୟ, ଚାଟ୍, ଗୁପ୍‌ଚୁପ୍, ଜଳଖିଆ ଦୋକାନୀଙ୍କ ପାଇଁ ଅଧିକ ଆବର୍ଜନା ସୃଷ୍ଟି ହେଉଥିବା ବେଳେ ସହର ସାରା ରାସ୍ତାକଡ଼ରେ ରହି ପୌରପାଳିକାର ସୌନ୍ଦର୍ଯ୍ୟକରଣ ଯୋଜନାରେ ବାଧକ ସାଜିଛନ୍ତି ବୋଲି ଅଭିଯୋଗ ହେଉଛି। ପୌରପାଳିକା ଏଭଳି ଦୋକାନୀମାନଙ୍କୁ ଅଙ୍କୁଶ ଲଗାଇ ପାରୁନି। ଅଣଓଡ଼ିଆ ଫଳ ଦୋକାନୀମାନେ ଅନୁଗୋଳ ବ୍ଲକ୍ ଅଫିସ ସମ୍ମୁଖ ରାସ୍ତା, ଗାର୍ଲସ ହାଇସ୍କୁଲ ସାମ୍ନା, ବଜାର ଛକ, ହରିମହୁରୀ ପ୍ରଭୃତିରେ ଶହେରୁ ଅଧିକ ଠେଲା ଟ୍ରଲିରେ ଫଳ ବିକୁଛନ୍ତି। ସହରରେ ଯେତେ ଶିକ୍ଷାନୁଷ୍ଠାନ ପ୍ରତେକ ଗେଟ୍ ସମ୍ମୁଖରେ ଅଣଓଡ଼ିଆ ଗୁପ୍‌ଚୁପ୍ ବାଲା। ସେଥିରେ ପୁଣି ଅନେକ ନାବାଳକ ଏବଂ ସେମାନେ ଜଣେ ଜଣେ ଶିଶୁ ଶ୍ରମିକ ମଧ୍ୟ। ରାଜ୍ୟର ବିଭିନ୍ନ ସହରରେ ନିକଟ ଅତୀତରେ ଗୁପ୍‌ଚୁପ୍ ଏକ ପ୍ରକାର ଅସ୍ୱାସ୍ଥ୍ୟକାର ଖାଦ୍ୟ ଦର୍ଶାଇ ଦୋକାନୀଙ୍କ ଉପରେ ଚଡଉ କରାଯାଇଥିଲା। ମାତ୍ର ଅନୁଗୋଳ ସହରରେ କେବେ ଖାଦ୍ୟ ସୁରକ୍ଷା ଟାସ୍କଫୋର୍ସ ଟିମ୍‌ର ଚଢ଼ଉ ହୋଇଥିବା ଦେଖାଯାଇନି କିମ୍ବା ଶିଶୁ ଶ୍ରମିକ ନିରୋଧ ଆଇନ ଏ ଅଣଓଡ଼ିଆ ଦୋକାନୀ ଉପରେ ଲାଗୁହୋଇନି ବୋଲି ଅଭିଯୋଗ ହେଉଛି। ପୌରପାଳିକା ପକ୍ଷରୁ ଗତ ୨/୩ମାସ ପୂର୍ବେ ଅନୁଗୋଳ ସହରରେ ହଇଜା ନିରାକରଣମୂଳକ ସଚେତନତା ଅଭିଯାନକୁ ସେମାନେ ମଧ୍ୟ ଏଡ଼ାଇ ଦେଇଥିଲେ। ପ୍ରତିଦିନ ଗୁପ୍‌ଚୁପ୍ ଠେଲା ଦୋକାନ ସହର ସାରା ଘୁରି ବୁଲୁଥିଲା। ପୌରାଞ୍ଚଳ ମୁଖ୍ୟରାସ୍ତା ଉଭୟ ପାଶ୍ୱର୍ ସିମେଣ୍ଟ ଫେବର ଟାଇଲରେ ଆଚ୍ଛାଦିତ କରି ଷ୍ଟ୍ରିଟ ଲାଇଟ ସାଙ୍ଗକୁ ରଙ୍ଗୀନ ଆଲୋକମାଳାରେ ସହର ଝଲସି ଉଠୁଥିବା ବେଳେ ସେଇ ଲାଇଟ ତଳେ ପରିବା ହାଟ। ଯାହାଦ୍ୱାରା ରାସ୍ତା ସଙ୍କୁଚିତ ହେବା ସାଙ୍ଗକୁ ଟ୍ରାଫିକ ସମସ୍ୟା ଓ ପରିମଳ ସୃଷ୍ଟି ଯୋଗୁଁ ଲୋକେ ହନ୍ତସନ୍ତ ହେଉଛନ୍ତି ବୋଲି ଅଭିଯୋଗ ହେଉଛି। କେବଳ ରାସ୍ତାପାଶ୍ୱର୍ ନୁହେଁ କୋର୍ଟକଚେରୀ, ଅଫିସ, ସ୍କୁଲ, ବ୍ୟାଙ୍କ, ଜେଲ, ଭିଆଇପିଙ୍କ ସରକାରୀ କ୍ୱାର୍ଟର ସାମନାରେ ମାଲମାଲ ପାଲ ପକାଇ ପରିବା ବ୍ୟବସାୟୀଙ୍କ ପସରା। କୋଭିଡ-୧୯ ପରଠାରୁ ଏମାନଙ୍କୁ ଆଉ ଉଠାଇପାରୁନି ପୌରପାଳିକା। ପୌରପାଳିକାକୁ ଦୈନିକ ୨୦ଟଙ୍କା ଟିକସ ଦେଇ ଦିନକ ପାଇଁ ଗ୍ୟାରେଣ୍ଟେଡ଼ ଦଖଲ। ସେମାନଙ୍କ ଠାରୁ ଅସୁଲ ହୁଏନି ପରିମଳ ସଫେଇ ବାବଦରେ ଟିକସ ବୋଲି ଅଭିଯୋଗ ହେଉଛି। ମାସିକ ପ୍ରାୟ ୬ଶହ ଟଙ୍କା ଭଡାରେ ପୌରାଞ୍ଚଳରେ ଏକ ପ୍ରକାର ସ୍ଥାୟୀ ଦୋକାନୀ ଭାବେ ସେମାନେ ପରିଚିତ। ଅପର ପକ୍ଷରେ ପୌରାଞ୍ଚଳ ସ୍ଥାୟୀ ଦୋକାନୀଙ୍କ ପାଖରୁ ସଫେଇ ଟିକସ ଆଦାୟ ସାଙ୍ଗକୁ ଉଚ୍ଚାଦରରେ ଭଡା ଅସୁଲ ହେଉଛି ବୋଲି ମଧ୍ୟ ଅଭିଯୋଗ ହେଉଛି। ଉଠା ଦୋକାନୀଙ୍କ ଥଇଥାନ ପାଇଁ ସହରରେ ମିଶ୍ରପଡ଼ା ଛକ, ଇଡ଼କୋ ଛକ, ଶିକ୍ଷକ ପଡ଼ା ଛକ, ଟାଉନ ହାଇସ୍କୁଲ ଛକରେ ଭେଣ୍ଡିଂ ଜୋନ୍ କାମରେ ଆସୁନି। ସହରରେ ବେଆଇନ ଗାଡିପାର୍କିଂ ସାଧାରଣ ଲୋକଙ୍କୁ ବ୍ୟତୀବ୍ୟସ୍ତ କରି ପକାଉଛି। କଲେକ୍ଟ୍ରିଏଟ ସମୁଖ ରାସ୍ତା ନୋ-ପାର୍କିଂ ଜୋନ୍ ସୂଚନାଫଳକକୁ ବିଦ୍ରୁପ କରୁଛି ଦୁଇପାଶ୍ୱର୍ରେ ଲମ୍ବାଧାଡ଼ିରେ କାର୍ ପାର୍କିଂ।

## ଟାଟା ଷ୍ଟିଲ୍ ମେରାମଣ୍ଡଳୀ ପକ୍ଷରୁ ରୂପାନ୍ତରିତ ଅଭିଯାନ



ମେରାମଣ୍ଡଳୀ,୧୬।୯(ସମିସ): ଟାଟା ଷ୍ଟିଲ୍ ମେରାମଣ୍ଡଳୀ (ଟିଏସ୍‌ଏମ୍) ପକ୍ଷରୁ ନବସୃଜନ ଓ କର୍ମକ୍ଷେତ୍ରରେ ସୁରକ୍ଷା ପଦକ୍ଷେପର ଅଂଶ ଭାବେ କୋନାର୍କ ଫର୍ଣ୍ଣେସରେ ଅତ୍ୟାଧୁନିକ ଇଲେକ୍ଟ୍ରିକ୍ ଯାନ ସ୍କ୍ରାପ୍ ଟ୍ରାନ୍ସଫର (କାର ଇଭି-ଏସ୍‌ଟିସି)ର ବ୍ୟବହାର କରାଯାଉଛି। ଏହି ଇସ୍ପାତ ପ୍ରସ୍ତୁତି ଫର୍ଣ୍ଣେସ, ଯାହା ଇଲେକ୍ଟ୍ରିକ ଆର୍କ ଫର୍ଣ୍ଣେସ ଇଏଏଫ ଏବଂ ବେସିକ ଅକ୍ସିଜେନ ଫର୍ଣ୍ଣେସ ବିଓଏଫର ବୈଶିଷ୍ଟ୍ୟକୁ ମିଶ୍ରଣ କରେ। ପାରମ୍ପରିକ ଇଲେକ୍ଟ୍ରିକ କେବୁଲ ରିଲିଂ ମେକାନିଜିମ ଓ ଡିଜେଲ ପରିଚାଳିତ ଯାନକୁ ସ୍ମାର୍ଟ, ସୁରକ୍ଷିତ ଓ ସବୁଜ ବିକଳ୍ପ ଭାବେ ସ୍କ୍ରାପ ପରିଚାଳନା ଦିଗରେ ଏହି ପଦକ୍ଷେପ ଅଗ୍ରଣୀ ରୂପାନ୍ତରିକରଣ ବ୍ୟବସ୍ଥା ଅଟେ। କୋନାର୍କ ଫର୍ଣ୍ଣେସରେ ସ୍କ୍ରାପ ବ୍ୟବହାର ବୃଦ୍ଧି (୦.୫% ରୁ ୧୦% ପର୍ଯ୍ୟନ୍ତ) ହେଲେ ଏହା ବାର୍ଷିକ ୪୭ ଟନ ଅଙ୍ଗାରକାମ୍ଳ ନିର୍ଗମନ ହ୍ରାସ କରି ଟାଟା ଷ୍ଟିଲର ପ୍ରତିବଦ୍ଧତାକୁ ଦୃଢ କରିବ। ଇଭି ଏସଟିସିରେ ଅନେକ ପ୍ରକାରର ଉନ୍ନତ ସୁରକ୍ଷା ବୈଶିଷ୍ଟ୍ୟ ରହିଛି। ଇଭି ଏସଟିସିର ପେଲୋଡ କ୍ଷମତା ହେଉଛି ୧୦୦ ଟନ ଏବଂ ଏହା ପ୍ରତି ମିନିଟରେ ୨୫ରୁ ୩୦ ମିଟର ବେଗରେ ପରିଚାଳିତ ହୋଇପାରିବ। ପରିଚାଳନା ଉତ୍କର୍ଷ ଓ ପରିବେଶ ଦାୟିତ୍ୱ କିଭଳି ମିଳିତ ଭାବେ ଆଗକୁ ବଢିପାରିବ ତାହାର ଏକ ଉଦାହରଣ ହେଉଛି ଇଭି ସ୍କ୍ରାପ ଟ୍ରାନ୍ସଫର କାର୍ଯ୍ୟ। ଜୈବ ଇନ୍ଧନ ଉପରେ ନିର୍ଭରଶୀଳତା କମ, ନିର୍ଗମନ ହ୍ରାସ କରିବା ଏବଂ କାରଖାନା ଭିତରେ ଏକ ପ୍ରଭାବୀ ସ୍କ୍ରାପ ପରିଚାଳନା ଲାଗୁ କରି ୨୦୪୫ ସୁଦ୍ଧା ନେଟ ଜିରୋ ନିର୍ଗମନ କରିବା ଲାଗି ଟାଟା ଷ୍ଟିଲର ଲକ୍ଷ୍ୟ।

## ମେଡିକାଲ କଲେଜ ପରିଦର୍ଶନ କଲେ କେନ୍ଦ୍ରମନ୍ତ୍ରୀ



ତାଳଚେର,୧୬।୯(ସମିସ): ଅନୁଗୋଳ ଜିଲ୍ଲା ତାଳଚେର ପବିତ୍ର ମୋହନ ସରକାରୀ ମେଡିକାଲ କଲେଜ ଚଳିତ ଶିକ୍ଷାବର୍ଷରୁ ୧୦୦ଟି ଏମବିବିଏସ ସିଟ୍ ନାମ ଲେଖାଇବା ପାଇଁ "ଜାତୀୟ ମେଡିକାଲ କମିଶନ' ମଞ୍ଜୁରୀ ଦେବା ପରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆଜି ହସ୍ପିଟାଲ ପରିଦର୍ଶନ କରିଛନ୍ତି। ସେ କହିଛନ୍ତି ଯେ ଅନୁଗୋଳ ଜିଲ୍ଲାରେ ବହୁ ବର୍ଷର ପ୍ରତୀକ୍ଷାର ଅନ୍ତ ଘଟିଛି। ନିକଟରେ ରାଜ୍ୟ ସରକାରଙ୍କ ଆବେଦନ କ୍ରମେ ଏହି ମେଡିକାଲ କଲେଜରେ ୨୦୨୫-୨୬ ଶିକ୍ଷାବର୍ଷରୁ ୧୦୦ଟି ଏମବିବିଏସ ସିଟ୍ ପାଇଁ ନାମଲେଖା ପ୍ରକ୍ରିୟା ଆରମ୍ଭ କରିବାକୁ ଜାତୀୟ ମେଡିକାଲ କମିଶନ ମଞ୍ଜୁରୀ ଦେଇଛନ୍ତି, ଯାହା ଖୁସିର ବିଷୟ। ଭାରତ ସରକାରଙ୍କ ରାଷ୍ଟ୍ରାୟତ୍ତ ଉଦ୍ୟୋଗ ଏମସିଏଲ ତାଳଚେର ପବିତ୍ର ମୋହନ ମେଡିକାଲ କଲେଜ ପାଇଁ ୧୬୦୦ କୋଟିରୁ ଅଧିକ ଟଙ୍କା ଖର୍ଚ୍ଚ ହୋଇଛି। ପୁରୁଣା ତାଳଚେର ନେହେରୁ ଶତାବ୍ଦୀ ହସ୍ପିଟାଲକୁ ପବିତ୍ର ମୋହନ ପ୍ରଧାନଙ୍କ ନାମରେ ନାମକରଣ କରାଯାଇ ଏହି ମେଡିକାଲକୁ ବିକଶିତ କରାଯାଇଛି। ହସ୍ପିଟାଲ କାର୍ଯ୍ୟକ୍ଷମ ହେବା ଦ୍ୱାରା ତାଳଚେର ସମେତ ଅନୁଗୋଳ ଓ ଆଖପାଖ ଜିଲ୍ଲାର ଲୋକମାନେ ବିଶେଷ ଭାବରେ ଉପକୃତ ହେବେ। ଶ୍ରୀ ପ୍ରଧାନ ପ୍ରଧାନମନ୍ତ୍ରୀ ମୋଦୀ ଏବଂ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଛନ୍ତି।

## କିଶୋରନଗର କଲେଜରେ ବିଶ୍ୱ ଓଜୋନ ଦିବସ



କିଶୋରନଗର,୧୬।୯(ସମିସ): କିଶୋର ନଗର ସ୍ନାତକ ମହାବିଦ୍ୟାଳୟରେ ବିଶ୍ୱ ଓଜୋନ ଦିବସ ପାଳିତ ହୋଇଯାଇଛି। ଓଜୋନସ୍ତରରେ ବର୍ତ୍ତମାନ ପାଇଁ ଏକ ଆହ୍ୱାନ। ଜଳବାୟୁର ପରିବର୍ତ୍ତନ ଓ ଜଙ୍ଗଲ ନଷ୍ଟ ଆଜି ସମସ୍ୟା ରୂପେ ସମସ୍ତଙ୍କୁ ସଂକଟରେ ପକାଇଛି। ଏହି ଉପଲକ୍ଷେ ଅଧ୍ୟକ୍ଷ ଅକ୍ଷୟ କୁମାର ଦାଶଙ୍କ ତତ୍ତ୍ୱାବଧାନରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଚିତ୍ରାଙ୍କନ ଓ ପ୍ରବନ୍ଧ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏହାସହିତ ଚାରାରୋପଣ ସମ୍ପର୍କରେ ସଚେତନତା ବାର୍ତ୍ତା ପ୍ରଦାନ କରାଯାଇଥିଲା। ଏଥିରେ ଅଧ୍ୟାପକ ଜୟକୃଷ୍ଣ ପ୍ରଧାନ, ବୀଣାପାଣି ସାହୁ, ତରଣୀସେନ ସାହୁ, ପୁରୁଷୋତ୍ତମ ସାହୁ, ଗୋବର୍ଦ୍ଧନ ପ୍ରଧାନ, ଶୁଭଶ୍ରୀ ବିଶ୍ୱାଳ, ରୋଜାଲିନ ପ୍ରଧାନ, ଅଭିଜିତ ପ୍ରଧାନ ଓ ସୁଶାନ୍ତ ରାଉଳ ଆଦି ସହଯୋଗ କରିଥିଲେ।

## କଣିହାଁ ଟ୍ରକ୍ ମାଲିକ ସଂଘର ଧର୍ମଘଟ

କଣିହାଁ,୧୬।୯(ସମିସ): ପାଉଁଶ ପରିବହନରେ କଣିହାଁ ବ୍ଲକ ଟ୍ରକ୍‌ଗୁଡ଼ିକୁ ଅଗ୍ରାଧିକାର ଦେବା ଦାବିରେ କଣିହାଁ ଟ୍ରକ ମାଲିକ ସଂଘର ମାଲିକମାନେ ଏନଟିପିସି ଏମଜିଆର ନିକଟସ୍ଥ ଆମ୍ରପାଳ ଛକଠାରେ ଧର୍ମଘଟ କରିଥିବା ଦେଖିବାକୁ ମିଳିଛି। ସକାଳ ୮ଟାରେ ଟ୍ରକ ମାଲିକ ସଂଘ ସଭାପତି ସୁନିଲ କୁମାର ପ୍ରଧାନ, ସଧାରଣ ସମ୍ପାଦକ ସତ୍ୟାନନ୍ଦ ସାହୁଙ୍କ ନେତୃତ୍ୱରେ ଶହ ଶହ ମାଲିକ ମାନେ ଆମ୍ରପାଳ ଠାରେ ଏକତ୍ରିତ୍ର ହୋଇ ଧର୍ମଘଟ କରିବା ସହ ଏନଟିପିସିରୁ ପାଉଁଶ ପରିବହନ କରୁଥିବା ଟ୍ରକ ବନ୍ଦ କରିଥିଲେ। ଫଳରେ ରାସ୍ତାର ଉଭୟ ପାଶ୍ୱର୍ରେ ବହୁ ଟ୍ରକ ଅଟକି ରହିଥିଲା। ପରେ ଏଥିନେଇ ଏନଟିପିସି ଗଙ୍ଗୋତ୍ରୀ ଗେଷ୍ଟ ହାଉସଠାରେ କଣିହାଁ ତହସିଲଦାରଙ୍କ ଅଧ୍ୟକ୍ଷତାରେ ଏନଟିପିସି ମ୍ୟାନେଜମେଣ୍ଟ, ପୁଲିସ ଓ ଟ୍ରକ ସଂଘ ପ୍ରତିନିଧି ମଣ୍ଡଳୀଙ୍କ ଉପସ୍ଥିତିରେ ବୈଠକ ବସିଥିଲା। ବୈଠକରେ ୭ଦିନ ମଧ୍ୟରେ ଆଞ୍ଚଳିକ ଟ୍ରକ କିପରି ସୁବିଧାରେ ଚାଲିପାରିବ ସେ ଉପରେ ଆଲୋଚନା କରାଯାଇ ସମାଧାନ କରାଯିବ ବୋଲି ଲିଖିତ ପ୍ରତିଶ୍ରୁତି ପାଇବା ପରେ ଅପରାହ୍ନ ୩ଟାରେ ଧର୍ମଘଟ ପ୍ରତ୍ୟାହୃତ ହୋଇଥିବା ଜଣାଯାଇଛି।

## ଆସ ସ୍କୁଲଯିବା ସଚେତନତା ଶୋଭାଯାତ୍ରା




ଢେଙ୍କାନାଳ,୧୬।୯(ସମିସ): ସ୍ଥାନୀୟ ସୁଲକ୍ଷଣା ଦେବୀ ସରକାରୀ ଉଚ୍ଚ ବିଦ୍ୟାଳୟ ପକ୍ଷରୁ ଆସ ସ୍କୁଲ୍ ଯିବା ସଚେତନତା ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ପ୍ରଧାନଶିକ୍ଷୟିତ୍ରୀ ମିନତୀ ଦେହୁରୀ, ବିଦ୍ୟାଳୟ ପଞ୍ଚସଖା ଶିକ୍ଷାସେତୁର ସଭାପତି କୁର୍ସିଦା ବେଗମ, ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ପ୍ରଦୀପ୍ତ କୁମାର ମହାପାତ୍ର ଓ ସଭ୍ୟସଭ୍ୟାବୃନ୍ଦ ତଥା ବିଦ୍ୟାଳୟର ଶିକ୍ଷକ ଶିକ୍ଷୟିତ୍ରୀ କନ୍ୟାକୁମାରୀ ଭୂତିଆ, ସୁଲୋଚନା ଭୂତିଆ, ସସ୍ମିତା ସ୍ୱାଇଁ, ସାଗରିକା ପଣ୍ଡା, ମାମାଲି ମିଶ୍ର, ବର୍ଷାରାଣୀ ସ୍ୱା, ଜୟନ୍ତୀ ବେହେରା, ରାନୁ ଦାସ, ପ୍ରଣତୀ ପତି, ବବିତା ସାହୁ, ସୋନାଲି ସାହୁ, ଡଲି ସାହୁ, ଦୁଷ୍ମନ୍ତ କୁମାର ସାହୁ ଓ ପ୍ରଶାନ୍ତ ଜେନା ଓ ଅଭିଭାବକ, ଅଭିଭାବିକାଗଣ ଏହି ସଚେତନତା ରାଲିରେ ଅଂଶଗ୍ରହଣ କରିଥିଲେ। ଛାତ୍ରଛାତ୍ରୀ ଆସ ସ୍କୁଲ ଯିବା ସ୍ଲୋଗାନ ଦେଇ ବିଦ୍ୟାଳୟର ନିକଟବର୍ତ୍ତୀ ଅଞ୍ଚଳ ପରିକ୍ରମା କରିଥିଲେ ଏବଂ ଜନସାଧାରଣଙ୍କୁ ସଚେତନ କରାଇଥିଲେ। ସମସ୍ତ ଅଭିଭାବକ, ଅଭିଭାବିକା ଏସଏମସିର ସଭ୍ୟସଭ୍ୟାଗଣ, ପଞ୍ଚସଖା ଶିକ୍ଷାସେତୁର ସଭାପତି ତଥା ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ସମସ୍ତ ବିଦ୍ୟାଳୟ ସଭାଗୃହରେ ଏକତ୍ରିତ ହୋଇ ଆସ ସ୍କୁଲ ଯିବା ସଚେତନତା କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା କରିଥିଲେ।

# ପାଠତ୍ୟାଗୀ ପିଲାଙ୍କୁ ମୁଖ୍ୟସ୍ରୋତରେ ସାମିଲ ନିମିତ ସ୍ୱତନ୍ତ୍ର ଶିବିର

ଢେଙ୍କାନାଳ,୧୬।୯(ସମିସ)




ଜିଲ୍ଲା ଶିକ୍ଷାଧିକାରୀ ବିନିତା ସେନାପତିଙ୍କ ନିର୍ଦ୍ଦେଶ ମତେ ସଦର ବ୍ଲକ ଅଧୀନ ପାଠତ୍ୟାଗୀ ପିଲାଙ୍କୁ ମୁଖ୍ୟସ୍ରୋତରେ ସାମିଲ କରିବା ନିମିତ କୋଇଲିପଙ୍ଗି ଉପ୍ରା ବିଦ୍ୟାଳୟ ଓ ଚନ୍ଦ୍ରଶେଖପ୍ରସାଦ ସେବାଶ୍ରମଠାରେ ୨ଟି ସ୍ୱତନ୍ତ୍ର ଶିବିରି ଅନୁଷ୍ଠିତ ହୋଇଯାଇଛି। ଗ୍ରୀଷ୍ମ ଅବକାଶରେ ଶିକ୍ଷକଶିକ୍ଷୟିତ୍ରୀମାନେ ଘରକୁ ଘର ବୁଲି ସର୍ଭେ କରି ପାଠତ୍ୟାଗୀ ପିଲା ଚିହ୍ନଟ କରିଥିଲେ। ବିଇଓ ଦିବ୍ୟପ୍ରକାଶ ପ୍ରଧାନ ଓ ବିଆରସିସି ଦେବବ୍ରତ ନାଥଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଉକ୍ତ ୨ଟି ବିଦ୍ୟାଳୟରେ ସ୍ୱତନ୍ତ୍ର ନାମଲେଖା ଶିବିର ଆୟୋଜିତ କରାଯାଇ ସର୍ଭେରେ ଚିହ୍ନଟୀକୃତ ୪୮ଜଣ ପାଠତ୍ୟାଗୀ ପିଲାଙ୍କୁ ନାମ ଲେଖାଯାଇ ଶିକ୍ଷାର ମହାସ୍ରୋତରେ ସାମିଲ କରାଯାଇଛି। ସମାଜର ଗରିବ, ଦୁର୍ବଳ, ଆର୍ଥିକ ଅନଗ୍ରସର, ଅନୁସୂଚିତ ଜାତି ଓ ଜନଜାତି ବର୍ଗର ପିଲାଙ୍କୁ ଶିକ୍ଷାର ସୁବିଧା ଯୋଗାଇଦେବା ପାଇଁ ରାଜ୍ୟ ମୁକ୍ତ ବିଦ୍ୟାଳୟ ପ୍ରତିଷ୍ଠାନ ପ୍ରତିଷ୍ଠା କରାଯାଇଛି। ଯେଉଁ ପିଲାମାନେ ଆନୁଷ୍ଠାନିକ ବିଦ୍ୟାଳୟ ମାଧ୍ୟମରେ ମାଧ୍ୟମିକ ଶିକ୍ଷାରୁ ବଞ୍ଚିତ ହୋଇଛନ୍ତି। ସେହିପିଲାଙ୍କୁ ଏହି ପ୍ରତିଷ୍ଠାନରେ ନାମ ଲେଖାଇ ଶିକ୍ଷାର ମହାସ୍ରୋତରେ ସାମିଲ କରିବା ପାଇଁ ସରକାର ଯୋଜନା କରିଛନ୍ତି। ରାଜ୍ୟ ମୁକ୍ତ ବିଦ୍ୟାଳୟ ପ୍ରତିଷ୍ଠାନର ଦୁଇଟି କେନ୍ଦ୍ର ଢେଙ୍କାନାଳର ବିବି ହାଇସ୍କୁଲ୍ ଓ ସୁଲକ୍ଷଣା ଦେବୀ ଉଚ୍ଚ ବିଦ୍ୟାଳୟଠାରେ ଖୋଲାଯାଇଛି। ଏହି୨ଟି କେନ୍ଦ୍ରରେ ପାଠତ୍ୟାଗୀ ପିଲାଙ୍କୁ ନାମଲିଖନ କରାଯାଇଛି। ଶିକ୍ଷୟିତ୍ରୀ ଲୋପାମୁଦ୍ରା ଖଣ୍ଡିଆ, ସୁଲୋଚନା ତ୍ରିପାଠୀ, ରମାମଣି ସାହୁ, ସ୍ୱର୍ଣ୍ଣଲତା ସାହୁ, ଶିକ୍ଷକ ଦେବରାଜ ସ୍ୱାଇଁ, ତାରିଣୀ ପ୍ରସାଦ ପରିଡା, ରଞ୍ଜନ ପ୍ରଧାନ ପ୍ରମୁଖ ଅଭିଭାବକ ଓ ଛାତ୍ରଛାତ୍ରୀଙ୍କୁ କାଉନସେଲିଂ କରି ସ୍ୱତନ୍ତ୍ର ଶିବିରରେ ସେମାନଙ୍କର ନାମ ଲେଖାଇଛନ୍ତି। ରାଜ୍ୟ ମୁକ୍ତ ବିଦ୍ୟାଳୟ ବିବି ହାଇସ୍କୁଲ୍ କେନ୍ଦ୍ରର ଶିକ୍ଷକ ଦୀପ୍ତିଶ ଶତପଥୀ, ପିରାମଲ ଫାଉଣ୍ଡେସନ ଗ୍ରୁପର ସଦସ୍ୟ ମଧୁସ୍ମିତା ସାହୁ ଓ ମାନସ ପ୍ରଧାନ ଉପସ୍ଥିତ ରହି ସ୍ୱତନ୍ତ୍ର ଶିବିରକୁ ପରିଚାଳନା କରିଥିଲେ। ବିଇଓ ଓ ବିଆରସିସି ପରିଦର୍ଶନ କରି ସ୍ୱତନ୍ତ୍ର ଶିବିର ଆୟୋଜନର ଆବଶ୍ୟକତା ଓ ରାଜ୍ୟ ମୁକ୍ତ ବିଦ୍ୟାଳୟର ଉପଯୋଗିତା ସମ୍ପର୍କରେ ଉପସ୍ଥିତ ଛାତ୍ରଛାତ୍ରୀ, ଅଭିଭାବକ ଓ ଶିକ୍ଷକଶିକ୍ଷୟିତ୍ରୀଙ୍କୁ ଅବଗତ କରିଥିଲେ। କାର୍ଯ୍ୟକ୍ରମ ଆୟୋଜନରେ ସିଆରସିସି ନୃସିଂହ ଚରଣ ବେହେରା, ପ୍ରଶାନ୍ତ ବେହେରା ଓ ଅର୍ଜୁନ ନାୟକ ସହଯୋଗ କରିଥିଲେ।


## ବାଲ୍ୟବିବାହ ରୋକିବା ନିମନ୍ତେ ଧର୍ମଗୁରୁଙ୍କ ବାର୍ତ୍ତା




କିଶୋରନଗର,୧୬।୯(ସମିସ): ବିଶ୍ୱ ଯୁବ କେନ୍ଦ୍ର, ବଣିନାଳୀ ଦ୍ୱାରା ପରିଚାଳିତ ଆକ୍ସେସ ଟୁ ଜଷ୍ଟିସ ପ୍ରକଳ୍ପ ମାଧ୍ୟମରେ ବିଭିନ୍ନ ଧର୍ମପୀଠ ଯେପରି ଜଗନ୍ନାଥ ମନ୍ଦିର, ଇସ୍କନ ମନ୍ଦିର, ବେଣାଗାଡିଆ ମା' ଦୁର୍ଗା ମନ୍ଦିର, ତାଳଚେର ମଝିକା ଶିବମନ୍ଦିର, ଜାମା ମସଜିଦ ଅନୁଗୋଳ, ମା' ରାମଚଣ୍ଡୀ ମନ୍ଦିର କୋଶଳା, ସ୍ୱପନେଶ୍ୱର ଶିବ ମନ୍ଦିର, ହଣ୍ଡପା କପିଳେଶ୍ୱର ଶିବ ମନ୍ଦିର, ଇଚ୍ଛାପୁର ଗୁରୁଦ୍ୱାରା, ବଲଣ୍ଡା ଚନ୍ଦ୍ରଶେଖର ମନ୍ଦିର, କଣ୍ଟେଇକୋଳିଆଠାରେ ପୂଜକ/ଧର୍ମଗୁରୁମାନେ ବାଲ୍ୟବିବାହ ଭଳି କୁପ୍ରଥା କିପରି ଆମ ସମାଜରୁ ବିଲୁପ୍ତ ହୋଇପାରିବ ସେଥିପାଇଁ ଏକ ବାର୍ତ୍ତା ଦେଇ ଦର୍ଶାଇଛନ୍ତି। ଯେ ଆମର ଶାସ୍ତ୍ରଗୁଡ଼ିକରେ ଘରର ଲକ୍ଷ୍ମୀ, ସମୃଦ୍ଧି ଏବଂ ଆଶୀର୍ବାଦର ପ୍ରତୀକ ଭାବେ ଝିଅମାନଙ୍କର ଭୂମିକାକୁ ସମ୍ମାନ କରାଯାଏ। ସେମାନଙ୍କୁ ବାଲ୍ୟବିବାହ ପାଇଁ ବାଧ କରିବା ଏହି ପବିତ୍ର ବିଶ୍ୱାସକୁ ଅପମାନିତ କରେ। ଧର୍ମର ରକ୍ଷକ ଭାବରେ, ଆମକୁ ସେମାନଙ୍କୁ ସୁରକ୍ଷା ଦେବାକୁ ପଡ଼ିବ, ସେମାନଙ୍କର ପ୍ରତିଭାକୁ ପୋଷଣ କରିବାକୁ ପଡ଼ିବ ଏବଂ ସେମାନଙ୍କ ଭବିଷ୍ୟତ ଉଜ୍ଜ୍ୱଳ କରିବା ପାଇଁ ସୁଯୋଗ ଦେବାକୁ ପଡ଼ିବ। ବାଲ୍ୟବିବାହ ବନ୍ଦ କରିବା କେବଳ ଝିଅମାନଙ୍କୁ ସୁରକ୍ଷା ଦେବା ନୁହେଁ, ବରଂ ଭାରତର ଭବିଷ୍ୟତକୁ ମଧ୍ୟ ସୁରକ୍ଷା ଦେବା। ପୂଜକ/ଧର୍ମଗୁରୁ ମନୋଜ କର, ଜସ୍ୱିନ୍ଦର ସିଂ, ବିରଞ୍ଚି ଦାସ, ଦୋଳଗୋବିନ୍ଦ ମହାପାତ୍ର, ମୋହନ କୃଷ୍ଣ ଦାସ, ମୀର ସଲିମ, ପତାୟତ ଦେହୁରି ପ୍ରମୁଖ ବାର୍ତ୍ତା ଦେଇଥିଲେ। କାର୍ଯ୍ୟକ୍ରମକୁ ସୋନାଲିସା ଶବର, ଲକ୍ଷ୍ମୀ ବେହେରା, ସୁନିତା ମାଝୀ, ଦିପି ଦେହୁରୀ, ପପି ଦେହୁରୀ ସହଯୋଗ କରିଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ପାଠପଢ଼ାର ଅନୁଭୂତି ତିକ୍ତ ହୋଇପାରେ, କିନ୍ତୁ ଏହାର ଫଳ ମଧୁର ।
-ଆରିଷ୍ଟୋଟଲ୍

## ମାଧୁରୀର ଲୁହ

ସର୍ବୋଚ୍ଚ ନ୍ୟାୟାଳୟଙ୍କ ଗତ ସୋମବାରେ ଏକ ରାୟ ଆସିଛି, ଯାହା ଅନେକ ଦୃଷ୍ଟିକୋଣରୁ ସମ୍ବେଦନଶୀଳ, ଅଥଚ ଭାବାବେଗ ସମ୍ପର୍କିତ ଏକାଧିକ ପ୍ରଶ୍ନ ଉତ୍‌ଥାପନକାରୀ । ମାନବ ସ୍ୱାର୍ଥ-ପରିବେଶ-ପଶୁ ଅଧିକାର ସମ୍ବନ୍ଧିତ ଏହି ରାୟଟି ମଧ ଖବରର ଗହଳି ଭିତରେ ଲୁଚି ଯାଇଥା'ନ୍ତା କିମ୍ବା ସେତେ ଗୁରୁତ୍ୱ ପାଇ ନ ଥା'ନ୍ତା, ଯଦି ତାହା ତା'ପରଦିନ(ମଙ୍ଗଳବାର) ହିଁ ମୁଖ୍ୟସ୍ରୋତ ମୁଦ୍ରିତ ଖବରକାଗଜର ପ୍ରଥମ ପୃଷ୍ଠାର ଅର୍ଦ୍ଧାଧିକ ମଣ୍ଡନ କରି ନ ଥା'ନ୍ତା । ବସ୍ତୁତଃ ବିଜ୍ଞାପନଧର୍ମୀ ଏହି ଦେୟଯୁକ୍ତ ଖବରଟି ପ୍ରକାଶ ପାଇବା ପରେ ହିଁ ଅଧିକାଂଶ ପାଠକ ପ୍ରସଙ୍ଗର ଗୁରୁତ୍ୱ ବିଷୟରେ ଜାଣିବାକୁ ପାଇଛନ୍ତି । ପ୍ରସଙ୍ଗଟି ସାଧାରଣ ଲାଗୁଥିଲେ ମଧ କୋଟିକୋଟି ଟଙ୍କା ବ୍ୟୟରେ ଖବର-ବିଜ୍ଞାପନ ଆକାରରେ ରାୟଟିର ବିସ୍ତୃତ ବିବରଣୀ ପ୍ରକାଶିତ ହେବା ପଛରେ ଯେ ଏହାର ଅସାଧାରଣତା ଲୁଚି ରହିଛି, ତାହା ଅନସ୍ୱୀକାର୍ଯ୍ୟ ।

ଗତ ଜୁଲାଇ ମାସରେ ସାମାଜିକ ଗଣମାଧ୍ୟମରେ ଏକ ରିଲ୍‌ସ(ସୂଚନା) ପ୍ରସାରିତ ହୋଇଥିଲା, ଯେଉଁଥିରେ ମହାରାଷ୍ଟ୍ରର କୋହ୍ଲାପୁର ଜିଲ୍ଲା ଅଧୀନସ୍ଥ ଶିରୋଲ୍ ତାଲୁକାର ନନ୍ଦିନୀ ଗ୍ରାମରେ ଥିବା ଏକ ଜୈନ ମଠରେ ବହୁବର୍ଷ ଧରି ରହିଆସୁଥିବା ମହାଦେବୀ (ଡାକନାମ ମାଧୁରୀ) ନାମ୍ନୀ ହାତୀକୁ ବଳପୂର୍ବକ ଜନୈକ ବିଶିଷ୍ଟ ଶିଳ୍ପପତିଙ୍କ ଦ୍ୱାରା ପ୍ରତିଷ୍ଠିତ ପ୍ରାଣୀ ଉଦ୍ଧାର କେନ୍ଦ୍ର(ଅଭୟାରଣ୍ୟ)କୁ ନିଆଯାଉଥିବାର ଦୃଶ୍ୟ ସହିତ ଆଶ୍ରମବାସୀଙ୍କ ବିବଶତା, ଅନ୍ତେବାସୀଙ୍କ ମାଧୁରୀ ପ୍ରତି ସମବେଦନା ଜନିତ ଲୁହ ଓ କୋହର ଦୃଶ୍ୟ ଭରି ରହିଥିଲା । ସବୁଠାରୁ ହୃଦୟବିଦାରକ ଥିଲା ମାଧୁରୀର ଆଖିରୁ ଅନବରତ ଝରୁଥିବା ଲୁହ । ଘଟଣା ପଛର ପୃଷ୍ଠଭୂମି ଥିଲା ଏହିପରି - ମାଧୁରୀର ଚିକିତ୍ସା ଓ ଯତ୍ନ ଜରୁରୀ ଦର୍ଶାଇ ଏକ ନିରାପଦ ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତର କରିବା ପାଇଁ ପଶୁ ଅଧିକାର କ୍ଷେତ୍ରରେ କାର୍ଯ୍ୟ କରୁଥିବା ଏକ ସ୍ୱେଚ୍ଛାସେବୀ ସଂଗଠନ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରିବା ପରେ ବମ୍ବେ ଉଚ୍ଚ ନ୍ୟାୟାଳୟ ମାଧୁରୀକୁ ସମ୍ପୃକ୍ତ ଶିଳ୍ପପତିଙ୍କ ଅଭୟାରଣ୍ୟକୁ ମାଧୁରୀକୁ ସ୍ଥାନାନ୍ତର ପାଇଁ ନିର୍ଦ୍ଦେଶ ଦେଇଥିôଲେ, ଯାହାକୁ ସର୍ବୋଚ୍ଚ ନ୍ୟାୟାଳୟ ମଧ କାଏମ୍ ରଖିଥିଲେ ।

ମାଧୁରୀ ଅଞ୍ଚଳବାସୀଙ୍କ ଏତେ ପ୍ରିୟ ଥିଲା ଯେ ସମ୍ପୃକ୍ତ ଶିଳ୍ପପତିଙ୍କ ସମସ୍ତ ବ୍ୟବସାୟିକ ସଂସ୍ଥା ସହିତ ଆଖପାଖ ତିନି ଗ୍ରାମବାସୀ ଅସହଯୋଗ କରିବା ସହିତ ୩୦ ହଜାର ଲୋକ ୪୫ କିମି ବ୍ୟାପୀ ମାନବ ଶୃଙ୍ଖଳ ଓ ନିରବ ପଦଯାତ୍ରା କରିଥିଲେ । ମାତ୍ର ଚାରିଦିନ ମଧରେ ଦେଢ଼ ଲକ୍ଷ ମୋବାଇଲ୍ ଫୋନ୍ ଗ୍ରାହକ ସମ୍ପୃକ୍ତ ସଂସ୍ଥାର ସେବାରୁ ଓହରି ଆସିଥିଲେ । ଏହାପରେ ମାମଲା ସର୍ବୋଚ୍ଚ ନ୍ୟାୟାଳୟକୁ ଯାଇଥିଲା ଏବଂ ସମ୍ପୃକ୍ତ ଶିଳ୍ପପତିଙ୍କ ଅଭୟାରଣ୍ୟକୁ ଅବୈଧ ଦର୍ଶାଇ ତା'ର କାର୍ଯ୍ୟକଳାପ ଉପରେ କଟକଣା ଜାରି କରିବାକୁ ଜନସ୍ୱାର୍ଥ ମାମଲା ଦାୟର ହୋଇଥିଲା । ଏପରିକି ପଶୁ ଅଧିକାର ପାଇଁ ଲଢୁଥିବା ସମ୍ପୃକ୍ତ ଆମେରିକୀୟ ବେସରକାରୀ ସଂସ୍ଥା ବିପୁଳ ଅର୍ଥଲୋଭରେ ମାଧୁରୀକୁ ସ୍ଥାନାନ୍ତର କରିବା ପାଇଁ ମସୁଧା କରିଥିବା ଅଭିଯୋଗ ଆସିଥିଲା ଏବଂ ସଂସ୍ଥାର ଭାରତୀୟ କାର୍ଯ୍ୟାଳୟକୁ ବନ୍ଦ କରିବା ପାଇଁ ମଧ ଜନମତ ସୃଷ୍ଟି ହୋଇଥିଲା । ମାଧୁରୀକୁ ପୁଣି ଆଶ୍ରମକୁ ଫେରାଇ ଆଣିବା ଲାଗି୨ ଲକ୍ଷ ଦସ୍ତଖତ ସଂଗ୍ରହ କରାଯାଇଥିଲା ।

ଘଟଣା ସମ୍ପର୍କରେ ବିସ୍ତୃତ ଓ ପୁଙ୍ଖାନୁପୁଙ୍ଖ ତଥ୍ୟ ସଂଗ୍ରହ ପାଇଁ ସର୍ବୋଚ୍ଚ ନ୍ୟାୟାଳୟ ସ୍ୱତନ୍ତ୍ର ତଦନ୍ତକାରୀ ଦଳ(ଏସ୍‌ଆଇଟି) ଗଠନ କରିଥିଲେ । ଏସ୍‌ଆଇଟିର ରିପୋର୍ଟ ଆଧାରରେ ସର୍ବୋଚ୍ଚ ନ୍ୟାୟାଳୟ ସମ୍ପୃକ୍ତ ଅଭୟାରଣ୍ୟର ପ୍ରତିଷ୍ଠା, କାର୍ଯ୍ୟକଳାପ ଓ ଲକ୍ଷ୍ୟକୁ ତ୍ରୁଟିଶୂନ୍ୟ ଓ ସର୍ବଆଇନ ସମ୍ମତ ଦର୍ଶାଇଛନ୍ତି । ତେଣୁ ସ୍ୱାଭାବିକ ଭାବେ ସମ୍ପୃକ୍ତ ଶିଳ୍ପପତି ନିଜ ଉପରେ ଆସିଥିବା ଅଭିଯୋଗର ବହୁ ପ୍ରଶ୍ନବାଣରୁ ମୁକ୍ତ ହେବାର ଆନନ୍ଦ ଗଣମାଧ୍ୟମ ଜରିଆରେ ପ୍ରକାଶ କରିଛନ୍ତି ।

ସମ୍ପୃକ୍ତ ପଶୁ ଅଧିକାର ସଂଗଠନର ଅଭିଯୋଗ ଅନୁଯାୟୀ ମାଧୁରୀକୁ ଅତି ଅମାନବୀୟ ଭାବେ ୨୦୧୨ରୁ ୨୦୨୩ ମଧରେ ମହାରାଷ୍ଟ୍ରରୁ ତେଲେଙ୍ଗାନାକୁ ବିନା ବିଭାଗୀୟ ଅନୁମତିରେ ୧୩ ଥର ବ୍ୟବସାୟିକ ଉଦ୍ଦେଶ୍ୟରେ ଚଲାଇ ଚଲାଇ ନିଆଯାଇଛି । ୨୦୧୭ରେ ମାଧୁରୀ ଗୁରୁତର ହେବା ପରେ ତା'ର ଶାରୀରିକ ଓ ମାନସିକ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ପ୍ରଶ୍ନ ଉଠିଥିଲା । ୨୦୨୩ ଜାନୁଆରୀ ମାସରେ ତେଲେଙ୍ଗାନାର ଜଙ୍ଗଲ ବିଭାଗ ବନ୍ୟଜନ୍ତୁ(ସୁରକ୍ଷା) ଆଇନ୍ ୧୯୭୨ ଅନୁଯାୟୀ ସମ୍ପୃକ୍ତ ଜୈନ ମଠ ବିରୋଧରେ ଏକ ଅଭିଯୋଗ ଦାଖଲ କରିଥିଲା । ସମ୍ପୃକ୍ତ ବେସରକାରୀ ସଂସ୍ଥା ମାଧୁରୀର ଗୁରୁତର ସ୍ୱାସ୍ଥ୍ୟାବସ୍ଥା ସମ୍ପର୍କରେ ୨୦୨୩ ଅକ୍ଟୋବର ମାସରେ ଜଙ୍ଗଲ ଓ ପରିବେଶ ମନ୍ତ୍ରଣାଳୟର ଉଚ୍ଚ କ୍ଷମତାସମ୍ପନ୍ନ କମିଟି ଆଗରେ ଅଭିଯୋଗ ପରେ ୨୦୨୩ ଅଗଷ୍ଟରେ ଏକ ଡାକ୍ତରୀ ଦଳ ପରୀକ୍ଷା କରି ମାଧୁରୀର ପାଦ ଓ ଗୋଡ଼ରେ ଘା' ହୋଇଥିବା ଏବଂ ସେ ମାନସିକ ଅବସାଦ ଭିତରେ ଥିବା ରିପୋର୍ଟ ଦେଇଥିଲେ । ଏହି ରିପୋର୍ଟ ଆଧାରରେ ମାଧୁରୀର ଚିକିତ୍ସା ପାଇଁ କର୍ତ୍ତୃପକ୍ଷ ଆଶ୍ରମକୁ ତିନିମାସ ସମୟ ଦେଇଥିଲେ । ନଭେମ୍ବର ୨୦୨୪ରେ ପୁନଃ ଯାଞ୍ଚ ବେଳେ ଜଣାପଡ଼ିଲା ଯେ ଆଶ୍ରମ ପକ୍ଷରୁ ମାଧୁରୀର ସ୍ୱାସ୍ଥ୍ୟାବସ୍ଥାରେ ଗୁରୁତର ଅବହେଳା ପ୍ରଦର୍ଶନ କରାଯାଇଛି । ସେହି ସମୟ ମଧରେ ମାଧୁରୀକୁ ଦୁଇଦୁଇ ଥର ସ୍ଥାନାନ୍ତର କରାଯାଇଥିଲେ ମଧ ପୁଣି ମୂଳ ଆଶ୍ରମକୁ ଫେରାଇ ଅଣାଯାଇଥିଲା । ଶେଷରେ ସମ୍ପୃକ୍ତ ଶିଳ୍ପପତିଙ୍କ ଅଭୟାରଣ୍ୟକୁ ମାଧୁରୀର ସ୍ଥାନାନ୍ତର ପାଇଁ ନ୍ୟାୟାଳୟ ନିର୍ଦ୍ଦେଶ ଦେଇଥିଲେ ।

ଯଦି ଡାକ୍ତରୀ ଦଳ ଓ ଏସ୍‌ଆଇଟି ରିପୋର୍ଟ ଆଧାରରେ ସମ୍ପୂର୍ଣ୍ଣ ଘଟଣାକୁ ତର୍ଜମା କରାଯାଏ ତେବେ ସାମାଜିକ ଗଣମାଧ୍ୟମରେ ମାଧୁରୀ ପ୍ରତି ସମ୍ବେଦନଶୀଳତା ଆଳରେ ସମ୍ପୃକ୍ତ ଶିଳ୍ପପତିଙ୍କ ବିରୋଧରେ କେବଳ ଏକ ଉଚ୍ଚାଟ ସୃଷ୍ଟି କରାଯାଇଥିଲା ବୋଲି କୁହାଯାଇପାରେ । ଅପରପକ୍ଷରେ ଯଦି ସାମାଜିକ ଗଣମାଧ୍ୟମରେ ପ୍ରକାଶିତ ଖବରକୁ ବିଶ୍ୱାସକୁ ନିଆଯାଏ ତେବେ ଆମ ବ୍ୟବସ୍ଥାରେ ଅର୍ଥ ଓ ପ୍ରତିପତ୍ତିର ପ୍ରଭାବକୁ ସ୍ୱୀକାର କରିବାକୁ ପଡ଼ିବ । ଅର୍ଥ, ପ୍ରତିପତ୍ତି ଓ ଛଦ୍ମ ଭାବାବେଗର ପ୍ରଚାରପ୍ରସାରର ଏହି ଲୁଚକାଳି ଖେଳରେ ବିଚରା ମାଧୁରୀ କିନ୍ତୁ ମୋହରା ହୋଇସାରିଛି । ତା' ଆଖିରୁ ଝରୁଥିବା ଲୁହ ଆଶ୍ରମରୁ ବିଦାୟ ଜନିତ ଭାବପ୍ରବଣତା କିମ୍ବା ଶ୍ରମକ୍ଳାନ୍ତ ଜନିତ ଦୁଃଖ ଲାଘବର ଆନନ୍ଦାଶ୍ରୁ ତାହା ବୁଝିବାର ଶକ୍ତି ମଣିଷର ନାହିଁ । ଅର୍ଥ ଓ ପ୍ରତିପତ୍ତି ଆଗରେ ଭାବପ୍ରବଣତା ବିବଶ ହୋଇଛି ନା ଭକ୍ତି, ପରମ୍ପରାର ରୁଢ଼ିବାଦରେ ପଶୁମନର ଭାବ ବୁଝିବାରେ ଅବହେଳା ହୋଇଛି ତା'ର ଉତ୍ତର ଖୋଜି ପାଇବା ଆମ ବ୍ୟବସ୍ଥାରେ ନାହିଁ । ବାସ୍ତବତା ଓ ଛଳନାକୁ ବୁଝିପାରୁଥିବା ମାଧୁରୀ ହିଁ କହିପାରନ୍ତା ତା' କୋହ ଓ ଲୁହ ପଛର କାରଣ ଓ କାହାଣୀ ।

## 'ଜେନ୍ ଜେଡ୍'ଙ୍କ ଈପ୍‌ସିତ ବିଶ୍ୱ

ଡ.ବିମଳ ଷଡ଼ଙ୍ଗୀ

୨୦୨୫ମସିହା ସେପ୍ଟେମ୍ବର ମାସର ପ୍ରାରମ୍ଭରେ ନେପାଳରେ ଶାସକ ବିରୋଧୀ ହିଂସାତ୍ମକ ଆନ୍ଦୋଳନରେ 'ଜେନ୍ ଜେଡ୍'ଙ୍କ ଭୂମିକା ସାରା ବିଶ୍ୱରେ ଚର୍ଚ୍ଚାକୁ ଆସିଛି । ତେବେ ଏ 'ଜେନ୍ ଜେଡ୍' କିଏ ଓ ସେମାନେ କାହିଁକି ଏପରି ପଦକ୍ଷେପ ନେଲେ ତାହା ଆଲୋଚନାସାପେକ୍ଷ । ବିଶ୍ୱରେ ୧୯୯୭-୨୦୧୨ମସିହା ମଧରେ ଜନ୍ମିତ ଯୁବବର୍ଗଙ୍କୁ 'ଜେନ୍ ଜେଡ୍' ବା 'ଜେଡ୍ ଜେନେରେସନ' କୁହାଯାଉଛି । ସେହି ସମୟରେ ଜନ୍ମିତ ପିଲାମାନେ ବହୁତ ସଂବେଦନଶୀଳ ଓ ଇଣ୍ଟରନେଟ ବ୍ୟବହାରରେ କୁଶଳୀ । ସେମାନେ ଏପରି ଏକଯୁଗରେ ଜନ୍ମିତ, ଯାହା ସେମାନଙ୍କୁ ପ୍ରତିକ୍ଷଣରେ ଇଣ୍ଟରନେଟ, କୃତ୍ରିମ ବୁଦ୍ଧିମତ୍ତା ଆଦି ବିକଶିତ ବୈଷୟିକ ଜ୍ଞାନକୌଶଳ ଦ୍ୱାରା ସଶକ୍ତ କରିଥାଏ । ସେମାନେ ମୁଖ୍ୟତଃ ସାମାଜିକ ଗଣମାଧ୍ୟମ ଦ୍ୱାରା ଜଳବାୟୁ ପରିବର୍ତ୍ତନ, ଦୁର୍ନୀତି, ବେକାରୀ, ବେରୋଜଗାରୀ, ସମାଜର ଅସମାନତା ଏବଂ ପ୍ରଦୂଷଣ ଭଳି ସମସ୍ୟାଗୁଡ଼ିକୁ ଅତି କମସମୟରେ ଖୁବ ନିକଟରୁ ଅନୁଭବ କରନ୍ତି । ସେଥିପାଇଁ ସେମାନେ ଏକ ସ୍ୱଚ୍ଛ, ନିରପେକ୍ଷ ଓ ନ୍ୟାୟପୂର୍ଣ୍ଣ ସମାଜ ପାଇଁ ଦୃଢ଼ ଆଶା ରଖିଥିବା ଏକ ପିଢ଼ି ଭାବରେ ପରିଚିତ ।

୧୯୯୦ଦଶକ ପୂର୍ବରୁ ଯେତେବେଳେ ସାମାଜିକ ଗଣମାଧ୍ୟମ ବୋଲି କିଛି ନ ଥିଲା, ସେତେବେଳେ କୌଣସି ଘଟଣା ବା ଦୁର୍ଘଟଣାକୁ ଆମେମାନେ ବହୁତ ପରେ ଜାଣିବାକୁ ପାଉଥିଲେ । ମାତ୍ର 'ଜେନ୍ ଜେଡ୍' ବର୍ଗର ପିଲାମାନେ ଖୁବକମ୍ ସମୟ ମଧରେ ସାରା ବିଶ୍ୱ କିପରି ପରିଚାଳିତ ହେଉଛି ତାହା ଜାଣିବାକୁ ସକ୍ଷମ ହେଉଛନ୍ତି । ଯାହାଫଳରେ ଅତିଶୀଘ୍ର ପ୍ରତ୍ୟେକ କାର୍ଯ୍ୟକୁ ତୁଳନା କରିବାକୁ ସେମାନେ ପଛାଉନାହାନ୍ତି । କେଉଁମାନେ ଅନ୍ୟାୟ କରି ଟଙ୍କା ଠୁଳ କରୁଛନ୍ତି, କେଉଁମାନେ ଶିକ୍ଷା ବ୍ୟବସାୟ ନାମରେ ସାରା ଦେଶକୁ ଲୁଟି ଦେଶର ଭବିଷ୍ୟତଙ୍କୁ ବିନା ଶିକ୍ଷାରେ ଖାଲି ସାର୍ଟିଫିକେଟ ବିକୁଛନ୍ତି, କେଉଁମାନେ ସ୍ୱାସ୍ଥ୍ୟ ବ୍ୟବସାୟରେ ସାଧାରଣ ଜନତାଙ୍କୁ ସ୍ୱାସ୍ଥ୍ୟ ସେବାରୁ ବଞ୍ଚିତ କରୁଛନ୍ତି, କେଉଁମାନେ ଜାଲିଆତି କରି କିଣା ପିଏଚଡି ଡିଗ୍ରୀ ସହିତ ବିଶ୍ୱବିଦ୍ୟାଳୟରେ ପ୍ରାଧାପକ ହୋଇଛନ୍ତି, ଜାଲ ସାର୍ଟିଫିକେଟ ଧାରଣ କରି ଶିକ୍ଷକତା କରୁଛନ୍ତି, କେଉଁମାନେ ଜନତାଙ୍କ ଟଙ୍କାରେ ବିଦେଶ ବୁଲି, ନିଜ ପିଲାଙ୍କୁ ବିଦେଶରେ ପାଠ ପଢ଼ାଇ ଭଲ ଚାକିରି ହାତେଇବାକୁ ସକ୍ଷମ ହେଉଛନ୍ତି, କେଉଁମାନେ ଭ୍ରଷ୍ଟାଚାର ଲିପ୍ତ ହୋଇ ନିଜ ପରିବାରକୁ ଭଲରେ ରଖୁଛନ୍ତି, ଅଥଚ ସାଧାରଣ ବ୍ୟକ୍ତି ଅନାହାରରେ ମରୁଛନ୍ତି, କେଉଁମାନେ ଦେଶର ଖଣି ଖାଦାନ ଲୁଟ କରୁଛନ୍ତି ଆଦି ସମ୍ବାଦ ତୀବ୍ର ଅସନ୍ତୁଷ୍ଟ ଓ ବିବ୍ରତ କରୁଛି ଏବଂ ବେଳେ ବେଳେ ତାହା ବିସ୍ଫୋରକର ରୂପ ନେଉଛି । ନେପାଳରେ ଏବେ ତାହା ହିଁ ଘଟିଛି ।

ପୂର୍ବ ପିଢ଼ି ଅପେକ୍ଷା 'ଜେନ୍ ଜେଡ୍' ଅଧିକ ଶିକ୍ଷିତ ଓ ସଚେତନ । ବିଶ୍ୱ ଜଳବାୟୁ ଆନ୍ଦୋଳନରେ ଗ୍ରେଟା ଥନବର୍ଗଙ୍କ ପରି ଅଭିଯାନ ସେମାନଙ୍କୁ ଏକ ସ୍ୱଚ୍ଛ ବିଶ୍ୱସୃଷ୍ଟି ପାଇଁ ଦୃଢ଼ ଭାବରେ ପ୍ରଭାବିତ କରିଛି । ସେମାନେ କେବଳ ଅଭିଯୋଗ କରନ୍ତି ନାହିଁ ସଚେତନତା ବୃଦ୍ଧି କରିବା, ଅଭିଯାନ ଆୟୋଜନ କରିବା ଏବଂ ପରିବର୍ତ୍ତନ ପାଇଁ ଚାପ ପକାଇବା ପାଇଁ ସାମାଜିକ ଗଣମାଧ୍ୟମ ଓ ନବସୃଜନର ବ୍ୟବହାର କରନ୍ତି । ସେମାନେ ବିଶ୍ୱାସ କରନ୍ତି ଯେ ପ୍ରଯୁକ୍ତିବିଦ୍ୟା ସହିତ ଏକ ସ୍ୱଚ୍ଛ ଓ ଅଧିକ ନୈତିକ ସମାଜର ଗଠନ ସମ୍ଭବ । ସେଥିପାଇଁ ଯେତେବେଳେ ନେପାଳରେ ସାମାଜିକ ଗଣମାଧ୍ୟମକୁ ବନ୍ଦ କରାଯାଇଥିଲା ସେତେବେଳେ ସେମାନେ ଭାବିଥିଲେ ଯେ ସେମାନଙ୍କ ସ୍ୱରକୁ ଚାପିବାର ଉଦ୍ୟମ ହୋଇଛି ।

ଅରପପକ୍ଷରେ ଯେତେବେଳେ ସେମାନେ ଅନୁଭବ କରିବେ ଯେ ଆଜିର ମାତ୍ରାଧିକ ସାମାଜିକ ଗଣମାଧ୍ୟମ ସେମାନଙ୍କ ଜୀବନପ୍ରତି ବିପଦ, ସେତେବେଳେ ନୂଆ ରୂପରେ ବିଦ୍ରୋହ ଆସିପାରେ । ଯେପରି ନେପାଳ ସରକାର ଗୋଟିଏ କିମ୍ବା ଦୁଇ ଦିନ ମଧରେ ସାମାଜିକ ଗଣମାଧ୍ୟମ ପ୍ରତିବନ୍ଧକକୁ ଉଠାଇ ଦେଇଥିଲେ ଏବଂ ଭାବିଥିଲେ 'ଜେନ୍ ଜେଡ୍' ଗୋଷ୍ଠୀ ଶାନ୍ତ ହୋଇଯିବେ । ମାତ୍ର ତାହା ହୋଇନଥିଲା । କାରଣ ଅଧିକାଂଶ ନେପାଳୀ ଯୁବକ ଓ ଯୁବତୀ ଯେତେବେଳେ କୌଣସି ରୋଜଗାର ମାଧ୍ୟମ ପାଇବାକୁ ଏବଂ ବଞ୍ଚିବାକୁ ସଂଘର୍ଷ କରିବା ସହିତ ଘୋର ଆର୍ଥିକ ସଙ୍କଟରେ କାଳାତିପାତ କରୁଥିଲେ, ସେତେବେଳେ ଧନୀ ଓ ଆର୍ଥିକ ସମ୍ବଳ ଥିବା ପିତାମାତାଙ୍କ, ବିଶେଷକରି ଚଳଚ୍ଚିତ୍ର, ସଙ୍ଗୀତ, ରାଜନୀତି କିମ୍ବା ବ୍ୟବସାୟ ଭଳି ଶିଳ୍ପର ମାଲିକମାନଙ୍କ ସନ୍ତାନସନ୍ତତିମାନେ ଖୁବ ଅୟସରେ ଜୀବନ ବିତାଉଥିଲେ । ଏ ସବୁ ମଧ 'ଜେନ୍ ଜେଡ୍' ବର୍ଗ ସାମାଜିକ ଗଣମାଧ୍ୟମ ଜରିଆରେ ଜାଣିପାରୁଥିଲେ । ତେଣୁ ସାମାଜିକ ଗଣମାଧ୍ୟମ ନିଷେଧକୁ 'ଜେନ୍ ଜେଡ୍' ଅଭିବ୍ୟକ୍ତିର ସ୍ୱାଧୀନତା ଏବଂ ଦୁର୍ନୀତି ଓ ଅସମାନତାକୁ ପ୍ରକାଶ କରିବାର କ୍ଷମତା ଉପରେ ଆକ୍ରମଣ ଭାବରେ ଦେଖିଥିଲେ । ଯାହାଫଳରେ ସେମାନଙ୍କ ମନରେ କ୍ରୋଧ ଜାତ ହୋଇଥିଲା ଏବଂ ପରବର୍ତ୍ତୀ ସମୟରେ ତାହା ଗଣଆନ୍ଦୋଳନରେ ପରିଣତ ହୋଇଥିଲା ।

ବାଂଲାଦେଶ, ଶ୍ରୀଲଙ୍କା ପରେ ନେପାଳର ଘଟଣା ବର୍ତ୍ତମାନ ସମୟର ଭ୍ରଷ୍ଟାଚାର, ଦୁର୍ନୀତି, ପ୍ରିୟାପ୍ରୀତି ତୋଷଣ, ପରିବେଶ ସମସ୍ୟା, ବେରୋଜଗାରୀ, ବେକାରୀ, ପୋଷଣ ବିହୀନ ଖାଦ୍ୟର ଅଭାବ ଆଦି ସାମାଜିକ ବ୍ୟବାସ୍ଥା ବିରୁଦ୍ଧରେ 'ଜେନ୍ ଜେଡ୍' ଯୁବପିଢ଼ିଙ୍କ ଏକ ଯୁଦ୍ଧ କହିଲେ ଭୁଲ ହେବନାହିଁ । ଯଦି କେହି ଦୁର୍ନୀତିକୁ ସମାଧାନ କରିବା ପରିବର୍ତ୍ତେ କ୍ରୋଧକୁ ଚୁପ୍ କରିବାକୁ ଚେଷ୍ଟା କରନ୍ତି ତା'ହେଲେ ନେପାଳ ଅବସ୍ଥା ଅନ୍ୟରାଷ୍ଟ୍ରରେ ହୋଇପାରେ ବୋଲି ସେମାନେ ସାରା ବିଶ୍ୱକୁ ଏକ ବାର୍ତ୍ତା ମାଧ୍ୟମରେ ଚେତାଇ ଦେଇଛନ୍ତି । ବୃଦ୍ଧି ପାଉଥିବା ପ୍ରଦୂଷଣ ସ୍ତର, ପ୍ଲାଷ୍ଟିକର ଅଧିକ ବ୍ୟବହାର, ବେକାରୀ, ପୋଷଣଯୁକ୍ତ ଖାଦ୍ୟର ଅଭାବ, ଦରଦାମ ବୃଦ୍ଧି, ଶିକ୍ଷାର ଘରୋଇକରଣ, ବ୍ୟୟବହୁଳ ସ୍ୱାସ୍ଥ୍ୟସେବା, ଦୁର୍ନୀତି, ଖଣି ଖଦାନ ମାଧ୍ୟମରେ ଦେଶର ଅର୍ଥ ଲୁଟ ଏବଂ ପରିବେଶଗତ ସମସ୍ୟା ସହିତ ଅଳ୍ପସଂଖ୍ୟକ ଖଳବ୍ୟକ୍ତିଙ୍କର ପରିବାର ରାଜକୋଷ ଲୁଟ୍ କରି ଅୟସରେ ଜୀବନଯାପନ ସେମାନଙ୍କ ଭବିଷ୍ୟତକୁ ସିଧାସଳଖ ପ୍ରଭାବିତ କରିଥିଲା । ସେମାନେ କେବଳ ନିଜ ପାଇଁ ନୁହେଁ, ବରଂ ଆଗାମୀ ପିଢ଼ି ପାଇଁ ମଧ ଏକ ସ୍ୱଚ୍ଛ ପରିବେଶ ଓ ସମାଜ ଚାହିଁଥିଲେ ।

'ଜେନ୍ ଜେଡ୍' ସାମାଜିକ ବ୍ୟବସ୍ଥା ଏବଂ ସ୍ୱଚ୍ଛତାର ଅଭାବ ଥିବା ବ୍ୟବସ୍ଥାକୁ ପ୍ରଶ୍ନ କରିବାକୁ ବ୍ୟଗ୍ର ରହିଥା'ନ୍ତି । ସେମାନଙ୍କ ପାଇଁ ଏକ ସ୍ୱଚ୍ଛ ସମାଜର ଅର୍ଥ ହେଉଛି ସାର୍ବଜନୀନ ଜୀବନରେ ସଚ୍ଚୋଟତା ଏବଂ ପ୍ରତିଷ୍ଠାନରେ ନିରପେକ୍ଷତା । ଏହି କାରଣରୁ ଦୁର୍ନୀତି ବିରୁଦ୍ଧରେ ଆନ୍ଦୋଳନ ଏବଂ ଦାୟିତ୍ୱ ପାଇଁ ଦାବି ନେପାଳରେ ଛାତ୍ରଛାତ୍ରୀ, ଯୁବକମାନେ ବୟସ୍କଙ୍କଠାରୁ ଦୃଢ଼ ସମର୍ଥନ ପାଇଥିଲା । ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, 'ଜେନ୍ ଜେଡ୍' ବୈଷୟିକ ଜ୍ଞାନକୌଶଳ ସମ୍ପନ୍ନ ଏବଂ ସମାଧାନ-ମୁଖୀ । ଯେଉଁ ବ୍ୟକ୍ତି ମୋବାଇଲ, କମ୍ପ୍ୟୁଟର, ଇଣ୍ଟରନେଟ୍, ଡିଜିଟାଲ ଉପକରଣ ବାବଦରେ ଜ୍ଞାନୀ ଏବଂ ସେଗୁଡ଼ିକୁ ସହଜରେ ବ୍ୟବହାର କରିପାରେ, ନୂଆ-ନୂଆ ଟେକ୍ନୋଲୋଜିକୁ ଗ୍ରହଣ କରିପାରେ ଏବଂ ଯେଉଁ ବ୍ୟକ୍ତି ସମସ୍ୟାରେ ବୁଡ଼ିରହିବା ଅପେକ୍ଷା ସମାଧାନ ଖୋଜିବାକୁ ଧ୍ୟାନ ଦେଇଥାଏ ସେମାନେ ହିଁ ପରିବର୍ତ୍ତନ ଆଣିପାରିବେ ।

'ଜେନ୍ ଜେଡ୍' କେବଳ ଅଭିଯୋଗ କରନ୍ତି ନାହିଁ ଉପାୟ ମଧ ଦେଇଥା'ନ୍ତି । ଆବର୍ଜନାର ପୃଥକୀକରଣ ଅଭିଯାନ ହେଉ, ସମାଜ ସଚେତନତା କାର୍ଯ୍ୟକ୍ରମ ହେଉ କିମ୍ବା ଅନଲାଇନର ବ୍ୟବହାର ହେଉ, ସବୁକ୍ଷେତ୍ରରେ ସମସ୍ୟା ସମାଧାନରେ ସେମାନେ ପାରଙ୍ଗମ । ସେମାନେ ବିଶ୍ୱାସ କରିଥିଲେ ଯେ ପ୍ରଯୁକ୍ତିବିଦ୍ୟା ପ୍ରକୃତ ପରିବର୍ତ୍ତନ ଆଣିପାରେ, ଏକ ସୁସ୍ଥ ସମାଜ ଗଢିବାରେ ସହାୟକ ହୋଇପାରେ । କିନ୍ତୁ ବର୍ତ୍ତମାନର ଶିକ୍ଷା, ସ୍ୱାସ୍ଥ୍ୟ, ନ୍ୟାୟିକ, ରାଜନୈତିକ, ଆର୍ଥିକ ଓ ସାମାଜିକ ବ୍ୟବସ୍ଥାରେ ଯେପରି ଭାବରେ ଦ୍ରୁତ ଅବକ୍ଷୟ ଘଟିଚାଲିଛି, ତାହାକୁ ସେମାନେ ଖୁବ ସମ୍ବେଦନଶୀଳ ଭାବରେ ପର୍ଯ୍ୟବେକ୍ଷଣ କରୁଛନ୍ତି । ସମୟ ପୂର୍ବରୁ ସେମାନଙ୍କ ସୁରକ୍ଷିତ ଭବିଷ୍ୟତ ପାଇଁ ଉତ୍ତମ ଶିକ୍ଷାବ୍ୟବସ୍ଥା, ସୁଲଭ ସ୍ୱାସ୍ଥ୍ୟ ସେବା, ପ୍ରଦୂଷଣ ମୁକ୍ତ ପରିବେଶ, ରୋଜଗାର ମାଧ୍ୟମ, ସମାଜବାଦୀ କାର୍ଯ୍ୟକ୍ରମ, ପୋଷଣ ଯୁକ୍ତ ଖାଦ୍ୟବ୍ୟବସ୍ଥା, ଦୁର୍ନୀତିମୁକ୍ତ ଶାସନ ବ୍ୟବସ୍ଥା ଆଦି ପ୍ରଚଳିତ ନହେଲେ ଖୁବ ଶୀଘ୍ର ସାରା ବିଶ୍ୱରେ ଏକ ନୂତନ ସମୀକରଣ ସୃଷ୍ଟି ହେବ, ଯାହାକୁ ସମସ୍ତଙ୍କୁ ମାନିବାକୁ ପଡ଼ିବ । କାରଣ ବିଶ୍ୱର ଭବିଷ୍ୟତର ମାଲିକ 'ଜେନ୍ ଜେଡ୍' ପିଢ଼ି ।

ଭୁବନେଶ୍ୱର, ମୋ: ୯୪୩୭୧୨୩୮୯୨

## ଡିଜିଟାଲ୍ ସହାନୁଭୂତି

ଡ. ସନ୍ତୋଷ କୁମାର ବିଶ୍ୱାଳ

ଏହା କହିବା ପାଇଁ ପର୍ଯ୍ୟାପ୍ତ ଯେ ସାରାବିଶ୍ୱକୁ ଏବେ ସହାନୁଭୂତି ଓ ଆରୋଗ୍ୟର ଆବଶ୍ୟକତା ଅଛି । ବିଶ୍ୱ ଏବେ ବିଭାଜନ, ଦ୍ୱନ୍ଦ୍ୱ ଓ ସଂଘର୍ଷ ଦେଇ ଗତି କରୁଛି, ଯାହା ବୁଝାମଣା ଓ କରୁଣାର ଅଭାବରୁ ସୃଷ୍ଟି ହୋଇଛି । ୟୁକ୍ରେନରେ ରୁଷିଆ ଆକ୍ରମଣ ହେଉ କିମ୍ବା ନୂଆଦିଲ୍ଲୀର ଅନେକ ସ୍କୁଲକୁ ସମ୍ପ୍ରତି ବୋମା ଧମକ କିମ୍ବା ଦିଲ୍ଲୀରେ ବୁଲା କୁକୁରଙ୍କ ଉପରେ ଭାରତର ସୁପ୍ରିମକୋର୍ଟଙ୍କ ରାୟ । ଏସବୁ ଘଟଣା ଏହି ବର୍ଷରେ ଘଟିଛି ।

ନୂଆଦିଲ୍ଲୀରେ ଗୋଟିଏ ସପ୍ତାହରୁ କମ୍ ସମୟ ମଧରେ ଚତୁର୍ଥ ଥର ପାଇଁ ଅନେକ ସ୍କୁଲକୁ ବୋମା ଧମକ ଦିଆଯାଇଥିଲା, ଯାହା ଫଳରେ ଜରୁରୀକାଳୀନ ପରିସ୍ଥିତି ସୃଷ୍ଟି ହୋଇଥିଲା ଏବଂ ସତର୍କତା ଏବଂ ସୁରକ୍ଷା ବୃଦ୍ଧି କରାଯାଇଥିଲା । ଯଦିଓ ବୋମା ଧମକ ଏକ ମିଥ୍ୟା ସତର୍କତା ବୋଲି ଜଣାପଡ଼ିଥିଲା, ଆଇନ ପ୍ରବର୍ତ୍ତନ ଏବଂ ଜନ ସୁରକ୍ଷା ଅଧିକାରୀମାନେ ପ୍ରତ୍ୟେକ ବୋମା ଧମକ ଉପରେ ତତ୍ପରତାର ସହିତ କାର୍ଯ୍ୟ କରିଥିଲେ । ଏହି ଧମକଗୁଡ଼ିକୁ ନେଇ ସର୍ବସ୍ତରୀୟ ନିନ୍ଦା ପ୍ରକାଶ ହୋଇଛି ଏବଂ ଏହା ଜାତୀୟ ମନୋବିକାଶର ଆକାର ନେଇ ସୋସିଆଲ ମିଡିଆରେ ସହାନୁଭୂତି ପ୍ରକାଶ କରୁଥିବା ପୋଷ୍ଟରେ ଭରି ରହିଛି ।

ନେଟିଜେନ୍‌ମାନେ ସୋସିଆଲ ମିଡିଆ ମାଧ୍ୟମରେ ସେମାନଙ୍କର ଭାବନା ପ୍ରକାଶ କରୁଛନ୍ତି । ଅଧିକାଂଶ କ୍ରୋଧ ଓ ସହାନୁଭୂତି ପ୍ରକାଶ କରୁଛି, ଯାହା ଅନଲାଇନ୍ ପ୍ଲାଟଫର୍ମଗୁଡ଼ିକରେ ସାମୂହିକ ପ୍ରତିକ୍ରିୟାକୁ ଆକାର ଦେଇଛି । ସଂଘର୍ଷକୁ ସାବଧାନତାର ସହିତ ପରିଚାଳନା କରିବାର ଅଭ୍ୟାସ, ଡିଜିଟାଲ୍ କ୍ଲାନ୍ତି ବିଷୟରେ ସଚେତନତା ଏବଂ ଡିଜିଟାଲ୍ ସମ୍ପ୍ରେଷଣରେ ନିଜ ପ୍ରତି ସହାନୁଭୂତି ଏହି ସବୁକିଛି ଡିଜିଟାଲ୍ ସହାନୁଭୂତିକୁ ସମର୍ଥନ କରିବାର ସର୍ବୋତ୍ତମ ମାନକ ବୋଲି ଗ୍ରହଣ କରାଯାଇଛି । ଏହା ଡିଜିଟାଲ୍ ମିଡିଆ ସାକ୍ଷରତାର ଆବଶ୍ୟକତାକୁ ସ୍ପଷ୍ଟ କରେ । ଡିଜିଟାଲ୍ ସହାନୁଭୂତି ଓ ସମ୍ମିଶ୍ରଣ ସଂସ୍କୃତି ସହିତ ଜଡ଼ିତ, ଯାହା ଲୋକମାନଙ୍କର ମାଧ୍ୟମ ସହିତ ସମ୍ପର୍କରେ ଏକ ପରିବର୍ତ୍ତନକୁ ପ୍ରକାଶ କରେ । ସମବେଦନା ଖୋଜିବା ପାଇଁ ସୋସିଆଲ ମିଡିଆର ବୃଦ୍ଧି ମଧରେ ଆଧୁନିକ ଜୀବନଶୈଳୀ ଆମକୁ ଆମ ଡିଜିଟାଲ ଜୀବନରେ ଡିଜିଟାଲ ସହାନୁଭୂତି ଖୋଜିବାକୁ ବାଧ କରିଛି । ଦିଲ୍ଲୀର ବୁଲା କୁକୁର ନୀତି ପରିବର୍ତ୍ତନ ପରେ, ଡିଜିଟାଲ୍ ସହାନୁଭୂତି ନୂଆ ଦୃଷ୍ଟିକୋଣ ସହିତ ପ୍ରମୁଖ ହୋଇଥିଲା । ଡିଜିଟାଲ ଦୃଶ୍ୟରେ କିଛି ରାଜନେତାଙ୍କ ମତ ବିଭାଜିତ ହୋଇଥିଲା । ନେଟିଜେନମାନେ ସାର୍ବଜନୀନ ସୁରକ୍ଷା ଏବଂ ପଶୁକଲ୍ୟାଣର ଆଲୋଚନାରେ ନିୟୋଜିତ ଥିଲେ ।

ଡିଜିଟାଲ୍ ସାର୍ବଜନୀନ କ୍ଷେତ୍ରରେ ସମାନ ପ୍ରକାରର ସମବେଦନା ଦେଖାଯାଇଛି । ଏହି ବର୍ଷ ଆରମ୍ଭରେ ବେଙ୍ଗାଲୁରୁର ଜଣେ ପିତା ଏବଂ ୟୁଆଣ୍ଡଆଇର ସହପ୍ରତିଷ୍ଠାତା ଅଜିତ ଶିବରାମ, ଯିଏ ଶିକ୍ଷା ଓ ଅବହେଳିତ ପିଲାମାନଙ୍କ ପ୍ରତି ତାଙ୍କର ସମର୍ପଣ ପାଇଁ ଜଣାଶୁଣା, ଲିଙ୍କଡିନ୍‌ରେ ଏକ ପୋଷ୍ଟ ଲେଖିଥିଲେ ଯେ ଭାରତରେ ଝିଅମାନଙ୍କୁ ପାଳନ ପୋଷଣ କରିବା ଏକ କ୍ରାନ୍ତିକାରୀ କାର୍ଯ୍ୟ । ଯେତେବେଳେ ମହାକୁମ୍ଭ ସାରା ବିଶ୍ୱରେ ଭକ୍ତ, ଦାର୍ଶନିକ ଓ ଗବେଷକଙ୍କ ଭିଡ଼ ଜମିଥିଲା, ସେତେବେଳେ ଆଇଆଇଟି ବମ୍ବେର ପୂର୍ବତନ ଛାତ୍ର ଅଭୟ ସିଂହ, ଯିଏ ବାୟୁମଣ୍ଡଳ ଇଞ୍ଜିନିୟରିଂରେ ନିଜ କ୍ୟାରିଅରକୁ ଛାଡ଼ି ଆଧ୍ୟାତ୍ମିକତାକୁ ଅନୁସରଣ କରିଛନ୍ତି, ତାଙ୍କର ବ୍ୟକ୍ତିଗତ ସଂଘର୍ଷ ଓ ସାଧନା ପଥଗୁଡ଼ିକୁ ସେୟାର କରିଥିଲେ, ଯାହା ସୋସିଆଲ ମିଡିଆ ଉପଭୋକ୍ତାମାନଙ୍କ ମଧରେ ସହାନୁଭୂତିପୂର୍ଣ୍ଣ ସମ୍ପର୍କ ସୃଷ୍ଟି କରିଥିଲା ।

ଯେତେବେଳେ ଆମର କାର୍ଯ୍ୟ ସମ୍ପର୍କ ସ୍କ୍ରିନ୍ ଦ୍ୱାରା ମଧ୍ୟସ୍ଥତାରେ ପରିଣତ ହୁଏ, ବ୍ୟକ୍ତିବିଶେଷମାନେ ସଚେତନ ଭାବରେ ନିଜର କାର୍ଯ୍ୟସ୍ଥଳରେ ସହକର୍ମୀମାନଙ୍କ ପାଇଁ ସହାନୁଭୂତି ପ୍ରକାଶ କରିବା ଦରକାର । ଆମେ ଏପରି ଏକ ଯୁଗରେ ଅଛୁ, ଯେଉଁଠାରେ ବୈଷୟିକ ଦକ୍ଷତା ଆବଶ୍ୟକ । କିନ୍ତୁ ସେମାନେ ନିଜେ ପର୍ଯ୍ୟାପ୍ତ ନୁହେଁ । ଭାବପ୍ରବଣ ବୁଦ୍ଧିମତ୍ତା, ବିଶେଷକରି ଡିଜିଟାଲ୍ ସହାନୁଭୂତି ପ୍ରଭାବଶାଳୀ ନେତୃତ୍ୱ ପାଇଁ ଏକ ମୁଖ୍ୟ କୌଶଳ ହୋଇଛି । କୋଭିଡ୍ ସମୟରେ ଏହିପ୍ରକାରର ସହାନୁଭୂତି ଖୁବ୍ ପ୍ରକାଶ ପାଇଥିଲା, ଯେତେବେଳେ ଡିଜିଟାଲ୍ ପ୍ଲାଟଫର୍ମଗୁଡ଼ିକ ଭାବପ୍ରବଣ ସଂଯୋଗ, ମାନସିକ ସ୍ୱାସ୍ଥ୍ୟ ସହାୟତା ପାଇଁ ଏକ ମଧ୍ୟସ୍ଥତା ସ୍ଥାନରେ ପରିଣତ ହୋଇଥିଲା ।

ଭୌଗୋଳିକ, ସାମାଜିକ, ଆର୍ଥିକ ଓ ସାଂସ୍କୃତିକ କାରଣଗୁଡ଼ିକୁ ବିଚାର କରି ଡିଜିଟାଲ୍ ସହାନୁଭୂତିର ଅନ୍ତର୍ଦୃଷ୍ଟି, ପ୍ରକାଶନ ଓ ଅଭ୍ୟାସ ଭିନ୍ନ ହୁଏ । ଏହା ସ୍ପଷ୍ଟ ଭାବରେ ଗ୍ଲୋବାଲ୍ ଉତ୍ତର ଓ ଗ୍ଲୋବାଲ୍ ଦକ୍ଷିଣ ମଧରେ ଏକ ଦ୍ୱିଭାଜନ ସୃଷ୍ଟି କରେ । ଗ୍ଲୋବାଲ୍ ଉତ୍ତରରେ, ଡିଜିଟାଲ୍ ସହାନୁଭୂତି ଏକ ବ୍ୟକ୍ତିଗତ ପ୍ରକୃତିର ଥାଏ, ଯାହାର ବୃହତ ସାମାଜିକ ପ୍ରଭାବ ଥାଏ । ପ୍ରତିପକ୍ଷରେ, ଗ୍ଲୋବାଲ୍ ଦକ୍ଷିଣରେ ଏପରି ସହାନୁଭୂତି ସାଧାରଣତଃ ସମୁଦାୟକେନ୍ଦ୍ରିତ ଥାଏ, ଯାହା ପ୍ରଧାନତଃ ତତ୍କାଳିକ ଆବଶ୍ୟକତା ପୂରଣ ପାଇଁ ଏବଂ ପ୍ରାୟତଃ ଭିତ୍ତିଭୂମି ଚ୍ୟାଲେଞ୍ଜ ଏବଂ ସାମାଜିକ-ଆର୍ଥିକ ଅସମାନତା ଦ୍ୱାରା ସୃଷ୍ଟି ହୋଇଥିବା ବାଧା ହୁଏ ।

ଭାରତରେ ଡିଜିଟାଲ୍ ସହାନୁଭୂତି ଏବେ ବି ପ୍ରାରମ୍ଭିକ ଅବସ୍ଥାରେ ଅଛି । ଡିଜିଟାଲ୍ ସାର୍ବଜନୀନ କ୍ଷେତ୍ରରେ ମାନବୀୟ ସମ୍ପର୍କ ଓ ସମ୍ବେଦନଶୀଳତାକୁ ରକ୍ଷା କରିବା ପ୍ରାଥମିକତା ପାଇବା ଆବଶ୍ୟକ । ସେହି ସମୟରେ ଡିଜିଟାଲ୍ ବିଭାଜନକୁ ସମାଧାନ କରିବା, ସମାବେଶୀ ଓ ସୁରକ୍ଷିତ ସ୍ଥଳକୁ ପୁନଃକଳ୍ପନା କରିବା, ସାମାଜିକ ଉପକାର ପାଇଁ ଡିଜିଟାଲ୍ ସହାନୁଭୂତିକୁ ପ୍ରୋତ୍ସାହିତ କରିବା ଏବଂ ଆନ୍ତଃସଂସ୍କୃତି ସହାନୁଭୂତିକୁ ବୃଦ୍ଧି କରିବା ଆବଶ୍ୟକ ହୋଇଛି ।

(ସହଯୋଗୀ ପ୍ରାଧ୍ୟାପକ, ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟ)

ଭୁବନେଶ୍ୱର, ମୋ: ୮୩୩୧୮୧୪୫୮୨

## ବିଦୁର ଛତା-ମୂଳକ ଚୌରା ମଠ

### ଲୋକକଥାରେ ଲୋକଦେବତା

ସ୍ୱପ୍ନେଶ୍ୱର

ମହାଭାରତ ଯୁଦ୍ଧ ପୂର୍ବରୁ ଶେଷପ୍ରୟାସ ସ୍ୱରୂପ ଶ୍ରୀକୃଷ୍ଣ ଶାନ୍ତିଦୂତ ଭାବେ ହସ୍ତିନା ଦରବାରକୁ ଯାଇଥିବା ବେଳେ ମହାତ୍ମା ବିଦୁରଙ୍କ ଘରେ ବିନା ଡାକରାରେ ଅତିଥି ହୋଇ ଖାଇବାକୁ ପହଞ୍ଚି ଗଲେ । ବିଦୁର ଥିଲେ ସମ୍ପର୍କରେ ରାଜା ଧୃତରାଷ୍ଟ୍ରଙ୍କ ଭାଇ ଓ ହସ୍ତିନା ଦରବାରର ମହାମନ୍ତ୍ରୀ । ଗୁରୁତ୍ୱପୂର୍ଣ୍ଣ ପଦବୀ ମଣ୍ଡନ କରୁଥିଲେ ମଧ ସେ ରାଜକୋଷରୁ ପାରିଶ୍ରମିକ ବାବଦରେ କଡ଼ାଏ କଉଡ଼ି ଗ୍ରହଣ କରୁ ନ ଥିଲେ । ତେଣୁ ଅଭାବ ଅନଟନ ଭିତରେ ତାଙ୍କର ଜୀବନ ବିତୁଥିଲା । ଦ୍ୱାରକାଧୀଶଙ୍କ ପରି ଜଣେ ରାଜକୀୟ ଅତିଥିଙ୍କ ସତ୍କାରରେ ବିଦୁର ପତିପତ୍ନୀ ଅତ୍ୟନ୍ତ ଭକ୍ତି ସହକାରେ ତିନୋଟି ଖୁଦପିଠା ପରଶି ଦେଲେ । ଖୁଦପିଠା ଖାଇ ଶ୍ରୀକୃଷ୍ଣ ପରମ ତୃପ୍ତିଲାଭ କଲେ । ସେ ପିଠାର ସ୍ୱାଦରେ ମୁଗ୍ଧ ହୋଇ ବାରମ୍ବାର ଖାଇବା ପାଇଁ ତାଙ୍କ ମନରେ ଅଭିଳାଷ ସୃଷ୍ଟି ହେଲା । ଭକ୍ତ ବିଦୁର ମଧ ଶ୍ରୀକୃଷ୍ଣଙ୍କ ସନ୍ତୋଷ ଭାବ ଦେଖି ବାରମ୍ବାର ସେ ପିଠା ଖୁଆଇବା ପାଇଁ ଅଭିଳାଷ ପୋଷଣ କଲେ ।

ଦ୍ୱାପର ଯୁଗର ଅବସାନ ପରେ ଶ୍ରୀକୃଷ୍ଣ କଳି ଯୁଗରେ ଜଗନ୍ନାଥ ରୂପେ ନୀଳାଚଳରେ ଆବିର୍ଭୂତ ହେଲେ । ମହାତ୍ମା ବିଦୁର ତାଙ୍କର ପୂର୍ବଇଚ୍ଛା ଚରିତାର୍ଥ କରିବା ପାଇଁ ପୁଣି ଥରେ ନର ଦେହ ଧରି ଶ୍ରୀକ୍ଷେତ୍ରରେ ଆବିର୍ଭୂତ ହେଲେ । ସେ ସ୍ୱର୍ଗଦ୍ୱାର ନିକଟରେ ଏକ ଚଉରା ପାଖରେ ଗୋଟିଏ ଛତା ତଳେ ବାସ କଲେ ଏବଂ ତିନୋଟି ଖୁଦପିଠା ପ୍ରସ୍ତୁତ କରି ମହାପ୍ରଭୁଙ୍କୁ ସମର୍ପଣ କଲେ । ମହାପ୍ରଭୁ ଏ ପ୍ରକାର ମଉକାକୁ ଅପେକ୍ଷା କରିଥିଲେ । ତେଣୁ ସେ ବିଦୁରଙ୍କ ପାଖକୁ ଯାଇ ଖୁଦ ପିଠା ଭୋଜନ କରିବାକୁ ଲାଗିଲେ । ଏ ପଟେ ମହାପ୍ରଭୁଙ୍କ ମଣୋହି ପାଇଁ ସେବକମାନେ ଛପନଭୋଗ ବାଢ଼ିଲେ । କିନ୍ତୁ ସେତେବେଳେ ପ୍ରଭୁ ଶ୍ରୀମନ୍ଦିରରେ ଅନୁପସ୍ଥିତ ଥିବାରୁ ଚଳୁରେ ଦର୍ଶନ ଦେଲେ ନାହିଁ । କୌଣସି କାରଣରୁ ପ୍ରସାଦ ଅଶୁଦ୍ଧ ହୋଇଛି ବୋଲି ବିଚାର କରି ସେବକମାନେ ସେ ପ୍ରସାଦକୁ ପୋତି ଦେଇ ପୁଣି ନିଷ୍ଠାର ସହ ପ୍ରସାଦ ପ୍ରସ୍ତୁତ କଲେ । ପୁଣି ଥରେ ଧୂପ ବସିଲେ ମଧ ମହାପ୍ରଭୁ ଚଳୁରେ ଦର୍ଶନ ଦେଲେ ନାହିଁ । କଥାଟା ରାଜାଙ୍କ କାନକୁ ଗଲା । ପଣ୍ଡିତମାନଙ୍କ ସହ ବିଚାରବିମର୍ଶ ପରେ ମଧ ସେମାନେ କୌଣସି ନିର୍ଣ୍ଣୟରେ ପହଞ୍ଚି ପାରିଲେ ନାହିଁ ।

ଶ୍ରୀକ୍ଷେତ୍ରରେ ମୂଳକ ଦାସ ନାମରେ ଜଣେ ପରମ ଭକ୍ତ ସନ୍ନ୍ୟାସୀ ବାସ କରୁଥିଲେ । ମହାପ୍ରସାଦ ବିନା ସେ ଅନ୍ୟ କୌଣସି ଖାଦ୍ୟ ଗ୍ରହଣ କରୁ ନ ଥିଲେ । ଠାକୁର ଚଳୁରେ ଦର୍ଶନ ଦେଉ ନ ଥିବାରୁ ଖାଇବା ପାଇଁ ତାଙ୍କୁ ମହାପ୍ରସାଦ ମିଳିଲା ନାହିଁ । ଉପବାସ ରହି ସେ ଶଯ୍ୟାଶାୟୀ ହୋଇଗଲେ । ଦିନେ ମହାପ୍ରଭୁ ତାଙ୍କୁ ସ୍ୱପ୍ନରେ ଦର୍ଶନ ଦେଲେ । ମୂଳକ ସ୍ୱପ୍ନରେ ଦେଖିଲେ ଯେ ସମୁଦ୍ର କୂଳରେ ଏକ ଛତା ତଳେ ବିଦୁରଙ୍କ ଦ୍ୱାରା ପ୍ରସ୍ତୁତ ତିନୋଟି ଖୁଦ ମହାପ୍ରଭୁ ପରମ ସନ୍ତୋଷରେ ଭୋଜନ କରୁଥିଲେ । ତେଣୁ ସେ ଚଳୁରେ ଦର୍ଶନ ଦେଉ ନ ଥିଲେ । ତା'ପର ଦିନ ମୂଳକ ଦାସ ମନ୍ଦିର ଯାଇ ସେବକମାନଙ୍କ ଆଗରେ ସମସ୍ତ ବୃତ୍ତାନ୍ତ ବର୍ଣ୍ଣନା କଲେ । ବଡ଼ପଣ୍ଡାଙ୍କ ନେତୃତ୍ୱରେ କିଛି ସେବକ ସମୁଦ୍ର କୂଳକୁ ଯାଇ ଚଉରା ଆଢୁଆଳରେ ରହି ସମସ୍ତ କଥା ନିଜ ଆଖିରେ ଦେଖିଲେ ଏବଂ ମହାପ୍ରଭୁଙ୍କ ପ୍ରତ୍ୟକ୍ଷ ଦର୍ଶନ ଲାଭ କରି କୃତ୍ୟକୃତ୍ୟ ହେଲେ ।

ତା' ପରଦିନ ବଡ଼ପଣ୍ଡା ଓ ପରିଚ୍ଛାମାନଙ୍କ ନିର୍ଦ୍ଦେଶରେ ସୁଆରମାନେ ବିଦୁରଙ୍କ ଖୁଦପିଠା ଅନୁରୂପ ତିନୋଟି ଖୁଦପିଠା ପ୍ରସ୍ତୁତ କରି ଧୂପରେ ସମର୍ପଣ କଲେ । ଆଶ୍ଚର୍ଯ୍ୟର ବିଷୟ ଯେ ଖୁଦ ପିଠା ପାଇଲା ପରେ ମହାପ୍ରଭୁ ଚଳୁରେ ଦର୍ଶନ ଦେଲେ ଏବଂ ମନ୍ଦିରର ନୀତିକାନ୍ତି ପୂର୍ବପରି ଚାଲିଲା । ରାଜା ଏ ଖବର ପାଇ ମହାତ୍ମା ବିଦୁରଙ୍କୁ ଦର୍ଶନ କରିବା ପାଇଁ ସମୁଦ୍ର କୂଳରେ ପହଞ୍ଚିଲେ । କିନ୍ତୁ ସେତେବେଳକୁ ଭକ୍ତ ବିଦୁର ଅନ୍ତର୍ହିତ ହୋଇ ଯାଇଥିଲେ । ସନ୍ନ୍ୟାସୀ ମୂଳକ ଦାସ ଏହି ସତ୍ୟ ଉଦ୍‌ଘାଟନ କରିଥିବାରୁ ରାଜା ତାଙ୍କୁ ସମ୍ବର୍ଦ୍ଧିତ କଲେ ଏବଂ ସେ ଯାଗାକୁ ତାଙ୍କୁ ଆଶ୍ରମ କରିବା ପାଇଁ ଦାନ କରିଦେଲେ ।

ମୂଳକ ଦାସ ଜଣେ ସିଦ୍ଧ ସାଧକ ଥିଲେ । ସେ ମହାତ୍ମା ବିଦୁରଙ୍କ ଭକ୍ତିର ପରାକାଷ୍ଠା ଜାଣିଥିଲେ । ତେଣୁ ସେ ରାଜା ପ୍ରଦତ୍ତ ଜମିରେ ଏକ ମଠ ନିର୍ମାଣ କରି ତା'ର ନାମ 'ବିଦୁର ଛତା ମଠ' ରଖିଲେ । ସେ ମଧ ବିଦୁରଙ୍କ ସ୍ମୃତିରକ୍ଷା କରି ଦୈନିକ ତିନୋଟି ଖୁଦ ପିଠା ତିଆରି କରି ମହାପ୍ରଭୁଙ୍କ ସମର୍ପଣ କରିବାକୁ ଲାଗିଲେ । ମଠଟି ସନ୍ଥ ମୂଳକ ଦାସ ନିର୍ମାଣ କରିଥିବାରୁ କ୍ଷେତ୍ରବାସୀମାନେ ସେ ମଠକୁ 'ମୂଳକ ଚୌରା ମଠ' ବୋଲି କହିବାକୁ ଲାଗିଲେ । ସେହିଦିନଠାରୁ ମଠଟି ଦୁଇଟି ନାମରେ ପରିଚିତ ହେଲା - ବିଦୁର ଛତା ମଠ ଓ ମୂଳକ ଚୌରା ମଠ । ଆଜି ମଧ ମଠରେ ପ୍ରସ୍ତୁତ ଏବଂ ମହାପ୍ରଭୁଙ୍କୁ ସମର୍ପିତ ଖୁଦ ରୋଟିର ପ୍ରସାଦ ପାଇ ଭକ୍ତମାନେ ତୃପ୍ତ ହେଉଛନ୍ତି ।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342


ଲେଖା ଓ ଲୋକମତ ପାଇଁ: sakalaeditorial@gmail.com
ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ଅପରାଧ ଅଭିଯୁକ୍ତ କେନ୍ଦ୍ରମନ୍ତ୍ରୀଙ୍କ ଖଣି ପ୍ରତିନିଧି ନିଯୁକ୍ତ

■ ନିଯୁକ୍ତିର ବୈଧତା ଓ ଔଚିତ୍ୟକୁ ନେଇ ଉଠିଲା ପ୍ରଶ୍ନ
■ ଦଳରେ ବଢୁଛି ଅସନ୍ତୋଷ; ଖଣି ଶ୍ରମିକଙ୍କ ରୋଷ
■ ବାଧାପ୍ରାପ୍ତ ହୋଇପାରେ ଖଣିଜ ସାମଗ୍ରୀ ପରିବହନ

ଭୁବନେଶ୍ୱର୧୬/୯ (ସମିସ): ସାଧାରଣତଃ ବିଧାୟକ, ସାଂସଦମାନେ ସେମାନଙ୍କ ନିର୍ବାଚନ କ୍ଷେତ୍ର ଅଞ୍ଚଳରେ ବିକାଶମୂଳକ କାର୍ଯ୍ୟଗୁଡ଼ିକର ସମୀକ୍ଷା, ଅନୁଧ୍ୟାନ ଆଦି ନିମନ୍ତେ ପ୍ରତିନିଧି ନିଯୁକ୍ତି ଦେଇଥାଆନ୍ତି । ବ୍ଲକ, ପୌର ପରିଷଦ ଓ ଜିଲ୍ଲା ପରିଷଦ ସହ ଅନ୍ୟାନ୍ୟ ସରକାରୀ ପ୍ରତିଷ୍ଠାନରେ ଏହି ପ୍ରତିନିଧିମାନେ ସମ୍ପୃକ୍ତ ସାଂସଦ ବା ବିଧାୟକଙ୍କ ପ୍ରତିନିଧିତ୍ୱ କରିଥାଆନ୍ତି। ମାତ୍ର ସୁନ୍ଦରଗଡ଼ ଜିଲ୍ଲାରେ ଏବେ ଦେଖିବାକୁ ମିଳିଛି ଏକ ଭିନ୍ନ ଘଟଣା । ସୁନ୍ଦରଗଡ଼ ସାଂସଦ ତଥା କେନ୍ଦ୍ର ଆଦିବାସୀ କଲ୍ୟାଣମନ୍ତ୍ରୀ ଜୁଏଲ୍ ଓରାମ ଓଡ଼ିଶା ଖଣି ନିଗମ ଦ୍ୱାରା ପରିଚାଳିତ ଖଣ୍ଡାଧାର କୁର୍ମିତରା ଖଣି ନିମନ୍ତେ ବରସୁଆଁର ବାଗୁନ ଗାଗରାଇ ନାମକ ଜଣେ ବ୍ୟକ୍ତିଙ୍କୁ ନିଜ ପ୍ରତିନିଧି ଭାବରେ ନିଯୁକ୍ତି ଦେଇଛନ୍ତି। ଓଡ଼ିଶା ଖଣି ନିଗମ ରିଜିଓନାଲ ମ୍ୟାନେଜର ପି.କେ.ନାୟକଙ୍କୁ ଶ୍ରୀ ଓରାମଙ୍କ ସ୍ୱାକ୍ଷର ଥିବା ଏହି ଚିଠିଟି ଏବେ ସାମାଜିକ ଗଣମାଧ୍ୟମରେ ଘୂରିବୁଲୁଛି। କୌତୂହଳର କଥା ହେଉଛି ଏପରି ପ୍ରତିନିଧି ନିଯୁକ୍ତିର ଯୌକ୍ତିକତା ଓ ବୈଧତାକୁ ନେଇ ପ୍ରଶ୍ନ ଉଠିଥିବାବେଳେ ସରକାରଙ୍କ କୌଣସି ଖଣିରେ କୌଣସି ସାଂସଦ ବା ବିଧାୟକଙ୍କ ପ୍ରତିନିଧି ନିଯୁକ୍ତି ସମ୍ଭବତଃ ଏହା ପ୍ରଥମ ଘଟଣା ବୋଲି ଚର୍ଚ୍ଚା ହେଉଛି।

ସାଂସଦ ଓ ବିଧାୟକମାନେ ସ୍ଥାନୀୟ ପ୍ରତିନିଧି ନିଯୁକ୍ତି ସଂକ୍ରାନ୍ତ ନିୟମକୁ ନେଇ ଅନେକ ସମୟରେ ପ୍ରଶ୍ନ ଉଠିଥାଏ । ଏହା ସତ୍ତ୍ୱେ ଏହା ଏକ ପ୍ରଚଳିତ ବ୍ୟବସ୍ଥାରେ ପରିଣତ ହୋଇଛି ଏବଂ ସ୍ଥାନୀୟ ଅଞ୍ଚଳର ବିକାଶମୂଳକ କାର୍ଯ୍ୟ ସମ୍ପର୍କରେ ସାଂସଦ ବା ବିଧାୟକଙ୍କ ନିକଟରେ ସୂଚନା ପହଞ୍ଚାଇବା ଏପରି ପ୍ରତିନିଧି ନିଯୁକ୍ତିର ମୁଖ୍ୟ ଉଦ୍ଦେଶ୍ୟ ବୋଲି କୁହାଯାଏ । ମାତ୍ର ରାଜ୍ୟ ସରକାରଙ୍କ ଦ୍ୱାରା ପରିଚାଳିତ ଖଣିରେ ସାଂସଦ ତଥା କେନ୍ଦ୍ରମନ୍ତ୍ରୀ ଶ୍ରୀ ଓରାମଙ୍କ ପ୍ରତିନିଧି ନିଯୁକ୍ତିର ଆଧାରର ଔଚିତ୍ୟକୁ ନେଇ ଏବେ ପ୍ରଶ୍ନ ଉଠିଛି । ଚିଠିରେ କୁହାଯାଇଛି ଯେ ତାଙ୍କ ପ୍ରତିନିଧି ବାଗୁନ୍ ଗଗ୍ରାଇ ସାଂସଦଙ୍କ ପକ୍ଷରୁ ଖଣିର ବିଭିନ୍ନ କଥା ବୁଝାବୁଝି କରିବେ, ଅଫିସରମାନଙ୍କ ସହ କଥା ହେବେ । ଖଣି ପରିଚାଳନା ବୈଠକରେ ସଂସଦଙ୍କ ପକ୍ଷରୁ ଯୋଗ ଦେଇ ନିଜ ପରାମର୍ଶ ଦେବେ। ଅନ୍ୟପକ୍ଷରେ ଖଣ୍ଡାଧାର କୁର୍‌ମିତରା ଖଣିରେ ପ୍ରତିନିଧି ରୂପେ ବାଗୁନ୍ ଗଗ୍ରାଇଙ୍କୁ କେନ୍ଦ୍ରମନ୍ତ୍ରୀ ବାଛିବା ଓ ନିଜ ସରକାରୀ


JUAL ORAM
MTA/RKC/... 2025
Dt - 25/08/2025
Dear Sir,
I hereby authorize Shri Bagun Gagrai, residing At/Po-Barsuan, Ps- Lahunipara, Dist. Sundargarh, Odisha, Mobile No. 9437639102, as my Representative of Khandadhar Kurmitra Mines (OMC) to look after matters on my behalf as authorized representative.
He is authorized to interact with all officials on various activities and attend all the meetings and make recommend / suggestion on my behalf as my representative.
With Regards,
Yours sincerely,
(JUAL ORAM)
Shri P.K. Nayak,
Regional Manager, OMC,
At/Po-Koira, Dist-Sundargarh,
Odisha.

ଲେଟରପ୍ୟାଡ୍‌ରେ ଓମ୍‌ସି ରିଜିଓନାଲ ମ୍ୟାନେଜରଙ୍କୁ ଚିଠି ଲେଖିବା ସୁନ୍ଦରଗଡ଼ ଜିଲ୍ଲାରେ ଆଲୋଡ଼ନ ସୃଷ୍ଟି ହୋଇଛି ।

ଅନ୍ୟପକ୍ଷରେ କେନ୍ଦ୍ରମନ୍ତ୍ରୀଙ୍କ ପ୍ରତିନିଧି ରୂପେ ନିଯୁକ୍ତି ପତ୍ର ପାଇବା ପରେ ବାଗୁନ୍ ଗଗ୍ରାଇଙ୍କ ନିଯୁକ୍ତିକୁ ନେଇ ସ୍ଥାନୀୟ ବିଜେପି ନେତା ଓ ଖଣି ଶ୍ରମିକଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଛି। ଲହୁଣୀପଡ଼ା ସହ ଜିଲ୍ଲାର ବିଭିନ୍ନ ଥାନାରେ ବିଭିନ୍ନ ସଙ୍ଗୀନ ଓ ସାଂଘାତିକ ଅପରାଧ ମାମଲା ରୁଜୁ ହୋଇଥିବା ଜଣେ ବ୍ୟକ୍ତିଙ୍କୁ କେନ୍ଦ୍ରମନ୍ତ୍ରୀ ନିଜ ପ୍ରତିନିଧି ନିଯୁକ୍ତି ଦେବାକୁ ଅନେକ ନାପସନ୍ଦ କରିଛନ୍ତି । ଅନ୍ୟପକ୍ଷରେ କେନ୍ଦ୍ରମନ୍ତ୍ରୀଙ୍କ ପ୍ରତିନିଧି ହେବା ପରେ ଖଣିରେ ନିଜର ପତିଆରା ଜାହିର କରିବା ପାଇଁ ପୁରା ଦମ୍ ଲଗାଇ ଦେଇଛନ୍ତି ବାଗୁନ୍। ଖଣିରୁ ଖଣିଜ ସାମଗ୍ରୀ ପରିବହନ ନିମନ୍ତେ ନିଯୁକ୍ତ ଠିକାଦାରଙ୍କୁ ଚିଠି ଲେଖି ବିଭିନ୍ନ ଦାବି ପୂରଣ ପାଇଁ ଚେତାବନୀ ଦେଇଛନ୍ତି। ଯାହା ସ୍ଥାନୀୟ ଅଞ୍ଚଳରେ ଆଲୋଡ଼ନ ସୃଷ୍ଟି କରିଛି ଓ ଖଣିରୁ ଖଣିଜ ସାମଗ୍ରୀ ପରିବହନ ବାଧାପ୍ରାପ୍ତ ହେବାର ଆଶଙ୍କା ସୃଷ୍ଟି ହୋଇଛି ।

# ପୀଡ଼ିତାଙ୍କୁ ଭେଟିଲା ବିଜେଡିର ମହିଳା ଫ୍ୟାକ୍ଟ ଫାଇଣ୍ଡିଂ ଟିମ୍

ପୁରୀ,୧୬।୯ (ସମିସ): ବିଜୁ ଜନତା ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ବିଜେଡିର ଏକ ମହିଳା ଫ୍ୟାକ୍ଟଫାଇଣ୍ଡିଂ ଟିମ୍ ଆଜି ବାଲିହରଚଣ୍ଡୀ ଗଣଦୁଷ୍କର୍ମ ପୀଡ଼ିତାଙ୍କୁ ଭେଟିଛନ୍ତି। ଆଜି ସଂଧ୍ୟାରେ ପୁରୀ କୋର୍ଟରେ

## ଏସ୍‌ପିଙ୍କୁ ଭେଟି ପୀଡ଼ିତାଙ୍କୁ ସୁରକ୍ଷା ଦେବା ପାଇଁ ଦାବି ରଖିଲେ



ବୟାନ ରେକର୍ଡ ପାଇଁ ହାଜର ହେବା ଅବସରରେ ପୀଡ଼ିତା ଓ ତାଙ୍କ ପରିବାରକୁ ବିଞ୍ଝାରପୁର ବିଧାୟିକା ତଥା ପୂର୍ବତନ ମନ୍ତ୍ରୀ ପ୍ରମିଳା ମଲ୍ଲିକଙ୍କ ନେତୃତ୍ୱରେ ବିଜେଡିର ମହିଳା ଟିମ୍ ଭେଟି ଘଟଣା ସଂପର୍କରେ ପଚାରି ବୁଝିଥିଲେ। ପୀଡ଼ିତାଙ୍କୁ ଆଶ୍ୱାସନା ଦେବା ସହ ତାଙ୍କ ପରିବାରକୁ ନ୍ୟାୟ ନମିଳିବା ପର୍ଯ୍ୟନ୍ତ ବିଜେଡି ସାଥୀରେ ରହିବ ବୋଲି କହିଥିଲେ। ପରେ ଏହି ଫ୍ୟାକ୍ଟଫାଇଣ୍ଡିଂ ଟିମ୍ ଏସ୍‌ପି ପ୍ରତୀକ ସିଂଙ୍କୁ ତାଙ୍କ କାର୍ଯ୍ୟାଳୟରେ ଭେଟି ଘଟଣାର ତଦନ୍ତ ଓ ଅଗ୍ରଗତି ସଂପର୍କରେ ଆଲୋଚନା କରିଥିଲେ। ଏହାସହ ପୀଡ଼ିତା ଓ ତାଙ୍କ ପରିବାର ଭୟରେ ଥିବାରୁ ସୁରକ୍ଷା ଯୋଗାଇବା ପାଇଁ ଏସ୍‌ପିଙ୍କୁ କହିଥିଲେ। ସେହିପରି, ଘଟଣାର ଶୀଘ୍ର ତଦନ୍ତ କରି ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନ ପାଇଁ ଦାବି କରିଥିଲେ।

ପୂର୍ବତନ ମନ୍ତ୍ରୀ ସଞ୍ଜୟ ଦାସବର୍ମା, ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆଙ୍କ ସଂଯୋଜନାରେ ଆସିଥିବା ଏହି ଟିମ୍‌ରେ ପୂର୍ବତନ ସାଂସଦ ଡା. ରାଜଶ୍ରୀ ମଲ୍ଲିକ, ପୁରୀ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ, ବ୍ରହ୍ମଗିରି ବ୍ଲକ ଅଧ୍ୟକ୍ଷା ରତ୍ନମାଳା ବେହେରା, ଉପାଧ୍ୟକ୍ଷା ମାଳିନୀ ଦଳାଇ, ସ୍ଥାନୀୟ ସରପଞ୍ଚ ରାଧାରାଣୀ ଦଳାଇ ପ୍ରମୁଖ ସାମିଲ ଥିଲେ।

ପୁରୀ ଜିଲ୍ଲାରେ ଥିବା ବିଭିନ୍ନ ପ୍ରମୁଖ ପର୍ଯ୍ୟଟନସ୍ଥଳୀ ଓ ଦର୍ଶନୀୟ ସ୍ଥାନଗୁଡ଼ିକରେ ପର୍ଯ୍ୟଟକଙ୍କ ସୁରକ୍ଷା ପାଇଁ ଦୃଢ଼ ପଦକ୍ଷେପ ଗ୍ରହଣ କରାଯିବାକୁ ଦାବି କରିଛନ୍ତି ବିଜେଡି ରାଜ୍ୟ ଉପସଭାପତି ସଞ୍ଜୟ ଦାସବର୍ମା। ବ୍ରହ୍ମଗିରି ବାଲିହରଚଣ୍ଡୀ ପୀଠରେ ଯୁବତୀଙ୍କୁ ଗଣଦୁଷ୍କର୍ମ ଘଟଣା କେବଳ ବ୍ରହ୍ମଗିରି କି ପୁରୀ ଜିଲ୍ଲା ନୁହେଁ, ସମଗ୍ର ରାଜ୍ୟ ପାଇଁ ଲଜ୍ଜା ଆଣିଛି। ବାଲିହରଚଣ୍ଡୀ ପୀଠରେ ଏକ ପୁଲିସ ଫାଣ୍ଡି ପ୍ରତିଷ୍ଠା ପାଇଁ ସେ ଏସ୍‌ପିଙ୍କ ସହ ଆଲୋଚନା କରିଛନ୍ତି। ତେବେ ମହିଳା ଟିମ୍ ସମ୍ପର୍କରେ ଏସ୍‌ପିଙ୍କ କୌଣସି ପ୍ରତିକ୍ରିୟା ରଖିନାହାନ୍ତି। ଅନ୍ୟପକ୍ଷରେ ସେ କହିଛନ୍ତି, ଗଣଦୁଷ୍କର୍ମ ଘଟଣାରେ ଜଣଙ୍କୁ ଗିରଫ କରାଯାଇ କୋର୍ଟଚାଲାଣ କରାଯାଇଥିବା ବେଳେ ମୁଖ୍ୟ ଅଭିଯୁକ୍ତକୁ ତିରୁପତିରୁ ଗିରଫ କରାଯାଇ ଓଡ଼ିଶା ଅଣାଯାଉଛି।

## ବଜ୍ରପାତରେ ଯୁବକ ମୃତ

ବଡ଼ସାହି,୧୬।୯ (ସମିସ): ବଡ଼ସାହି ଥାନା ଅଧୀନ ପ୍ରତାପପୁର ପଞ୍ଚାୟତ ମଙ୍ଗଗଡ଼ିଆ ଗ୍ରାମର ଜଣେ ଯୁବକ ଆଜି ବଜ୍ରପାତରେ ପ୍ରାଣ ହରାଇଛନ୍ତି। ସେ ହେଲେ, ଗ୍ରାମର ସ୍ୱର୍ଗତ ଧନିରାମ ମୁର୍ମୁଙ୍କ ପୁଅ ଲସ (୪୫)। ଆଜି ଅପରାହ୍ଣରେ ସେ କ୍ଷେତରୁ ଘରକୁ ଫେରୁଥିବା ବେଳେ ତାଙ୍କ ଉପରେ ବଜ୍ରପାତ ହୋଇଥିଲା। ଏଥିରେ ସେ ତଳେ ପଡ଼ିଯାଇ ଗୁରୁତର ହୋଇଥିଲେ। ପରିବାରଲୋକେ ତାଙ୍କୁ ଉଦ୍ଧାର କରି ବାରିପଦା ପିଆରଏମ୍ ମେଡିକାଲରେ ଭର୍ତ୍ତି କରାଇଥିଲେ ହେଁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ।

**NOTICE**

By virtue of an affidavit sworn before E.M Danagadi, Dtd - 04.09.2025 I Azad Khan D.O.B - 06.04.2001, Vill- Jagannathsahi, Nizigarh, Po/Ps - Sukinda, Dist - Jajpur declare that I have changed my name from Manoj Khan D.O.B- 20.06.1999 to Azad Khan D.O.B - 06.04.2001. Henceforth I shall be known as Azad Khan D.O.B - 06.04.2001 for all purposes.

Sd/- Azad Khan

# କର୍ମଚାରୀଙ୍କ ଧାରଣା; ଆମ ବସ୍ ସେବା ଠପ୍

ବ୍ରହ୍ମପୁର,୧୬।୯ (ସମିସ): 'ଆମ ବସ ସେବା'ରେ କାର୍ଯ୍ୟରତ ଡ୍ରାଇଭରମାନେ ୭ଦଫା ଦାବି ନେଇ ହଳଦିଆପଦର ବସ ଟର୍ମିନାଲରେ ଧାରଣା ଦେବା ସହ କାର୍ଯ୍ୟବନ୍ଦ କରିଛନ୍ତି। ବସ୍ ପରିଚାଳନା କରୁଥିବା ସିଆର୍‌ୟୁଟି (କ୍ରୁଟ) ସଂସ୍ଥା ପକ୍ଷରୁ କାର୍ଯ୍ୟରତ ଡ୍ରାଇଭରଙ୍କ ସଠିକ ସମୟରେ ଇପିଏଫ୍ ଓ ଇଏସ୍‌ଆଇ ପ୍ରଦାନ କରାଯାଉ ନଥିବା ଅଭିଯୋଗ ହୋଇଛି। ସେହିପରି ମାସିକ ୪ଦିନ ଛୁଟି, ଡ୍ରାଇଭରଙ୍କ ପରିବାରକୁ ମାଗଣା ବସ୍ ସେବା, ଏପ୍ରିଲ୍‌ଠାରୁ ଦରମା ଦୈନିକ ମଜୁରୀ ୬୧୨ ଟଙ୍କା ବୃଦ୍ଧି ହୋଇଥିବା ବେଳେ ବର୍ତ୍ତମାନ ୬୦୨ ଟଙ୍କା ସଂସ୍ଥା ପକ୍ଷରୁ ପ୍ରଦାନ କରାଯାଉଥିବା ଅଭିଯୋଗ ସମେତ ୭ ଦଫା ଦାବି ନେଇ ବସ୍ ଚଳାଚଳ ବନ୍ଦ ରହିଥିଲା। ଦାବି ପୂରଣ ନହେବା ପର୍ଯ୍ୟନ୍ତ ଧାରଣା ଜାରି ରହିବ ବୋଲି ଡ୍ରାଇଭରମାନେ କହିଛନ୍ତି। ବନ୍ଦ ଫଳରେ ସହର ସମେତ ଏହାର ଆଖପାଖ ଅଞ୍ଚଳକୁ ୬ଟି ରୁଟରେ ଚଳପ୍ରଚଳ କରୁଥିବା ୧୯ଟି ବସ୍ ହଳଦିଆପଦର ଟର୍ମିନାଲରେ ପଡ଼ି ରହିଛି। ଫଳରେ ବିଭିନ୍ନ ସ୍ଥାନକୁ ଯାତାୟାତ କରିବାକୁ ଅପେକ୍ଷା କରି ରହିଥିବା ଶତାଧିକ ଯାତ୍ରୀ ହନ୍ତସନ୍ତ ହୋଇଥିଲେ।




■ ଶ୍ରୀଜଗନ୍ନାଥଙ୍କ ସଂପତ୍ତିର ସୁରକ୍ଷା ଉପରେ ହାଇକୋର୍ଟଙ୍କ ଗୁରୁତ୍ୱାରୋପ

# ତାଳବଣିଆସ୍ଥିତ ଜମି ବିକ୍ରି କବଲା ପାଇଁ ଦାୟର ଆବେଦନ ଖାରଜ

କଟକ,୧୬।୯ (ସମିସ): ପୁରୀ ତାଳବଣିଆସ୍ଥିତ ଶ୍ରୀଜଗନ୍ନାଥଙ୍କ ମୂଲ୍ୟବାନ ଜମିର ସୁରକ୍ଷା ଉପରେ ହାଇକୋର୍ଟ ଗୁରୁତ୍ୱାରୋପ କରିଛନ୍ତି। ଏପରିକି, ଶ୍ରୀମନ୍ଦିର ପ୍ରଶାସନକୁ ଧାର୍ଯ୍ୟ ଅର୍ଥ ପାଇଠ ପରେ ଆବେଦନକାରୀଙ୍କ ନାଁରେ ସଂପୃକ୍ତ ଜମିର ବିକ୍ରି କବଲା କରିବାକୁ ୨୦୧୬ରେ ହାଇକୋର୍ଟ ଦେଇଥିବା ଏକ ନିର୍ଦ୍ଦେଶକୁ କାର୍ଯ୍ୟକାରୀ କରିବା ପାଇଁ ଦାୟର ଅନ୍ତରୀଣ ଆବେଦନକୁ ହାଇକୋର୍ଟ ଖାରଜ କରିଦେଇଛନ୍ତି। ଲାଲା ନଳିନୀ କୁମାର ରାୟଙ୍କ ଉତ୍ତରାଧିକାରୀ ସ୍ୱର୍ଣ୍ଣଲତା ମହାନ୍ତି ଓ ଦେବଦତ୍ତ ରାୟ ଦାୟର କରିଥିବା ଅନ୍ତରୀଣ ଆବେଦନର ଶୁଣାଣି କରି ଜଷ୍ଟିସ କୃଷ୍ଣ ରାମ ମହାପାତ୍ର ଓ ଜଷ୍ଟିସ ସାବିତ୍ରୀ ରଥଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ଦେଇଛନ୍ତି। ଶ୍ରୀମନ୍ଦିର ପରିଚାଳନା କମିଟି ୨୦୧୭, ଜୁଲାଇ ୧୩ରେ ଜମି ଉପରେ ଅତିଥି ଭବନ ନିର୍ମାଣ ପାଇଁ ନିଷ୍ପତ୍ତି ନେଇଥିଲା। ଶ୍ରଦ୍ଧାଳୁଙ୍କ ପାଇଁ ରିହାତିରେ ରହଣି ପାଇଁ ଅତିଥି ଭବନ ନିର୍ମାଣ ଶ୍ରୀଜଗନ୍ନାଥଙ୍କ ସ୍ୱାର୍ଥରେ ହେଉଛି। ଏଣୁ ଏହି ଜମିର ବିକ୍ରି କବଲା

## ଶ୍ରଦ୍ଧାଳୁଙ୍କ ପାଇଁ ଅତିଥି ଭବନ ନିର୍ମାଣ ନିଷ୍ପତ୍ତି କାଏମ

କାର୍ଯ୍ୟକାରୀ ଓ ହସ୍ତାନ୍ତର ପ୍ରସଂଗ ନେଇ ଦାୟର ଏହି ଅନ୍ତରୀଣ ଆବେଦନ ଗ୍ରହଣୀୟ ନୁହେଁ ବୋଲି ହାଇକୋର୍ଟ କହିଛନ୍ତି।

ମାମଲାରୁ ପ୍ରକାଶ ଯେ ତାଳବଣିଆରେ ଶ୍ରୀଜଗନ୍ନାଥଙ୍କ ନାଁରେ ଥିବା ୧୨୦ ଡିସିମିଲ ଜମି ମାଲିକାନା ପ୍ରସଙ୍ଗକୁ ନେଇ ଲାଲା ନଳିନୀ କୁମାର ରାୟ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଜମିର ବଜାର ଦର ଅନୁସାରେ ଅର୍ଥ ଆବେଦନକାରୀ ପାଇଠ କରିବା ପରେ ଏ ସଂପର୍କିତ ବିକ୍ରି କବଲା ଶ୍ରୀମନ୍ଦିର ପ୍ରଶାସନ ସଂପାଦନ କରିବ ବୋଲି ହାଇକୋର୍ଟ ୨୦୧୬, ଜୁନ୍ ୨୮ରେ ନିର୍ଦ୍ଦେଶ ଦେଇଥିଲେ। ଏହି ନିର୍ଦ୍ଦେଶ କାର୍ଯ୍ୟକାରୀ ନ ହେବାରୁ ଏକ ଅନ୍ତରୀଣ ଆବେଦନ ଦାୟର ହୋଇଥିଲା। ଏହି ନିର୍ଦ୍ଦେଶକୁ ଚାଲେଞ୍ଜ କରି ଭବାନୀ ପଣ୍ଡା ନାମକ ଜନୈକ ବ୍ୟକ୍ତିଙ୍କ ପକ୍ଷରୁ ସୁପ୍ରିମକୋର୍ଟରେ ଏସଏଲପି ଦାୟର ହୋଇଥିଲା। ଏହି ଜମି ପ୍ରସଂଗରେ ସ୍ଥିତାବସ୍ଥା ବଜାୟ ରଖିବାକୁ ସୁପ୍ରିମକୋର୍ଟ ୨୦୧୬, ଅକ୍ଟୋବର ୨୮ରେ ଅନ୍ତରୀଣ ନିର୍ଦ୍ଦେଶ ଦେଇଥିଲେ। ଏସଏଲପି ବିଚାରାଧୀନ ଥିବା ବେଳେ 'ଶ୍ରୀଜଗନ୍ନାଥ ମନ୍ଦିର ପରି.ଳନା କମିଟି ଏବଂ ମୃଣାଳିନୀ ପାଢୀ' ମାମଲାରେ ସୁପ୍ରିମକୋର୍ଟ ପ୍ରଦାନ କରିଥିବା ରାୟ ଆଧାରରେ ଏହି ଜମି ଉପରେ ତୀର୍ଥଯାତ୍ରୀଙ୍କ ପାଇଁ ଏକ ଅତିଥି ଭବନ ନିର୍ମାଣ ପାଇଁ ଶ୍ରୀଜଗନ୍ନାଥ ମନ୍ଦିର ପ୍ରଶାସନ ପକ୍ଷରୁ ୨୦୧୭, ଜୁଲାଇ ୧୩ରେ ପ୍ରସ୍ତାବ ଗୃହୀତ ହୋଇଥିଲା। ପରେ ୨୦୨୪, ଫେବୃଆରି ୧୨ରେ ସୁପ୍ରିମକୋର୍ଟ ଏସଏଲପିକୁ ଖାରଜ କରିଥିଲେ। ଗତବର୍ଷ ଆବେଦନକାରୀ ଏକ ଅନ୍ତରୀଣ ଆବେଦନ ଦାୟର କରି ବିକ୍ରି କବଲା ସଂପାଦନ ସଂପର୍କିତ ୨୦୧୬ର ଦୁଇ ନିର୍ଦ୍ଦେଶର କାର୍ଯ୍ୟକାରୀ ପାଇଁ ନିବେଦନ କରିଥିଲେ।

ଶ୍ରୀମନ୍ଦିର ପରିଚାଳନା କମିଟି ପକ୍ଷରୁ ଦର୍ଶାଯାଇଥିଲା ଯେ ୨୦୧୭ରେ ଅତିଥି ଭବନ ନିର୍ମାଣ ସଂପର୍କିତ ଗୃହୀତ ପ୍ରସ୍ତାବକୁ ଆବେଦନକାରୀଙ୍କ ତରଫରୁ କେବେ ଚାଲେଞ୍ଜ କରାଯାଇ ନଥିଲା। ଏଥିସହ ଭବାନୀ ପଣ୍ଡାଙ୍କ ତରଫରୁ ଦାୟର ଏସଏଲପିରେ ଆବେଦନକାରୀ ମାନେ ପକ୍ଷ ଥିଲେ ସୁଦ୍ଧା ଏସଏଲପିର ଚୂଡ଼ାନ୍ତ ଶୁଣାଣି ବେଳେ ସେମାନଙ୍କ ତରଫରୁ କୌଣସି ଆପତ୍ତି କରାଯାଇନଥିଲା। ଜଣେ ବ୍ୟକ୍ତିଙ୍କୁ ଏହି ଜମି ପ୍ରଦାନ ନକରି ଜନସ୍ୱାର୍ଥ ଦୃଷ୍ଟିରୁ ଏହି ଜମିରେ ଅତିଥି ଭବନ ନିର୍ମାଣ କରି ଶ୍ରଦ୍ଧାଳୁଙ୍କୁ ରିହାତି ଦରରେ ରହିବା ସୁବିଧା ପ୍ରଦାନ ପାଇଁ ନିଷ୍ପତ୍ତି ନିଆଯାଇଛି ବୋଲି ଦର୍ଶାଯାଇଥିଲା। ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା କମିଟି ତରଫରୁ ଆଇନଜୀବୀ ଆନନ୍ଦ ଚନ୍ଦ୍ର ସ୍ୱାଇଁ ମାମଲା ପରିଚାଳନା କରୁଥିଲେ।

**OFFICE OF THE NODAL PRINCIPAL, KORAPUT**
**AT ODISHA MINING ADARSHA VIDYALAYA**
AT-Phulbad, PO-Umuri, Jeypore, Dist-Koraput (Odisha), Pin-764002
(An English Medium Secondary School Under Ministry of S & M E, Govt. of Odisha, Sponsored by Odisha Mining Corporation)
Phone: 7978897651 E-mail: principalomavjeypore@gmail.com

Letter No. 008/25 Date: 16-09-2025

**EMPANELMENT OF PART TIME CONTRACTUAL TEACHER PGT (CHEMISTRY)**

It is hereby notified that a Walk-in-Interview will be conducted for one post of PGT (CHEMISTRY) currently vacant at OAV, Nilabadi of Bandhugaon Block as well as for empanelment for the said post for future vacancy in the District of Koraput purely on contractual basis for the academic session 2025-26.The prescribed application form can be downloaded by scanning the attached QR code and eligibility details can be referred from the Archival Section of Koraput District Website: **https://koraput.odisha.gov.in/notice/recruitment/archive-recruitment** (published on 25 March 2025). Deserving candidates will have to be physically present along with the prescribed filled-in application form along with all self-attested copies of relevant documents on 19 September 2025, 11 AM at OAV, Machhara, near Koraput Town.

**Current Vacancies:** PGT (CHEMISTRY) – 01

(By order of Collector & DM, Koraput)
Sd/- **Principal, OMAV, Jeypore** &
Nodal Principal, OAVs. Koraput

ପୌର ପରିଷଦ କାର୍ଯ୍ୟାଳୟ : ଭବାନୀପାଟଣା
C-1096 **OFFICE OF THE MUNICIPAL COUNCIL : BHAWANIPATNA**
Bhawanipatna, Dist- Kalahandl, Pin-766001, Odisha, Phone No- (06670) 230424 Mall- eobptm@yahoo.com

**No. 277 /BPM.** **Date: 16-09-2025**

Sealed tenders are invited from eligible, experienced, and authorized vendors for the supply, installation, commissioning, and maintenance of Outdoor Full Colour LED Display Panels with a content management system as per the technical specifications, scope of work, and terms and conditions provided in this document.. Quotationer's having up to date GST Registration Copy/PAN Card Copy / Registration Copy for Supplying, fitting and fixing outdoor LED Display Board. The material should be installed at Bhawanipatna Municipality as per the specification mentioned in BOQ & Technical Specification.

| Sl. No | Title of Project | EMD | Time for completion of Projects | Tender Paper Cost |
|---|---|---|---|---|
| 1 | 2 | 3 | 4 | 5 |
| 1 | Supplying, fitting and fixing of outdoor LED Display Board alongwith allied works at Bhawanipatna Municipality | Rs. 10000/- | One Month | Rs. 6000/- |

The Bid documents to be downloaded from the official Website of Kalahandi District www.kalahandi.gov.in & Bhawanipatna Municipality Website www. bhawanipatnamunicipality.in from dt. 16.09.2025 to 26.09.2025. The quotation shall be submit in the address of Executive Officer, Bhawanipatna Municipality, Dist-Kalahandi, Pin-766001. Last date of receipt of bid is 5.30 PM, on 26.09.2025 through speed post/ registered post only . Bhawanipatna Municipality will in no way be responsible for any delay in receipt of the Bid documents. Authority reserves &ILrieht to reject any or all quotations without assigning any reason thereof.

**Sd/- Executive Officer**
**Bhawanipatna Municipality**
**OIPR-13100/11/0014/2526**

**ପୂର୍ବ ତଟ ରେଳପଥ**
ଇ-ଟେଣ୍ଡର ବିଜ୍ଞପ୍ତି ସଂ. EPC-CECONIIBBS 2025039, ତା.08.09.2025ରିଖ

**କାର୍ଯ୍ୟର ନାମ :** ନିର୍ଗୁଣ୍ଡି-ବାରଙ୍ଗ (22 କି.ମି.), ଖୋର୍ଦ୍ଧା ରୋଡ୍-ବିଜୟନଗରମ (363 କି.ମି.) ଏବଂ ଭଦ୍ରକ-ବିଜୟନଗରମ ସେକ୍ସନ (385 କି.ମି.) ମଧ୍ୟରେ ତୃତୀୟ ଓ ଚତୁର୍ଥ ଲାଇନ ନିମନ୍ତେ ପ୍ରସ୍ତାବ ପାଇଁ ଅନୁରୋଧ (RFP) : EPC ମୋଡ୍‌ରେ ଗୁରୁତ୍ୱପୂର୍ଣ୍ଣ ବ୍ରିଜ୍ ନଂ. 539 (CH. 402521 M ଠାରେ ବିରୂପା ନଦୀ ଉପରେ 16 X 30.5 ମିଟର ଓପନ୍ ୱେବ୍ ଷ୍ଟିଲ୍ ଗର୍ଡର), 544 (CH. 406305 M ଠାରେ ମହାନଦୀ ନଦୀ ଉପରେ 32 X 65.84 ମିଟର ଓପନ୍ ୱେବ୍ ଷ୍ଟିଲ୍ ଗର୍ଡର), 553 (CH. 411589 M ଠାରେ କାଠଯୋଡ଼ି ନଦୀ ଉପରେ 18 X 45.70 ମିଟର ଓପନ୍ ୱେବ୍ ଷ୍ଟିଲ୍ ଗର୍ଡର), 557 (CH. 414607 M ଠାରେ କୁଆଖାଇ ନଦୀ ଉପରେ 20 X 45.70 ମିଟର ଓପନ୍ ୱେବ୍ ଷ୍ଟିଲ୍ ଗର୍ଡର) ର ନିର୍ମାଣ ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 135539.12 ଲକ୍ଷ, EMD : ₹ 2,00,00,000/-, କାର୍ଯ୍ୟ ଶେଷ ହେବା ଅବଧି : 36 (ଛତିଶି) ମାସ ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.08.11.2025ରିଖ 1200 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ । ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି । ଟେଣ୍ଡରଦାତା/ ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ । କେବଳ ପଞ୍ଜୀକୃତ ଟେଣ୍ଡରଦାତା/ ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର
PR-107/CI/25-26

**AFFIDAVIT**

By Virtue of an affidavit sworn before Executive Magistrate, Khordha Dtd. 18/08/2025. I Jagannath Sarangi, Address- Baniatangi, Po.- Bajapur, Ps.- Khordha Sadar, Odisha, Pin-752060 declare that Ihave changed the Name of my son from **Ronan Sarangi** to **Rohan Sarangi**. Henceforth he shall be known as **Rohan Sarangi** for all purposes.

**AFFIDAVIT**

By virtue of an affidavit before the Notary Public. Jeypore, on dt.15.08.2025. **I, Arun Panda** S/o - Ponuel Panda, At-Immanuel English School, Jhinkarguda, Po-Tankua, Ps- Jeypore Sadar, Dist-Koraput (Odisha) declare by this affidavit no.991 that, as per Aadhar card, my actual name is Arun Panda. But in my son Sujay Arun Panda's 10th certificate my name has been wrongly mentioned as Arun Ponuel Panda instead of Arun Panda. Both names belongs to one and same person. Henceforth. I shall be known as **Arun Panda** for all future Purposes.

**AFFIDAVIT**

By virtue of an affidavit No.732 dated. 06/09/2025, before Notary Public, Bangalore Metropolitant Area, Karnataka, that I have changed my name from **Sujay Panda** (Old Name) to **Sujay Arun Panda** (New name) **DOB: 22/03/2002,** S/o- Arun Panda, residing at: Immanuel English School, Jhinkarguda, Tankua, Jeypore, Dist-Koraput, Odisha, Pin-764003, India. Henceforth, I shall be known as **Sujay Arun Panda** (new name) for all future purposes.

**AFFIDAVIT**

I DOKI SANDHYARANI PATRO, W/o- DOKI HARI KRISHNA, resident of Jagat Janani Road, V.I.P Lane, Po./Ps.- Jeypore, Dt.- Koraput- 764001, Odisha declare by this Affidavit No.3674, Dated- 08/09/2025, that now onwards I shall be known as **DOKI SANDHYARANI** for all future purpose.

**AFFIDAVIT**

I, Susanta Kumar Rautaray S/o Sasi Rautray, Resident of Vill/PO-Sunakhala, PS- Nachuni, Dist-Khorda, Odisha, declare by this affidavit No.1823 dtd 08.09.2025 that now onwards I shall be known as **SUSANT KUMAR RAUTRAY** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Puri, No- 2733 on dated 01-05-2025 I, **DINDAYAL DAS,** S/o Ramakanta Mahalik resident of Village At.- Matittota 5th lane, PO/PS- Puri, Dist- Puri, State- Odisha, Pin- 752001, declare that I have changed my name from **DEBENDRA MAHALIK** (Old name) to **DINDAYAL DAS** (New name), Henceforth, I shall be known as **DINDAYAL DAS** for all purposes.

Sd-( DINDAYAL DAS)

**AFFIDAVIT**

By virtue of an affidavit sworn before The Executive Magistrate, Berhampur, Dist- Ganjam, dated- 17/06/2025. I, **Tarun Kumar Sethy,** Address: Retang Colony, Jatani, Dist- Khorda, Odisha, PIN- 752050 declare that I have changed my name from **Tarun Kumar Swain to Tarun Kumar Sethy.** Henceforth, I shall be known as **Tarun Kumar Sethy** (new name), S/o Sombaru Sethy for all future purposes.

**Tarun Kumar Sethy**

**AFFIDAVIT**

I Satish Kumar Behera residing At/Po-Bodhanga, PS- Nischintakoili, Dist-Cuttack, Odisha-754207 have changed the name of my son from "Ivaan Kumar"to "Ivaan Kartikesh" vide affidavit sworn before Executive Magistrate, Bhubaneswar dated 10.09.25. Henceforth, he shall be known as "Ivaan Kartikesh" for all purposes.

**Sd/- Ivaan Kartikesh**

**AFFIDAVIT**

I Ashok Kumar Dash, S/o- Radha Krishna Dash resident of Qtr. no. B/153, Sector-1, Nalco Township, Po./Ps.- Damanjodi, Dist.- Koraput, PIN- 763008, by virtue of an affidavit no.330 dated 08/09/2025 sworn before the Executive Magistrate Semiliguda delcare that, I have changed my name from **Ashok Kumar Das** to **Ashok Kumar Dash**. Henceforth, I shall be known as **Ashok Kumar Dash** for all future purposes.

**AFFIDAVIT**

By Virtue of an affidavit sworn before Executive Magistrate, Khordha Dtd. 18/08/2025. I Balabhadra Sarangi, Address- Rairang, Po.- Bajapur, Ps.- Khordha Sadar, Odisha, Pin-752060 declare that, I have changed the Name of my daughter from **Nandini Sarangd** to **Nandini Sarangi**. Henceforth, she shall be known as **Nandini Sarangi** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 22/07/2025. I, **Sanjeev Kumar Jain** (new name), formerly called as Sanjib Jain, S/o- Anand Kumar Jain, permanent resident of At/Po/Ps- Titilagarh, Dist- Bolangir, (Odisha), PIN- 767033 now residing at the same place affirm that I have changed my name from **Sanjib Jain** (old name) to **Sanjeev Kumar Jain** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Sanjeev Kumar Jain** (new name).

**Sanjeev Kumar Jain**

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar vide CF. No. 6 on dtd. 15/09/2025. I, **LIPUN PRUSTY,** S/o- Laxmidhar Prusty, permanent resident of At- Danda Sahi, PO- Ranapur, PS- Ranapur, Dist- Nayagarh, Odisha, Pin-752026, currently residing At- Danda Sahi, PO- Ranapur, PS- Ranapur, Dist- Nayagarh, Odisha, Pin- 752026 declare that my name have changed from **Lipuni Prusty** to **Lipun Prusty.** Henceforth, I shall be known as **LIPUN PRUSTY** for all purposes.

**LIPUN PRUSTY**

**AFFIDAVIT**

By virtue of an affidavit no 4164 Swarn before the notary public swampatna on date 15/09/2025. I **Purnima Munda,** aged 19 years, D/O- Chhotray Munda, Resident of At- Ghatabalijodi, Po- Dumuria, Ps- Ghatagaon, Dist- Keonjhar, Odisha my name & date of birth in H.S.C is mentioned **Purnima Munda** & dtd-**25/10/2006** but in Aadhar Card is incorrectly mentioned as **Purnami Munda** & date of birth **01/01/2006.** Henceforth, I shall be known as **Purnima Munda,** D/o- Chhotray Munda & the date of birth **25/10/2006** for all future purposes.

**Purnima Munda**

**AFFIDAVIT**

I, Mohammad Shabbir, aged about 68 years, S/o- Late Ahamad Raza Khan, resident of At- Flat No. G-404, G-block, Akansha Apartment, Ward No-09, Tifra, Abhilasha Parisar, Bilaspur, Dist- Bilaspur, Pin- 495001, Chhatisgarh declare by this affidavit No.1920, dtd- 15.09.2025, that now onwards I shall be known as **MOHAMMAD SHABBIR KHAN** for all future purposes.

**AFFIDAVIT**

By virtue of an affidavit sworn before the Notary Public, Bhubaneswar on dated- 15/09/2025. I, **Pramod Kumar Parida,** S/o- Late Kelu Charan Parida, Address: Plot No. 202/203, Paikanagar, Ps- Nayapalli, Bhubaneswar, Dist- Khordha, PIN- 751003, Odisha declare that I have changed my name from **Pramod Parida** To **Pramod Kumar Parida.** Henceforth, I shall be known as **Pramod Kumar Parida** (new name) for all future purposes.

**Pramod Kumar Parida**

**AFFIDAVIT**

I **Bikrama Keshari Behera** father of Rajesh Behera (No **6495419M, Rank- Hav/Ash),** resident of **Village- Badapal, Teh- Kujang, Dist- Jagatsinghpur, State - Odisha Pin- 754140**. I have changed my name from **Bikrama Keshari Behera to Bikram Keshari Behera** vide affidavit No-2438, on dated 08/09/2025 before The Executive Magistrate, Kujang, Jagatsinghpur, Odisha. Henceforth, I shall be known as **Bikram Keshari Behera** tor all purpose.

**Bikram Keshari Behera**

**AFFIDAVIT**

By virtue of an affidavit No. 2744 sworn before the Executive Magistrate, Khordha on dated- 03/09/2025. I **Rasmita Pradhan,** age 45 yrs, W/o- Dillip Kumar Pradhan, resident of At- Balipatana, Po- Kunjuri, Ps-Khordha Sadar, Dist- Khordha, Odisha, Pin- 752056, declare that as per certificate of my son's central board of secondary education, Roll No- 12178882 & name mentioned **Subhrajit Pradhan** but in Aadhar Card bearing No- 6660 2865 7285 name was **Sriman Subhrajit Pradhan** instead of Subhrajit Pradhan. Henceforth, **Subhrajit Pradhan** and **Sriman Subhrajit Pradhan** is one and same parson for all future purposes.

**Rasmita Pradhan**

**AFFIDAVIT**

I, Pradip Kumar Das, S/o- Raghunath Das, resident of Sayadpur, Narua, Dist- Jajpur, Pin- 755027, Odisha declared by this affidavit No. 746, dtd- 16/09/2025 that now onwards I shall be known as **PRADEEP KUMAR DAS** for all future purposes.

# ମଦନପୁର-ଗୋପାଳପୁର ରାସ୍ତା ମରଣଯନ୍ତା

ରାଜନଗର,୧୬।୯ (ସମିସ):



ରାଜନଗର ବ୍ଲକର ଅନ୍ୟତମ ମୁଖ୍ୟ ରାସ୍ତା ମଦନପୁର-ଗୋପାଳପୁର ଭାୟା କେରେଡାଗଡ଼ ରାସ୍ତା ଏବେ ମରଣଯନ୍ତା ପାଲଟିଛି। ରାସ୍ତାର ଅନେକ ସ୍ଥାନରେ ଦୁଇରୁ ଅଢେଇ ଫୁଟ ଗର୍ତ୍ତ ହୋଇ ଏଥିରେ ପାଣି ଜମି କୃତ୍ରିମ ପୋଖରୀର ଭ୍ରମ ସୃଷ୍ଟି କରୁଛି। ଗୋଟିଏ କିମ୍ବା ଦୁଇଟି ନୁହେଁ, ରାସ୍ତାର ଅନେକ ସ୍ଥାନରେ ଗାଡରେ ବର୍ଷା ପାଣି ଜମି ରହି କୃତ୍ରିମ ପୋଖରୀ ପାଲଟିଛି। ଫଳରେ ପ୍ରତ୍ୟେକ ଦିନ ଛୋଟବଡ଼ ଦୁର୍ଘଟଣା ଘଟୁଛି। ଏହି ରାସ୍ତାର ମରାମତି କରାଯିବାକୁ ସାଧାରଣରେ ଦାବି ହେଉଛି।

ରାଜନଗର ବ୍ଲକ୍‌ରେ ପୂର୍ତ୍ତ ବିଭାଗ ସବଡିଭିଜନ କାର୍ଯ୍ୟାଳୟ ଶ୍ରୀହିନ ହୋଇଥିବାବେଳେ ବିଭାଗୀୟ ରାସ୍ତା ଅବସ୍ଥା ବି ଶୋଚନୀୟ ହୋଇପଡିଛି। ସବଡିଭିଜନ କାର୍ଯ୍ୟାଳୟକୁ ସହକାରୀ ନିର୍ବାହୀ ଯନ୍ତ୍ରୀ ଏକାଧିକ ସ୍ଥାନରେ ଦାୟିତ୍ୱ ନେଇଥିବା ବାହାନାରେ ଆସୁ ନ ଥିବା ଅଭିଯୋଗ ହୋଇଛି। ସେହିପରି ଦୁଇଜଣ କନିଷ୍ଠ ଯନ୍ତ୍ରୀଙ୍କ ସ୍ଥାନରେ ଜଣେ କନିଷ୍ଠ ଯନ୍ତ୍ରୀ ଦାୟିତ୍ୱରେ ଥିବାବେଳେ ତାଙ୍କର ମଧ ଦେଖାମିଳୁନି। କିରାଣି ଓ ଖଲାସୀଙ୍କ ଦୟାରେ ପୂର୍ତ୍ତ ବିଭାଗ ଚାଲିଥିବାବେଳେ ଗୋପାଳପୁର ଭାୟା କେରଡାଗଡ-ମଦନପୁର ୧୩ କିଲୋମିଟର ରାସ୍ତା ଅବସ୍ଥା ବେହାଲ ହେବା ସହ ଆଣ୍ଠୁଏ ଲେଖାଏଁ ଖାଲ ହୋଇଛି। ବିଭାଗର ଏଥିପ୍ରତି ନିଘାନାହିଁ। ଏହି ରାସ୍ତା ଉପରେ ସାନବଡ଼ଗୋପାଳପୁର, ବାଲିସାହିପାଟଣା, କେରଡାଗଡ଼, ରାଜପୁର, ବେଲପାଳ, ଓସ୍ତିଆ ଓ ବନ୍ଧପଡ଼ା ପଞ୍ଚାୟତର ୬୦ ହଜାରରୁ ଊର୍ଦ୍ଧ୍ୱ ଲୋକ ନିର୍ଭର କରନ୍ତି। ଆଳି ବ୍ଲକ ଏକମାଣିଆ ପଞ୍ଚାୟତ ଲୋକେ ମଧ ନିର୍ଭର କରନ୍ତି। ବ୍ଲକ ସଦର ମହକୁମାକୁ ଯିବାଆସିବା ସହ ରାଜନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ରୋଗୀ ଆସିଥା'ନ୍ତି। ଗର୍ଭବତୀ, ପ୍ରସୂତୀ ମହିଳା ଓ ଗୁରୁତର ରୋଗୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଥିବା ଅଭିଯୋଗ ହେଉଛି। ଶ୍ରୀଜଗନ୍ନାଥ ମହାବିଦ୍ୟାଳୟ ଓ ମଦନପୁର ଯୁକେ ମହାବୀର ମହାବିଦ୍ୟାଳୟକୁ ପ୍ରତିଦିନ ଶତାଧିକ ଛାତ୍ରଛାତ୍ରୀ ଯାତାୟାତ କରିଥା'ନ୍ତି। ଏହି ରାସ୍ତାର ଗୋପାଳପୁରଠାରୁ କେରଡାଗଡ ହେଉ କିମ୍ବା କେରଡାଗଡଠାରୁ ମଦନପୁର ପର୍ଯ୍ୟନ୍ତ ରାସ୍ତାର ଶତାଧିକ ସ୍ଥାନରେ ଗାଡ ସୃଷ୍ଟି ହୋଇ ମରଣଯନ୍ତା ପାଲଟିଛି। ଏଥିପ୍ରତି ଦୃଷ୍ଟି ଦିଆଯିବାକୁ ସାଧାରଣରେ ଦାବି ହେଉଛି।

## ଶିକ୍ଷାବିତଙ୍କ ପରଲୋକ

କେନ୍ଦ୍ରାପଡ଼ା,୧୬।୯ (ସମିସ): କଂସାର ପଞ୍ଚାୟତ ଅନ୍ତର୍ଗତ ଏଣ୍ଡର ଗ୍ରାମର କାଙ୍ଗାଳି ଜେନାଙ୍କ (୮୬) ପରଲୋକ ହୋଇଯାଇଛି। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକ ପ୍ରକାଶ ପାଇଛି। ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ହୋଇଥିବାବେଳେ ଜ୍ୟେଷ୍ଠପୁତ୍ର



ମୁଖାଗ୍ନି ଦେଇଥିଲେ। ସ୍ୱର୍ଗତ ଜେନା କଂସାର ସାହସପୁର ଉଚ୍ଚ ବିଦ୍ୟାଳୟର ପ୍ରାକ୍ତନ ଶିକ୍ଷକ ଓ ସରସ୍ୱତୀ ଉଚ୍ଚ ବିଦ୍ୟାଳୟ କାଙ୍କଦିଆର ସଭାପତି, ଜିଲ୍ଲା ଶିଳ୍ପକେନ୍ଦ୍ରର ଆଇପିଏଲ ଭଳି ପଦରେ ରହି କାର୍ଯ୍ୟ କରୁଥିଲେ। କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା, ରବୀନ୍ଦ୍ର ପଣ୍ଡା, ପରମାନନ୍ଦ ରାଉତ, ସମାଜସେବୀ ଚନ୍ଦ୍ରକାନ୍ତ ବେହେରା, କବିଚରଣ ବିଶ୍ୱାଳ, ଓସ୍ତପୁର ସମବାୟ ସମିତି ସଭାପତି ପ୍ରଦ୍ୟୁମ୍ନ ଜେନା, ମନୋଜ ନାୟକ, ପ୍ରଶାନ୍ତ ବେହେରା ପ୍ରମୁଖ ତାଙ୍କ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ।

■ ଜବରଦଖଲ ଉଚ୍ଛେଦକୁ ୩ ମାସ ପୂରିଲା

## ଆଗେଉନି ରାସ୍ତା କାମ; ଯାତାୟାତରେ ସମସ୍ୟା



ପଞ୍ଚୁପାଣ୍ଡବ,୧୬।୯ (ସମିସ): ୩ ମାସ ପୂର୍ବେ ଡେରାବିଶ ତହସିଲ ଅଧୀନସ୍ଥ ଛୋଟି ପଞ୍ଚାୟତ ଅନ୍ତର୍ଗତ ଛୋଟି ବଜାରରେ ଜବରଦଖଲ ଉଚ୍ଛେଦ ହୋଇଛି। ତେବେ ରାସ୍ତା କାମ ଆଗେଇ ନ ଥିବାରୁ ଯାତାୟାତରେ ସମସ୍ୟା ସୃଷ୍ଟି ହେଉଛି। ଛୋଟି ବଜାରରୁ ଜବରଦଖଲ ଉଚ୍ଛେଦ ହେବା ସହ ଗଛ କଟାଯାଇ ରାସ୍ତା ସମ୍ପ୍ରସାରଣ ଯୋଜନା ଥିଲା। ତେବେ ଆଜି ପର୍ଯ୍ୟନ୍ତ କାମ ଆଗେଇ ପାରି ନ ଥିବା ଦେଖିବାକୁ ମିଳିଛି। କଟାଯାଇଥିବା ଗଛ ଗଣ୍ଡି ରାସ୍ତାରେ ପଡ଼ିଥିବାବେଳେ ବଡ଼ ବଡ଼ ଖାଲ ଥିବା ଦେଖିବାକୁ ମିଳୁଛି। ରାସ୍ତାରେ ମାଟି ପଡ଼ିଥିବାରୁ ରାସ୍ତା ଅବରୋଧ ହୋଇଛି। ଫଳରେ ଲୋକେ ଯାତାୟାତରେ ହଇରାଣ ହେଉଥିବାବେଳେ ଗାଡ଼ି ଚଳାଚଳ ବାଧାପ୍ରାପ୍ତ ହେଉଥିବା ଅଭିଯୋଗ ହେଉଛି।

ସୂଚନା ମୁତାବକ, କେନ୍ଦ୍ରାପଡ଼ା ଜିଲ୍ଲାରୁ ଯାଜପୁର ଜିଲ୍ଲାକୁ ସଂଯୋଗ କରିବା ପାଇଁ ବିରୂପା ନଦୀରେ ବ୍ରିଜ ନିର୍ମାଣ ହୋଇଛି। ଛୋଟି ବଜାର ରାସ୍ତା ଓସାର ହେବା ପରେ ଏହି ବ୍ରିଜର ଉଦଘାଟନ ହେବ। ପୂର୍ବରୁ ସରକାରୀ ଜାଗାକୁ ଚିହ୍ନଟ କରି ମାପ ସରିଥିଲା। ଡେରାବିଶ ତହସିଲ ପକ୍ଷରୁ ତିନି ମାସ ପୂର୍ବେ ୨୯ ଟି ଦୋକାନ ଘର ଭଙ୍ଗାଯାଇଥିବାହବେଳେ କେତେକ ଦୋକାନର ଆଗ ଭଙ୍ଗାଯାଇଥିଲା। ତେବେ ପ୍ରଶାସନର ଅବହେଳା କାରଣରୁ ରାସ୍ତା କାମ ଆଗେଇ ନ ଥିବାରୁ ଅଞ୍ଚଳବାସୀ ନିନ୍ଦା କରିଛନ୍ତି। ଏହାର ତଦନ୍ତ କରାଯାଇ ରାସ୍ତାରେ ପଡ଼ିଥିବା ଗଛ ଗଣ୍ଡି ଉଠାଇବା ସହିତ ଖାଲ ପୋତିବାକୁ ଦାବି କରିଛନ୍ତି।

## ଛୋଟୀ ପଞ୍ଚାୟତରେ 'ଆମ ଗାଁରେ ତହସିଲ କାର୍ଯ୍ୟାଳୟ' କାର୍ଯ୍ୟକ୍ରମ



ପଞ୍ଚୁପାଣ୍ଡବ/ଡେରାବିଶ,୧୬।୯ (ସମିସ): ଛୋଟି ପଞ୍ଚାୟତ କାର୍ଯ୍ୟାଳୟରେ "ଆମ ଗାଁରେ ତହସିଲ କାର୍ଯ୍ୟାଳୟ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଛୋଟୀ ରାଜସ୍ୱ ନିରୀକ୍ଷକଙ୍କ ଅଧୀନ ଏହି କାର୍ଯ୍ୟକ୍ରମକୁ ଡେରାବିଶ ଅତିରିକ୍ତ ତହସିଲଦାର ଭାସ୍କର ଚନ୍ଦ୍ର ବେହେରା ଉଦଘାଟନ କରି ଗ୍ରାମାଞ୍ଚଳ ଜନସାଧାରଣଙ୍କ ବହୁବିଧ ସମସ୍ୟା ଏହି କାର୍ଯ୍ୟକ୍ରମ ମାଧ୍ୟମରେ ଦୂର ହୋଇପାରିବ ବୋଲି କହିଥିଲେ। ଏହି କାର୍ଯ୍ୟକ୍ରମ ଦ୍ୱାରା ବିବିଧ ଓ ଜାତିଗତ ପ୍ରମାଣପତ୍ର ପ୍ରଦାନ, ପଟ୍ଟା ବଣ୍ଟନ ଓ ଇ-ପାଉତି ମାଧ୍ୟମରେ ରାଜସ୍ୱ ପୈଠ, ଦାଖଲ ଖାରଜ ମାମଲା, କିସମ ପରିବର୍ତ୍ତନ ମାମଲା, ଆପୋଷ ବୁଝାମଣାରେ ଜମି ବଣ୍ଟନ ମାମଲା, ସିକିମ ସତ୍ତ୍ୱ ଓ ବନ୍ଦୋବସ୍ତ ମାମଲାର ସମାଧାନ, ବ୍ୟକ୍ତିଗତ ଓ ସାମୂହିକ ଅଭିଯୋଗର ସମାଧାନ, ଜମି ପଟ୍ଟାର ପ୍ରଜାଖାନା ସଂଶୋଧନ ଓ ବସୁନ୍ଧରା ଯୋଜନା ମାଧ୍ୟମରେ ସ୍ଥାୟୀ ଘରଡିହ ପଟ୍ଟା ପ୍ରଦାନ ଏହି କାର୍ଯ୍ୟକ୍ରମର ରୂପରେଖ ବୋଲି ଅତିରିକ୍ତ ତହସିଲଦାର ଶ୍ରୀ ବେହେରା ଅବଗତ କରାଇଥିଲେ। ଏ ଅବସରରେ ୩୭୦ ଜଣଙ୍କୁ ପ୍ରଜାଖାନା ସଂଶୋଧନ ପଟ୍ଟା, ୧୬ ଜଣଙ୍କୁ ବିବିଧ ପ୍ରମାଣପତ୍ର, ୬ଟି ଦାଖଲ ଖାରଜ ମାମଲାର ଫଇସଲା, ୧ଟି କିସମ ପରିବର୍ତ୍ତନ ମାମଲା ଶୁଣାଣି, ୧୭ଟି ବ୍ୟକ୍ତିଗତ ଓ ୩ଟି ସାମୂହିକ ଅଭିଯୋଗର ଶୁଣାଣି କରାଯାଇ ତ୍ୱରିତ ପଦକ୍ଷେପ ଗ୍ରହଣ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଛୋଟୀ ସରପଞ୍ଚ ରଜନୀ ମଲିକ, ରାଜସ୍ୱ ପରିଦର୍ଶକ ମାନସ ନାଥ, ଛୋଟୀ ରାଜସ୍ୱ ନିରୀକ୍ଷକ ବିଶ୍ୱବିଜୟୀ ପରିଡ଼ା, ରାଜନଗର ରାଜସ୍ୱ ନିରୀକ୍ଷକ ସାରଦା ପ୍ରଧାନ, ଅତିରିକ୍ତ ରାଜସ୍ୱ ନିରୀକ୍ଷିକା ଲିପିସ୍ମିତା ଟୁଡୁ ପ୍ରମୁଖ ଯୋଗ ଦେଇଥିଲେ।

## ଧୋୟାଞ୍ଚଳକୁ ବନ୍ୟା ପ୍ରଭାବିତ ଘୋଷଣା ଦାବି




ଗୋବିନ୍ଦପୁର,୧୬।୯ (ସମିସ): ଆଳି ଧୋୟାଞ୍ଚଳର ଗୋବିନ୍ଦପୁର, କୁଆଣିଆ, କେତୁଆପାଳ, ଦେସାହି, ଏରଡଙ୍ଗ, ପାଳିମି, ପେଟପଡ଼ା, ଅର୍ଗଳ, ଡିମିରିପାଳ, ପଦନୀପାଳ, ଭୂଇଁପୁର ଆଦି ପଞ୍ଚାୟତରେ ଚଳିତ ଥର ଖରସ୍ରୋତା ଓ କାଣୀ ନଦୀରେ ୪ ଥର ବନ୍ୟା ଯୋଗୁଁ ଧାନ ଫସଲ ସମ୍ପୂର୍ଣ୍ଣ ଉଜୁଡ଼ିଗଲା। ଚାଷୀ ସର୍ବସ୍ୱ ହରାଇଲେ। ମଜୁରିଆ ଶ୍ରେଣୀର ଲୋକେ କାମ ନ ପାଇ ହାତ ବାନ୍ଧି ଘରେ ବସିଛନ୍ତି। ଚାଷଜମି ବୁଡ଼ି ରହିଥିବାରୁ ଗୃହପାଳିତ ପଶୁ ୩ ମାସ ଧରି ଖାଦ୍ୟ ବିନା ହନ୍ତସନ୍ତ ହେଉଛନ୍ତି। ତେଣୁ ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ବନ୍ୟା ପ୍ରଭାବିତ ଅଞ୍ଚଳ ଘୋଷଣା କରାଯାଇ ନ ଥିବାରୁ ଜନଅସନ୍ତୋଷ ଆନ୍ଦୋଳନର ରୂପ ନେଉଛି।

ଏ ଅଞ୍ଚଳ ଲୋକେ ଚଳିତ ବର୍ଷ ଚାରିଥର ବନ୍ୟାରେ ୩୨ ଦିନ ଜଳବନ୍ଦୀ ହୋଇ ରହିଲେ। ପ୍ରଶାସନ ପକ୍ଷରୁ କେବଳ ୬ ଦିନ ପାଇଁ ଗୋଖାଦ୍ୟ ବ୍ୟତୀତ ଅନ୍ୟକୌଣସି ସହାୟତା ପହଞ୍ଚିପାରିନି। ମଧୁବନସ୍ଥ ରାଜୀବ ଗାନ୍ଧୀ ସୂଚନା କେନ୍ଦ୍ରରେ ଆଳି ଧୋୟାଞ୍ଚଳ ବିକାଶ ପରିଷଦ ପକ୍ଷରୁ ସାମ୍ବାଦିକ ସମ୍ମିଳନୀରେ ପରିଷଦର ସଭାପତି ନିଖିଳ ସାମଲ, ପ୍ରାକ୍ତନ୍ ବ୍ଲକ ଅଧ୍ୟକ୍ଷ ଲକ୍ଷ୍ମୀଧର ମଲ୍ଲିକ, ଡିମିରିପାଳର ପୂର୍ବତନ ସରପଞ୍ଚ ସର୍ବେଶ୍ୱର ସାମଲଙ୍କ ସମେତ ବୁଦ୍ଧିଜୀବୀ, ଚାଷୀ ସୁରେନ୍ଦ୍ର ବେହେରା, ରତ୍ନାକର ମଳିକ, ସଦାଶିବ ଜେନା, ତ୍ରିଲୋଚନ ନାୟକ, ସୁରେନ୍ଦ୍ର ବେହେରା, ତ୍ରିଲୋଚନ ରାଉଳ ପ୍ରମୁଖ ଯୋଗଦେଇ ବ୍ଲକ୍ ପ୍ରଶାସନର କୁମ୍ଭକର୍ଣ୍ଣ ନିଦ୍ରା ଯୋଗୁ ଅଞ୍ଚଳବାସୀ କୌଣସି ସରକାରୀ ସହାୟତା ପାଇବାରୁ ବଞ୍ଚିତ ହୋଇ ରହିଥିବା ପ୍ରକାଶ କରିଥିଲେ। ଏଥିସହ ବନ୍ୟାଞ୍ଚଳ ଘୋଷଣା ଓ ସହାୟତା ଦାବିରେ ଅଞ୍ଚଳବାସୀ ମୁଖ୍ୟମନ୍ତ୍ରୀ, କୃଷିମନ୍ତ୍ରୀ, ରିଲିଫ୍ କମିଶନର, ସାଂସଦ, ଜିଲ୍ଲାପାଳ, ବିଡିଓ, ତହସିଲଦାରଙ୍କୁ ଲିଖିତ ଅଭିଯୋଗ କରାଯାଇଛି। ତୁରନ୍ତ ଉପରୋକ୍ତ ୧୨ଟି ପଞ୍ଚାୟତକୁ ଆସନ୍ତା ରବି ଫସଲ ପାଇଁ ମାଗଣାରେ ବିହନ, ସାର, କୀଟନାଶକ ଯୋଗାଇବା ସହିତ ସମସ୍ତ କୃଷି ଋଣ ଛାଡ଼ କରିବାକୁ ଦାବି କରିଥିଲେ। ଏହା କାର୍ଯ୍ୟକାରୀ ନ କଲେ ଆଗମୀ ଦିନରେ ଅଞ୍ଚଳବସୀ ଆନ୍ଦୋଳନ ଚେତାବନୀ ଦେଇଛନ୍ତି।

## ସମାଜସେବୀ ଅର୍ଜୁନ ସିଂହଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ

ପଟ୍ଟାମୁଣ୍ଡାଇ,୧୬।୯ (ସମିସ): ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ସଂସାରଫଳ ପଞ୍ଚାୟତର ବରିଷ୍ଠ ରାଜନେତା ତଥା ଉତ୍ତିକଣ-କେରଡା ଅଞ୍ଚଳର ସମାଜସେବୀ ତଥା ପୂର୍ବତନ ମନ୍ତ୍ରୀ ସ୍ୱର୍ଗତ ପ୍ରହଲ୍ଲାଦ ମଲିକଙ୍କ ଘନିଷ୍ଠ ବନ୍ଧୁ ଅର୍ଜୁନ ସିଂହଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ପାଳିତ ହୋଇଯାଇଛି। ଆୟୋଜିତ ସ୍ମୃତିସଭାରେ ପଟ୍ଟାମୁଣ୍ଡାଇ ଓ ରାଜନଗର ଅଞ୍ଚଳର ବହୁ ବିଶିଷ୍ଟ ବ୍ୟକ୍ତି ଯୋଗଦେଇ ସ୍ୱର୍ଗତ ସିଂହଙ୍କ ତ୍ୟାଗ ଓ ଜନସେବା ତାଙ୍କୁ ଅମର କରି ରଖିବ ବୋଲି ମତବ୍ୟକ୍ତ କରିଥିଲେ। ବହୁଚର୍ଚ୍ଚିତ ମଦନପୁର କଟ୍ ନିର୍ମାଣ ସମୟରେ ତାଙ୍କ ଭୂମିକା ଜନମାନସରେ ସବୁଦିନ ଉଜ୍ଜୀବିତ ହୋଇରହିବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଏହି ସଭାରେ ଉତ୍ତିକଣ-କେରଡା ସଂଗ୍ରାମ ସମିତି ଅଧ୍ୟକ୍ଷ ଭାସ୍କର ରାଉତରାୟ, ସୁରେଶ ବେହେରା, ସୁଶାନ୍ତ ସାମନ୍ତରାୟ, ବୈଷ୍ଣବ ବାୟୀ, ଦେବେନ୍ଦ୍ର ସିଂହ, ଧ୍ରୁବ ସିଂହ, ରଞ୍ଜନ ସୂତାର, ଶଙ୍କର୍ଷଣ ମହାନ୍ତି, ଗୋପୀନାଥ ଦାଶ, କେଶବ ପ୍ରଧାନ, କବି ଅନ୍ତର୍ଯ୍ୟାମୀ ବେଜ, ଅମର ଦାଶ ପ୍ରମୁଖ ଯୋଗ ଦେଇଥିଲେ। ବବୁଲ ସିଂହ, ଶ୍ରୀକାନ୍ତ ସିଂହ, ପତିତ ସିଂହ, ସୁଶାନ୍ତ ସିଂହ, ବିଶ୍ୱନାଥ ସିଂହ, ଚିନ୍ମୟ ସିଂହ, ଚନ୍ଦନ ସିଂହ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ରାଜନୀତି ବିଜ୍ଞାନ ବିଭାଗ ପୁରାତନ ଛାତ୍ର ସମାବେଶ

ରାଜନଗର,୧୬।୯ (ସମିସ): ରାଜନଗରସ୍ଥ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟରେ ରାଜନୀତି ବିଜ୍ଞାନ ବିଭାଗ ପୁରାତନ ଛାତ୍ରଛାତ୍ରୀଙ୍କ ସମାବେଶ ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ମେଜର ମନୋରଞ୍ଜନ ମହାନ୍ତିଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ସମାବେଶରେ ରାଜନୀତି ବିଜ୍ଞାନ ବିଭାଗର ଅଧ୍ୟାପିକା ଡଃ ପ୍ରଣତୀ ନାୟକ, ଅଧ୍ୟାପକ ପ୍ରତାପ ସ୍ୱାଇଁ, ଆଲୋକ ବେହେରା ପ୍ରମୁଖ ଯୋଗଦେଇ ପୁରାତନ ଛାତ୍ରଛାତ୍ରୀଙ୍କୁ ସମାବେଶର ଆଭିମୁଖ୍ୟ ସ ଆଗାମୀ କାର୍ଯ୍ୟପନ୍ଥା ଉପରେ ଆଲୋଚନା କରିଥିଲେ। ପୂର୍ବତନ ଛାତ୍ର ସମ୍ବିତ ସ୍ୱାଇଁ ପୁସ୍ତକ କିଣିବା ପାଇଁ ବିଭାଗୀୟ ପାଠାଗାରକୁ ୫୦୦୦ ଟଙ୍କା ଦେବାକୁ ପ୍ରତିଶ୍ରୁତି ଦେଇଥିଲେ। ଏ ଅବସରରେ ପୁରାତନ ଛାତ୍ରଛାତ୍ରୀ ସେମାନଙ୍କର ବିଭିନ୍ନ କାର୍ଯ୍ୟନିର୍ବାହୀ ଅଧିକାରୀ ଚୟନ କରିଥିଲେ। ସଭାପତି ଭାବେ ଅଧ୍ୟାପକ ବିଶ୍ୱସାରଥୀ ବଳ, ସାଧାରଣ ସମ୍ପାଦକ ଭାବେ ଅଧ୍ୟାପିକା ଅପରାଜିତା ଖଟୁଆ, କୋଷାଧ୍ୟକ୍ଷ ଭାବେ ଅଧ୍ୟାପକ ସମ୍ବିତ ସ୍ୱାଇଁଙ୍କୁ ମନୋନୀତ କରାଯାଇଥିଲା। ଅଧ୍ୟାପିକା ଡଃ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବନ ବିଭାଗ ପକ୍ଷରୁ ପ୍ରତିଯୋଗିତା



ରାଜନଗର,୧୬।୯ (ସମିସ): ଡାଙ୍ଗମାଳସ୍ଥ ଭିତରକନିକା ଜାତୀୟ ଉଦ୍ୟାନରେ 'ଏକ୍ ପେଡ୍ ମା କେ ନାମ' କାର୍ଯ୍ୟକ୍ରମ ଉପଲକ୍ଷେ ସ୍କୁଲ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଚିତ୍ରାଙ୍କନ, ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିସହ ଛାତ୍ରଛାତ୍ରୀ ସାଇକଲ ଶୋଭାଯାତ୍ରାରେ ମାଆ, ମାତୃଭୂମି ଓ ସବୁଜିମା ବୃକ୍ଷରାଜିର ସମନ୍ୱୟ ବିଷୟରେ ବାର୍ତ୍ତା ପ୍ରଦାନ କରିଛନ୍ତି। ରାଜନଗର ବନଖଣ୍ଡ ଅଧିକାରୀ ବର୍ଦ୍ଧରାଜ ଗାଓଁକର ଓ ସହକାରୀ ବନ ସଂରକ୍ଷକ ମାନସ ଦାସ ମା' ପାଇଁ ଗଛଟିଏର ମାହାତ୍ମ୍ୟ ପ୍ରତିପାଦନ କରିଥିଲେ। ଏହି କାର୍ଯ୍ୟକ୍ରମରେ ନାଗାନାରାୟଣ ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଶିକ୍ଷକଶିକ୍ଷୟିତ୍ରୀ, ବନପାଳ ପ୍ରଶାନ୍ତ ସିଂ, ବନରକ୍ଷୀ ବବୁଲ ପରିଡ଼ା, ବନରକ୍ଷୀ କଳ୍ପତରୁ ସେଠୀ ପ୍ରମୁଖ ଯୋଗ ଦେଇଥିଲେ।

## ଗଞ୍ଜା ଗାଁରେ ଗ୍ରୀଲ୍ ତାଡ଼ି ଚୋରି

ରାଜକନିକା, ୧୬।୯ (ସମିସ): ରାଜକନିକା ଥାନା ଅନ୍ତର୍ଗତ ଗଞ୍ଜା ଗ୍ରାମରେ ଚୋରି ହୋଇଛି। ଗତକାଲି ରାତିରେ ଘରେ କେହି ନ ଥିବା ସୁଯୋଗ ନେଇ ଘରର ଦୁଇଟି ଗ୍ରୀଲ ତାଡି କବାଟ ଭାଙ୍ଗି ଦୁର୍ବୃତ୍ତମାନେ ନଗଦ ଟଙ୍କା, ସୁନା, ରୁପା ଅଳଙ୍କାର ଚୋରି କରିନେଇଥିବା ଅଭିଯୋଗ ହୋଇଛି। ରଞ୍ଜିତ ବିଶ୍ୱାଳଙ୍କ ଘରୁ ଚୋରି ହୋଇଥିବା ନେଇ ଆଜି ତାଙ୍କ ସମ୍ପର୍କୀୟ ରାଜକନିକା ଥାନାରେ ଏତଲା ଦେଇଥିଲେ। ପୁଲିସ ପହଞ୍ଚି ତଦନ୍ତ କରିଥିବା ଜଣାପଡ଼ିଛି।

## ନିମପୁର-ଶାସନ ହାଇସ୍କୁଲରେ ସ୍ୱଚ୍ଛତା ପକ୍ଷ




ପଟ୍ଟାମୁଣ୍ଡାଇ,୧୬।୯ (ସମିସ): ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ନିମପୁର ଶାସନ ନୋଡାଲ ଉଚ୍ଚବିଦ୍ୟାଳୟରେ ୧୫ ଦିନ ଧରି ସ୍ୱଚ୍ଛତା ପକ୍ଷ ପାଳିତ ହୋଇଯାଇଛି। ପ୍ରଧାନଶିକ୍ଷକ ତପନ ରାୟଙ୍କ ପୌରୋହିତ୍ୟରେ ଆୟୋଜିତ ଉଦଯାପନୀ ଉତ୍ସବରେ ପଟ୍ଟାମୁଣ୍ଡାଇ କଲେଜ ଅଧ୍ୟକ୍ଷ କ୍ୟାପଟେନ୍ ମନୋଜ ପରିଡ଼ା ମୁଖ୍ୟଅତିଥି ଓ ସାମ୍ବାଦିକ ଜଗନ୍ନାଥ ଆଚାର୍ଯ୍ୟ ମୁଖ୍ୟବକ୍ତା ଭାବେ ଯୋଗଦେଇ ସ୍ୱଚ୍ଛତା ପକ୍ଷ ପାଳନର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ। ଶିକ୍ଷୟିତ୍ରୀ ସ୍ମାରକୀ ପ୍ରିୟଦର୍ଶିନୀ ସ୍ୱାଗତ ଭାଷଣ ଓ ଶିକ୍ଷୟିତ୍ରୀ ପ୍ରଜ୍ଞା ମାହାଲି ଅତିଥି ପରିଚୟ ପ୍ରଦାନ କରିଥିଲେ। ଏ ଉପଲକ୍ଷେ ଆୟୋଜିତ ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଶିକ୍ଷୟିତ୍ରୀ ଜୟଶ୍ରୀ ପ୍ରଧାନ ଧନ୍ୟବାଦ ଦେଇଥିଲେ। କାର୍ଯ୍ୟକ୍ରମକୁ ହରପ୍ରିୟା ସାହୁ, ପୂଜାରାଣୀ ମଳିକ, ଶୁଭଶ୍ରୀ ଶୁଭସ୍ମିତା ସାମଲ, ସରସ୍ୱତୀ ପଲାଇ, ମମତା ଷଡ଼ଙ୍ଗୀ ପ୍ରମୁଖ ପରିଚାଳନା କରିଥିବାବେଳେ ଗୀତାରାଣୀ ମିଶ୍ର, ନିବେଦିତା ଦାସ, ମିନତୀ ଜେନା, ହରିଶଙ୍କର ନାଥ, ଅଜୟ ସାହୁ ପ୍ରମୁଖ ସହଯୋଗ କରିଥିଲେ। ଛାତ୍ରଛାତ୍ରୀଙ୍କ ଦ୍ୱାରା ସ୍ୱଚ୍ଛତା ଉପରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ପଟ୍ଟାମୁଣ୍ଡାଇ-ବାବର ରାସ୍ତାରେ ତାଳମଞ୍ଜି ରୋପଣ

ପଟ୍ଟାମୁଣ୍ଡାଇ,୧୬।୯ (ସମିସ): ପଟ୍ଟାମୁଣ୍ଡାଇ ବ୍ଲକ ମୁଲଗାଇ ଉଚ୍ଚପ୍ରାଥମିକ ବିଦ୍ୟାଳୟର ସହକାରୀ ଶିକ୍ଷକ ପ୍ରକୃତି ବନ୍ଧୁ ଅନ୍ତର୍ଯ୍ୟାମୀ ବେଜ ନିଜ ସ୍କୁଲର ଛାତ୍ରଛାତ୍ରୀଙ୍କ ସହାୟତାରେ ପଟ୍ଟାମୁଣ୍ଡାଇ-ବାବର ରାସ୍ତାରେ ୧୦ ହଜାର



ତାଳମଞ୍ଜି ରୋପଣ କରିଛନ୍ତି। ତାଙ୍କର ଏହି କାର୍ଯ୍ୟକୁ ବିଭିନ୍ନ ମହଲରେ ପ୍ରଶଂସା କରାଯାଇଛି।

## ବୁଲା ଗୋରୁଙ୍କ କବ୍‌ଜାରେ ଚନ୍ଦନପୋଖରୀ ଛକ

ରାଜକନିକା,୧୬।୯ (ସମିସ): ବ୍ୟସ୍ତବହୁଳ କଟକ-ଚାନ୍ଦବାଲି ରାସ୍ତାର ଚନ୍ଦନପୋଖରୀ ଛକ ଏବେ ବୁଲା ଗୋରୁଗାଈଙ୍କ କବଜାରେ ରହି ଟ୍ରାଫିକ ସମସ୍ୟା ସୃଷ୍ଟି କରିଛି। ଦିନକୁ ଦିନ ଅଧିକରୁ ଅଧିକ ବୁଲା ଗାଈ, ଷଣ୍ଢଙ୍କ ସଂଖ୍ୟା ବଢି ଚାଲିଥିବାବେଳେ ରାସ୍ତାକୁ ସେମାନଙ୍କ ବିଶ୍ରାମସ୍ଥଳୀ ଭାବେ ବାଛି ନେଇଛନ୍ତି। ରାଜକନିକା ସଦରର କଣ୍ଟପଡ଼ା, ଅଶୋକ ବଜାର, ବ୍ଲକ, ତହସିଲ, ଥାନା ସମ୍ମୁଖ ରାସ୍ତାରେ ଦିନରାତି ଏହି ବୁଲା ଗୋରୁ ପଲ ସେମାନଙ୍କ ଆଡ୍ଡା ଜମାଇ ଥିବାବେଳେ ଦୈନିକ ସାଇକଲ ଆରୋହୀ ଛାତ୍ରଛାତ୍ରୀ, ସାଧାରଣ ଲୋକ, ବାଇକ୍ ଆରୋହୀ, କାର ଆଦି ଗାଡ଼ି ଧକ୍କା ହୋଇ ଦୁର୍ଘଟଣା ଘଟିବାରେ ଲାଗିଛି। ଗୋରୁଙ୍କ ରାସ୍ତା ଉପରେ ଆତଯାତ ସମ୍ପର୍କରେ କିଏ କାହାକୁ କେମିତି ଅଭିଯୋଗ କରିବ ଓ ଏହାର ନିରାକରଣ ପାଇଁ କ'ଣ ବ୍ୟବସ୍ଥା ହେବ, ସେ ସମ୍ପର୍କରେ ରାଜକନିକା ପ୍ରାଣୀ ଚିକିତ୍ସା ଅଧିକାରୀଙ୍କୁ ପଚାରିବାରୁ ସେ ଏହାର ସମାଧାନ ପାଇଁ କୌଣସି ବ୍ୟବସ୍ଥା ନ ଥିବା କହିଛନ୍ତି। ପର୍ଯ୍ୟାପ୍ତ ପରିମାଣର ଗୋଶାଳା କରାଗଲେ ଏହି ସମସ୍ୟାର ସମାଧାନ ହେବ ବୋଲି ସେ ସ୍ପଷ୍ଟ କରିଥିଲେ। କେବେ ଗୋଶାଳା ହେବ, କିଏ କେମିତି ଏତେ ସଂଖ୍ୟକ ଗୋରୁଙ୍କୁ ରାସ୍ତାରୁ ହଟାଇବ; ତାହା ସନ୍ଦେହରେ ଥିବାବେଳେ ବୁଲା ଗୋରୁଙ୍କ କବଜାରେ ଥିବା ରାସ୍ତା ଏମାନଙ୍କ ପାଇଁ ଦୁର୍ଘଟଣାପ୍ରବଣ ହୋଇପଡୁଛି। ଏ ସମ୍ପର୍କରେ କନିଜ ତହସିଲଦାରଙ୍କୁ ଫୋନରେ ପ୍ରତିକ୍ରିୟା ନେବାକୁ ଚେଷ୍ଟା କଲେ ବି ସେ ଫୋନ ଉଠାଇ ନ ଥିଲେ। ତେବେ ରାଜକନିକା ରାସ୍ତାଘାଟରେ ସକାଳୁ ବିଳମ୍ବିତ ରାତି ଯାଏ ରାସ୍ତାରେ ଶୋଇ ରହି ସମସ୍ୟା ସୃଷ୍ଟି କରୁଥିବା ଗୋରୁଙ୍କୁ ସେଠାରୁ ହଟାଇବାକୁ ଜିଲ୍ଲାପାଳ ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ଦାବି ହୋଇଛି।

## ହଳଦିଆପାଟଣାରେ କଳ୍ପପୂଜା



ପଞ୍ଚୁପାଣ୍ଡବ,୧୬।୯ (ସମିସ): ମଙ୍ଗଳପୁର ପଞ୍ଚାୟତ ଅନ୍ତର୍ଗତ ହଳଦିଆପାଟଣା ଗ୍ରାମରେ ଦୁର୍ଗାପୂଜା ପାଇଁ ବେଲଗଛ ମୂଳେ ଯୁତିଆ ନବମୀ କଳ୍ପପୂଜା ଅନୁଷ୍ଠିତ ହୋଇଯାଇଛି। ଏହି ଦୁର୍ଗାପୂଜା ୧୯୮୧ରେ ଆରମ୍ଭ ହୋଇ ୪୪ ବର୍ଷରେ ପଦାର୍ପଣ କରିଛି। ପ୍ରତିବର୍ଷ ଭଳି ସକାଳୁ ପ୍ରାୟ ତିନିଘଣ୍ଟା ଧରି ବେଲଗଛ ମୂଳେ ପୂଜାର୍ଚ୍ଚନା କରାଯାଇଥିଲା। ଏହି ପୂଜାରେ କମିଟି ସଭାପତି ଉତ୍ତମ ମଲିକ, ସମ୍ପାଦକ ଗୌରାଙ୍ଗ ସାହୁ, କୋଷଧ୍ୟକ୍ଷ ଚନ୍ଦ୍ରଶେଖର ଦାସ, କର୍ତ୍ତା ପ୍ରକାଶ ନାୟକ, ପୂଜା ସମ୍ପାଦକ ଭଞ୍ଜକିଶୋର ଦାସ, କୈଳାସ ସାହୁ, ସରୋଜ ସାହୁ, ଭବାନୀପ୍ରସାଦ ଓଝା, ସରୋଜ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## କେନ୍ଦ୍ରାପଡ଼ା ଅର୍ବାନ କୋଅପରେଟିଭ ବ୍ୟାଙ୍କର ଦକ୍ଷତା ବିକାଶ କର୍ମଶାଳା

କେନ୍ଦ୍ରାପଡ଼ା,୧୬।୯ (ସମିସ): ଓଡ଼ିଶା ରାଜ୍ୟ ସମବାୟ ୟୁନିଅନ ଆନୁକୂଲ୍ୟରେ କେନ୍ଦ୍ରାପଡ଼ା ଅର୍ବାନ କୋଅପରେଟିଭ ବ୍ୟାଙ୍କ କର୍ମଚାରୀଙ୍କ ଦକ୍ଷତା ବିକାଶ କର୍ମଶାଳା ବ୍ୟାଙ୍କର ମୁଖ୍ୟ ଶାଖା ପରିସରରେ ଅନୁଷ୍ଠିତ ହୋଇଯାଇଛି। ବ୍ୟାଙ୍କର ସଭାପତି ଗୁରୁପ୍ରସାଦ ମହାନ୍ତି ସମବାୟର ଆଦ୍ୟ ପ୍ରବର୍ତ୍ତକ ଉତ୍କଳ ଗୌରବ ମଧୁବାବୁ ଓ ବ୍ୟାଙ୍କର ପ୍ରତିଷ୍ଠାତା ସଭାପତି ଭାଗବତ ପ୍ରସାଦ ମହାନ୍ତିଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ କରି କର୍ମଶାଳାକୁ ଉଦ୍‌ଘାଟନ କରିଥିଲେ। କର୍ମଶାଳାରେ ସମବାୟ ୟୁନିଅନ ପକ୍ଷରୁ ନାବାର୍ଡର ସାଧାରଣ ପ୍ରବନ୍ଧକ ଭୁବନ ମୋହନ ପଟ୍ଟନାୟକ, ଅବସରପ୍ରାପ୍ତ ଗ୍ରାମ୍ୟ ବ୍ୟାଙ୍କ ରିଜିଓନାଲ ମ୍ୟାନେଜର ସୂର୍ଯ୍ୟପ୍ରସାଦ ରଥ, ଓଡ଼ିଶା କୋଅପରେଟିଭ ୟୁନିଅନ ଟ୍ରେନିଂ ଅଫିସର ବିପିନ ଦାସ, ଓଡ଼ିଶା ରାଜ୍ୟ କୋଅପରେଟିଭ ୟୁନିଅନର ଓଏସଡି ଚିନ୍ମୟୀ ଚାରୁଦର୍ଶିନୀ ପ୍ରମୁଖ ଯୋଗଦେଇ ଦକ୍ଷତା ବିକାଶ ଓ ସାମ୍ପ୍ରତିକ ପ୍ରତିଯୋଗିତାରେ କର୍ମଚାରୀ କିଭଳି ଗ୍ରାହକଙ୍କୁ ସେବା ଯୋଗାଇପାରିବେ, ସେ ସମ୍ପର୍କରେ ଅବତାରଣା କରିଥିଲେ। ଡିଜିଟାଲ ବ୍ୟାଙ୍କିଙ୍ଗ୍ ଓ ମୋବାଇଲ ବ୍ୟାଙ୍କ ସେବାର ବିସ୍ତୃତ ବ୍ୟବହାର ପାଇଁ ଦିଗଦର୍ଶନ କରିଥିଲେ। ବ୍ୟାଙ୍କର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଭାଗ୍ୟଲକ୍ଷ୍ମୀ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅର୍ବାନ ବ୍ୟାଙ୍କର ସାଧାରଣ ପରିଚାଳକ ରାଜୀବଲୋଚନ ପଣ୍ଡା, ଜିଏମ ସୁରେଶ ପରିଡା, ରିକଭରି ମ୍ୟାନେଜର ହିମାଂଶୁ ଲେଙ୍କା, ସହକାରୀ ପରିଚାଳକ ଭଞ୍ଜକିଶୋର ଜେନା, ସିଷ୍ଟମ ମ୍ୟାନେଜର ଆଦିତ୍ୟ ଶତପଥି ପ୍ରମୁଖ ଯୋଗ ଦେଇଥିଲେ।

# ତନ୍ତିଆପାଳ ସାମୁଦ୍ରିକ ଥାନା ଅଞ୍ଚଳରେ ବଢ଼ିଚାଲିଛି ମଦ କାରବାର

### ବାବର ବଜାରରୁ ନିୟନ୍ତ୍ରିତ ହେଉଛି ବେଆଇନ ମଦ ଚାଲାଣ

ମହାକାଳପଡ଼ା, ୧୬।୯ (ସମିସ):

ମହାକାଳପଡ଼ା ବ୍ଲକ୍‌ର ଉପାନ୍ତ ଅଞ୍ଚଳରେ ବେଆଇନ ମଦ ବିକ୍ରି ଚାଲିଛି। ଯଦ୍ୱାରା ପରିବାରରେ ଆଶାନ୍ତି ବଢୁଛି। ପାରିବାରିକ ହିଂସା ପାଇଁ ମହିଳା ବଳି ପଡୁଛନ୍ତି। ଦିନଦ୍ୱିପ୍ରହରରେ ଦୁଇଚକିଆ, ତିନିଚକିଆ ଓ ଚାରିଚକିଆ ଗାଡ଼ିରେ ମଦ କାରବାର ହେଉଛି। ଗ୍ରାମାଞ୍ଚଳରେ ବେଆଇନ ମଦ ଦୋକାନ ଖୋଲିବା ଯୋଗୁଁ ପରିବାରର ଆର୍ଥିକ ମେରୁଦଣ୍ଡ ଦୋହଲି ଗଲାଣି। ବିଷାକ୍ତ ମଦପିଇ ଲୋକେ ରୋଗରେ ପଡୁଛନ୍ତି। ମଦ ଯୋଗୁଁ ତନ୍ତିଆପାଳ ସାମୁଦ୍ରିକ ଥାନା ଅଞ୍ଚଳ ଅପରାଧପ୍ରବଣ ହୋଇପଡ଼ିଲାଣି। ବିଗତ ଦିନରେ ଖଣ୍ଡା, ଭୁଜାଲି ବୁଲିଥିଲେ ମଧ କିଛି ବାବୁଙ୍କ ପାଇଁ କାର୍ଯ୍ୟାନୁଷ୍ଠାନ ହେଉ ନ ଥିବା ଅଭିଯୋଗ ହେଉଛି।

ପଟ୍ଟାମୁଣ୍ଡାଇ, ରାଜନଗର, ମହାକାଳପଡ଼ାର ବାବର ବଜାର, ବଢ଼ିହ ପୋଲ, କାଂସପାଳ ଘାଟ, ମିଳନମୋଡ଼ ସେତୁ, ଜମ୍ବୁ ଫେରିଘାଟ ଦେଇ ବିପୁଳ ପରିମାଣର ଅପମିଶ୍ରିତ ମଦ ତନ୍ତିଆପାଳ ସାମୁଦ୍ରିକ ଥାନା ଅଞ୍ଚଳକୁ ପ୍ରବେଶ କରୁଛି। ଖୁଲୁମଖୁଲା ଦିନ ଦ୍ୱିପ୍ରହରରେ ମଦ ବିକ୍ରି ହେଉଛି। ଏହି ବେଆଇନ କାରବାର ରୋକିବା, ଏମାନଙ୍କୁ ଦଣ୍ଡ ଦେବା ଅଧିକାର ଅବକାରୀ ବିଭାଗ ଓ ପୁଲିସର ରହିଛି। କେଉଁ ବିଭାଗର ପ୍ରୋତ୍ସାହନ କିମ୍ବା ଜାଣତରେ ଏଭଳି ବେଆଇନ ମଦ କାରବାର ହେଉଛି, ତାହା ଜଣାପଡୁନି। ଯାହାକୁ ନେଇ ବଢ଼ି, କଂସା ବଡ଼ଦାଣ୍ଡୁଆ, ଜମ୍ବୁ, ସୁନିତି, ଗଗୁଆ, ଲାଞ୍ଜୁଡ଼ା ପଞ୍ଚାୟତର ସଚେତନ ନାଗରିକ ମଦୁଆଙ୍କ ଦୌରାତ୍ମ୍ୟରେ ତ୍ରାହିତ୍ରାହି ଡାକିଲେଣି। ସବୁଠୁ ମଜା କଥା ହେଉଛି ଏ ଅଞ୍ଚଳରେ ଯେଉଁ ବେଆଇନ ମଦ କାରବାର ହେଉଛି, ତାକୁ ନିୟନ୍ତ୍ରଣ କରୁଛନ୍ତି ଜଣେ ଗ୍ରାମରକ୍ଷୀ ବୋଲି ଜମ୍ବୁ ସାମୁଦ୍ରିକ ଥାନା ଅଞ୍ଚଳରେ ଚର୍ଚ୍ଚା ହେଉଛି। ସେ ଗ୍ରାମରକ୍ଷୀଙ୍କ ଘର ଜମ୍ବୁ ସାମୁଦ୍ରିକ ଥାନା ଅଞ୍ଚଳରେ ନାଁ ଅନ୍ୟ କେଉଁ ଅଞ୍ଚଳରେ ଯାହାକୁ ଧରିବାର ସମୟ ଆସିଛି। ଏହି ଗ୍ରାମରକ୍ଷୀଙ୍କ ପାଖରେ କୁଆଡ଼େ ବାବୁଙ୍କ ଲଗାମ ରହିଛି। ଏପରିକି କିଛିଦିନ ତଳେ ଲକ୍ଷାଧିକ ଟଙ୍କାର ମଦ ଧରାଯାଇଥିଲେ ମଧ ଏହାକୁ ରଫାଦଫା କରାଯାଇଥିଲା। ଆଶା କରାଯାଉଥିଲା ଏମାନଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହେବ। ତେବେ ୩୦ରୁ ୩୫ ହଜାର ଟଙ୍କା ଏହି ଗ୍ରାମରକ୍ଷୀଙ୍କ ଦ୍ୱାରା କାରବାର ହୋଇ ବାବୁ ଜଣକ ମଦ ଛାଡ଼ି ଦେଇ କାର୍ଯ୍ୟାଳୟକୁ ଫେରିଥିଲେ। ଅବକାରୀ ବିଭାଗ, ନା ପୁଲିସ୍ ନା ଅନ୍ୟ କେଉଁ ଅଧିକାରୀ ଏହି ବେଆଇନ କାର୍ଯ୍ୟରେ ସମ୍ପୃକ୍ତ ଅଛନ୍ତି; ଯାହା ତଦନ୍ତ ହେବା ଜରୁରୀ। ସବୁଠୁ ବଡ଼କଥା ହେଉଛି ବାବର ବଜାର ଅଞ୍ଚଳରୁ ବିଭିନ୍ନ ସ୍ଥାନକୁ ମଦ ଯାଉଥିବା ଆଲୋଚନା ହେଉଛି। ଜମ୍ବୁ, କାଂସପାଳ ଫେରିଘାଟ, ମିଳନମୋଡ଼ ସେତୁ, ଏକଲପୁର ଫେରିଘାଟ ଅଞ୍ଚଳରେ କଡ଼ା ପାଟ୍ରୋଲିଂ କରାଗଲେ, ଏମାନଙ୍କୁ ଧରିବା ସହଜ ହେବ ବୋଲି ବୁଦ୍ଧିଜୀବୀ ମହଲରୁ ଦାବି ହେଉଛି।

### ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ

# ବିଭିନ୍ନ ସମସ୍ୟାକୁ ନେଇ ଆପ୍ ପକ୍ଷରୁ ଧାରଣା ଜାରି



ଢେଙ୍କାନାଳ,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ବିଭିନ୍ନ ସମସ୍ୟାକୁ ନେଇ ଆମ ଆଦମୀ ପାର୍ଟୀ(ଆପ୍) ପକ୍ଷରୁ ଗଣଧାରଣାକୁ ୨ୟ ଦିନରେ ପହଞ୍ଚିଥିବା ବେଳେ ଧାରଣା ଜାରି ରହିଛି। ଜିଲ୍ଲା ମୁଖ୍ୟ ଚିକିତ୍ସାଧୀକାରୀ ଏହି ଧାରଣା ପ୍ରତ୍ୟାହୃତ କରିବା ପାଇଁ କର୍ମୀମାନଙ୍କୁ ଅନୁରୋଧ କରିଥିଲେ। ମାତ୍ର ସିଡିଏମଓଙ୍କ ସନ୍ତୋଷଜନକ ଉତ୍ତର ନମିଳିବାରୁ ଏହି ଧାରଣା ଜାରି ରହିବ ବୋଲି ଆପ୍ ପକ୍ଷରୁ ସୂଚନା ମିଳିଛି। ମଙ୍ଗଳବାର ପୂର୍ବାହ୍ନରେ ଜିଲ୍ଲା ମୁଖ୍ୟ ଚିକିତ୍ସାଧୀକାରୀଙ୍କ ସହିତ ପରିଚାଳନା ଅଧିକାରୀ ପ୍ରମୁଖ ଧାରଣାସ୍ଥଳରେ ପହଞ୍ଚି ଆପ୍ କର୍ମକର୍ତ୍ତାମାନଙ୍କୁ ଧାରଣାରୁ ଓହରି ଯିବାପାଇଁ ଅନୁରୋଧ କରିଥିଲେ। ଚିକିତ୍ସାଳୟରେ ବିଭିନ୍ନ ରୋଗୀମାନଙ୍କୁ ଉତ୍ତମ ଚିକିତ୍ସା ନ ମିଳିବାରୁ ରୋଗୀମାନେ କଟକ ମୁଖ୍ୟ ଚିକିତ୍ସାଳୟ ଉପରେ ନିର୍ଭର କରୁଛନ୍ତି। ସେମାନଙ୍କ ମଧ୍ୟରୁ ଅନେକ ସରକାରଙ୍କ ଗୋପବନ୍ଧୁ ଜନକଲ୍ୟାଣ ଯୋଜନା ବା ଆୟୁଷ୍ମାନ ଯୋଜନାରେ ଅନ୍ତର୍ଭୁକ୍ତ ନଥିବାର ଜାଣିବାକୁ ମିଳିଥିଲା। ଚିକିତ୍ସାଳୟରେ ସାଧାରଣ ଲୋକ ଫଟୋ ବା ଭିଡିଓ ଉତ୍ତୋଳନ କରିପାରିବେ ନାହିଁ ବୋଲି ବାରମ୍ବାର ଜିଲ୍ଲା ଅତିରିକ୍ତ ମୁଖ୍ୟ ଚିକିତ୍ସାଧିକାରୀ ଡା. ଇଶାନି ମୈତ୍ର ପ୍ରକାଶ କରିଥିଲେ। ଏହାଦ୍ୱାରା ରୋଗୀମାନଙ୍କର ପ୍ରାଇଭେସି ଲିକ୍ ହେବ ବୋଲି ବାହାନା ଦେଖାଇଥିଲେ। କିନ୍ତୁ ଗତ ୨ମାସ ପୂର୍ବରୁ ସବୁ ଫଟୋ ଓ ଭିଡିଓ ହେଉଥିଲା। ଏହା ବାହାନା କରାଯାଉଛି ବୋଲି ଆପ୍ ପକ୍ଷରୁ ଅଭିଯୋଗ କରାଯାଇଛି। ଜିଲ୍ଲାପାଳ ଓ ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ବାରମ୍ବାର ଜଣାଇବା ସତ୍ତ୍ୱେ ଚିକିତ୍ସାଳୟର ବିଭିନ୍ନ ସମସ୍ୟା ସମାଧାନ ହୋଇପାରି ନାହିଁ ବୋଲି ଅଭିଯୋଗ ହେଉଛି। ଗଣଧାରଣାରେ ରାଜ୍ୟ ସୋସିଆଲ ମିଡିଆ ସମ୍ପାଦକ ବିଷ୍ଣୁପ୍ରସାଦ ପଣ୍ଡା, ଅନୁଗୁଳ ଜିଲ୍ଲା ସଭାପତି ବିକ୍ରମ ରାଉତ, ସଂସଦୀୟ କ୍ଷେତ୍ର ସଭାପତି ପଙ୍କଜ ନାୟକ, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଜିତେନ୍ଦ୍ର ବେହେରା ଉପସ୍ଥିତ ରହି ଚିକିତ୍ସାଳୟରୁ ମୁହଁ ଫେରାଇ ଯାଉଥିବା ରୋଗୀ ଓ ସେମାନଙ୍କ ସମ୍ପର୍କୀୟମାନଙ୍କ ବିଭିନ୍ନ ସମସ୍ୟା ଅବଗତ ହୋଇଥିଲେ। ଜିଲ୍ଲା ସଭାପତି ରମେଶ ପଣ୍ଡାଙ୍କ ନେତୃତ୍ୱରେ ୨ୟ ଦିନର ଧାରଣାସ୍ଥଳରେ ନଗର ସଭାପତି ଦେବାଶିଷ ନନ୍ଦ, ଉପସଭାପତି ବିଜୟ ଦାସ, ଚିତ୍ତରଞ୍ଜନ ପାଣି, ଶାନ୍ତନୁ ନନ୍ଦ, ପିତାମ୍ବର ସାମନ୍ତରାୟ, ଦେବାଶିଷ ନାଏକ, ସନ୍ତୋଷ ଖୁଣ୍ଟିଆ, ରାଜେଶ ସରକାର, ପ୍ରସନ୍ନ ତ୍ରିପାଠୀ, ସଦର ବ୍ଲକ ଉପସଭାପତି ପ୍ରସନ୍ନ ବରାଳ, ଜୟନ୍ତ ଦାସ ପ୍ରମୁଖ ଏହି ଗଣଧାରଣାରେ ଉପସ୍ଥିତ ରହିଥିଲେ।

## ପ୍ରାଥମିକ ଚିକିତ୍ସା ଓ ଜଳବାୟୁ ପରିବର୍ତ୍ତନ ବିଷୟରେ ଆଲୋଚନା



ଯୋରନ୍ଦା,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଷଡ଼ଙ୍ଗୀସ୍ଥିତ ଶ୍ରୀଧର ସ୍ୱାମୀ ଶିକ୍ଷା ଓ ବୈଷୟିକ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ ଅମୂଲ୍ୟ କୁମାର ପ୍ରଧାନଙ୍କ ପୌରହିତରେ ଯୁବ ରେଡକ୍ରସ ଓଡିଶା ଶାଖା ପକ୍ଷରୁ ପ୍ରାଥମିକ ଚିକିତ୍ସା ଓ ଜଳବାୟୁ ପରିବର୍ତ୍ତନ ଉପରେ ଆଲୋଚନା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଯୁବ ରେଡକ୍ରସ କାଉନସିଲର ଅଧ୍ୟାପକ ପବିତ୍ର ମୋହନ ମହାପାତ୍ର ପ୍ରାଥମିକ ଚିକିତ୍ସା ଉପରେ ଛାତ୍ରଛାତ୍ରୀଙ୍କୁ ପ୍ରଶିକ୍ଷଣ ଦେଇଥିଲେ। ସଭାରେ ଅଧ୍ୟାପକ ଡଃ ଅରୁଣୋଦୟ ସ୍ୱାଇଁ ଜଳବାୟୁ ପରିବର୍ତ୍ତନ ଉପରେ ଛାତ୍ରଛାତ୍ରୀଙ୍କୁ ସୂଚନା ପ୍ରଦାନ କରିଥିଲେ। ଅଧ୍ୟାପିକା ଶାନ୍ତିଲତା ପାଣିଗ୍ରାହୀ, ଅଧ୍ୟାପକ ମହାବୀର ସାହୁ, ଖେଳ ଶିକ୍ଷକ ସରୋଜ କୁମାର ମହାପାତ୍ର ଓ ଶିକ୍ଷା ଅନୁଷ୍ଠାନର ଅନ୍ୟାନ୍ୟ କର୍ମଚାରୀ ବୃନ୍ଦ ସଭା ପରିଚାଳନାରେ ସାହାଯ୍ୟ କରିଥିଲେ।

## ହିନ୍ଦୋଳ ମହାବିଦ୍ୟାଳୟ ବାଣିଜ୍ୟ ବିଭାଗରେ ସ୍ୱାଗତ ସମାରୋହ



ଢେଙ୍କାନାଳ,୧୬।୯(ସମିସ): ହିନ୍ଦୋଳ ଉପଖଣ୍ଡ ଖଜୁରିଆକଟାସ୍ଥିତ ହିନ୍ଦୋଳ ମହାବିଦ୍ୟାଳୟ ବାଣିଜ୍ୟ ବିଭାଗ ପକ୍ଷରୁ + ୩ ପ୍ରଥମ ବର୍ଷ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ କରାଯାଇଛି। ବିଭାଗୀୟ ମୁଖ୍ୟ ସୁଶାନ୍ତ କୁମାର ଆଚାର୍ଯ୍ୟଙ୍କ ପୌରହିତ୍ୟରେ ଅନୁଷ୍ଠିତ ଉତ୍ସବରେ ମହାବିଦ୍ୟାଳୟ ଅଧ୍ୟକ୍ଷ ପ୍ରଦୀପ କୁମାର ଧଳ ମୁଖ୍ୟ ଅତିଥି ରୂପେ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ କରିବା ସହିତ ଛାତ୍ର ପାଇଁ ଶୃଙ୍ଖଳା ହେଉଛି ମହାଧନ ଏବଂ ମହାଜ୍ଞାନ, ତେଣୁ ପ୍ରତ୍ୟେକ ଛାତ୍ର ଅବସ୍ଥାରୁ ଶୃଙ୍ଖଳିତ ଜୀବନ ଯାପନ କରିପାରିଲେ ସମାଜ ସମୃଦ୍ଧି ତଥା ଉନ୍ନତ ହୋଇପାରିବ ବୋଲି ମତବ୍ୟକ୍ତ କରିଥିଲେ। ଅତିଥିମାନଙ୍କ ମଧ୍ୟରେ ଇଂରାଜୀ ବିଭାଗ ଅଧ୍ୟାପକ ଦିଲ୍ଲୀପ କୁମାର ଗଡ଼ନାୟକ, କାର୍ଯ୍ୟାଳୟ କର୍ମଚାରୀ ମଙ୍ଗରାଜ ପ୍ରଧାନ ଓ ସିଭିଲ ଡିଫେନ୍ସ ଏବଂ ଓସଡମାର ମାଷ୍ଟର ଟ୍ରେନର ବିଙ୍କୁ ବିଶ୍ୱାଳ ଯୋଗଦେଇ ସଫଳ ଛାତ୍ରଛାତ୍ରୀ ଗଠନ ଦିଗରେ ନିଜସ୍ୱ ବକ୍ତବ୍ୟ ରଖିଥିଲେ। ଛାତ୍ରଛାତ୍ରୀଙ୍କ ମଧ୍ୟରୁ ଚନ୍ଦନ ବିଶ୍ୱାଳ, ମହେଶ୍ୱର ରାଉତ, ସ୍ନେହା ସାମଲ, ଦିପ୍ତିମୟୀ ସାହୁ, କରିସ୍ମା ସାହୁ ଓ ସ୍ୱସ୍ତିକ ସୋମେଶ ମୁଦୁଲି ପ୍ରମୁଖ ଉତ୍ସବର ଆଭିମୁଖ୍ୟ ସମ୍ପର୍କରେ ସଂକ୍ଷିପ୍ତ ଭାଷଣ ରଖିଥିଲେ। ଶେଷରେ ବିଭାଗର ଅନ୍ୟତମ ଅଧ୍ୟାପକ ସୁକ୍ତପ୍ରିୟ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଭୁବନ ଏନ୍ଏସିର ଦ୍ୱାଦଶ ସାଧାରଣ ବୈଠକ



ଭୁବନ,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲା ଭୁବନ ବିଜ୍ଞାପିତ ଅଞ୍ଚଳ ପରିଷଦ ତରଫରୁ ଦ୍ୱାଦଶ ସାଧାରଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ନୂତନ ନଗରପାଳ ମାନିନୀ ସାହୁଙ୍କ ଅଧ୍ୟକ୍ଷତାରେ ଏନଏସି ସଭାଗୃହରେ ଅନୁଷ୍ଠିତ ବୈଠକରେ ମୁଖ୍ୟ ଅତିଥି ଭାବେ କାମାକ୍ଷାନଗର ବିଧାୟକ ଶତ୍ରୁଘ୍ନ ଜେନା ଯୋଗଦେଇଥିଲେ। କାର୍ଯ୍ୟ ନିର୍ବାହୀ ଅଧିକାରୀ ପ୍ରଦତ୍ତ ସାହୁ ପୂର୍ବ ବୈଠକର ବିବରଣୀ ପାଠ କରିଥିଲେ। କାଉନସିଲରମାନେ ରାସ୍ତା, ଡ୍ରେନ, ଷ୍ଟ୍ରୀଟ ଲାଇଟ୍, ପାନୀୟ ଜଳ, ପରିମଳ ଓ ବିଦ୍ୟୁତ ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ଦଶହରା ପୂର୍ବରୁ ଯୁଦ୍ଧକାଳୀନ ଭିତ୍ତିରେ ସମସ୍ତ ରାସ୍ତା, ଡ୍ରେନ ଓ ବିଦ୍ୟୁତ ସମସ୍ୟାର ସମାଧାନ କରାଯିବ ବୋଲି ନଗରପାଳ ସୂଚନା ଦେଇଥିଲେ। ପୂର୍ବରୁ ଟେଣ୍ଡର ହୋଇଥିବା ସମସ୍ତ କାର୍ଯ୍ୟ କରାଯିବ। ଏନଏସିର ବିକାଶ ପାଇଁ ସବୁ ପ୍ରକାର ସହଯୋଗ ରହିବ ବୋଲି ବିଧାୟକ ଶ୍ରୀ ଜେନା କହିଥିଲେ। ପରିଷଦର ଆୟ ବୃଦ୍ଧି ପାଇଁ ବିଦ୍ୟୁତ ବିଭାଗ କାର୍ଯ୍ୟାଳୟ ସମ୍ମୁଖରେ ନିର୍ମାଣ ହୋଇଥିବା ଭେଣ୍ଡିଂଜୋନ ଦୋକାନ ଗୃହକୁ ଆବଣ୍ଟନ କରାଯିବାକୁ ଆଲୋଚନା ହୋଇଥିଲା। ଦଶହରା ପୂର୍ବରୁ ରାସ୍ତା ମରାମତି, ରାବଣ ପୋଡ଼ି ସ୍ଥାନ ଓ ଯାତ୍ରା କରାଯାଉଥିବା ରାସ୍ତା ମରାମତି, ବଣିଜାରୀ ପୀଠକୁ ମରାମତି ସହ ଯାତ୍ରା ସମୟରେ ବିଦ୍ୟୁତ କାଟ ବନ୍ଦ କରାଯିବା ପାଇଁ ସ୍ଥିର କରାଯାଇଥିଲା। ଜନସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପାନୀୟ ଜଳ ଯୋଗାଣ, ପରିମଳ ବ୍ୟବସ୍ଥାକୁ ସୁପରିଚାଳନା କରାଯିବ। ବିଭିନ୍ନ ସ୍ଥାନରେ ସରକାରୀ ଅନୁଦାନରେ ନିର୍ମାଣ ହୋଇଥିବା ପାଠାଗାର ଓ କ୍ଲବର ଜବରଦଖଲ ତଥା ବେଣାଗାଡ଼ିଆ ନିକଟରେ ଏନଏସି ପକ୍ଷରୁ ନିର୍ମାଣ ହୋଇଥିବା ପାଠାଗାରକୁ କର୍ତ୍ତୃପକ୍ଷ ନିଜ ଅଧୀନକୁ ଆଣିବା ପାଇଁ ଜବରଦଖଲ ଉଚ୍ଛେଦ କରାଯିବ। ସମସ୍ତ ଉନ୍ନୟନମୂଳକ କାର୍ଯ୍ୟ ତ୍ୱରାନ୍ୱିତ କରିବା ପାଇଁ ସ୍ଥିର କରାଯାଇଥିଲା। ବୈଠକରେ ସମସ୍ତ କାଉନସିଲର ଓ କର୍ମଚାରୀମାନେ ଉପସ୍ଥିତ ଥିଲେ। ଏନଏସି ନିର୍ବାହୀ ଅଧୁକାରୀ ପ୍ରଦତ୍ତ ସାହୁ ପରିଚାଳନା କରିଥିଲେ।

## ଗବେଷଣାମୂଳକ ସନ୍ଦର୍ଭ ସମ୍ଭାଷଣର ବ୍ୟାକରଣ ଉନ୍ମୋଚିତ



ଗଁଦିଆ,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲା ଲେଖକ ସଂସଦ ଶାଣ୍ଡିଲ୍ୟ ଭବନରେ ବିଶିଷ୍ଟ ସାହିତ୍ୟିକ, ବରିଷ୍ଠ ସମାଜସେବୀ ତଥା ପ୍ରାକ୍ତନ ସ୍ୱତନ୍ତ୍ର ବିଚାରପତି ସିବିଆଇ ଭିକାରୀ ଚରଣ ରାଉତଙ୍କ ରଚିତ ସନ୍ଦର୍ଭ ସମ୍ଭାଷଣର ବ୍ୟାକରଣ ଉନ୍ମୋଚିତ ହୋଇଯାଇଛି। ଏହି ଅବସରରେ ଶ୍ରୀ ରାଉତଙ୍କୁ ସନ୍ଦର୍ଭ ରଚନାରେ ପ୍ରେରଣା ପ୍ରଦାନକାରୀ ସୁସାହିତ୍ୟକ ଡ. ପ୍ରମୋଦ ମିଶ୍ର, ପ୍ରକୃତି ବନ୍ଧୁ ହରିହର ସାହୁ, ଭାଗିରଥି ସାହୁ, ନିରୂପମା ଦାସଙ୍କୁ ମୁଖ୍ୟଅତିଥି ଡ. ଭବାନୀ ପ୍ରସାଦ ମିଶ୍ରଙ୍କ ଦ୍ୱାରା ସମ୍ବର୍ଦ୍ଧିତ କରାଯାଇଥିଲା। ବିଶିଷ୍ଟ ଅତିଥି ତଥା ସାହିତ୍ୟିକ ଶରତ ଚନ୍ଦ୍ର ମିଶ୍ର (ଭରଦ୍ୱାଜ) ସନ୍ଦର୍ଭକୁ ସମୀକ୍ଷା କରି ଲେଖକଙ୍କୁ ପ୍ରଶଂସିତ କରିଥିଲେ। ଲେଖକଙ୍କ ସହଧର୍ମିଣୀ ଉପମା ସାମଲଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ଲେଖକ ସଂସଦର ସମ୍ପାଦକ ହୃଦାନନ୍ଦ ଦ୍ୱିବେଦୀଙ୍କ ସଂଯୋଜନାରେ କାର୍ଯ୍ୟକ୍ରମରେ ଲେଖକ ସଂସଦର ସଭାପତି ବସନ୍ତ କୁମାର ପଟ୍ଟନାୟକ ଅଧ୍ୟକ୍ଷତା କରିଥିଲେ। ସନ୍ଦର୍ଭର ପ୍ରକାଶିକା ଅଧ୍ୟାପିକା ବିଶ୍ୱବାସିନୀ ମହାନ୍ତି ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ସନ୍ଦର୍ଭର ରଚୟିତାଙ୍କ କନିଷ୍ଠ ପୁତ୍ର ଶ୍ରୀ ରାଉତ ପୁସ୍ତକର ପ୍ରତ୍ୟେକ ଉପାଦେୟତା ଦର୍ଶାଇଥିଲେ।

# ବିଶ୍ୱ ଓଜୋନ ଦିବସ ସମ୍ପର୍କିତ ସଚେତନତା

ପରଜଙ୍ଗ,୧୬।୯(ସମିସ): ବର୍ତ୍ତମାନ ସାମ୍ପ୍ରତିକ ସମାଜରେ ଲୋକ ସଂଖ୍ୟା ବୃଦ୍ଧି ପାଇବା ସାଙ୍ଗକୁ କଳକାରଖାନା ବୃଦ୍ଧି ପାଉଛି। ଏହାଦ୍ୱାରା ଧୀରେ ଧୀରେ ବାୟୁମଣ୍ଡଳ ପ୍ରଦୂଷିତ ହେବାରେ ଲାଗିଛି। ଜଙ୍ଗଲ ହ୍ରାସ, କଳକାରଖାନା ବୃଦ୍ଧି, ବାୟୁମଣ୍ଡଳ ପ୍ରଦୂଷିତ, ଉତ୍ତପ୍ତ ବାୟୁମଣ୍ଡଳ, ଅସ୍ୱାସ୍ଥ୍ୟକର ପରିବେଶ, ଅମ୍ଳଜାନ ପ୍ରଭାବିତ ହେବା ଆଦି ଅନେକ ସମସ୍ୟା ମଧ୍ୟରେ ପୃଥିବୀ ପୃଷ୍ଠରେ ଘେରି ରହିଛି। ଅତୀତରେ ପୃଥିବୀର ପରିବେଶ କଣ ରହିଥିଲା, ବର୍ତ୍ତମାନ କଣ ରହିଛି ଏବଂ ଆଉ ଭବିଷ୍ୟତରେ କଣ ରହିବ ଏହାକୁ ସମୀକ୍ଷା କରିବା ପୂର୍ବରୁ ଆମେ ନିଜକୁ ନିଜେ ସଚେତନତା ଅବଲମ୍ବନ କରିବା ନିତ୍ୟାନ୍ତ ଅପରିହାର୍ଯ୍ୟ। ଉତ୍ତପ୍ତ ବାୟୁମଣ୍ଡଳରୁ ଓଜୋନ ହ୍ରାସ କରି ପୃଥିବୀ ପୃଷ୍ଠରେ ତିଷ୍ଠିରହିବା ପାଇଁ କେତେକ ସମସ୍ୟା ପ୍ରତି ଗୁରୁତ୍ୱାରୋପ କରିବା ଦିଗରେ ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ମହାବିଦ୍ୟାଳୟ ସଭାଗୃହରେ ବିଶ୍ୱ ଓଜୋନ ଦିବସ ସମ୍ପର୍କିତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧ୍ୟକ୍ଷା ସ୍ମିତାରାଣୀ ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇଥିବା ବେଳେ ବରିଷ୍ଠ ପ୍ରାଧ୍ୟାପକ ବିକାଶ କୁମାର ପ୍ରଧାନ, ବରିଷ୍ଠ ପ୍ରାଧ୍ୟାପିକା ଜୟଯୁକ୍ତା ପଟ୍ଟନାୟକ, ଅଧ୍ୟାପକ ବିଶିକେଶନ କର୍ଣ୍ଣ, ଅଧ୍ୟାପିକା ମୌସୁମୀ ବାଗ, ସୁରଭି ଧାରୁଆ ପ୍ରମୁଖ ମଞ୍ଚାସୀନ ଅତିଥି ଭାବେ ଯୋଗଦେଇଥିଲେ। ସେହିପରି ଅଧ୍ୟାପକ ବିରଞ୍ଚି ନାରାୟଣ ଜେନା, ସମୀର ଭୋଇ, ସିଲୁ ବାରିକ ଓ ଛାତ୍ରଛାତ୍ରୀଙ୍କ ସହଯୋଗରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବୈଜ୍ଞାନିକ ପୃଷ୍ଠରେ ଗ୍ଲୋବାଲ ଆହ୍ୱାନ ନିତ୍ୟାନ୍ତ ଆବଶ୍ୟକ ରହିଛି ବୋଲି ପ୍ରାଧ୍ୟାପକ ଶ୍ରୀ ପ୍ରଧାନ ବକ୍ତବ୍ୟ ରଖିଥିଲେ। ଅଧ୍ୟାପିକା ମୌସୁମୀ ବାଗ ଓ ଅଧ୍ୟକ୍ଷା ସ୍ମିତାରାଣୀ ସାହୁ ନିଜ ବକ୍ତବ୍ୟ ପ୍ରଦାନ କରିଥିଲେ। ଆମକୁ ପରିବେଶ ସ୍ୱଚ୍ଛତା ଦିଗରେ ଗୁରୁତ୍ୱାରୋପ ଦେଇ ବାୟୁ ମଣ୍ଡଳକୁ ପ୍ରଦୂଷଣରୁ ମୁକ୍ତ କରିବା ପାଇଁ ଚାରାରୋପଣ କରିବା ନିତ୍ୟାନ୍ତ ଆବଶ୍ୟକ ବୋଲି ଅଧ୍ୟାପିକା ସୁରଭି ଧାରୁଆ ବକ୍ତବ୍ୟ ରଖିଥିଲେ। ଅଧ୍ୟାପିକା ମୌସୁମୀ ବାଗ ମଞ୍ଚ ସଞ୍ଚାଳନ କରିଥିବା ବେଳେ ଅଧ୍ୟାପକ ବିଶିକେଶନ କର୍ଣ୍ଣ ଧନ୍ୟବାଦ ଅର୍ପଣ କରିଥିଲେ।

## ମନରେଗାରେ ଅନିୟମିତତା ଅଭିଯୋଗ

କଙ୍କଡାହାଡ,୧୬।୯(ସମିସ): ମନରେଗାରେ ଢେଙ୍କାନାଳ ଜିଲ୍ଲା କଙ୍କଡାହାଡ ବ୍ଲକରେ ମେସିନ ଦ୍ୱାରା କାର୍ଯ୍ୟକରି କିଛି ଠିକାଦାର ଓ ଅଧିକାରୀ ମିଶି ଟଙ୍କା ହଡ଼ପ କରୁଥିବା ଅଭିଯୋଗ ହେଉଛି। ମକୁଆକାଟେଣି ପଞ୍ଚାୟତ ମାଟି କେନାଲ ଖଜୁରୀଆ, ତରଜଙ୍ଗ ପ୍ଲେ ଗ୍ରାଉଣ୍ଡ, ହଳଦୀକୁଣ୍ଡି ଗ୍ରାମର ବିଜାମୁଣ୍ଡା ମାଟି କେନାଲ କାମ ପ୍ରକୃତ ଲୋକ ନକରି ମେସିନରେ କିଛି କାର୍ଯ୍ୟକରି ଏନଏମଏମଏସ ଆପରେ ଗୋଟିଏ ଫଟୋକପି ମାଧ୍ୟମରେ ଫଟୋ ଉଠାଇ ଟଙ୍କା ହଡ଼ପ କରୁଥିବା ଅଭିଯୋଗ ହେଉଛି। ଯଦି କିଏ ମୁହଁ ଖୋଲିବାକୁ ଚେଷ୍ଟା କରୁଛନ୍ତି, ମିଳୁଛି ମିଥ୍ୟା ମାମଲା କରିବା ଧମକ। ଏହାର ଜିଲ୍ଲାପାଳ ଏବଂ ଭିଜିଲାନ୍ସ ତଦନ୍ତ କରାଗଲେ ସତ୍ୟାସତ୍ୟ ସାମ୍ନାକୁ ଆସିବ ବୋଲି ଅଞ୍ଚଳବାସୀ ଅନୁରୋଧ କରିଛନ୍ତି।

## ଦୁର୍ଘଟଣାରେ ସମାଜସେବୀଙ୍କ ପରଲୋକ

ଗଁଦିଆ,୧୬।୯(ସମିସ): ଗଁଦିଆ ବ୍ଲକ୍ ଲାଉଲଇ ଗ୍ରାମର ସମାଜସେବୀ ବସନ୍ତ କୁମାର ନାଥ (୫୦)ଙ୍କ ସଡ଼କ ଦୁର୍ଘଟଣାରେ ପରଲୋକ ଘଟିଛି। ସୋମବାର କଟକ ଜିଲ୍ଲା ବଡ଼ମ୍ବା ଥାନା ଅଧୀନ ଗଡାପୋଖରୀ ଛକଠାରେ ଏକ ଟ୍ରକ୍ ଧକ୍କାରେ ତାଙ୍କର ମୃତ୍ୟୁ ଘଟିଥିଲା। ତାଙ୍କ ବିୟୋଗରେ ଅଞ୍ଚଳରେ ଶୋକ ପ୍ରକାଶ ପାଇଛି।

## ଉଚ୍ଚ ବିଦ୍ୟାଳୟରେ ହିନ୍ଦୀ ପକ୍ଷ ଉଦ୍‌ଯାପିତ




ଢେଙ୍କାନାଳ,୧୬।୯(ସମିସ): ସ୍ଥାନୀୟ ଶତାୟୁ ପିଏମ୍ ଶ୍ରୀ ବ୍ରଜନାଥ ବଡ଼ଜେନା ସରକାରୀ ଉଚ୍ଚ ବିଦ୍ୟାଳୟରେ ଅତିରିକ୍ତ ଶିକ୍ଷା ଅଧିକାରୀ ତଥା ବିଦ୍ୟାଳୟର ପ୍ରଧାନଶିକ୍ଷକ ମନୋଜ ରଞ୍ଜନ ଦଳେଇ(ଓଡ଼ିଶା ଶିକ୍ଷା ସେବା ପ୍ରଥମ(ବରିଷ୍ଠ)ଙ୍କ ମାର୍ଗଦର୍ଶନରେ ଭାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ସୁନୀତାବାଳା ଷଡଙ୍ଗୀଙ୍କ ସଭାପତିତ୍ୱରେ ବରିଷ୍ଠ ହିନ୍ଦୀ ଶିକ୍ଷକ କିଶୋର ଚନ୍ଦ୍ର ସାମଲଙ୍କ ସଂଯୋଜନାରେ ହିନ୍ଦୀ ପକ୍ଷ ଓ ଦିବସ ଉଦଯାପିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ବରିଷ୍ଠ ଶିକ୍ଷାବିତ ଡଃ ଦେବୀପ୍ରସାଦ ମିଶ୍ର ଏବଂ ସମ୍ମାନିତ ଅତିଥି ଭାବେ ବିଦ୍ୟାଳୟର ବରିଷ୍ଠ ସଂସ୍କୃତ ଶିକ୍ଷୟିତ୍ରୀ ଡଃ ଅନୁପମା ମିଶ୍ର ଓ ସଂସ୍କୃତ ଶିକ୍ଷକ ଦୀପ୍ତିଶ କୁମାର ଶତପଥୀ ଯୋଗଦେଇଥିଲେ। ମୁଖ୍ୟଅତିଥି ଭାବରେ ବରିଷ୍ଠ ଶିକ୍ଷାବିତ ଡଃ ମିଶ୍ର ବକ୍ତବ୍ୟରେ ଢେଙ୍କାନାଳ ମାଟିର ସମର କବି ବ୍ରଜନାଥ ବଡଜେନା ହିନ୍ଦୀ ଭାଷାରେ ଉନ୍ନତ ସାହିତ୍ୟ ସୃଷ୍ଟି କରି ସ୍ୱ ପ୍ରତିଭାର ପରିଚୟ ପ୍ରଦାନ କରିଛନ୍ତି ବୋଲି ପ୍ରକାଶ କରିଥିଲେ। ବରିଷ୍ଠ ହିନ୍ଦୀ ଶିକ୍ଷକ କିଶୋର ଚନ୍ଦ୍ର ସାମଲ ହିନ୍ଦୀ ଭାଷାରେ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରିବାସହ ଦେଶାତ୍ମବୋଧକ ହିନ୍ଦୀ କବିତା ପାଠ କରିଥିଲେ। ପରେ ବିଭିନ୍ନ ପ୍ରତିଯୋଗିତା ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା। କୃତୀ ପ୍ରତିଯୋଗୀ ଓ ସମସ୍ତ ଅଂଶଗ୍ରହଣକାରୀଙ୍କୁ ପ୍ରଶଂସାପତ୍ର ପ୍ରଦାନ କରାଯାଇଥିଲା। ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ସାରଙ୍ଗଧର ସାହୁ, କାର୍ଯ୍ୟାଳୟ ସହକାରୀ ସୁଦର୍ଶନ ସାହୁ ଓ ଅଜିତ ବାରିକ, ୪ର୍ଥ ଶ୍ରେଣୀ କର୍ମଚାରୀ ବାସୁଦେବ ରଣା, ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଓ କର୍ମଚାରୀ ବୃନ୍ଦ, ବିଦ୍ୟାଳୟର ବହୁ ପୁରାତନ ଛାତ୍ରଛାତ୍ରୀ ଏବଂ ବର୍ତ୍ତମାନର ୬୫୦ରୁ ଅଧିକ ଛାତ୍ରଛାତ୍ରୀ ଏବଂ ସେମାନଙ୍କର ଅଭିଭାବକ ଅଂଶଗ୍ରହଣ କରିଥିଲେ। ହିନ୍ଦୀ ଶିକ୍ଷକ କିଶୋର ଚନ୍ଦ୍ର ସାମଲ ଧନ୍ୟବାଦ ଅର୍ପଣ କରିଥିଲେ।

## ଛାତ୍ରୀ ଅପହରଣ ମାମଲାରେ ଜଣେ ଗିରଫ

ଭୁବନ,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲାର ଏକ କଲେଜର +୨ ବିଜ୍ଞାନ ୧ମ ବର୍ଷର ଜୈନିକା ନାବାଳିକା ଛାତ୍ରୀ ଶନିବାର ସକାଳେ ହଷ୍ଟେଲ ଛାଡ଼ି ନିଖୋଜ ହୋଇଥିବା ଥାନାରେ ଅଭିଯୋଗ ହୋଇଥିଲା। ଛାତ୍ରୀଙ୍କ ମା' ତାଙ୍କ ଝିଅକୁ ସେହି ଗ୍ରାମର ସାଗର ରାଉତ ହଷ୍ଟେଲରୁ କେଉଁଆଡେ ନେଇ ଯାଇଥିବା ବିଷୟରେ ଅଭିଯୋଗ କରିଥିଲେ। ତଦନ୍ତ ପରେ ସାଗରଙ୍କୁ କୋର୍ଟକୁ ପଠାଯାଇଥିଲା। ମଙ୍ଗଳବାର ସାଗରକୁ ଜାମିନ ନାମଞ୍ଜୁର ହେବାରୁ କାମାକ୍ଷାନଗର ଜେଲ ହାଜତକୁ ପଠାଇ ଦିଆଯାଇଛି।

## ଯୁବଗୋଷ୍ଠୀଙ୍କ ଦ୍ୱାରା ସ୍ୱଚ୍ଛ ଭାରତ କାର୍ଯ୍ୟକ୍ରମ



ଖଜୁରିଆକଟା,୧୬।୯(ସମିସ): ହିନ୍ଦୋଳ ଉପଖଣ୍ଡ, ରଞ୍ଜିଗୋଳ ପଞ୍ଚାୟତ ଖଜୁରିଆ ଗ୍ରାମର ଯୁବଗୋଷ୍ଠୀଙ୍କ ଦ୍ୱାରା ଗ୍ରାମ ରାସ୍ତା, ପୋଖରୀ ଓ ହୁଡ଼ାକୁ ସଫା କରାଯାଇଛି। ଖଜୁରିଆକଟା ବଜାରରୁ ପୋଖରୀଦେଇ ଏହି ରାସ୍ତାଟି ପ୍ରାୟ ୫ ଗୋଟି ପଞ୍ଚାୟତକୁ ସଂଯୋଗ କରୁଥିବା ବେଳେ ଏହି ପୋଖରୀହୁଡାରେ କେତେକ ଅସାମାଜିକ ବ୍ୟକ୍ତିମାନେ ଅପରିଷ୍କାର କରିବାସହ ମଳତ୍ୟାଗ କରୁଥିଲେ। ଫଳରେ ସ୍ଥାନୀୟ ଲୋକଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଥିଲା। ଏହାକୁ ଗୁରୁତ୍ୱ ଦେଇ ଖଜୁରିଆ ଗ୍ରାମର ଯୁବଗୋଷ୍ଠୀ କୋଡି, କୋଦାଳ ସହ ସକାଳେ ପହଞ୍ଚି ପୋଖରୀ ହୁଡ଼ାକୁ ପରିଷ୍କାର ପରିଛନ୍ନ କରିଥିଲେ। ଏହାସହ ପୋଖରୀ ହୁଡ଼ାରେ ପୋଷ୍ଟର ଲଗାଇ ଲୋକମାନଙ୍କୁ ସଚେତନ କରାଇଥିଲେ। ପୋଖରୀହୁଡାର ଉଭୟ ପାଖରେ ବଉଳ, କଦମ୍ବ, ଅଁଳା, ବର, ତୁଳସୀ, ଜାମ୍ବୁକୋଳି ଓ ଅଶ୍ୱତ୍ଥ ଆଦି ଗଛ ଲଗାଇଥିଲେ। ଯୁବଗୋଷ୍ଠୀଙ୍କ ଏଭଳି ପ୍ରୟାସକୁ ଗ୍ରାମବାସୀ ଓ ସ୍ଥାନୀୟ ବାସିନ୍ଦା ବେଶ ପ୍ରଶଂସା କରିଛନ୍ତି। କାର୍ଯ୍ୟରେ ଗ୍ରାମର ଯୁବଗୋଷ୍ଠୀର କ୍ଷୀରୋଦ ସାହୁ, ଶ୍ରୀକାନ୍ତ ସାହୁ, ଗଙ୍ଗାଧର ସାହୁ, ଅଭୟ ସାହୁ ଓ ସ୍ୱୟଂ ସଙ୍କଳ୍ପ ସେବା ସଂଗଠନର ସଂସ୍ଥାପକ ସୁବାସ ଚନ୍ଦ୍ର ସାହୁ ଯୋଗଦେଇଥିଲେ।

## ଭୀମଭୋଇ ସାମର୍ଥ୍ୟ ଶିବିର

ହିନ୍ଦୋଳ/ଖଜୁରିଆକଟା,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ବ୍ଲକରେ ଭୀମଭୋଇ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଅସହାୟ ଦିବ୍ୟାଙ୍ଗମାନେ ନିଜ ଅଞ୍ଚଳରେ ରହି ସରକାରୀ ସୁବିଧାସୁଯୋଗ ପାଇବାସହ ଦୂରଦୁରାନ୍ତକୁ ଯାଇ ହଇରାଣ ହରକତ ନହେବାପାଇଁ କିଛିବର୍ଷ ପୂର୍ବରୁ ତତ୍କାଳୀନ ରାଜ୍ୟ ସରକାର ଏହିପରି ଏକ ଜନହିତକର କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ। ହିନ୍ଦୋଳ ବ୍ଲକ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଆୟୋଜିତ ଶିବିରରେ ପ୍ରାୟ ୫ଶହରୁ ଅଧିକ ଶାରୀରିକ ଅକ୍ଷମ ବ୍ୟକ୍ତି ଯୋଗଦେଇଥିଲେ। ସମସ୍ତଙ୍କ ନାମ ପଞ୍ଜୀକରଣ ପରେ ବିଭିନ୍ନ ବିଭାଗର ଡାକ୍ତରମାନେ ପରୀକ୍ଷାନିରୀକ୍ଷା କରି ପ୍ରମାଣପତ୍ର ପାଇଁ ସୁପାରିଶ କରିଥିଲେ। ତେବେ ବ୍ଲକର ସମସ୍ତ କର୍ମଚାରୀ, ଏନସିସି ଶିକ୍ଷାର୍ଥୀ ହିନ୍ଦୋଳ ପୁଲିସ କର୍ମଚାରୀମାନେ ସହଯୋଗ କରିବାସହ ବ୍ଲକ ପ୍ରଶାସନ ପକ୍ଷରୁ ବିଶ୍ରାମ, ଖାଦ୍ୟ ପାନୀୟର ସୁବ୍ୟବସ୍ଥା କରାଯାଇଥିଲା। ତେବେ ପୂର୍ବରୁ ପ୍ରମାଣପତ୍ର ପାଇଥିବା ମାତ୍ରାଧିକ ଅକ୍ଷମ ଥିବା କିଛି ବ୍ୟକ୍ତିଙ୍କର ଶାରୀରିକ ଅକ୍ଷମତା ମାନ କମ ଥିବାରୁ ମାନବୃଦ୍ଧି ନିମନ୍ତେ ଆସି ବିଫଳ ହେବାରୁ ମନକଷ୍ଟରେ ଫେରିଯାଉଥିବା ଦୃଶ୍ୟକୁ ଜନସାଧାରଣ ସମାଲୋଚନା କରିବାସହ ଯୋଗ୍ୟତା ଭିତ୍ତିରେ ମାନବୃଦ୍ଧି କରାଯିବା ପାଇଁ ଜନସାଧାରଣ ଦାବି କରିଛନ୍ତି।

# ଠାକୁର ଅନୁକୂଳ ଚନ୍ଦ୍ରଙ୍କର ଶୁଭ ଆବିର୍ଭାବ ଦିବସ



ଯୋରନ୍ଦା,୧୬।୯(ସମିସ): ଢେଙ୍କାନାଳ ଜିଲ୍ଲା ଯୋରନ୍ଦା ସତସଙ୍ଗ କେନ୍ଦ୍ରଠାରେ ଶ୍ରୀଶ୍ରୀ ଠାକୁର ଅନୁକୂଳ ଚନ୍ଦ୍ରଙ୍କର ୧୩୮ ତମ ଆବିର୍ଭାବ ଦିବସ ପାଳିତ ହୋଇଯାଇଛି। ଯୋରନ୍ଦା ସତସଙ୍ଗ କେନ୍ଦ୍ର ସମସ୍ତ ଗୁରୁଭାଇ, ଭଉଣୀମାନଙ୍କୁ ନେଇ ପ୍ରଥମେ ଉଷା ମାଙ୍ଗଳିକ, ବ୍ରାହ୍ମ ମୁହୂର୍ତ୍ତ, ବେଦ ମାଙ୍ଗଳିକ, ପ୍ରତ୍ୟୁଷ ଉଷାକୀର୍ତ୍ତନ, ଉଷାବିନତୀ ପ୍ରାର୍ଥନା ସଙ୍ଗୀତାଞ୍ଜଳୀ, ନାମକୀର୍ତ୍ତନ ଓ ସତସଙ୍ଗ ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ ସହପ୍ରତିରତିକ ନନ୍ଦ ଦୁଲାଳ ଦାସ ଏବଂ ସମ୍ମାନିତ ଅତିଥି ଭାବେ ସହପ୍ରତିରତିକ ପରମାର୍ଥ ପାଣିଗ୍ରାହୀ, ରବିନାରାୟଣ ମହାରଣା, କୁଞ୍ଜଲତା ମହାନ୍ତି ପ୍ରମୁଖ ଯୋଗଦେଇଥିଲେ। ମାତୃସମ୍ମିଳନୀ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବିଶିଷ୍ଟ ବକ୍ତା ପ୍ରତିଭା ମିଶ୍ର ଯୋଗଦେଇ ନାରୀ ଚରିତ୍ରର ମାହାତ୍ମ୍ୟ ସମ୍ପର୍କରେ ସରଳ ଭାବେ ବୁଝାଇଥିଲେ। ସମ୍ମାନିତ ବକ୍ତା ଭାବେ କାମିନୀ ଶତପଥୀ, ଯୋରନ୍ଦା ସରପଞ୍ଚ ଆରତୀ ନାୟକ ପ୍ରମୁଖ ଯୋଗଦେଇ ସତସଙ୍ଗ କେନ୍ଦ୍ର ଓ କାର୍ଯ୍ୟକ୍ରମ ସମ୍ପର୍କରେ ମତ ରଖିଥିଲେ। ଡଃ କୃଷ୍ଣବଲ୍ଲଭ ଶତପଥୀ ପ୍ରାରମ୍ଭିକ ସୂଚନା ପ୍ରଦାନ କରିବା ସହିତ ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିଲେ। ବିଭିନ୍ନ ଅଞ୍ଚଳରୁ ଆସିଥିବା ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଓ ଗୁରୁଭାଇ ଓ ମାଆମାନେ ଯୋଗଦେଇଥିଲେ। ସତସଙ୍ଗ କେନ୍ଦ୍ର ବରିଷ୍ଠ କର୍ମକର୍ତ୍ତା ବିରଞ୍ଚି ନାରାୟଣ ନାୟକ, ପ୍ରେମାନନ୍ଦ ସାମଲ, ବିଚିତ୍ରାନନ୍ଦ ସାମଲ, ପ୍ରେମାନନ୍ଦ ମହାମାନ ଙ୍ଘ, ଶରତଚନ୍ଦ୍ର ସାହୁ, ଗିରିଧାରୀ ମହାଳିକ, ଶରତ ଚନ୍ଦ୍ର ରାଉତ, ଲମ୍ବୋଦର ପାତ୍ର, ମୁରଲୀଧର ତ୍ରିପାଠୀ, ପ୍ରକାଶ ରାଉତ, ସୁଧାକର ନାୟକ, ସୁଶାନ୍ତ ପରିଡ଼ା, ଅରବିନ୍ଦ ଶତପଥି ଓ ରମେଶ ଚନ୍ଦ୍ର ଦାସ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏହି ଅବସରରେ ମହର୍ଷି ଦୟାନନ୍ଦ ସର୍ଭିସ ମିଶନ ପରିଚାଳିତ ନାଗରିକ ଗୃହର ପରିଚାଳକ ବିଜୟ ପ୍ରଧାନଙ୍କ ପରିଚାଳନାରେ ଅନ୍ତେବାସୀ ମାଆ, ବାପାମାନଙ୍କୁ ପ୍ରତିଭା ମିଶ୍ର ବସ୍ତ୍ରଦେଇ ସମ୍ବର୍ଦ୍ଧିତ କରିଥିଲେ। ସତସଙ୍ଗ କେନ୍ଦ୍ରର ଉନ୍ନତି ପାଇଁ ସମାଜସେବୀ ପ୍ରଦୀପ କୁମାର ସାହୁଙ୍କ ଦ୍ୱାରା ସତସଙ୍ଗ କେନ୍ଦ୍ର ନାମରେ ଏକ କ୍ୟୁଆର କୋଡ ଭକ୍ତ ତଥା ସହୃଦୟ ବ୍ୟକ୍ତିମାନଙ୍କ ପାଇଁ ଉତ୍ସର୍ଗ କରାଯାଇଥିଲା। ପ୍ରଥମେ ଶ୍ରୀମତୀ ମିଶ୍ର ସ୍କାନ କରି ୧୦ହଜାର ଟଙ୍କା ପଠାଇ ଏହାକୁ ଉଦ୍‌ଘାଟନ କରିଥିଲେ। ନୂତନ ଆନନ୍ଦ ବଜାର ଗୃହରେ ପ୍ରସାଦସେବନ ହୋଇଥିଲା।

## ବାଲିହରଚଣ୍ଡୀ ପୀଠରେ ଗଣଦୁଷ୍କର୍ମ ମାମଲା

# ଆନ୍ଧ୍ରରୁ ଧରାହେଲା ମୁଖ୍ୟ ଅଭିଯୁକ୍ତ

ପୁରୀ/ବ୍ରହ୍ମଗିରି, ୧୬।୭(ସମିସ): ପୁରୀ ଜିଲ୍ଲାର ପ୍ରସିଦ୍ଧ ଶକ୍ତିପୀଠ ବାଲିହରଚଣ୍ଡୀ ନିକଟ ଜଙ୍ଗଲରେ ଯୁବତୀଙ୍କୁ ଗଣଦୁଷ୍କର୍ମ ଘଟଣାକୁ ନେଇ ପୂରା ରାଜ୍ୟ ଉଠୁଛି ପଡୁଛି। ଏହି ଘଟଣାରେ ପୁରୀ



ପୁଲିସ୍ ୩ ଅଭିଯୁକ୍ତଙ୍କୁ ଧରିଥିବା ବେଳେ ଆଜି ଆଉ ଜଣଙ୍କୁ ଆନ୍ଧ୍ରପ୍ରଦେଶ ତିରୁପତିରୁ ଗିରଫ କରିଛି। ସେ ହେଲା, ମନୋଜ ବେହେରା ଓରଫ୍ କାଳିଆ। ଏହି ଘଟଣାର ସେ ମୁଖ୍ୟ ଅଭିଯୁକ୍ତ ବୋଲି କୁହାଯାଉଛି। ଅନ୍ୟ ଅଭିଯୁକ୍ତମାନେ ହେଲେ, ଶିବ ସାହୁ, ରାହୁଲ ସାହୁ ଓ ଆଦ୍ୟା ବେହେରା। ଶିବର ଆଜି ଡାକ୍ତରୀମାଇନା କରାଯିବା ପରେ ତାକୁ କୋର୍ଟଚାଲାଣକରାଯାଇଛି।ସମସ୍ତଙ୍କଘରବ୍ରହ୍ମଗିରି ବ୍ଲକ୍ ପଲଙ୍କ ପଞ୍ଚାୟତର ଗଡ଼ଚଣ୍ଡୀପୁଟ ଗ୍ରାମରେ।

ଅଭିଯୋଗ ଅନୁଯାୟୀ, ଗତ ଶନିବାର ମଧ୍ୟାହ୍ନରେ ଯୁବତୀଜଣଙ୍କ ତାଙ୍କ ପୁରୁଷବନ୍ଧୁଙ୍କ ସହ ବାଲିହରଚଣ୍ଡୀ ପୀଠକୁ ଯାଇଥିଲେ। ସେଠାରେ ମା'ଙ୍କ ଦର୍ଶନ କରିସାରିବା ପରେ ନିକଟସ୍ଥ ସମୁଦ୍ର କୂଳକୁ ଜଙ୍ଗଲ ଦେଇ ଯାଇଥିଲେ। ଜଙ୍ଗଲରେ ବସି କଥାବାର୍ତ୍ତା ହେଉଥିବା ବେଳେ ଅଭିଯୁକ୍ତମାନେ

- ପୀଡ଼ିତାଙ୍କୁ ଘଟଣାସ୍ଥଳକୁ ନେଇ ତଦନ୍ତ କଲା ପୁଲିସ
- ପାରିପାର୍ଶ୍ୱିକ ସ୍ଥିତି ଅନୁଧ୍ୟାନ କଲା ସାଇଣ୍ଟିଫିକ୍ ଟିମ୍
- ଅଭିଯୁକ୍ତଙ୍କର ହେଲା ଡାକ୍ତରୀମାଇନା

ପହଞ୍ଚି ସେମାନଙ୍କୁ ହଇରାଣ କରିଥିଲେ। ଏହାପରେ ଅଭିଯୁକ୍ତମାନେ ପୁରୁଷବନ୍ଧୁଙ୍କୁ ଏକ ଗଛରେ ବାନ୍ଧି ଦେଇଥିଲେ ଏବଂ ତାଙ୍କ ଆଗରେ ମନୋଜ ଓ ଶିବ ମିଶି ଯୁବତୀଙ୍କୁ ଦୁଷ୍କର୍ମ କରିଥିଲେ। ଏଥିରେ ରାହୁଲ ଏବଂ ଆଦ୍ୟା ସହଯୋଗ କରିଥିଲେ। ଗଣଦୁଷ୍କର୍ମ ପରେ ଅଭିଯୁକ୍ତମାନେ ସେମାନଙ୍କୁ ଧମକଚମକ ଦେଇ ପଳାଇ ଯାଇଥିଲେ। କିନ୍ତୁ ଏନେଇ ଥାନାରେ କୌଣସି ଅଭିଯୋଗ ହୋଇନଥିଲା। ଏହି ଲଜ୍ଜାଜନକ ଘଟଣା ସମ୍ପର୍କରେ ବ୍ରହ୍ମଗିରି ଅଞ୍ଚଳରେ ଚର୍ଚ୍ଚା ହେବା ପରେ ପୁଲିସ ୩ ଜଣଙ୍କୁ ଉଠାଇନେଇ ପଚରାଉଚରା କରୁଥିବା ବେଳେ ମୁଖ୍ୟ ଅଭିଯୁକ୍ତ ମନୋଜ ଫେରାର୍ ହୋଇଯାଇଥିଲା।

ପରେ ଏ ସଂପର୍କରେ ଅଭିଯୋଗ ହୋଇଥିଲା।

ଏଭଳି ସମ୍ବେଦନଶୀଳ ଘଟଣାକୁ ବେଶ୍ ଗୁରୁତ୍ୱର ସହ ନେଇ ମୁଖ୍ୟ ଅଭିଯୁକ୍ତଙ୍କୁ ଧରିବା ଲାଗି ଏକ ସ୍ୱତନ୍ତ୍ର ଟିମ୍ ଗଠନ କରିଥିଲେ ପୁରୀ ଏସ୍‌ପି ପ୍ରତୀକ ସିଂ। ସଦର ଥାନା ଆଇଆଇସିଙ୍କ ନେତୃତ୍ୱରେ ଗଠିତ ଏହି ଟିମ୍ ଫୋନ୍‌କୁ ଟ୍ରାକ୍ କରି ମନୋଜଙ୍କୁ ଆନ୍ଧ୍ରପ୍ରଦେଶରୁ ଧରିବାରେ ସଫଳ ହୋଇଛି। ଅନ୍ୟପକ୍ଷରେ ସୋମବାର ସନ୍ଧ୍ୟାରେ ପୀଡ଼ିତାଙ୍କର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଡାକ୍ତରୀମାଇନା କରାଯାଇଥିଲା। ମଙ୍ଗଳବାର ମୁଖ୍ୟ ଅଭିଯୁକ୍ତଙ୍କ ସମେତ ଅନ୍ୟମାନଙ୍କର ଡାକ୍ତରୀମାଇନା କରାଯାଇଛି। ପୁଲିସ ଏବଂ ସାଇଣ୍ଟିଫିକ୍ ଟିମ୍ ପୀଡ଼ିତାଙ୍କୁ ସାଙ୍ଗରେ ନେଇ ଘଟଣାସ୍ଥଳରେ ତଦନ୍ତ କରିଛନ୍ତି। ଏଥିସହ ସିନ୍-ରିକ୍ରିଏସନ୍ ମଧ୍ୟ କରାଯାଇଛି। ସେଦିନର ଲୋମହର୍ଷଣକାରୀ ଘଟଣାର ସବିଶେଷ ତଥ୍ୟ ପୁଲିସକୁ ଦେଇଛନ୍ତି ପୀଡ଼ିତା। ମଙ୍ଗଳବାର ଅଭିଯୁକ୍ତମାନଙ୍କର ଡାକ୍ତରୀମାଇନା କରାଯାଇଛି।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ବାଲିହରଚଣ୍ଡୀ ରାଜ୍ୟର ଏକ ପ୍ରସିଦ୍ଧ ପର୍ଯ୍ୟଟନସ୍ଥଳୀ। ବଣଭୋଜି ନିମନ୍ତେ ଏହା ସବୁଠୁ ଆକର୍ଷଣୀୟ ସ୍ଥାନ ପାଲଟିଛି। ସାମୁଦ୍ରିକ ବେଳାଭୂମି ସାଙ୍ଗକୁ ପ୍ରାକୃତିକ ପରିବେଶ ବେଶ୍ ମନୋରମ। ପ୍ରତିଦିନ ବହୁସଂଖ୍ୟକ ପର୍ଯ୍ୟଟକ ଏଠାକୁ ବଣଭୋଜି କରିବାକୁ ଆସି ବେଳାଭୂମିକୁ ବୁଲିବାକୁ ଯାଇଥା'ନ୍ତି। ହେଲେ ଏଠାରେ ସୁରକ୍ଷା ବ୍ୟବସ୍ଥା କଥା ନ କହିଲେ ଭଲ। ଅନେକ ସମୟରେ ଅସାମାଜିକ ଯୁବକ ନିଶା ସେବନ କରି ଅନେକ ଘଟଣା ଘଟାଇଥା'ନ୍ତି। ଖବର ପାଇ ପୁଲିସ ଆସିବା ପୂର୍ବରୁ ଅପରାଧୀମାନେ ସ୍ଥାନ ଛାଡ଼ି ଚମ୍ପଟ ମାରିଥା'ନ୍ତି। ବିଶେଷକରି, ଏହି ପୀଠଟି ବ୍ରହ୍ମଗିରି ଥାନା ଓ ପୁରୀ ସଦର ଥାନା ଅଧୀନରେ ରହୁଛି। ଏପରିକି, ଅନେକ ପେସାଦାର ଅପରାଧୀ ଅପରାଧ ଘଟାଇ ଏହି ଅଞ୍ଚଳରେ ଲୁଚି ରହିଥା'ନ୍ତି। ସ୍ଥାନୀୟ ଅଞ୍ଚଳବାସୀ ଏବଂ ମନ୍ଦିରର ସେବାୟତମାନେ ଏଠାରେ ପୁଲିସ ଫାଣ୍ଡି ପ୍ରତିଷ୍ଠା ନିମନ୍ତେ ଦାବି କରି ଆସୁଥିଲେ ମଧ୍ୟ ତାହା ଫଳପ୍ରଦ ହୋଇପାରିନାହିଁ। ଗତ ଶନିବାର ଘଟିଥିବା ଗଣଦୁଷ୍କର୍ମ ଭଳି ଲଜ୍ଜାଜନକ ଘଟଣାକୁ ସମସ୍ତେ ଘୋର୍ ନିନ୍ଦା କରିବା ସହ ବାଲିହରଚଣ୍ଡୀ ପୀଠରେ ଏକ ଫାଣ୍ଡି ପ୍ରତିଷ୍ଠା ନିମନ୍ତେ ଦାବି କରିଛନ୍ତି।

## କେବଳ ଅନ୍‌ଲାଇନ୍‌ରେ ହବିଷ୍ୟାଳି ପଞ୍ଜୀକରଣ

# ଆଗୁଆ ହାତ ଟେକିଦେଲା ପ୍ରଶାସନ

ପୁରୀ, ୧୬।୯(ସମିସ): ଆସନ୍ତା ଅକ୍ଟୋବର ୭ରୁ କାର୍ତ୍ତିକ ବ୍ରତ ଆରମ୍ଭ ହୋଇ ନଭେମ୍ବର ୫ତାରିଖ ପର୍ଯ୍ୟନ୍ତ ପ୍ରାୟ ଏକ ମାସ ଧରି ଚାଲିବ। କେବଳ ଅନ୍‌ଲାଇନ୍ ମାଧ୍ୟମରେ ପଞ୍ଜୀକରଣ କରିଥିବା ହବିଷ୍ୟାଳି ମା'ମାନଙ୍କୁ ଧାର୍ଯ୍ୟ କରାଯାଇଥିବା ୪ଟି ରହଣି କେନ୍ଦ୍ରରେ ରଖାଯିବ। ଅନ୍‌ଲାଇନ୍ ପଞ୍ଜୀକରଣ ବିନା କାହାକୁ ମଧ୍ୟ ହବିଷ୍ୟାଳି କେନ୍ଦ୍ରରେ ରହଣି ସୁଯୋଗ ମିଳିବ ନାହିଁ ବୋଲି କହି ହାତ ଟେକିଦେଇଛି ଜିଲ୍ଲା ପ୍ରଶାସନ। ବିଗତ ବର୍ଷମାନଙ୍କରେ ଯଦି ବା କିଛି ବ୍ରତଧାରୀ କୌଣସି କାରଣ ପାଇଁ ପଞ୍ଜୀକରଣ

- ଅକ୍ଟୋବର ୭ରୁ କାର୍ତ୍ତିକ ବ୍ରତ
- ବିନା ପଞ୍ଜୀକରଣରେ ଆସିବାକୁ ବାରଣ

ନ କରି ପହଞ୍ଚିଥା'ନ୍ତି, ସେମାନଙ୍କ ରହଣି ସୁବିଧା କରାଯାଉଥିଲା। ହେଲେ ଗତବର୍ଷ ବିନା ପଞ୍ଜୀକରଣରେ ଆସିଥିବା ହବିଷ୍ୟାଳି ମା'ମାନଙ୍କୁ କଦେଇ ଦେଇଥିଲେ ସରକାର ଓ ପ୍ରଶାସନ। ଏପରିକି, ରହିବା ପାଇଁ ବ୍ରତଧାରୀଙ୍କୁ ବଡ଼ଦାଣ୍ଡରେ ଧାରଣା ଦେବାକୁ ପଡ଼ିଥିଲା। ଶେଷରେ ଦିନକ ପରେ ସେମାନଙ୍କ ରହଣି ବ୍ୟବସ୍ଥା ହୋଇଥିଲା। ତେଣୁ ଏ ବର୍ଷ ଆଗୁଆ ହାତ ଟେକି ଦେଇଛି ଜିଲ୍ଲା ପ୍ରଶାସନ। ବିନା ପଞ୍ଜୀକରଣରେ ନ ଆସିବାକୁ ଅନୁରୋଧ କରିଛନ୍ତି ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା।

ମଙ୍ଗଳବାର ସର୍କିଟ୍ ହାଉସ୍‌ଠାରେ ହବିଷ୍ୟାଳି ବ୍ରତ ବା ରାଇଦାମୋଦରବ୍ରତସମ୍ପର୍କରେଗଣମାଧ୍ୟମପ୍ରତିନିଧିମାନଙ୍କୁ ବିଶଦ୍ ସୂଚନା ଦେଇ ଜିଲ୍ଲାପାଳ ଶ୍ରୀ ପରିଡ଼ା ଚଳିତ ବର୍ଷ ବୃନ୍ଦାବତୀ ନିବାସ, ବଗଲା ଧର୍ମଶାଳା, ମୋଚିସାହି କଲ୍ୟାଣ ମଣ୍ଡପ ଓ ରେଲ୍‌ୱେ ଷ୍ଟେସନ ଆଶ୍ରୟସ୍ଥଳଠାରେ ହବିଷ୍ୟାଳି ମା'ମାନଙ୍କ ରହଣି ବ୍ୟବସ୍ଥା ହୋଇଛି ବୋଲି କହିଥିଲେ। ହବିଷ୍ୟାଳି ଯୋଜନାରେ ୭୦ବର୍ଷ ବୟସ୍କା ପର୍ଯ୍ୟନ୍ତ ବିଧବା ମା' ଓ ୫୦ରୁ ୭୦ ବର୍ଷ ବୟସ୍କା ବିବାହିତା ମହିଳା ଏହି ବ୍ରତ ପାଇଁ ଆବେଦନ କରିପାରିବେ। ଅନ୍‌ଲାଇନ୍ ମାଧ୍ୟମରେ ଚଳିତ ମାସ ୧୯ ତାରିଖ ପୂର୍ବାହ୍ନ ୧୦ଟାରୁ ପଞ୍ଜୀକରଣରେ ସାମିଲ ହୋଇପାରିବେ। ସେମାନଙ୍କ ସୁରକ୍ଷିତ ରହଣି, ସୁରକ୍ଷା, ବୃନ୍ଦାବତୀ ପୂଜା, ମନ୍ଦିର ଦର୍ଶନ, ଗମନାଗମନ, ମହାପ୍ରସାଦ ସେବନ, ପ୍ରବଚନ, ଭଜନ, ପାଲା ଇତ୍ୟାଦି ବ୍ୟବସ୍ଥା, ସ୍ୱାସ୍ଥ୍ୟ ପରୀକ୍ଷା ଓ ଚିକିତ୍ସା, ପରିମଳ, ପାନୀୟଜଳ, ସ୍ୱେଚ୍ଛାସେବୀ ସହଯୋଗ ଇତ୍ୟାଦି ସମସ୍ତ ବ୍ୟବସ୍ଥା କରାଯାଇଛି। ଏହାକୁ ସୁନିୟନ୍ତ୍ରିତ କରିବାକୁ ସମ୍ପୃକ୍ତ ବିଭାଗର ଅଧିକାରୀ ଓ କର୍ମଚାରୀଙ୍କୁ ଦାୟିତ୍ୱ ଦିଆଯାଇଛି। ଏହାକୁ ତଦାରଖ କରିବାକୁ ନୋଡାଲ ଅଧିକାରୀ, ବରିଷ୍ଠ ଅଧିକାରୀମାନଙ୍କୁ ଦାୟିତ୍ୱ ଦିଆଯାଇଛି। ମା'ମାନଙ୍କୁ ଠାକୁର ଦର୍ଶନ ସମୟରେ ସୁରକ୍ଷା ଓ ଶୃଙ୍ଖଳିତ ଦର୍ଶନ ପାଇଁ ଆରକ୍ଷୀ ବିଭାଗ ଓ ସ୍ୱେଚ୍ଛାସେବୀମାନଙ୍କ ସହଯୋଗ ନିଆଯିବାର ବ୍ୟବସ୍ଥା ହୋଇଛି ବୋଲି ଜିଲ୍ଲାପାଳ ସୂଚନା ଦେଇଥିଲେ। ଅଣପଞ୍ଜୀକୃତ ବ୍ୟକ୍ତିମାନେ କେନ୍ଦ୍ରମାନଙ୍କୁ ଆସି ଅଯଥା ଗହଳି ନ କରିବା କିମ୍ବା ରହଣି ପାଇଁ ଅନୁରୋଧ ନ କରିବାକୁ ଜିଲ୍ଲାପାଳ ଅନୁରୋଧ କରିବା ସହ ଏହି ପବିତ୍ର କାର୍ଯ୍ୟରେ ସମସ୍ତଙ୍କ ସହଯୋଗ କାମନା କରିଛନ୍ତି। ଏହି ବୈଠକରେ ଜିଲ୍ଲାର ଅନ୍ୟ ଅଧିକାରୀମାନେ ଯୋଗ ଦେଇଥିଲେ।

# ୯୧୩ ଅଙ୍ଗନବାଡ଼ି କେନ୍ଦ୍ର ଉଦ୍‌ଘାଟିତ

ଭୁବନେଶ୍ୱର,୧୬।୯(ସମିସ): ଅଙ୍ଗନବାଡ଼ି କେନ୍ଦ୍ର ହେଉଛି ତୃଣମୂଳସ୍ତରରେ ମହିଳା ଓ ଶିଶୁ ବିକାଶ ବିଭାଗର କେନ୍ଦ୍ରବିନ୍ଦୁ। ଆଜି ଆଭାସୀ ମାଧ୍ୟମରେ ରାଜ୍ୟର ୯୧୩ ଅଙ୍ଗନବାଡ଼ି କେନ୍ଦ୍ରକୁ ଉଦ୍‌ଘାଟନ କରି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏପରି କହିଛନ୍ତି। ମହିଳା ଓ ଶିଶୁ ବିକାଶ ବିଭାଗ ସମ୍ମିଳନୀ କକ୍ଷରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସେ ଆହୁରି କହିଥିଲେ ଯେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିର୍ଦ୍ଦେଶକ୍ରମେ ରାଜ୍ୟର ୭୪,୨୨୪ ଅଙ୍ଗନବାଡ଼ି କେନ୍ଦ୍ରକୁ ସକ୍ଷମ ଅଙ୍ଗନବାଡ଼ିରେ ରୂପାନ୍ତରିତ କରାଯିବ। ଏହାସହ ବିପଦସଂକୁଳ ଅବସ୍ଥାରେ ଥିବା ଅଙ୍ଗନବାଡ଼ି କେନ୍ଦ୍ରକୁ ବିଶେଷ ଦୃଷ୍ଟି ଦେବା ପାଇଁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ।

**ରାଜ୍ୟର ସବୁ ଅଙ୍ଗନବାଡ଼ି କେନ୍ଦ୍ର ହେବ 'ସକ୍ଷମ': ଉପମୁଖ୍ୟମନ୍ତ୍ରୀ**

ସେହିପରି 'ଆସ ବୁଲିଯିବା ଅଙ୍ଗନବାଡ଼ି' ଅଭିଯାନରେ ୨ଲକ୍ଷ ୯ ୯ ହଜାରରୁ ଅଧିକ ଜନସାଧାରଣସାମିଲହୋଇଏହିଅଭିଯାନକୁ ଏକ ଜନଆନ୍ଦୋଳନରେ ପରିଣିତ କରିଛନ୍ତି ବୋଲି ସେ କହିଥିଲେ। କାର୍ଯ୍ୟକ୍ରମରେ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାୟକ ଆଭାସୀ ମାଧ୍ୟମରେ ଯୋଗଦେଇ ରାଜ୍ୟର ସମସ୍ତ ଅଙ୍ଗନବାଡ଼ିର ଭିତ୍ତିଭୂମିକୁ ସୁଦୃଢ଼ କରାଯିବା ସହ ଅଙ୍ଗନବାଡ଼ି କେନ୍ଦ୍ରରେ ସ୍ୱଚ୍ଛତା ଓ ପାନୀୟଜଳ ସୁବିଧା ଉପରେ ଗୁରୁତ୍ୱ ଦେଇଥିଲେ। କାର୍ଯ୍ୟକ୍ରମରେ ବିଭାଗୀୟ ନିର୍ଦ୍ଦେଶିକା ମନୀଷା ବାନାର୍ଜୀ, ପଞ୍ଚାୟତିରାଜ ବିଭାଗ ଅତିରିକ୍ତ ସଚିବ ଅରୂପ କୁମାର ସାହୁଙ୍କ ସମେତ ଆଭାସୀ ମାଧ୍ୟମରେ ସମସ୍ତ ଜିଲ୍ଲାପାଳ, ମୁଖ୍ୟ ଉନ୍ନୟନ ଅଧିକାରୀ, ବ୍ଲକ୍ ଉନ୍ନୟନ ଅଧିକାରୀ, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ, ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ଓ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ଥିଲେ।

■ ପୋର୍ଟ ଦେୟ ପ୍ରଦାନରେ ବିଫଳ

# ଜାହାଜକୁ ଗିରଫ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ

କଟକ,୧୬। ୯(ସମିସ): ଏକ ସାମୁଦ୍ରିକ ବିବାଦ ମାମଲାର ଶୁଣାଣି କରି ପାରାଦୀପ ବନ୍ଦର ଅଞ୍ଚଳରେ ଥିବା ଜାହାଜ ଏମଭି ଡେନସାଲାୟନ (ଆଇଏମଓ ୯୪୩୨୪୬୪)କୁ ଗିରଫ କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି ହାଇକୋର୍ଟ। ୱେ ପଏଣ୍ଟ ପୋର୍ଟ ସର୍ଭିସ ଲିମିଟେଡ ପକ୍ଷରୁ ଦାୟର ଆବେଦନର ଶୁଣାଣି କରି ଜଷ୍ଟିସ ଭି.ନରସିଂହ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଚୁକ୍ତି ରାଜିନାମା ଅନୁସାରେ, ୪୨ ଲକ୍ଷ ୭୨ ହଜାର ୪୨୦ ଟଙ୍କା ପୋର୍ଟ ଦେୟ ପ୍ରଦାନରେ ବିଫଳ ହେବା କାରଣରୁ ହାଇକୋର୍ଟ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀ ସଂସ୍ଥା ବିପୁଳ କ୍ଷତିର ସମ୍ମୁଖୀନ ହୋଇଆସୁଥିବା ବେଳେ ଜାହାଜକୁ ଗିରଫ କରିବାକୁ ପ୍ରାର୍ଥନା କରି ହାଇକୋର୍ଟରେ ଏକ ମାମଲା ସହ ଅନ୍ତରୀଣ ଆବେଦନ ଦାୟର କରିଥିଲା। ବନ୍ଦର ଅଧିକାରୀ ଓ କଷ୍ଟମ ବିଭାଗ ଏହି ଦୁଇ ଜାହାଜକୁ ପାରାଦୀପ ବନ୍ଦର ତଥା ଭାରତୀୟ ସାମୁଦ୍ରିକ ସୀମା ମଧ୍ୟରେ ଗିରଫ କରିବାକୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ।

# ହୀରାକୁଦ ଜଳସ୍ତର ୬୨୯.୧୭ ଫୁଟ୍

ସମ୍ବଲପୁର, ୧୬।୯ (ସମିସ): ହୀରାକୁଦର ସର୍ବୋଚ୍ଚ କ୍ଷମତା ୬୩୦ଫୁଟ୍ ପାଖାପାଖି ଜଳଭଣ୍ଡାରର ଜଳସ୍ତର ହେବା ପରେ ଗତକାଲି ପର୍ଯ୍ୟାୟକ୍ରମେ ଆଉ ୪ଟି ଗେଟ୍ ଖୋଲାଯାଇଥିଲା। ମଙ୍ଗଳବାର ସନ୍ଧ୍ୟା ୬ଟାରେଜଳଭଣ୍ଡାରରଜଳସ୍ତର୬୨୯.୧୭ ଫୁଟ୍ ରହିଛି। ନଦୀବନ୍ଧର ବାମପାର୍ଶ୍ୱର ୪ଟି ଓ ଡାହାଣ ପାର୍ଶ୍ୱର ୨ଟି, ଏହିଭଳି ମୋଟ ୬ଟି ସ୍ଲୁଇସ୍ ଗେଟ୍ ଖୋଲାଯାଇ ବନ୍ୟାଜଳ ନିଷ୍କାସନ କରାଯାଉଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧,୧୦,୪୩୦ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିକ୍ଷାନୁଷ୍ଠାନ, କେନାଲ ଆଦି ଦେଇ ୧,୩୫,୮୪୪ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୯୮,୨୫୦ ଘନଫୁଟ ଜଳ ପ୍ରବାହିତ ହେଉଥିବା ବେଳେ ପାୱାର ଚ୍ୟାନେଲ ଦେଇ ୩୨,୮୪୨ ଘନଫୁଟ, ଶିକ୍ଷାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ପାଇଁ ୪,୫୦୯ ଘନଫୁଟ ଜଳ ନିଷ୍କାସିତ ହେଉଛି। ଗତ ୨୪ ଘଣ୍ଟା ମଧ୍ୟରେ ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୧୪ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୧୧.୪୭ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୧୯ ଫୁଟ୍ ରହିଥିଲା।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉତ୍ତର ଭାରତରେ...

ହୋଇଯାଇଛନ୍ତି। ସେହିପରି ମାଲଦେବତା ସୌଙ୍ଗ ନଦୀରେ ୫ ଜଣ ଲୋକ ଭାସି ଯାଇଛନ୍ତି। ଏମାନଙ୍କ ମଧ୍ୟରୁ ୪ ଜଣଙ୍କ ମୃତଦେହ ଉଦ୍ଧାର କରାଯାଇଛି। ବାଦଲ ଫଟା ବର୍ଷା ଯୋଗୁଁ ଅଚାନକ ପାଣି ମାସି ଟପକେଶ୍ୱର ମହାଦେବ ମନ୍ଦିରରେ ପାଣି ଭର୍ତ୍ତି ହୋଇଯାଇଛି। ଏଠାରେ ଥିବା ଅନେକ ଦୋକାନ ମଧ୍ୟ ଭାସି ଯାଇଛି। ସହସ୍ରଧାରାରେ ୫ ଜଣଙ୍କୁ ଉଦ୍ଧାର କରାଯାଇଛି। ଏସ୍‌ଡିଆରଏଫ, ଏନ୍‌ଡିଆରଏଫ ଏବଂ ସ୍ଥାନୀୟ ପ୍ରଶାସନର ଟିମ୍ ପ୍ରଭାବିତ ଅଞ୍ଚଳରେ ଉଦ୍ଧାରକାର୍ଯ୍ୟ ଜାରି ରଖିଛନ୍ତି।

ଅନ୍ୟପକ୍ଷରେ ହିମାଚଳ ପ୍ରଦେଶ ମଣ୍ଡିରେ ମଙ୍ଗଳବାର ଭୂସ୍ଖଳନ ଯୋଗୁଁ ଏକ କୋଠା ଭୁଶୁଡ଼ି ଯାଇଛି। ଏଥିରେ ଗୋଟିଏ ପରିବାରର ୫ ଜଣ ସଦସ୍ୟ ଅବଶେଷ ତଳେ ଫସି ଯାଇଥିଲେ। ଏମାନଙ୍କ ମଧ୍ୟରୁ ୩ ଜଣଙ୍କ ମୃତ୍ୟୁ ହୋଇଛି। ୨ ଜଣଙ୍କୁ ସୁରକ୍ଷିତ ଭାବେ ଉଦ୍ଧାର କରାଯାଇଛି। ସେହିପରି ମଙ୍ଗଳବାରେ ସକାଳେ ମନ୍ଦିରକୁ ଯାଉଥିବାବେଳେ ମଣ୍ଡିର ଦରଙ୍ଗରେ ୨ ଜଣ ଲୋକ ସୁମା ଖଡ ନଦୀର ଧାରାରେ ଭାସି ଯାଇଛନ୍ତି। ଏମାନଙ୍କ ମଧ୍ୟରୁ ଜଣେ ନିଖୋଜ ଥିବାବେଳେ ଅନ୍ୟ ଜଣଙ୍କ ମୃତ୍ୟୁ ହୋଇଛି।

### ଦୁର୍ଗା ପୂଜାରେ...

ମାସରେ ଆରବ ସାଗରରେ 'ହୀକା' ବାତ୍ୟା ସୃଷ୍ଟି ହୋଇଥିଲା। ୧୮ ସେପ୍ଟେମ୍ବରରେ ବଙ୍ଗୋପସାଗରରେ 'ଡାଏ' ସୃଷ୍ଟି ହୋଇ ୨୧ ସେପ୍ଟେମ୍ବରେ ଏହା ଗୋପାଳପୁର ନିକଟରେ ସ୍ଥଳଭାଗ ଅତିକ୍ରମ କରିଥିଲା। ସେହିପରି ୨୦୨୧ରେ ବାତ୍ୟା 'ଗୁଲାବ' ମଧ୍ୟ ସେପ୍ଟେମ୍ବର ଶେଷ ବେଳକୁ ସୃଷ୍ଟି ହୋଇ ଓଡ଼ିଶାର ସାମାନ୍ୟ ଦୂରରେ ଅର୍ଥାତ ଆନ୍ଧ୍ର ନିକଟରେ ସ୍ଥଳଭାଗ ଅତିକ୍ରମ କରିଥିଲା। ହାଇଦ୍ରାବାଦ ସ୍ଥିତ ଭାରତୀୟ ସାମୁଦ୍ରିକ ଗବେଷଣା କେନ୍ଦ୍ରର ରିପୋର୍ଟ ଅନୁଯାୟୀ ଆଣ୍ଡାମାନସାଗର ଅଞ୍ଚଳରେ ଆଭ୍ୟନ୍ତରୀଣ ତରଙ୍ଗ ପ୍ରଭାବରେ ସେପ୍ଟେମ୍ବର ମଧ୍ୟଭାଗରୁ ନଭେମ୍ବର ପ୍ରଥମାର୍ଦ୍ଧ ଯାଏଁ ସାମୁଦ୍ରିକ ତାପମାତ୍ରା ବଙ୍ଗୋପସାଗର ଅନ୍ୟ ଅଞ୍ଚଳ ତୁଳନାରେ ଅଧିକ ରହିଥାଏ। ତଥା ଏହି ସମୟରେ ଉତ୍ତର ପଶ୍ଚିମ ପ୍ରଶାନ୍ତ ମହାସାଗରରୁ ସୃଷ୍ଟି ବାତ୍ୟାଗୁଡ଼ିକର ଅଂଶବିଶେଷ ଏହି ଅଞ୍ଚଳକୁ ମାଡ଼ି ଆସିବା ଫଳରେ ସାମୁଦ୍ରିକ ତାପମାତ୍ରା ଓ ବାୟୁମଣ୍ଡଳର ପାରିପାର୍ଶ୍ୱିକ ସ୍ଥିତି ଶକ୍ତିଶାଳୀ ବାତ୍ୟା ସୃଷ୍ଟି କରିବାରେ ସହାୟକ ହୋଇଥାଏ। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଝାଡ଼ଖଣ୍ଡ ଉପରେ ବର୍ତ୍ତମାନ ଏକ ଘୂର୍ଣ୍ଣିବଳୟ ରହିଛି। ଆସନ୍ତା ୪ ଦିନ ପର୍ଯ୍ୟନ୍ତ ଏହି ସ୍ଥିତି ଜାରି ରହିବା ସହ ଅନେକ ସ୍ଥାନରେ ବିଜୁଳି ଘଡ଼ଘଡ଼ି ଜନିତ ବର୍ଷା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି।

### ସୁବିଧା ଦେଇ...

ହାଇକୋର୍ଟ ମୁଖ୍ୟ ବିଚାରପତି ଏବଂ ସୁପ୍ରିମ କୋର୍ଟର ପୂର୍ବତନ ବିଚାରପତି ବିଭିନ୍ନ ଟ୍ରିବ୍ୟୁନାଲ ଅଧ୍ୟକ୍ଷ ପାଇଁ ସାକ୍ଷାତକାର ଦେଉଛନ୍ତି, କିନ୍ତୁ ନିଯୁକ୍ତି ସତ୍ତ୍ୱେ ଯୋଗ ଦେଉ ନାହାନ୍ତି। କେବଳ ଗୋଟିଏ କାରଣ ପାଇଁ ଏବଂ ତାହାହେଲା ସେମାନଙ୍କୁ ଆବଶ୍ୟକ ସୁବିଧା ମିଳୁନାହିଁ।

ଟ୍ରିବ୍ୟୁନାଲରେ ଖାଲି ପଡ଼ିଥିବା ପଦବୀ ନେଇ ଏନ୍‌ଜିଟି ବାର ଆସୋସିଏସନ ପକ୍ଷରୁ ଦାୟର ମାମଲାର ଶୁଣାଣି ବେଳେ କେନ୍ଦ୍ର ସରକାରଙ୍କ ପକ୍ଷରୁ କୁହାଯାଇଥିଲା ଯେ ଦୁଇ ଜଣ ପୂର୍ବ ବିଚାରପତିଙ୍କୁ ନିଯୁକ୍ତି ମିଳିଥିଲେ ମଧ୍ୟ ସେମାନେ ଯୋଗ ଦେଉ ନାହାନ୍ତି। କୋର୍ଟ ବିରକ୍ତି ପ୍ରକାଶ କରିବା ସହିତ କହିଥିଲେ ଯେ ନିଯୁକ୍ତି ପରେ ସୁବିଧା ସୁଯୋଗ ମିଳୁନାହିଁ। ସେମାନେ କାହିଁକି କାମରେ ଯୋଗଦେବେ। ଯେଉଁ ସଭ୍ୟଙ୍କ କାର୍ଯ୍ୟକାଳ ଶେଷ ହୋଇଛି ସେମାନଙ୍କୁ ଏହି ପଦବୀରେ ରହିବା ଲାଗି ଅନୁମତି ଦେବାକୁ କୋର୍ଟ ମନା କରିଦେଇଛନ୍ତି। କେନ୍ଦ୍ର ଉପରେ ବିରକ୍ତି ପ୍ରକାଶ କରି କୋର୍ଟ କହିଲେ ଯେ ଅଫିସ ପାଇଁ ଖର୍ଚ୍ଚ ଦିଆଯାଉ ନାହିଁ। ଛୋଟ ଛୋଟ ଜିନିଷ ପାଇଁ ସଭ୍ୟମାନେ ଅନୁରୋଧ କରୁଛନ୍ତି। ଏଥିପାଇଁ କେନ୍ଦ୍ର ହିଁ ଦାୟୀ। ସୁପ୍ରିମକୋର୍ଟଙ୍କ ଉଦ୍‌ବେଗ ସେ ସରକାରଙ୍କୁ ଜଣାଇଦେବେ ବୋଲି ଅତିରିକ୍ତ ସଲିସିଟର ଜେନେରାଲ ବିକ୍ରମଜିତ ବାନାର୍ଜୀ ମାନ୍ୟବର ଖଣ୍ଡପୀଠଙ୍କୁ ଆଶ୍ୱାସନା ଦେଇଥିଲେ। ମାମଲାର ପରବର୍ତ୍ତୀ ଶୁଣାଣି ଡିସେମ୍ବର ୧୭ ତାରିଖରେ ହେବ।

### ଦିନକ ପରେ...

ବିରୋଧୀ ବିଜେଡି, କଂଗ୍ରେସ ଓ ସିପିଏମ୍ ବିଧାୟକ ଉପସ୍ଥିତ ଥିଲେ। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ, ସରକାରୀ ଦଳ ମୁଖ୍ୟ ସଚେତକ ସରୋଜ ପ୍ରଧାନ ବୈଠକରେ ଉପସ୍ଥିତ ଥିଲେ। ଏହାସହ ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ ଓ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ବିରୋଧୀ ଦଳ ମୁଖ୍ୟ ସଚେତକ ପ୍ରମିଳା ମଲ୍ଲିକ, କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡ଼ାମ ବୈଠକରେ ଶୃଙ୍ଖଳିତ ଅଧିବେଶନ ନେଇ ନିଜର ମତାମତ ରଖିଥିଲେ।

ବୈଠକ ପରେ ବିରୋଧୀ ଦଳ ମୁଖ୍ୟ ସଚେତିକା ପ୍ରମିଳା ମଲ୍ଲିକ କହିଛନ୍ତି ଯେ ରାଜ୍ୟ ସରକାରଙ୍କୁ ଘେରିବା ପାଇଁ ଦଳ ପାଖରେ ଏକାଧିକ ପ୍ରସଙ୍ଗ ରହିଛି। ବିଶେଷକରି ଚାଷୀ, ମହିଳା ସୁରକ୍ଷା, ଏସସି ଏସଟି, ଛାତ୍ରଛାତ୍ରୀ ପ୍ରସଙ୍ଗ ସମ୍ପର୍କିତ ଏକାଧିକ ରାଜସ୍ୱାର୍ଥ ସମ୍ବଳିତ ପ୍ରସଙ୍ଗ ଗୃହରେ ଉପସ୍ଥାପନ ହେବ। ଆସନ୍ତାକାଲି ଅପରାହ୍ନ ୫ଟା ବେଳେ ଶଙ୍ଖ ଭବନରେ ବିଧାୟକ ଦଳ ବୈଠକ ଅନୁଷ୍ଠିତ ହେବ ବୋଲି ସେ ସୂଚନା ଦେଇଛନ୍ତି। ସେହିପରି କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ କହିଛନ୍ତି ଯେ ଅଧିବେଶନରେ ସାମ୍ବିଧାନିକ ବ୍ୟବସ୍ଥା ଅନୁସାରେ ଗୃହ ପରିଚାଳନା କରିବାକୁ ଆମେ କହିବା ସହ ଗୃହ ପରିଚାଳନାରେ ସହଯୋଗ ପାଇଁ ସହମତି ଦେଲୁ। ରାଜ୍ୟରେ ପୁଳାପୁଳା ସମସ୍ୟା ରହିଛି। ଆସନ୍ତାକାଲି ଆମର ବିଧାୟକ ଦଳ ବୈଠକ ଅନୁଷ୍ଠିତ ହେବ। ବୈଠକରେ ଦଳର ରଣନୀତି ପ୍ରସ୍ତୁତ କରାଯିବ ବୋଲି ଶ୍ରୀ କାଡ଼ାମ କହିଛନ୍ତି।

ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ କହିଛନ୍ତି ଯେ ରାଜ୍ୟର ସ୍ୱାର୍ଥ ସମ୍ବଳିତ ସମସ୍ତ ପ୍ରସଙ୍ଗରେ ଆଲୋଚନା କରିବା ପାଇଁ ସରକାର ପ୍ରସ୍ତୁତ ଅଛନ୍ତି। ସମସ୍ତ ସକରାତ୍ମକ ଆଲୋଚନାକୁ ସରକାର ସ୍ୱାଗତ କରୁଛନ୍ତି ବୋଲି ଡ. ମହାଲିଙ୍ଗ କହିଛନ୍ତି।

### ଅସୁରକ୍ଷିତ ଓଡ଼ିଶା...

କରିବା ଘଟଣା ରାଜ୍ୟରେ ପୁଣି ଆଲୋଡ଼ନ ସୃଷ୍ଟି କରିଛି। ଛାତ୍ରୀଜଣକ ତାଙ୍କ ବନ୍ଧୁଙ୍କ ସହିତ ଗତ ଶନିବାର ମଧ୍ୟାହ୍ନରେ ବାଲି ହରଚଣ୍ଡୀପୀଠକୁ ଦର୍ଶନ ପାଇଁ ଯାଇଥିଲେ। ଏହାପରେ ସେମାନେ ନିକଟରେ ଥିବା ସମୁଦ୍ରକୂଳରେ ବସି କଥାବାର୍ତ୍ତା ହେଉଥିବା ବେଳେ ସେଠାରେ ଚଣ୍ଡିପୁଟ ଗାଁର କିଛି ଯୁବକ ସେମାନଙ୍କଠାରୁ ଟଙ୍କା ଛଡ଼ାଇ ନେବା ପରେ ଯୁବତୀଙ୍କୁ ଗଣଦୁଷ୍କର୍ମ କରିଛନ୍ତି। କେବଳ ଏହି ଘଟଣା ନୁହେଁ, ନିକଟରେ ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କୁ ନିଶା ବଟିକା ଦେଇ ୩ ଜଣ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଛି। ଫଟୋ ସୁଟ୍ ବାହାନାରେ ଚନ୍ଦ୍ରଶେଖରପୁରରେ ଥିବା ପୋଖରାନ୍ ଭିଲେଜ ପାଖ ସାଇମାର୍ଗ ଲଜରେ ଏହି ଯୁବତୀ ଗଣଦୁଷ୍କର୍ମର ଶିକାର ହୋଇଥିବା ଅଭିଯୋଗ ହୋଇଛି।

ଅଗଷ୍ଟ ୨୧ରେ ଗଞ୍ଜାମ ଜିଲ୍ଲା ସାନଖେମୁଣ୍ଡିରେ ଜଣେ ଯୁବତୀ ଗଣଦୁଷ୍କର୍ମ ହୋଇଛନ୍ତି। ବିବାହ ଏବଂ ଚାକିରି କରାଇବା ପ୍ରଲୋଭନ ଦେଖାଇ ୨ ଜଣ ଯୁବକ ସମ୍ପୃକ୍ତ ଯୁବତୀଙ୍କୁ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଥିଲା। ସେପ୍ଟେମ୍ବର ୭ରେ ଅନୁଗୋଳର ଭାଲୁଖାଇ ନାଳରୁ ନିଖୋଜ ନାବାଳିକାର ମୃତଦେହ ମିଳିବା ପଛରେ ଗଣଦୁଷ୍କର୍ମ ହୋଇଥିବା ଅଭିଯୋଗ ହୋଇଛି। ଅଗଷ୍ଟ ୩୧ରେ ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅଞ୍ଚଳରେ ଜଣେ ଯୁବତୀଙ୍କୁ ଗାଡ଼ି ଭିତରେ ଗଣଦୁଷ୍କର୍ମ କରି ରାସ୍ତାରେ ଫୋପାଡ଼ି ଦେଇଛନ୍ତି ଦୁର୍ବୃତ୍ତ। ଅଗଷ୍ଟ ୧୮ ରେ ସମ୍ବଲପୁର ଯୁଯୁମୁରା ଥାନା ଅଞ୍ଚଳରେ ଜଣେ ନାବାଳିକା ଗଣଦୁଷ୍କର୍ମର ଶିକାର ହୋଇଥିବାବେଳେ ଅଗଷ୍ଟ ୧୩ରେ ରାଜନଗରରେ ଜଣେ ଦଶମ ଶ୍ରେଣୀ ଛାତ୍ରୀ ଗଣଦୁଷ୍କର୍ମ ଶିକାର ହୋଇଥିବା ଅଭିଯୋଗ ହୋଇଛି।

ଗତ ୧୦ ମାସରେ ରାଜ୍ୟରେ ସାଢେ ୪ହଜାର ଉପରେ ଦୁଷ୍କର୍ମ ମାମଲା ରାଜ୍ୟର ବିଭିନ୍ନ ଥାନାରେ ରୁଜୁ ହୋଇଛି। ବିଶେଷକରି ଗଞ୍ଜାମ, ଖୋର୍ଦ୍ଧା, କନ୍ଧମାଳ, ବଲାଙ୍ଗୀର, ମୟୂରଭଞ୍ଜ ଆଦି ଜିଲ୍ଲାରେ ଅଧିକ ଦୁଷ୍କର୍ମ ମାମଲା ରୁଜୁ ହୋଇଛି। ଆହୁରି ମଧ୍ୟ ଅନେକ ମାମଲାରେ ପୁଲିସ ଅଭିଯୁକ୍ତଙ୍କୁ ଗିରଫ କରିଥିବା ବେଳେ ଏକାଧିକ ମାମଲାରେ ଅଭିଯୁକ୍ତଙ୍କୁ ପୁଲିସ ଧରିବାରେ ବିଫଳ ହୋଇଛି। ଦୁଷ୍କର୍ମ ଏବଂ ଗଣଦୁଷ୍କର୍ମ ସମ୍ପୃକ୍ତଙ୍କୁ ଗିରଫ କରିବାରେ ଅନେକସ୍ଥାନରେ ପୁଲିସ ବିଫଳ ହୋଇଛି।

### ଭୟଙ୍କର, ହୃଦୟ...

କ୍ଷୋଭ ପ୍ରକାଶ କରିଛନ୍ତି ନବୀନ। ସାମାଜିକ ଗଣମାଧ୍ୟମ ଏକ୍ସରେ ନବୀନ କହିଛନ୍ତି ଯେ ସାରା ଓଡ଼ିଶାରେ ମହିଳାମାନଙ୍କ ବିରୁଦ୍ଧରେ ହିଂସାର ଏପରି ଭୟଙ୍କର ଘଟଣା ଦେଖିବା ବେଶ୍ ହୃଦୟ ବିଦାରକ। ବିଜେପି ନେତାମାନେ ଘଟଣାକୁ ନେଇ ଚିନ୍ତାପ୍ରକାଶ କରୁଥିବାର ନାଟକ ପ୍ରଦର୍ଶନ କରୁଥିବା ବେଳେ ଅପରାଧୀମାନେ ସ୍ପଷ୍ଟ ଦିବାଲୋକରେ ନିର୍ଭୟ ହୋଇ ବୁଲୁଛନ୍ତି। ଗୋପାଳପୁର, ବାଲେଶ୍ୱର, ବଳଙ୍ଗା ପୀଡ଼ିତା; ଯେଉଁମାନେ ଗଭୀର ହତାଶା ମଧ୍ୟରେ ଆଖି ବୁଜିଲେ ସେମାନଙ୍କ ସହ ଅନ୍ୟ ପୀଡ଼ିତା ଏବଂ ସେମାନଙ୍କ ପରିବାର ସଦସ୍ୟମାନେ ଏବେ ବି ନ୍ୟାୟ ପାଇଁ ଅପେକ୍ଷା କରିଛନ୍ତି। ମାତ୍ର ପ୍ରତ୍ୟେକ ଥର ଆମେ ପୁନରାବୃତ୍ତି ହେଉଥିବା ସମାନ ବକ୍ତବ୍ୟ ଶୁଣୁଛୁ। ଏପରି ଘଟଣା ବିରୁଦ୍ଧରେ 'କଠୋର କାର୍ଯ୍ୟାନୁଷ୍ଠାନ ନିଆଯାଉଛି', 'ଲୋକଙ୍କ ସରକାର', 'ମହିଳା ସୁରକ୍ଷା ସୁନିଶ୍ଚିତ କରୁଛୁ' ଏବଂ 'କାହାରିକୁ ଛଡ଼ାଯିବ ନାହିଁ' ପରି ବିବୃତି ବାରମ୍ବାର ଦୋହରାଉଛନ୍ତି। ନବୀନ ଆହୁରି ମଧ୍ୟ କହିଛନ୍ତି ଯେ ଯଦି ଏପରି ଅପରାଧ ଲୋକପ୍ରିୟ ପର୍ଯ୍ୟଟନ ସ୍ଥଳ ନିକଟରେ ଘଟିବ, ଯେଉଁଠାରେ ବିଶ୍ୱର ବିଭିନ୍ନ ସ୍ଥାନରୁ ପର୍ଯ୍ୟଟକମାନେ ଆସିଥାନ୍ତି, ତେବେ ଏହା ଜାତୀୟ ଏବଂ ଅନ୍ତର୍ଜାତୀୟ ସ୍ତରରେ ଓଡ଼ିଶାର ଛବିକୁ ଖରାପ କରିବ। ବିଜେପି ସରକାର ଏପରି ଘଟଣାରେ ଯେତେ ଶୀଘ୍ର କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ, ଓଡ଼ିଶାର ମହିଳାମାନେ ପୁଣି ସୁରକ୍ଷିତ ଅନୁଭବ କରିବେ ବୋଲି ନବୀନ ପରାମର୍ଶ ଦେଇଛନ୍ତି।

### ଦିନକରେ କରିହେବ...

ଅର୍ଥାତ୍ ୨୪ ଘଣ୍ଟା ମଧ୍ୟରେ ସର୍ବାଧିକ ୧୦ ଲକ୍ଷ ଟଙ୍କାର କାରବାର କରିପାରିବେ। ଏହାବ୍ୟତୀତ, ଅନ୍ୟ ୧୨ଟି ବର୍ଗ ପାଇଁ ଦୈନିକ କାରବାର ସୀମା ମଧ୍ୟ ବୃଦ୍ଧି କରାଯାଇଛି। ଅପରପକ୍ଷେ ସାଧାରଣ ବ୍ୟବହାରକାରୀଙ୍କ ପାଇଁ ବ୍ୟକ୍ତିଙ୍କଠାରୁ ବ୍ୟକ୍ତିଙ୍କୁ (ପିଟୁପି) ପେମେଣ୍ଟ ସୀମା ଏବେ ବି ୧ ଲକ୍ଷ ଟଙ୍କା ରହିଛି, ଯେଉଁଥିରେ କୌଣସି ପରିବର୍ତ୍ତନ କରାଯାଇନାହିଁ। ଯେତେବେଳେ କି ପିଟୁଏମ୍‌ରେ ଜଣେ ବ୍ୟକ୍ତି ଜଣେ ବ୍ୟବସାୟୀଙ୍କୁ ପେମେଣ୍ଟ କରୁଥିଲେ, ଯାହାର ସୀମା ଏବେ ୧୦ ଲକ୍ଷ ଟଙ୍କା ହୋଇଯାଇଛି। ଏହାଛଡା ଅଳଙ୍କାର କ୍ରୟରେ, ପ୍ରତି କାରବାର ସୀମା ଏବେ ବି ପୂର୍ବ ଭଳି ୨ ଲକ୍ଷ ଟଙ୍କା ରହିବ, କିନ୍ତୁ ଦୈନିକ ସୀମାକୁ ବର୍ତ୍ତମାନ ୬ ଲକ୍ଷ ଟଙ୍କାକୁ ବୃଦ୍ଧି କରାଯାଇଛି। ଟର୍ମ ଡିପୋଜିଟ୍ ଭଳି ବ୍ୟାଙ୍କିଂ ସେବା ପାଇଁ ପ୍ରତି କାରବାର ଏବଂ ଦୈନିକ ଉଭୟ ସୀମାକୁ ୫ଲକ୍ଷ ଟଙ୍କାକୁ ବୃଦ୍ଧି କରାଯାଇଛି। ସରକାରୀ ସିକ୍ୟୁରିଟିଜ୍‌ରେ ନିବେଶ ପାଇଁ ପ୍ରତିଦିନ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଅନୁମତି ଦିଆଯାଇଛି।

ଏହି ନିଷ୍ପତ୍ତି ସିଧାସଳଖ ସେହି ଗ୍ରାହକମାନଙ୍କୁ ଲାଭ ଦେବ ଯେଉଁମାନେ ଏ ପର୍ଯ୍ୟନ୍ତ ବୀମା ପ୍ରିମିୟମ, ମ୍ୟୁଚୁଆଲ୍ ଫଣ୍ଡ, କିମ୍ବା କ୍ରେଡିଟ୍ କାର୍ଡ ବିଲ୍ ଭଳି ବଡ଼ ପେମେଣ୍ଟ କରିବାରେ ଅସୁବିଧାର ସମ୍ମୁଖୀନ ହେଉଥିଲେ। ଏବେ ସେମାନେ ୟୁପିଆଇ ମାଧ୍ୟମରେ ଏହି ପେମେଣ୍ଟ ସହଜରେ କରିପାରିବେ। ଏହାବ୍ୟତୀତ, ଏହି ମାଧ୍ୟମରେ ରିଅଲ୍ ଇଷ୍ଟେଟ୍ କିମ୍ବା ଅନ୍ୟାନ୍ୟ ବଡ଼ କାରବାର ମଧ୍ୟ ସମ୍ଭବ ହେବ। ଅପରପକ୍ଷେ ଯଦିଓ ଏନ୍‌ପିସିଆଇ ଏହି ସୀମା ସ୍ଥିର କରିଛି, ଏହା ସଦସ୍ୟ ବ୍ୟାଙ୍କଗୁଡ଼ିକୁ ସେମାନଙ୍କର ନୀତି ଅନୁଯାୟୀ ସେମାନଙ୍କ ଗ୍ରାହକଙ୍କ ପାଇଁ ସୀମା ସ୍ଥିର କରିବାର ସ୍ୱାଧୀନତା ମଧ୍ୟ ଦେଇଛି। ଏନ୍‌ପିସିଆଇ ଅକ୍ଟୋବର ପହିଲାରୁ ଏନ୍‌ପିସିଆଇରେ ପିଅର-ଟୁ-ପିଅର (ପିଟୁପି) ଅନୁରୋଧ ସଂଗ୍ରହକୁ ସମ୍ପୂର୍ଣ୍ଣ ବନ୍ଦ କରିବାକୁ ନିର୍ଦ୍ଦେଶ ଦେଇଛି। ଏହାର ଅର୍ଥ ହେଉଛି ଯେ, ଏଣିକି ଜଣେ ବ୍ୟକ୍ତି ୟୁପିଆଇ ମାଧ୍ୟମରେ ଟଙ୍କା ମାଗିବା ପାଇଁ ଅନ୍ୟ ଜଣେ ବ୍ୟକ୍ତିଙ୍କୁ ଅନୁରୋଧ ପଠାଇ ପାରିବେନାହିଁ।

### ଘୋଷଣା କରି...

ସେହି ଚିନ୍ତା ଘାରୁଛି। ସରକାର ଖୁବ୍‌ଶୀଘ୍ର ପଞ୍ଜୀକରଣ ପ୍ରକ୍ରିୟା ପୁଣି ଆରମ୍ଭ କରିବାକୁ ବିଭିନ୍ନ ଚାଷୀ ସଂଗଠନ ପକ୍ଷରୁ ଦାବି କରାଯାଉଛି। ନଚେତ ରାଜ୍ୟବ୍ୟାପୀ ଚାଷୀ ଆନ୍ଦୋଳନ ତୀବ୍ରତର ହେବ ବୋଲି ଚାଷୀମାନେ ଚେତାବନୀ ଦେଇଛନ୍ତି।

ସୂଚନାନୁସାରେ, ଚଳିତ ବର୍ଷ ଜୁଲାଇ ୧୯ରୁ ଅଗଷ୍ଟ ୨୦ପର୍ଯ୍ୟନ୍ତ ଖରିଫ୍ ଚାଷ ପଞ୍ଜୀକରଣ ଚାଲିଥିଲା। ମାତ୍ର ଜଟିଳ ପ୍ରକ୍ରିୟା ଯଥା ଇ-କେୱାଇସି, ବଂଶାବଳୀ ପ୍ରମାଣପତ୍ର ଆଦି ବିଭିନ୍ନ କାରଣରୁ ଯୋଗ୍ୟ ଚାଷୀମାନେ ପଞ୍ଜୀକରଣ କରିପାରିନଥିଲେ। ପରେ ସରକାର ଆଉ ୫ ଦିନ ଅବଧି ବୃଦ୍ଧି କରିଥିଲେ। ହେଲେ, ଏତିକି ସମୟ ଚାଷୀଙ୍କ ପାଇଁ ଯଥେଷ୍ଟ ହୋଇନଥିଲା। ଏବେ ବି ରାଜ୍ୟରେ ୫୦ ହଜାରରୁ ଅଧିକ ଚାଷୀ ପଞ୍ଜୀକରଣ ଅପେକ୍ଷାରେ ଅଛନ୍ତି। କିନ୍ତୁ, ବିଡ଼ମ୍ବନାର ବିଷୟ ହେଲା, ସରକାର ପଞ୍ଜୀକରଣ ଖୋଲୁନାହାନ୍ତି। ଗତ ଅକ୍ଷୟ ତୃତୀୟା ଅବସରରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ସିଏମ୍ କିଷାନ ଟଙ୍କା ବାଣ୍ଟିବା ବେଳେ ପଞ୍ଜୀକରଣ ବୃଦ୍ଧି ହେବ ବୋଲି କହିଥିଲେ। ପରବର୍ତ୍ତୀ ସମୟରେ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ମଧ୍ୟ ପଞ୍ଜୀକରଣ ବୃଦ୍ଧି ନେଇ ଆଲୋଚନା ଚାଲିଛି, ଖୁବ୍‌ଶୀଘ୍ର ଘୋଷଣା ହେବ ବୋଲି କହିଥିଲେ। ମାତ୍ର ଏପର୍ଯ୍ୟନ୍ତ କୌଣସି ଘୋଷଣା ହୋଇନି। ଏହାର ସୁଯୋଗ ନେଇ ବେପାରୀମାନେ ଗାଁ ଗାଁ ବୁଲି ଚାଷୀଙ୍କୁ ଆଗୁଆ ବଇନା ଦେଇ ଧାନ କିଣିବାକୁ ମସୁଧା କରୁଛନ୍ତି। ଏ କ୍ଷେତ୍ରରେ ଚାଷୀ ସରକାରଙ୍କ ଉପରେ ଭରସା କରିନପାରି ବେପାରୀଠାରୁ ବଇନା ରଖିବାକୁ ବାଧ୍ୟ ହେଉଛି।

ଉଲ୍ଲେଖଯୋଗ୍ୟ, ଧାନର ସର୍ବନିମ୍ନ ମୂଲ୍ୟବୃଦ୍ଧି ସହ କୁଇଣ୍ଟାଲ୍ ପିଛା ୮୦୦ ଟଙ୍କା ଅତିରିକ୍ତ ସହାୟତା ଘୋଷଣା କରିବା ପରେ ଅଧିକ ଲୋକ ଚାଷ କରିବାକୁ ଆଗ୍ରହ ପ୍ରକାଶ କରିଛନ୍ତି। ପୂର୍ବବର୍ଷ ଖରିଫ୍ ଚାଷ ପାଇଁ ୧୭ଲକ୍ଷ ୫୦ ହଜାର ଚାଷୀ ପଞ୍ଜୀକରଣ କରିଥିବା ବେଳେ ଚଳିତ ବର୍ଷ ୧୯ଲକ୍ଷ ୭୮ ହଜାର ଚାଷୀ ପଞ୍ଜୀକରଣ କରିଛନ୍ତି। ଏବେ ବି ପାଖାପାଖି ୫୦ହଜାର ଚାଷୀ ପଞ୍ଜୀକରଣ ଅପେକ୍ଷାରେ ଅଛନ୍ତି। ଚାଷୀମାନେ ଧାରକରଜ କରି ଚାଷ କରିଛନ୍ତି। ଭଲ ବର୍ଷା ହୋଇଥିବାରୁ ଭଲ ଅମଳ ହେବା ନେଇ ଆଶାବାଦୀ ବି ଅଛନ୍ତି। କିନ୍ତୁ ସରକାର ଧୋକା ଦେଉଛନ୍ତି ବୋଲି ଚାଷୀ ଅଭିଯୋଗ କରିଛନ୍ତି। ଅତିରିକ୍ତ ସହାୟତା ଦେବାକୁ ପଡ଼ିବ ବୋଲି ସରକାର ଆରମ୍ଭରୁ ପଞ୍ଜୀକରଣରେ ଜଟିଳତା ଆଣିଥିଲେ। ଆଉ ଏବେ ଅବଧି ବୃଦ୍ଧି କରୁନାହାନ୍ତି ବୋଲି ଚାଷୀ ନେତା ବିଶ୍ୱମ୍ବର ସାହୁ ଅଭିଯୋଗ କରିଛନ୍ତି। ସେ କହିଛନ୍ତି, ସରକାର ଯଦି ପଞ୍ଜୀକରଣ ଚାଲ ନକରନ୍ତି, ତେବେ ଆଗାମୀ ଦିନରେ ବିଧାନସଭା ଆଗରେ ଚାଷୀ ବଡ଼ ଆନ୍ଦୋଳନ କରିବ ବୋଲି ସେ ଚେତାବନୀ ଦେଇଛନ୍ତି।

### ସାର ପାଇଁ...

ସକାଳ ଯାଇ ମଧ୍ୟାହ୍ନ ହେଲା ପରେ ବି ସମବାୟ କେନ୍ଦ୍ରର ତାଲା ଖୋଲିଲାନି। ଏହାକୁ ନେଇ ଚାଷୀଙ୍କ ମଧ୍ୟରେ ଉତ୍ତେଜନା ପ୍ରକାଶ ପାଇଥିଲା। ଆସନ୍ତାକାଲି (ବୁଧବାର) ସାର ନ ମିଳିଲେ, ଜାତୀୟ ରାଜପଥ ଅବରୋଧ କରିବା ସହ ସମବାୟ କେନ୍ଦ୍ରରେ ତାଲା ପକାଇଦେବୁ।

ଆଉ କିଛି ଚାଷୀ କହିଛନ୍ତି ଯେ ଆଜକୁ ପ୍ରାୟ ୪ ଦିନ ହେବ ୟୁରିଆ ସାର ଆସିଥିଲେ ମଧ୍ୟ କାହିଁକି ଚାଷୀଙ୍କୁ ମିଳୁନାହିଁ? ବିଳମ୍ବିତ ରାତିରେ ସଭାପତି ଓ ସମ୍ପାଦକ କଳାବଜାରରେ ସାର ବିକି ଦେଉଛନ୍ତି ବୋଲି ସେମାନେ ଅଭିଯୋଗ କରିଛନ୍ତି। ସେହିପରି କଙ୍କୋରଡ଼ା ସେବା ସମବାୟ କେନ୍ଦ୍ରରେ ସାର ଆସିବା ଖବର ପ୍ରଚାରିତ ପରେ ବୁଧବାର ଭୋର୍‌ରୁ ଉକ୍ତ ପାକ୍ସ ସମ୍ମୁଖରେ ପ୍ରାୟ ୭ଶହରୁ ଊର୍ଦ୍ଧ୍ୱ ଚାଷୀ ଲମ୍ବା ଲାଇନରେ ସାର ଅପେକ୍ଷାରେ ଥିବା ଦେଖିବାକୁ ମିଳିଥିଲା। ତେବେ ମାତ୍ର ୪୫୦ ପ୍ୟାକେଟ ସାର ଆସିଥିବାରୁ ପାକ୍ସ କର୍ତ୍ତୃପକ୍ଷ ପ୍ରଥମେ ଋଣ ନେଇଥିବା ଚାଷୀମାନଙ୍କୁ ଅଗ୍ରାଧିକାର ଭିତ୍ତିରେ ଚାଷୀ ପ୍ରତି ଗୋଟିଏ ପ୍ୟାକେଟ ଲେଖାଏଁ ସାର ଦେବାକୁ ନିଷ୍ପତ୍ତି ନେଇଥିଲେ। ଫଳରେ ଅପେକ୍ଷାରେ ଥିବା ଅନେକ ଚାଷୀ ସାର ପାଇନଥିଲେ। ସାର ପାଇ ପାରିନଥିବା ଚାଷୀମାନଙ୍କ ମଧ୍ୟରେ ଉତ୍ତେଜନା ଦେଖାଦେଇଥିଲା।

ସାର ପାଇଁ ସାରା ରାଜ୍ୟରେ ହାହାକାର ପଡ଼ିଥିବା ବେଳେ ସାର ଆସିବା ଖବର ପାଇବା କ୍ଷଣି ଅସମ୍ଭାଳ ଭିଡ଼ ପରିଲକ୍ଷିତ ହେଉଛି। ଅନେକ ଚାଷୀ ରାଜ୍ୟ ସରକାରଙ୍କ ବିଫଳତାକୁ ନେଇ ପାକ୍ସ ସମ୍ମୁଖରେ ବିଭିନ୍ନ ନାରା ଦେଇ ବିକ୍ଷୋଦ୍‌ଗାର କରିଥିଲେ। ଚାଷୀଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ତୁରନ୍ତ ୟୁରିଆ ସାର ଯୋଗାଇବା ପାଇଁ ଚାଷୀ ସଂଗଠନ ପକ୍ଷରୁ ଦାବି ହୋଇଛି। ଏ ଦିଗରେ ପ୍ରଶାସନ ତଥା ବିଭାଗୀୟ ଅଧିକାରୀ ଦୃଷ୍ଟି ଦେବାକୁ ଚାଷୀ ମହଲରେ ଦାବି ହେଉଛି।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିବେ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟା ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୬୩୦-ଆମେରିକାର ବୋଷ୍ଟନ ସହରର ସ୍ଥାପନା।
- ୧୯୫୦- ଭାରତର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଜନ୍ମ।
- ୧୯୫୭- ମାଲେସିଆ ମିଳିତ ଜାତିସଂଘରେ ସାମିଲ୍ ହେଲା।
- ୧୯୭୦- ଜୋର୍ଡାନରେ ଗୃହଯୁଦ୍ଧ ଆରମ୍ଭ ହେଲା।
- ୨୦୦୪- ୟୁରୋପୀୟ ସଂସଦ ମାଳଦ୍ୱୀପ ଉପରେ ପ୍ରତିବନ୍ଧକ ଲଗାଇବା ପ୍ରସ୍ତାବ ପାରିତ କଲା।

## ଅଜବ ବେଉସା

# ଉକୁଣି ଦେଖିବାକୁ ୮ ହଜାର



ମୁଣ୍ଡରେ ଉକୁଣି ହେବା ଏକ ସାଧାରଣ କଥା। ଛୋଟ ପିଲାଠାରୁ ଆରମ୍ଭ କରି ବୟସ୍କ, ପ୍ରାୟ ସମସ୍ତଙ୍କର ଉକୁଣି ହୋଇଥାଏ। ଉକୁଣି ମୁଣ୍ଡରେ ରହି ମଣିଷର ରକ୍ତ ପିଇଥାନ୍ତି। ଏହା କେଶ ଭିତରେ ରହି ଅଣ୍ଡା ଦେବା ସହ ଅନ୍ୟ ମୁଣ୍ଡକୁ ମଧ୍ୟ ଡେଇଁଥାଏ। ବିଶେଷ କରି ସ୍କୁଲ ପିଲାଙ୍କଠାରେ ଏହି ସମସ୍ୟା ଅଧିକ ଦେଖା ଦେଇଥାଏ। ଅଷ୍ଟ୍ରେଲିଆ ସିଡ୍‌ନିରେ ରହୁଥିବା ୨୫ ବର୍ଷୀୟା ର୍ୟାଚେଲ୍ ମରୋନଙ୍କ ପେଶା ହେଉଛି ଉକୁଣି ବାଛିବା। ଶୁଣିବାକୁ ଅଜବ ଲାଗିଲେ ବି ସେ ତାଙ୍କର ଏହି ନିଆରା ବେଉସାକୁ ନେଇ ଖୁସି ଅଛନ୍ତି। ସାଧାରଣତଃ ପିଲାଙ୍କ ମୁଣ୍ଡରୁ ମା'ମାନେ ଉକୁଣି ଓ ନିଖ ବାଛିବା କାମ କରନ୍ତି। ହେଲେ ର୍ୟାଚେଲ୍ ଅଜଣା ଲୋକଙ୍କ ମୁଣ୍ଡରୁ ଉକୁଣି ବାହାର କରି ଆତ୍ମସନ୍ତୋଷ ଲାଭ କରନ୍ତି। ଅବଶ୍ୟ ଏ ଲାଗି ସେ ପାରିଶ୍ରମିକ ନିଅନ୍ତି। ସେହିପରି ଏଭଳି ଏକ କାମକୁ ସେ କ୍ୟାରିୟର କରିଥିବାରୁ ଅନେକ ଲୋକ ତାଙ୍କୁ 'ପାଗଳ' କହୁଥିବା ର୍ୟାଚେଲ୍ କୁହନ୍ତି। ସେ ପାଖାପାଖି ଏକ ଦଶନ୍ଧି ହେଲାଣି ଲୋକଙ୍କ ମୁଣ୍ଡରୁ ଉକୁଣି ଦେଖିଆସୁଛନ୍ତି। ବେଳେ ବେଳେ ଏଥିଯୋଗୁଁ ତାଙ୍କ ମୁଣ୍ଡରେ ମଧ୍ୟ ଉକୁଣି ହୋଇ ଯାଉଥିବା କଥା ର୍ୟାଚେଲ୍ କୁହନ୍ତି। ହେଲେ ସେ ଏଭଳି କରି ଆଶ୍ୱସ୍ତି ଅନୁଭବ କରନ୍ତି ବୋଲି କହିଛନ୍ତି। ଯଦିଓ ଏହି କାମକୁ ନେଇ ଲୋକେ ତାଙ୍କୁ ଘୃଣା କରନ୍ତି, ହେଲେ ଏହା ତାଙ୍କ ପାଇଁ ଆଶୀର୍ବାଦ ସାବ୍ୟସ୍ତ ହୋଇଥିବା ସେ କୁହନ୍ତି। ଅନ୍ୟପଟେ ର୍ୟାଚେଲ୍ ତାଙ୍କର ଏହି କାମର ଭିଡିଓ ସାମାଜିକ ଗଣମାଧ୍ୟମରେ ସେୟାର୍ କରିଥାନ୍ତି। ଏହି ଭିଡିଓଗୁଡ଼ିକ ମଧ୍ୟ ବେଶ୍ ଭାଇରାଲ ହୋଇଥାଏ। ତେବେ ସେ ଏ କାମ ଲାଗି ଗ୍ରାହକଙ୍କଠାରୁ ୮ ହଜାର ଟଙ୍କା ନିଅନ୍ତି। ଏହାସହ ଉକୁଣି ଜନିତ ଯେକୌଣସି ସଂକ୍ରମଣକୁ ସମ୍ପୂର୍ଣ୍ଣ ଭାବେ ସେ ଭଲ କରି ଦେଉଥିବା ଦାବି ମଧ୍ୟ କରନ୍ତି। ଯଦି ମୁଣ୍ଡରେ ଅଧିକ ଉକୁଣି ଥାନ୍ତି ତେବେ ଗ୍ରାହକଙ୍କୁ ତାଙ୍କୁ ଦ୍ୱିତୀୟ ଥର ଡାକିବାକୁ ହୋଇଥାଏ। ତେବେ ସେ ସର୍ବାଧିକ ୧୭ ଘଣ୍ଟା ଧରି ଜଣକ ମୁଣ୍ଡରୁ ଉକୁଣି ବାଛିଥିଲେ। ଉକୁଣି ବାଛିବା ବେଳେ ସେକୌଣସି ଗ୍ଲୁଭସ୍ କିମ୍ବା ହେୟାର୍ ନେଟ୍ ଭଳି ସୁରକ୍ଷା ଉପକରଣ ବ୍ୟବହାର କରି ନ ଥାନ୍ତି। ଏସବୁ ବ୍ୟବହାର ନ କରି ଉକୁଣି ବାଛିବା ଦ୍ୱାରା ଗ୍ରାହକ ସହଜ ଅନୁଭବ କରୁଥିବା ର୍ୟାଚେଲ୍ କୁହନ୍ତି। ତେବେ ସେ ଏହି କାମ ଫାର୍ମାସିରୁ ଆରମ୍ଭ କରିଥିଲେ। କାରଣ ଏଠାରେ ଏକ ଛୋଟ ଉକୁଣି କ୍ଲିନିକ୍ ଥିଲା। ଏହି କ୍ଲିନିକ୍‌ରେ କାମ କରିବା ବେଳେ ଏହି ପେଶା ପ୍ରତି ସେ ଆକୃଷ୍ଟ ହେଲେ। ଏହାପରେ ସେ ଉକୁଣି ବଛାକୁ କ୍ୟାରିୟର କରିନେଲେ।

# ଦକ୍ଷିଣ ମୁହାଁ ଦିଲଜିତ୍



ଏକଦା ପଞ୍ଜାବ ଇଣ୍ଡଷ୍ଟ୍ରୀରେ ଲୋକପ୍ରିୟ ତାରକା ପାଲଟିଥିବା ଅଭିନେତା ଦିଲଜିତ୍ ଦୋସାଞ୍ଝ ଏବେ ଗ୍ଲୋବାଲ ଆଇକନ୍ ହୋଇଯାଇଛନ୍ତି। 'ସର୍ଦ୍ଦାର ଜୀ ୩'ରେ ଦିଲଜିତ୍ ପାକିସ୍ତାନୀ ଅଭିନେତ୍ରୀ ହାନିଆ ଆମିର୍‌ଙ୍କ ସହ କାମ କରିବାକୁ ନେଇ ବିବାଦକୁ ଆସି ଯାଇଥିଲେ। ଏଥିପାଇଁ ତାଙ୍କୁ 'ବର୍ଡର ୨'ରୁ ମଧ୍ୟ ବାଦ୍ ଦିଆଗଲା ବୋଲି ଖବର ଆସିଥିଲା। ଏହି କଥା ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବା ପରେ ଦିଲଜିତ୍ 'ବର୍ଡର ୨' ସେଟ୍‌ରୁ ଏକ ଭିଡିଓ ସେୟାର୍ କରି ଏଭଳି ଗୁଜବକୁ ବନ୍ଦ କରିଥିଲେ। 'ବର୍ଡର ୨' ପରେ ଏବେ ଦିଲଜିତ୍‌ଙ୍କ ହାତକୁ ଏକ ବଡ଼ ପ୍ରୋଜେକ୍ଟ ଆସିଛି। ବଲିଉଡ୍‌ରେ ସଫଳ ହେବା ପରେ ଦିଲଜିତ୍ ଏବେ ସାଉଥ୍ ମୁହାଁ। ନିକଟରେ ଦିଲଜିତ୍ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ପୋଷ୍ଟ ସେୟାର୍ କରିଥିଲେ। ଏଥିରେ ସେ 'କାନ୍ତାରା ଚାପ୍ଟର ୧'ରେ କାମ କରୁଥିବା କଥା କହିଛନ୍ତି। ତେବେ ଋଷଭ ସେଟ୍ଟୀଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମରେ ଦିଲଜିତ୍ ଅଭିନୟ କରିବେ ନାହିଁ। ସେ ଏଥିରେ ଏକ ଗୀତ ଗାଇବେ। ଦିଲଜିତ୍ ଏକ ଭିଡିଓ ସେୟାର୍ କରି କହିଛନ୍ତି-' ବଡ଼ଭାଇ ଋଷଭ ସେଟ୍ଟୀଙ୍କ ସହ। 'କାନ୍ତାରା' ଭଳି ମାଷ୍ଟରପିସ୍ ବନାଇଥିବା ବ୍ୟକ୍ତିଙ୍କୁ ସ୍ୟାଲୁଟ୍। ମୁଁ ଅକ୍ଟୋବର ୨ ପର୍ଯ୍ୟନ୍ତ 'କାନ୍ତାରା ଚାପ୍ଟର ୧'କୁ ସିନେମା ହଲ୍‌ରେ ଦେଖିବାକୁ ଅପେକ୍ଷା କରିପାରିବି ନାହିଁ।' ଏଠାରେ ପ୍ରକାଶ ଥାଉ କି, 'କାନ୍ତାରା ଚାପ୍ଟର-୧' ୨୦୨୨ରେ ଆସିଥିବା 'କାନ୍ତାରା'ର ପ୍ରିକ୍ୱେଲ। ଏହା ଶ୍ରେଷ୍ଠ ଲୋକପ୍ରିୟ ଚଳଚ୍ଚିତ୍ର ଭାବେ ଜାତୀୟ ପୁରସ୍କାର ଜିତିଥିଲା।

# ସାମାଜିକ ଗଣମାଧ୍ୟମର ସ୍ମୃତିରୁ ବଢ଼ୁଛି ଚିନ୍ତା

ସାମାଜିକ ଗଣମାଧ୍ୟମ ଏବେ ଜୀବନର ଏକ ବଡ଼ ଅଂଶ ପାଲଟିଥିବା ବେଳେ ଏହାକୁ ନେଇ ଏକ ନୂଆ ଟ୍ରେଣ୍ଡ ଆସିଛି। ଏହାର ନାଁ 'ଡିଜିଟାଲ ହଣ୍ଟିଂ'। ଏହାର ଅର୍ଥ ହେଉଛି ଡିଜିଟାଲ ଅତୀତ, ଯାହା କଦାପି ନଷ୍ଟ ହୋଇ ନ ଥାଏ। ଏହାଦ୍ୱାରା ଜଣେ ଚାହୁଁ ବା ନ ଚାହୁଁ ତା'ର ଅତୀତର କିଛି ସ୍ମୃତି ଡିଜିଟାଲ ମାଧ୍ୟମରେ ବାରମ୍ବାର ତା'ର ଆଖି ସାମ୍ନାକୁ ଆସିଥାଏ। ପୁରୁଣା ଫଟୋ, ପୋଷ୍ଟ, ଚାଟ୍, ସ୍ମୃତି, ତ୍ରୁଟି ଯାହା ପୂର୍ବରୁ ମଣିଷ କରିଥାଏ ଡିଜିଟାଲ ହଣ୍ଟିଂ ମାଧ୍ୟମରେ ବାରମ୍ବାର ଆଖି ସାମ୍ନାକୁ ଆସି ମାନସିକ ଶାନ୍ତି ଭଙ୍ଗ କରେ। ଏପରିକି ଅନେକ ସମୟରେ ଏହା ସମ୍ପର୍କରେ ଫାଟ ମଧ୍ୟ ସୃଷ୍ଟି କରେ। ସରଳ ଭାଷାରେ କହିଲେ, କୌଣସି ପୁରୁଣା ସମ୍ପର୍କ ତଥା ଫଟୋ ଅଚାନକ ଟାଇମଲାଇନ୍‌ରେ ଦେଖାଇଲେ ମସ୍ତିଷ୍କ ସେହି ପୁରୁଣା କଥାକୁ ମନେପକାଇ ଅବସାଦ ମଧ୍ୟରେ ରୁହେ। ସେହିପରି ସାମାଜିକ ଗଣମାଧ୍ୟମ, ଦୁଇ ବର୍ଷ ତଳର ପୁରୁଣା ସ୍ମୃତିର ନୋଟିଫିକେସନ ପ୍ରେରଣ କରେ। ହେଲେ ସବୁ ସ୍ମୃତି ସୁଖଦ ହୋଇ ନ ଥାଏ। କିଛି ଫଟୋ ଅତୀତର କିଛି ତିକ୍ତ ଅନୁଭୂତି, ବ୍ରେକ୍‌ଅପ୍, ଏକାକୀତ୍ୱ କଥାକୁ ମନେ ପକାଇଦିଏ। ଏହା ଅତୀତର ସେହି ଯନ୍ତ୍ରଣାକୁ ପୁଣି ଥରେ ମନେ ପକାଇ ଦିଏ। ସେହିପରି ଏହାକୁ ଅତିକ୍ରମ କରି ଆଗକୁ ବଢ଼ୁଥିବା ଲୋକ ପୁଣି ଭାବପ୍ରବଣ ହୋଇ ଚିନ୍ତାରେ ବୁଡ଼ି ରହନ୍ତି। ଅବଶ୍ୟ ସମୟ ସହିତ ମଣିଷ ବଦଳୁଛି, ହେଲେ ଇଣ୍ଟରନେଟ୍ ନୁହେଁ। ମଣିଷ ବଦଳିଗଲେ ବି ପୋଷ୍ଟ କରାଯାଇଥିବା ପୁରୁଣା ଫଟୋ, ପୋଷ୍ଟ ବାରମ୍ବାର ସାମ୍ନାକୁ ଆସେ। ବେଳେ ବେଳେ ପୁରୁଣା ପରିଚୟ ବର୍ତ୍ତମାନ ସମୟ ସହିତ ମେଳ ଖାଇ ନ ଥାଏ। ପୁରୁଣା ଫଟୋ ତଥା ପୋଷ୍ଟ ଦେଖି ଲୋକେ ଜୀବନରେ ଆଗକୁ ବଢ଼ିଥିବା ଲୋକଟିକୁ ନେଇ ମନରେ ଭୁଲ ଧାରଣା ଆଣିଥାନ୍ତି। ଡିଜିଟାଲ ହଣ୍ଟିଂ କେବଳ ପୁରୁଣା ପୋଷ୍ଟ ପର୍ଯ୍ୟନ୍ତ ସୀମିତ ନାହିଁ, ଲାଷ୍ଟ ସିନ୍, ନୋଟିଫିକେସନ, ଟ୍ୟାଗ କରାଯାଇଥିବା ଫଟୋ ସେହିମାନଙ୍କୁ ମନେ ପକାଇ ଦିଏ, ଯେଉଁମାନଙ୍କଠାରୁ ଆମେ ଦୂରେଇ ଯାଇଥାଉ। ତେଣୁ ଏଥିରୁ ଦୂରେଇ ରହିବା ଲାଗି ପୁରୁଣା ପୋଷ୍ଟ, ଚାଟ୍, ଫଟୋ ଆଦିଗୁଡ଼ିକୁ ଡିଲିଟ୍ କରିଦେବା ଦରକାର। ସବୁଠୁ ବଡ଼ କଥା ହେଲା ସାମାଜିକ ଗଣମାଧ୍ୟମରେ ନୋଟିଫିକେସନକୁ ନିୟନ୍ତ୍ରିତ କରିବା ଉଚିତ। ଏହାବାଦ୍ ମଝିରେ ମଝିରେ ଡିଜିଟାଲ ଡିଟକ୍ସ ଆପଣାଇବା ଉପରେ ଗୁରୁତ୍ୱ ଦେବା ଦରକାର।



## ସମ୍ଭାବନା



# ନାନୋ ବାନାନା ଟ୍ରେଣ୍ଡ

**ଏଆଇ ଟୁଲ୍ ସାହାଯ୍ୟରେ ଫଟୋକୁ ଏଡିଟ୍ କରି ତାହାକୁ ସୋସିଆଲ ମିଡିଆରେ ସେୟାର୍ କରିବାର ଅଲଗା ଅଲଗା ଟ୍ରେଣ୍ଡ ଚାଲୁଛି। ଏହି କ୍ରମରେ ଏବେ ନାନୋ ବାନାନା ଟ୍ରେଣ୍ଡ ଚର୍ଚ୍ଚାରେ ଅଛି। ଏହି ଟ୍ରେଣ୍ଡରେ ଲୋକେ ନିଜ ଫଟୋକୁ ଥ୍ରୀଡି ମଡେଲରେ ବଦଳାଇ ସୋସିଆଲ ମିଡିଆରେ ସେୟାର୍ କରୁଛନ୍ତି।**



ନାନୋ ବାନାନା ଫଟୋ ତିଆରି କରିବା ଲାଗି ଗୁଗଲ ଏଆଇ ଜେମିନିର ବ୍ୟବହାର କରାଯାଉଛି। ଜେମିନି ୨.୫ ଫ୍ଲାସ୍‌କୁ ହିଁ ଲୋକେ ନାନୋ ବାନାନା ନାଁ ଦେଇଛନ୍ତି। ତେଣୁ ଏହି ଟ୍ରେଣ୍ଡର ନାଁ ନାନୋ ବାନାନା ହୋଇଛି। ଗୁଗଲର ଏଆଇ ଟୁଲ୍ ଜେମିନି ୨.୫କୁ ଯାଇ ସୋପାନ ଅନୁସାରେ, ଥ୍ରୀଡି ମଡେଲ ଫଟୋକୁ କ୍ରିଏଟ୍ କରିପାରିବେ। ତେବେ ପ୍ରଥମେ ଜେମିନି ୨.୫ରେ ନିଜର ଫଟୋକୁ ଅପଲୋଡ୍ କରିବାକୁ ହେବ। ଏହାପରେ ଏହାକୁ ଏଡିଟ୍ କରିବା ଲାଗି ଏକ ପ୍ରମ୍ପ୍ଟ ଦେବାକୁ ପଡ଼େ। ସେହିପରି ନିଜର ଫଟୋ ଅପଲୋଡ୍ କରିବା ପାଇଁ ପ୍ରଥମେ ନାନୋ ବାନାନା ମଡେଲ ବାଛିବାକୁ ହେବ। ଜେମିନିରେ ଏହାକୁ କଦଳୀ ଆଇକନ୍‌ରେ ଚିହ୍ନଟ କରାଯାଉଛି। ଏହି ଆଇକନ୍ ଉପରେ କ୍ଲିକ୍ କରିବା ପରେ ହିଁ ଫଟୋ ଅପଲୋଡ୍ କରିବାକୁ ହୁଏ। ସେହିପରି ଫଟୋକୁ ଥ୍ରୀଡି ମଡେଲରେ ବଦଳାଇବା ପାଇଁ ପ୍ରମ୍ପ୍ଟ ଦେବାକୁ ପଡ଼େ। ପ୍ରମ୍ପ୍ଟରେ ଫଟୋର ସାଇଜ, ବ୍ୟାକଗ୍ରାଉଣ୍ଡ ଏବଂ ପରିବେଶକୁ ବଦଳାଇବାର ନିର୍ଦ୍ଦେଶ ଜେମିନି ୨.୫କୁ ଦିଆଯାଏ। ତେବେ କିଛି ସେକେଣ୍ଡରେ ଏହା ମୂଳ ଫଟୋକୁ ଏଡିଟ୍ କରି ଏହାକୁ ନାନୋ ବାନାନା ବା ଥ୍ରୀଡି ମଡେଲରେ ବଦଳାଇ ଥାଏ। ଅନ୍ୟପଟେ ଗୁଗଲ ଇଣ୍ଡିଆ ଏହି ଫଟୋକୁ ତିଆରି କରିବାର ପ୍ରକ୍ରିୟାକୁ ସହଜ କରିବା ଲାଗି ଏକ୍ସରେ ଏକ ପ୍ରମ୍ପ୍ଟ ପୋଷ୍ଟ କରିଛି। ଏଥିରେ କେବଳ ସେହି ପ୍ରମ୍ପ୍ଟକୁ ପୋଷ୍ଟ କରି ସେଣ୍ଡରେ କ୍ଲିକ୍ କରିବାକୁ ହେବ। ସେହିପରି ନାନୋ ବାନାନାର ସୁବିଧା ଗୁଗଲ ଏଆଇର ଷ୍ଟୁଡିଓରେ ମାଗଣାରେ ଉପଲବ୍ଧ ଅଛି। କେହି ବି ଜେମିନି ୨.୫ର ମାଗଣା ବ୍ୟବହାର କରି ଏହି ଫଟୋକୁ ତିଆରି କରିପାରିବେ। ଏହାର ମାଗଣା ଉପଯୋଗ ସୀମିତ ଏବଂ ଅଧିକ ଫଟୋ ତିଆରି କରିବା ଲାଗି ବ୍ୟବହାରକାରୀଙ୍କୁ ଟଙ୍କା ଦେବାକୁ ପଡ଼ିବ। ଅନ୍ୟପଟେ ଏହି ଟ୍ରେଣ୍ଡ ସହିତ ଯୁବତୀମାନେ ଜେମିନି ଏଆଇ ଶାଢ଼ି ଟ୍ରେଣ୍ଡକୁ ଆପଣାଉଛନ୍ତି। ଯାହାକି ଖୁବ୍ ଭାଇରାଲ ହେଉଛି।

# ଚାକିରିର ଅଜବ ନିୟମ

**ଚାକିରିରେ ଲୋକଙ୍କୁ ବିଭିନ୍ନ କାଇଦା କାନୁନ୍ ମାନିବାକୁ ପଡ଼ିଥାଏ। ହେଲେ କିଛି ଦେଶରେ ଅଜବ ତଥା ନିଆରା ନିୟମ ଅଛି, ଯାହାକି ଚାକିରି ପାଇବା ଏବଂ ଚାକିରିକୁ ସୁରକ୍ଷିତ ରଖିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥାଏ।**



**ନ୍ୟୁଜିଲାଣ୍ଡ:** ଏଠାରେ ଅଫିସ୍‌ରେ କର୍ମଚାରୀଙ୍କୁ ଫନି ଟୋପି ପିନ୍ଧିବା ମନା। ଏଠାରେ କୌଣସି କର୍ମଚାରୀ ଏଭଳି କଲେ ୟୁନିଫର୍ମ କୋଡ୍ ଉଲ୍ଲଙ୍ଘନ ହୋଇଥାଏ। ଏ ଲାଗି ସେମାନଙ୍କର ଦରମାରୁ ୧୦ ପ୍ରତିଶତ କଟାଯାଏ। ଏଠାରେ ଏହାକୁ କଡ଼ାକଡ଼ି ପାଳନ କରାଯାଏ।

**ଜର୍ମାନୀ:** ସେହିପରି ଜର୍ମାନୀରେ ଓଭର୍ ଟାଇମ୍ କାମ କରିବା ମନା। ଧାର୍ଯ୍ୟ ସମୟ ସମୟଠାରୁ କର୍ମଚାରୀଙ୍କୁ ଅତିରିକ୍ତ କାମ କରାଇଲେ କଠିନ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଏ। ଏପରିକି ୱାର୍କିଂ ସମୟ ଶେଷ ହେବା ପରେ କର୍ମଚାରୀଙ୍କ ସହିତ ଯୋଗାଯୋଗ କରିବା ମନା। ଏହାର ଉଦ୍ଦେଶ୍ୟ ହେଉଛି କର୍ମଚାରୀଙ୍କ ବ୍ୟକ୍ତିଗତ ଜୀବନରେ ସନ୍ତୁଳନ ରକ୍ଷା କରିବା।

**ବ୍ରିଟେନ:** ଏଠାରେ କୌଣସି କମ୍ପାନିରେ ୧୦୦ରୁ ଅଧିକ କର୍ମଚାରୀ ଥିଲେ ସରକାରଙ୍କୁ ସୂଚନା ନ ଦେଇ କୌଣସି କର୍ମଚାରୀଙ୍କୁ ବହିଷ୍କୃତ କରାଯାଇପାରିବ ନାହିଁ। କର୍ମଚାରୀଙ୍କୁ ମାସେରୁ ତିନିମାସ ସମୟ ଦିଆଯାଏ। ଯେଭଳି ସେମାନେ ନୂଆ ଚାକିରି ଖୋଜି ନିଜକୁ ପ୍ରସ୍ତୁତ କରିବେ।

**ଜାପାନ:** ଜାପାନରେ ଲୋକଙ୍କ ଅଣ୍ଟା ମାପ ଦେଖି ଚାକିରି ପ୍ରଦାନ କରାଯାଏ। ପୁରୁଷଙ୍କ ଅଣ୍ଟା ୩୩.୫ ଇଞ୍ଚ ଏବଂ ମହିଳାଙ୍କର ୩୫.୪ ଇଞ୍ଚରୁ ଅଧିକ ନ ହେବା ଦରକାର। ଏହି ସୀମାଠାରୁ ଅଧିକ ହେଲେ କର୍ମଚାରୀଙ୍କୁ ଡାଏଟିଂ କ୍ଲାସ୍‌ରେ ସାମିଲ ହେବାକୁ ପଡ଼ିଥାଏ। ଏହାସହ ତିନି ମାସ ମଧ୍ୟରେ ସେମାନଙ୍କୁ ଓଜନ କମ୍ କରିବାକୁ ହୋଇଥାଏ।

# କ୍ୟାମ୍ପସ୍ ପାଇଁ ପ୍ରସ୍ତୁତି

**ପାଠପଢ଼ା ଶେଷ ହେବା ପରେ ଚାକିରି ପାଇଁ ସ୍ୱତନ୍ତ୍ର ପ୍ରସ୍ତୁତି ଆରମ୍ଭ ହୋଇଥାଏ। ବିଶେଷକରି କ୍ୟାମ୍ପସ୍ ସିଲେକସନ ସମୟ ଆସିଲେ ଛାତ୍ରଛାତ୍ରୀମାନେ ଏନେଇ ବିଶେଷ ପ୍ରକାର ପ୍ରସ୍ତୁତିରେ ଲାଗି ପଡ଼ନ୍ତି। ତେବେ କ୍ୟାମ୍ପସ୍ ଚୟନ ପ୍ରକ୍ରିୟାରେ ଭଲ ପ୍ରଦର୍ଶନ ପାଇଁ କିଭଳି ପ୍ରସ୍ତୁତି କରିବେ, ଜାଣିବା ସେ ସମ୍ପର୍କରେ...**

ଅନେକ ପିଲା ଭାବନ୍ତି ଭଲ ମାର୍କ ହିଁ ଚାକିରି ମିଳିବା ପାଇଁ ଯଥେଷ୍ଟ। ତେବେ କ୍ୟାମ୍ପସ୍ ସିଲେକସନ ସମୟରେ ଭଲ ମାର୍କ ରଖିବା ଯେତେକି ଜରୁରି, ତା'ଠୁ ବେଶି ଜରୁରି କଥାବାର୍ତ୍ତା କରିବାର ଉନ୍ନତ ଶୈଳୀ। ଉତ୍ତମ କମ୍ୟୁନିକେସନ ନ ଥିଲେ ଭଲ କମ୍ପାନିର ଚାକିରି ହରାଇବାର ଆଶଙ୍କା ବେଶି ଥାଏ। ଅବଶ୍ୟ ଅନେକ କମ୍ପାନି ଭଲ ମାର୍କ ସହ ପିଲାଙ୍କ କଥାବାର୍ତ୍ତା କରିବା ଶୈଳୀ ଉପରେ ଗୁରୁତ୍ୱ ଦେଉଛନ୍ତି। ଏହାବାଦ୍ ଏଥିପାଇଁ ଭଲ ବାୟୋଡାଟା ଗୁରୁତ୍ୱ ବହନ କରେ। ନିଜେ ନିଜ ବିଷୟରେ କିଛି କହିବା ପୂର୍ବରୁ ବାୟୋଡାଟା ସବୁ କିଛି କହିଥାଏ। ସେଥିପାଇଁ ଯେତେ ସମ୍ଭବ ନିଜ କାମ ଓ ନିଜ ବିଷୟରେ ଏଥିରେ ଉପସ୍ଥାପନ କରନ୍ତୁ।

ସେହିପରି ପୋଷାକ ମଧ୍ୟ ବ୍ୟକ୍ତିତ୍ୱକୁ ପରିପ୍ରକାଶ କରେ। ଏଣୁ ଭଲ ଡ୍ରେସ୍ ପିନ୍ଧିବା ଦରକାର। କେବଳ ଏତିକି ନୁହେଁ, ଏ ସବୁଠାରୁ ବେଶି ଜରୁରି ଆତ୍ମବିଶ୍ୱାସ। ବେଳେ ବେଳେ ଏମିତି ବି ହୁଏ, ସବୁ ଜାଣିଥିବେ, ଚାକିରି ଲାଗି ସମସ୍ତ ଗୁଣ ବି ଥିବ, ମାତ୍ର ଆତ୍ମବିଶ୍ୱାସ ଅଭାବରୁ ଚାକିରି ପାଇଁ ଯୋଗ୍ୟ ବିବେଚିତ ହୋଇ ନ ଥାନ୍ତି। ତେଣୁ ଏହି ସମୟରେ ଯାହା ବି ଯେତିକି କହିବେ, ଆତ୍ମବିଶ୍ୱାସର ସହ କହିବା ଜରୁରି।



# ଘୋଷ୍ଟିଂରୁ ହ୍ରାସ ପାଏ ଆତ୍ମବିଶ୍ୱାସ

କୌଣସି ବ୍ୟକ୍ତି କିଛି ନ କହି ଅଚାନକ କଲ, ମେସଜ ଓ କଥାବାର୍ତ୍ତାରୁ ଦୂରେଇ ଯିବାକୁ ଘୋଷ୍ଟିଂ କୁହାଯାଏ। ରୋମାଣ୍ଟିକ୍ ଲାଇଫରେ ଘୋଷ୍ଟିଂ ଜରୁରି ନୁହେଁ। ସାଙ୍ଗ ଓ ସହକର୍ମୀ ଅଚାନକ ସମ୍ପର୍କ ଭାଙ୍ଗି ଘୋଷ୍ଟ କରିପାରନ୍ତି। ମୁଖ୍ୟତଃ ଝଗଡ଼ାରୁ ରକ୍ଷା ପାଇବା, ସମ୍ପର୍କରୁ ଥକ୍କି ଯିବା, 'ନା' କହିବାର ସାହସ ରଖୁ ନ ଥିବା ଲୋକ ହିଁ ଘୋଷ୍ଟିଂକୁ ଆପଣାନ୍ତି। କିଛି ଲୋକ ଏମିତି କରି ସମସ୍ୟାରୁ ମୁକୁଳିବାର ସହଜ ଉପାୟ ବୋଲି ଭାବନ୍ତି। ବର୍ତ୍ତମାନ କାହା ସହିତ ଅଚାନକ ସମ୍ପର୍କ ଭାଙ୍ଗିବା ବହୁତ ସହଜ ହୋଇଗଲାଣି। ଏଭଳି କରିବା ଦ୍ୱାରା ପୀଡ଼ିତ ବ୍ୟକ୍ତିଙ୍କ ଉପରେ ଏହାର ଗଭୀର ପ୍ରଭାବ ପଡ଼େ। ଘୋଷ୍ଟିଂରୁ ପୀଡ଼ିତ ବ୍ୟକ୍ତି ଆତ୍ମବିଶ୍ୱାସ ଅଭାବକୁ




ସାମ୍ନା କରନ୍ତି। ସେମାନେ ଅସୁରକ୍ଷିତ ଅନୁଭବ କରନ୍ତି। ସେହିପରି ଏହା ଯୋଗୁଁ ନିଜ ଭିତରେ ଆତ୍ମଦ୍ୱନ୍ଦ୍ୱ ସୃଷ୍ଟି ହୁଏ। ଘୋଷ୍ଟ କରୁଥିବା ବ୍ୟକ୍ତି ମୁଖ୍ୟତଃ ସମସ୍ୟା ସାମ୍ନା କରିବାରୁ ରକ୍ଷା ପାଏ। ଏଭଳି କରି ସେମାନଙ୍କୁ ବାସ୍ତବ ପ୍ରସଙ୍ଗକୁ ସାମ୍ନା କରିବାର ସାହସ ମିଳେନି। ଡିଜିଟାଲ ସମ୍ପର୍କ ଏହି ସମୟରେ ଘୋଷ୍ଟିଂ ଏକ ବଡ଼ ସମସ୍ୟା। ଏହା ଅନ୍ୟର ଭାବନାକୁ ଅଣଦେଖା କରିବା ଏବଂ ଅନେକ ସମୟରେ ଏହା ମାନସିକ ସ୍ୱାସ୍ଥ୍ୟ ଉପରେ ପ୍ରଭାବ ପକାଏ। ସେହିପରି କେହି ଘୋଷ୍ଟ କରୁଥିଲେ ଏହାକୁ ନିଜ ଭୁଲ ବୋଲି ଭାବିବା ଅନୁଚିତ। ଆବଶ୍ୟକ ପଡ଼ିଲେ ବିଶ୍ୱାସଯୋଗ୍ୟ ଲୋକଙ୍କ ସହିତ ଏହି କଥା ସେୟାର୍ କରନ୍ତୁ। ନିଜର ଆତ୍ମସମ୍ମାନ ବଜାୟ ରଖନ୍ତୁ।

**ଏସିଆ କପ୍‌ରେ ହାତ ନ ମିଳାଇବାକୁ ନେଇ ବିବାଦ**

# ପାଇକ୍ରଫ୍ଟ ରହିବେ, ପାକିସ୍ତାନ ଓହରିପାରିବନି

ଦୁବାଇ,୧୬।୯ (ଏଜେନ୍ସି)





ପାକିସ୍ତାନ ଖେଳାଳିଙ୍କ ସହ ଭାରତୀୟ ଖେଳାଳି ହାତ ନ ମିଳାଇବାକୁ ନେଇ ସୃଷ୍ଟି ହୋଇଥିବା ବିବାଦର ପରିସମାପ୍ତି ହେବାକୁ ଯାଉଛି। ଭାରତ-ପାକିସ୍ତାନ ମ୍ୟାଚ୍‌ରେ ଟସ୍ ବେଳେ ମ୍ୟାଚ୍ ରେଫରି ଆଣ୍ଡି ପାଇକ୍ରଫ୍ଟ ହାତ ମିଳାଇବାକୁ ମନା କରିଥିବା ଅଭିଯୋଗ କରି ପାକିସ୍ତାନ କ୍ରିକେଟ ବୋର୍ଡ ଏସିଆ କପ୍‌ରୁ ତାଙ୍କ ବହିଷ୍କାର ଦାବି କରିଥିଲା। ଯଦି ତାଙ୍କୁ ବହିଷ୍କାର କରା ନ ଯାଏ ତେବେ ପାକିସ୍ତାନ ଚଳିତ ଏସିଆ କପ୍‌ରୁ ଓହରିଯିବାକୁ ମଧ୍ୟ ଧମକ ଦେଇଥିଲା। ଉଭୟ ଘଟଣାରେ ପାକିସ୍ତାନର ଦାବି ଅଗ୍ରାହ୍ୟ ହୋଇଯାଇଛି। ଆଣ୍ଡି ପାଇକ୍ରଫ୍ଟଙ୍କୁ ଏସିଆ କପ୍‌ରୁ ବିଦା କରିବାକୁ ଆଇସିସି ସ୍ପଷ୍ଟଭାବେ ମନା କରିଦେଇଛି। ଅନ୍ୟ ପକ୍ଷରେ ପାକିସ୍ତାନ ଓହରିଯିବ ବୋଲି ଯେଉଁ ଧମକ ବୋର୍ଡ ସଭାପତି ଦେଇଥିଲେ ତାହା ମଧ୍ୟ କରିପାରିବ ନାହିଁ ବୋଲି ପାକିସ୍ତାନ କ୍ରିକେଟ ବୋର୍ଡ ସୂତ୍ରରୁ ଜଣାଯାଇଛି। ଏହା ଫଳରେ ପାକିସ୍ତାନ ଉଭୟ ଘଟଣାରେ ଲୋକହସା ହୋଇଛି। ପାକିସ୍ତାନର ପରବର୍ତ୍ତୀ ମୁକାବିଲା ୟୁଏଇ ସହ ହେବ। ପାକିସ୍ତାନ ରାଜନୀତିରେ ଘଡିକୋ ଘୋଡା ଛୁଟୁଥିଲାବେଳେ ମ୍ୟାଚ୍ ପୂର୍ବରୁ ଦଳର ନିଷ୍ପତ୍ତି କ'ଣ ହେବ ତାହା ଜଣାପଡ଼ିବ।

## ପାକ୍ ଦାବିକୁ ଆଇସିସିର ଅଗ୍ରାହ୍ୟ

ମ୍ୟାଚ୍‌ରେ ଟସ୍ ପଡ଼ିବା ପରେ ଦୁଇ ପ୍ରତିଦ୍ୱନ୍ଦ୍ୱୀ ଅଧିନାୟକ ପରସ୍ପର ସହ ହାତ ମିଳାଇବାର ପରମ୍ପରା ଆରମ୍ଭରୁ ରହିଆସିଛି। କିନ୍ତୁ ଭାରତ ଓ ପାକିସ୍ତାନ ମଧ୍ୟରେ ରବିବାର ଖେଳାଯାଇଥିବା ମ୍ୟାଚରେ ଏହା ଦେଖିବାକୁ ମିଳି ନ ଥିଲା। ଭାରତର ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଓ ପାକିସ୍ତାନୀ ଅଧିନାୟକ ସଲମାନ୍ ଅଲି ଆଘା ପରସ୍ପର ସହ ହାତ ମିଳାଇ ନ ଥିଲେ। ଟସ୍ ବେଳେ ପଡ଼ିଆରେ ଉପସ୍ଥିତ ଥିବା ମ୍ୟାଚ୍ ରେଫରି ଆଣ୍ଡି ପାଇକ୍ରଫ୍ଟ ହାତ ନ ମିଳାଇବାକୁ କୁଆଡେ ସଲମାନ ଅଲିଙ୍କୁ କହିଥିଲେ। ଏଭଳି ଏକ ଅଭିଯୋଗ ପାକିସ୍ତାନ କ୍ରିକେଟ ବୋର୍ଡ ପକ୍ଷରୁ ବିଧିବଦ୍ଧ ଭାବେ କରାଯାଇଥିଲା। ପାଇକ୍ରଫ୍ଟ ଏଭଳି ନିର୍ଦ୍ଦେଶ ଦେବା ଫଳରେ ସ୍ପିରିଟ ଅଫ୍ ଦ ଗେମ୍ ଓ ଏମ୍‌ସିସି ନିୟମକୁ ଉଲ୍ଲଙ୍ଘନ କରିଥିବା ପାକିସ୍ତାନ କ୍ରିକେଟ ବୋର୍ଡ ଅଭିଯୋଗ କରିଥିଲା। ଏଥିଲାଗି ପାଇକ୍ରଫ୍ଟଙ୍କୁ ଏସିଆ କପ୍‌କୁ ତୁରନ୍ତ ବିଦା କରିବାକୁ ପାକିସ୍ତାନ କ୍ରିକେଟ ବୋର୍ଡ କ୍ରିକେଟର ସର୍ବୋଚ୍ଚ ସଂସ୍ଥା ଆଇସିସି ନିକଟରେ ଅଭିଯୋଗ କରିଥିଲା। କିନ୍ତୁ ପାଇକ୍ରଫ୍ଟଙ୍କୁ ବିଦା କରାଯିବ ନାହିଁ ବୋଲି ପାକିସ୍ତାନର ଦାବିକୁ ଆଇସିସି ସିଧାସଳଖ ମନାକରିଦେଇଥିଲା। ଏହା ଫଳରେ ପାଇକ୍ରଫ୍ଟଙ୍କୁ ନେଇ ପାକିସ୍ତାନ ଯେଉଁ ବିବାଦ ସୃଷ୍ଟି କରିବାକୁ ଚାହୁଁଥିଲା ତାହା ଫସର ଫାଟିଯାଇଛି।

ଆଇସିସି ଆଚରଣ ସଂହିତାରେ ସ୍ପଷ୍ଟ ଭାବେ ଉଲ୍ଲେଖ ରହିଛି, 'ପ୍ରତିଦ୍ୱନ୍ଦ୍ୱୀଙ୍କୁ ସେମାନଙ୍କ ସଫଳତାରେ ଅଭିନନ୍ଦନ ଜଣାଅ ଏବଂ ନିଜ ଦଳ ସହ ଖେଳକୁ ଉପଭୋଗ କର। ମ୍ୟାଚ୍‌ର ଫଳାଫଳ ଯାହା ହେଉନା କାହିଁକି ପ୍ରତିଦ୍ୱନ୍ଦ୍ୱୀ ଦଳର କର୍ମକର୍ତ୍ତା ଓ ମ୍ୟାଚ୍ ପରିଚାଳନା କରୁଥିବା କର୍ମକର୍ତ୍ତାଙ୍କୁ ଧନ୍ୟବାଦ ଦିଅ।' ଏହା ସହ ଆଇସିସି ଆଚରଣ ସଂହିତାର ଧାରା ୨.୧.୧.ରେ ସ୍ପଷ୍ଟ ଉଲ୍ଲେଖ ରହିଛି ଖେଳବେଳେ କିମ୍ବା ଖେଳଶେଷରେ ସ୍ପିରିଟ୍ ଅଫ ଦି ଗେମ୍‌ର ବିରୋଧାଚରଣ କଲେ ଲେଭଲ-୧ ଅପରାଧ ଭାବେ ବିବେଚନା କରାଯିବ। ଏଯାଏ ତ ଭାରତ ଉପରେ କୌଣସି ଦଣ୍ଡ ବିଧାନ କରାଯାଇନାହିଁ, କିନ୍ତୁ କ୍ରିକେଟ ଖେଳରେ ଯେଉଁ ସ୍ପିରିଟ୍ ଅଫ୍ ଗେମ୍ ଥିଲା ତାହା ଏହି ଘଟଣାରେ ନଷ୍ଟ ହୋଇଯାଇଛି। ପରମ୍ପରା ଯାଇଛି, ବିବାଦ ସୃଷ୍ଟି ହୋଇଛି ଓ ଅଣଖେଳଓ୍ୱାଡ ମନୋଭାବ ପୋଷଣ କରାଯାଇଛି। ପାକିସ୍ତାନ ପକ୍ଷରୁ କରାଯାଇଥିବା ଅଭିଯୋଗରେ ମଧ୍ୟ ମ୍ୟାଚ୍ ରେଫରି ତାଙ୍କ ଦାୟିତ୍ୱ ଠିକ୍ ଭାବେ ପାଳନ କରିନାହାନ୍ତି ବୋଲି ଦର୍ଶାଯାଇଛି। ସେ ଯାହା ହେଉ ମ୍ୟାଚ୍ ରେଫରି ପାଇକ୍ରଫ୍ଟଙ୍କୁ ବହିଷ୍କାର କରିବା ଲାଗି ହୋଇଥିବା ଦାବିକୁ ଆଇସିସି ଅଗ୍ରାହ୍ୟ କରିବା ପରେ ପାକିସ୍ତାନ ଏବେ କି ନିଷ୍ପତ୍ତି ନେବ ତାହାକୁ ଅପେକ୍ଷା କରାଯାଉଛି।

## ଟୁର୍ଣ୍ଣାମେଣ୍ଟରୁ ଓହରିବା ନିଷ୍ପତ୍ତି କଷ୍ଟକର

ପାଇକ୍ରଫ୍ଟଙ୍କୁ ବହିଷ୍କାର କରା ନଗଲେ ଟୁର୍ଣ୍ଣାମେଣ୍ଟରୁ ଓହରିଯିବାକୁ ପାକିସ୍ତାନ କ୍ରିକେଟ ବୋର୍ଡର ସଭାପତି ମୋହସିନ ନକ୍‌ଭୀ ଗତକାଲି ଧମକ ଦେଇଥିଲେ। ଏବେ ପାଇକ୍ରଫ୍ଟଙ୍କୁ ବହିଷ୍କାର କରାଯିବ ନାହିଁ ବୋଲି ଆଇସିସି ସ୍ପଷ୍ଟ କରିଛି। ପାକିସ୍ତାନ କ୍ରିକେଟ ବୋର୍ଡ ଏହି ଖବର ଗୋଟିଏ ଦିନ ଆଗରୁ ଜାଣିସାରିଛି। କିନ୍ତୁ ଏହା ମଧ୍ୟରେ କୌଣସି ନିଷ୍ପତ୍ତି ନେଇପାରି ନାହିଁ ପିସିବି। କିନ୍ତୁ ପିସିବିର ଆଭ୍ୟନ୍ତରୀଣ ସୂତ୍ରରୁ ଜଣାଯାଇଛି, ଟୁର୍ଣ୍ଣାମେଣ୍ଟରୁ ପାକିସ୍ତାନ ଓହରିବା କଷ୍ଟକର। ପାକିସ୍ତାନ ଯଦି ଟୁର୍ଣ୍ଣାମେଣ୍ଟରୁ ଓହରିଯାଏ, ତେବେ ରାଜିନାମା ଅନୁଯାୟୀ ବିପୁଳ ପରିମାଣରେ ଅର୍ଥ ଦଣ୍ଡ ଆକାରରେ ଦେବାକୁ ହେବ। ଏବେ ଜଣେ ଭାରତୀୟ ଜୟ ଶାହ ଆଇସିସିର ସଭାପତି ରହିଛନ୍ତି। ଏଣୁ ଆର୍ଥିକ ଦଣ୍ଡର ପରିମାଣ ଆଦୌ କମିବ ନାହିଁ। ଯେଉଁ ଅର୍ଥ ଦଣ୍ଡ ଆକାରରେ ଦିଆଯିବ, ସେତିକି ଅର୍ଥ ପାକିସ୍ତାନ କ୍ରିକେଟ ବୋର୍ଡ ନିକଟରେ ନାହିଁ। ବିଶେଷକରି ଚାମ୍ପିଅନ୍ସ ଟ୍ରଫି ଆୟୋଜନ ଲାଗି ପ୍ରମୁଖ ଷ୍ଟାଡିୟମ୍‌ର ନବୀକରଣରେ ବହୁତ ଅର୍ଥ ବ୍ୟୟ କରାଯାଇଛି। ପାକିସ୍ତାନକୁ ଖେଳିବାକୁ ଭାରତ ନ ଯିବାରୁ ଅନେକ କ୍ଷତି ସହିଛି ବୋର୍ଡ। ଏଣୁ ବୋର୍ଡ ଏତେ ପରିମାଣରେ ଅର୍ଥ ଦେବାକୁ ସକ୍ଷମ ନୁହେଁ। ଯଦି ସରକାର ଚାହାନ୍ତି, ତେବେ ଓହରିବା ନିଷ୍ପତ୍ତି କାର୍ଯ୍ୟକାରୀ ହୋଇପାରେ ବୋଲି ସମ୍ପୃକ୍ତ କର୍ମକର୍ତ୍ତାଜଣଙ୍କ କହିଛନ୍ତି।

# 'କର ବା ମର' ସ୍ଥିତିରେ ପାକ୍, ୟୁଏଇ

ଦୁବାଇ, ୧୬।୯: ଚଳିତ ଏସିଆ କପ୍‌ରେ ଗ୍ରୁପ୍ 'ଏ'ରୁ ପ୍ରଥମ ଦଳ ଭାବେ ସୁପର-୪ରେ ପ୍ରବେଶ କରିଛି ଭାରତ। ଓମାନ୍‌କୁ ୟୁଏଇ ପରାସ୍ତ କରିବା ପରେ ଭାରତର ସୁପର-୪ ଖେଳିବା ନିଶ୍ଚିତ ହୋଇଛି। ଓମାନ୍ ବିଦାୟ ନେଇଥିବା ବେଳେ ଗୋଟିଏ ସୁପର-୪ ସ୍ଥାନ ପାଇଁ ଦୁଇ ଦାବିଦାର ହେଲେ ପାକିସ୍ତାନ ଓ ୟୁଏଇ। ବୁଧବାର ପାକିସ୍ତାନ ଓ ୟୁଏଇ ମଧ୍ୟରେ ଗ୍ରୁପ୍ 'ଏ' ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍ ନକ୍‌ଆଉଟ୍ ପରି। ଏହି ମ୍ୟାଚ୍‌ର ବିଜେତା ସୁପର-୪ ଖେଳିବ ଏବଂ ପରାଜିତ ଦଳ ବିଦାୟ ନେବ। ତେଣୁ ଏହି ମ୍ୟାଚ୍ ଉପରେ ସମସ୍ତଙ୍କ ନଜର ରହିବ। ହେଲେ ପାକିସ୍ତାନ ଖେଳାଳିଙ୍କ ସମସ୍ତ ଧ୍ୟାନ ଏହି ମ୍ୟାଚ୍ ଉପରେ ରହିବ କି ନାହିଁ; ତାହା କହିବା କଷ୍ଟକର। ଭାରତ ବିପକ୍ଷରେ ମ୍ୟାଚ୍‌ରେ ଉଭୟ ଦଳର ଖେଳାଳି ହାତ ନ ମିଳାଇବା ଘଟଣାକୁ ନେଇ କ୍ରିକେଟ୍ ଜଗତରେ ତୁମ୍ବି ତୋଫାନ ଚାଲିଛି। ଭାରତୀୟ ଦଳ ଏହି ମ୍ୟାଚ୍‌କୁ ଏକତରଫା ଭାବେ ଜିତି ପାକିସ୍ତାନକୁ ଲଜ୍ଜିତ କରିଛି। ଏସିଆ କପ୍‌ରୁ ପାକିସ୍ତାନ ଓହରିଯିବ ବୋଲି ଧମକ ଦେଇଥିଲେ ହେଁ ଏହାର ସମ୍ଭାବନା କମ୍। ସବୁ ବିବାଦକୁ ଭୁଲି ପାକିସ୍ତାନ ଦଳକୁ ୟୁଏଇ ବିପକ୍ଷ ମ୍ୟାଚ୍‌କୁ ଏକାଗ୍ର ହୋଇ ଖେଳିବାକୁ ପଡ଼ିବ। କାରଣ ୟୁଏଇ ଭଳି ଦୁର୍ବଳ ଦଳଠାରୁ ପରାଜୟ ପାକିସ୍ତାନର ଅପମାନକୁ ଦ୍ୱିଗୁଣିତ କରିବ। ଓମାନ୍ ବିପକ୍ଷରେ ପାକିସ୍ତାନ ପ୍ରଥମ ମ୍ୟାଚ୍ ଜିତିଥିଲେ ହେଁ ମହମ୍ମଦ ହାରିସ୍‌ଙ୍କୁ ଛାଡ଼ି ଅନ୍ୟ କେହି ବଡ଼ ସ୍କୋର୍ କରି ପାରିନଥିଲେ। ଓପନର ସାହେବ୍‌ଜାଦା ଫର୍‌ହାନ ଓମାନ୍ ଓ ଭାରତ ବିପକ୍ଷ ମ୍ୟାଚ୍‌ରେ କିଛି ରନ୍ କରିଥିଲେ ହେଁ ଅତ୍ୟନ୍ତ ଧିମା ବ୍ୟାଟିଂ କରିଛନ୍ତି। ଓପନର ସେମ୍ ଆୟୁବ ଓ ଅଧିନାୟକ ସଲ୍‌ମାନ ଆଗା ଉଭୟ ମ୍ୟାଚ୍‌ରେ ବିଫଳ ହୋଇଛନ୍ତି। ଅଭିଜ୍ଞ ଫଖର ଜମାନ୍ ମଧ୍ୟ ବଡ଼ ସ୍କୋର୍ କରି ପାରିନାହାନ୍ତି। ହାସନ୍ ନୱାଜ୍ ଭଲ ବ୍ୟାଟ୍‌ସମ୍ୟାନ ବୋଲି କୁହାଯାଉଥିଲେ ହେଁ ସେ ଭଲ ପ୍ରଦର୍ଶନ କରି ପାରିନାହାନ୍ତି।

## ସାମ୍ବାଦିକ ସମ୍ମିଳନୀ ବାତିଲ କଲା ପାକିସ୍ତାନ

ଦୁବାଇ: ଏସିଆ କପ୍‌ରେ ପାକିସ୍ତାନ ପିଛା ଛାଡୁନି ବିବାଦ। ଆସନ୍ତାକାଲି ୟୁଏଇ ସହ ହେବାକୁ ଥିବା କର ଅବା ମର ମୁକାବିଲା ପୂର୍ବରୁ ଆଜି ହେବାକୁ ଥିବା ନିୟମିତ ସାମ୍ବାଦିକ ସମ୍ମିଳନୀକୁ ପାକିସ୍ତାନ ବାତିଲ କରିଛି। ଏହା ଫଳରେ ପାକିସ୍ତାନ ଆଉ ଏକ ବିବାଦ ଘେରକୁ ଆସିଛି। ଭାରତୀୟ ଖେଳାଳିଙ୍କ ସହ ପାକିସ୍ତାନ ଖେଳାଳିଙ୍କୁ ହାତ ମିଳାଇବାକୁ ବାରଣ କରିଥିବା ଅଭିଯୋଗରେ ମ୍ୟାଚ୍ ରେଫରି ଆଣ୍ଡି ପାଇକ୍ରଫ୍ଟଙ୍କୁ ଟୁର୍ଣ୍ଣାମେଣ୍ଟରୁ ବହିଷ୍କାର କରିବାକୁ ପାକିସ୍ତାନ କ୍ରିକେଟ ବୋର୍ଡ ଦାବି କରିଥିଲା। ତାଙ୍କୁ ବହିଷ୍କାର କରା ନ ଗଲେ ପାକିସ୍ତାନ ଟୁର୍ଣ୍ଣାମେଣ୍ଟରୁ ଓହରିବାକୁ ଧମକ ଦେଇଥିଲା। ପାଇକ୍ରଫ୍ଟଙ୍କୁ ବହିଷ୍କାର କରିବାକୁ ଆଇସିସି ମନା କରିବା ପରେ ଆଜି ପାକିସ୍ତାନ ସାମ୍ବାଦିକ ସମ୍ମିଳନୀକୁ ଆସି ନ ଥିଲା।

**ଆଜିର ମ୍ୟାଚ୍**

DP WORLD ASIA CUP 2025

**ପାକିସ୍ତାନ-ୟୁଏଇ**

ସ୍ଥାନ : ଦୁବାଇ

ଖେଳ ଆରମ୍ଭ : ରାତି ୮ଟା

ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ

## ତାନଜିଦ୍ ହାସନଙ୍କ ଅର୍ଦ୍ଧଶତକ

ଦୁବାଇ,୧୬।୯ (ଏଜେନ୍ସି): ଆଫଗାନିସ୍ତାନ ବିପକ୍ଷ ଗ୍ରୁପ୍-ବି'ର ଆଜି ଅନୁଷ୍ଠିତ ଗୁରୁତ୍ୱପୂର୍ଣ୍ଣ ଏସିଆ କପ୍ ମୁକାବିଲାରେ ବାଂଲାଦେଶର ଓପନର ତାନ୍‌ଜିଦ୍ ହାସନ ଅର୍ଦ୍ଧଶତକ ହାସଲ କରିଛନ୍ତି। ସେ ୩୧ ବଲ୍‌ରୁ ୪ ଚୌକା ଓ ୩ଛକା ସହ ୫୨ ଏବଂ ଅନ୍ୟତମ ଓପନର ସୈଫ ହାସନ ୨୮ ବଲ୍‌ରେ ୩୦ ରନ୍



କରିବା ଫଳରେ ପ୍ରଥମେ ବ୍ୟାଟିଂ କରିଥିବା ବାଂଲାଦେଶ ନିର୍ଦ୍ଧାରିତ ୨୦ ଓଭରରେ ୫ ୱିକେଟ ହରାଇ ୧୫୪ ରନ୍ କରିଥିଲା। ଦଳ ଏକଦା ୧୩ ଓଭରରେ ୧୦୪ ରନ୍ କରିଥିଲେ ମଧ୍ୟ ଆଫଗାନ ବୋଲର ଶେଷ ୭ ଓଭରରେ ମାତ୍ର ୫୦ ରନ୍ ଦେଇ ବାଂଲାଦେଶକୁ ଏକ ଛୋଟିଆ ସ୍କୋରରେ ଅଟକାଇଥିଲେ। ଏହି ସମୟରେ ତୋହିଦ୍ ହୃଦୟ ୨୦ ବଲ୍‌ରେ ୨୬ ରନ୍ କରିବା ଫଳରେ ଦଳ ଦେଢ଼ଶ ରନ୍ ଅତିକ୍ରମ କରିଥିଲା। ପ୍ରତିପକ୍ଷ ଦଳର ଅଧିନାୟକ ରଶିଦ୍ ଖାନ୍ ଓ ନୁର ଅହମ୍ମଦ୍ ୨ଟି ଲେଖାଏଁ ୱିକେଟ ପାଇଥିଲେ। ଜବାବରେ ୬ ଓଭର ଖେଳ ଶେଷସୁଦ୍ଧା ଆଫଗାନିସ୍ତାନ ୨ ୱିକେଟ ହରାଇ ୨୭ ରନ୍ ସଂଗ୍ରହ କରିନେଇଛି। ସେଦିକୁଲା ଅଟଲ ୦ ଓ ଇବ୍ରାହିମ୍ ଜଦ୍ରାନ ୫ ରନ୍‌ରେ ସ୍ପିନର ନାସୁମ ଅହମ୍ମଦ୍‌ଙ୍କ ଦ୍ୱାରା ଆଉଟ ହୋଇଛନ୍ତି।

## ଜାନୁଆରୀରେ ମହିଳା ପ୍ରିମିୟର ଲିଗ୍

ନୂଆଦିଲ୍ଲୀ,୧୬।୯ (ଏଜେନ୍ସି): ମହିଳା ପ୍ରିମିୟର ଲିଗ୍‌ର ଚତୁର୍ଥ ସଂସ୍କରଣ ୨୦୨୬ ଜାନୁଆରୀ ପ୍ରଥମ ସପ୍ତାହରେ ଖେଳାଯିବ ବୋଲି ବିସିସିଆଇ ସୂତ୍ରରୁ ଜଣାଯାଇଛି। ଏହି ଟୁର୍ଣ୍ଣାମେଣ୍ଟର ତାରିଖ ଓ ଭେନ୍ୟୁ ସ୍ଥିର ହୋଇନାହିଁ। କିନ୍ତୁ ଆଇପିଏଲ୍ ପରି ଡବ୍ଲ୍ୟୁପିଏଲ୍‌କୁ ସ୍ୱତନ୍ତ୍ର ୱିଣ୍ଡୋ ଦିଆଯାଇଥିବାରୁ ଏହା ୨୬ରୁ ୨୭ ଦିନରେ ଶେଷ ହେବ ବୋଲି ସ୍ପଷ୍ଟ ହୋଇଛି। ଏଣୁ ଟୁର୍ଣ୍ଣାମେଣ୍ଟ ଜାନୁଆରୀ ୬ କିମ୍ବା ୮ରୁ ଆରମ୍ଭ ହେବ ବୋଲି ଏଥିରୁ ସ୍ପଷ୍ଟ ହେଉଛି। ଟୁର୍ଣ୍ଣାମେଣ୍ଟରେ ମୋଟ ୨୨ଟି ମ୍ୟାଚ୍ ଖେଳାଯିବ। ଏଣୁ ବିସିସିଆଇ ଅଧିକ ଦିନ ନେବନାହିଁ। ତେବେ ଏହି ସଂସ୍କରଣରେ ପୂର୍ବପରି ୫ଟି ଦଳ ଖେଳିବେ ନା ଅଧିକ, ମ୍ୟାଚ୍ ଫି ବଢ଼ିବା ଆଦି ଘଟଣା ଦେଖିବାକୁ ମିଳିବ କି ନାହିଁ ତାହା ଏଯାଏ ସ୍ପଷ୍ଟ ହୋଇନାହିଁ। ଏଣୁ ସମର୍ଥକମାନେ ବିସିସିଆଇର ନିଷ୍ପତ୍ତିକୁ ଅପେକ୍ଷା କରି ରହିଛନ୍ତି।

## ମନ୍ଧାନା ଦିନିକିଆରେ ନଂ-୧ ବ୍ୟାଟର

ଦୁବାଇ,୧୬।୯ (ସମିସ): ଭାରତୀୟ ଓପନର ସ୍ମୃତି ମନ୍ଧାନା ପୁଣିଥରେ ଦିନିକିଆ ମହିଳା ଅନ୍ତର୍ଜାତୀୟ କ୍ରିକେଟରେ ନଂ-୧ ମାନ୍ୟତା ହାସଲ କରିଛନ୍ତି। ନିକଟରେ ଅଷ୍ଟ୍ରେଲିଆ ସହ ଖେଳାଯାଇଥିବା ଅଷ୍ଟ୍ରେଲିଆ ବିପକ୍ଷ ପ୍ରଥମ ଦିନିକିଆରେ ୬୩ ବଲ୍‌ରୁ



୫୮ ରନ୍ କରିବା ଫଳରେ ଆଇସିସି ଦିନିକିଆ ବ୍ୟାଟିଂ ମାନ୍ୟତାରେ ନଂ-୧ ସ୍ଥାନକୁ ଫେରିଛନ୍ତି। ଏହି ସ୍ଥାନରେ ଥିବା ଇଂଲଣ୍ଡର ନାଟାଲି ସିଭର-ବ୍ରଣ୍ଟ ନଂ-୨ ସ୍ଥାନକୁ ଫେରିଛନ୍ତି। ସର୍ବଶେଷ ମାନ୍ୟତା ଅନୁଯାୟୀ ସ୍ମୃତିଙ୍କ ୭୩୫ ଓ ବ୍ରଣ୍ଟଙ୍କର ୭୩୧ ରେଟିଂ ପଏଣ୍ଟ ରହିଛି। ଅନ୍ୟ ଭାରତୀୟ ଖେଳାଳିଙ୍କ ମଧ୍ୟରେ ଓପନର ପ୍ରତୀକା ରାୱଲ ୪୨, ହର୍ଲିନ ଦେଓଲ ୫୪ତମ ସ୍ଥାନକୁ ଉନ୍ନୀତ ହୋଇଛନ୍ତି।

**ପ୍ରଥମ ଅନ୍‌ଅଫିସିଆଲ୍ ଟେଷ୍ଟ**

## ସାମ୍ କୋନ୍‌ଷ୍ଟାସ୍‌ଙ୍କ ଶତକ

ଲକ୍ଷ୍ନୌ,୧୬।୯ (ଏଜେନ୍ସି): ଯୁବ ଖେଳାଳି ସାମ କୋନଷ୍ଟାସ୍ ଫର୍ମକୁ ଫେରିଛନ୍ତି। ଏଠାରେ ଆଜି ଆରମ୍ଭ ହୋଇଥିବା ଭାରତ-ଏ' ବିପକ୍ଷ ପ୍ରଥମ ଅନ୍‌ଅଫିସିଆଲ ଟେଷ୍ଟ ମ୍ୟାଚ୍‌ରେ ପ୍ରଥମ ଦିନରେ ସେ ଶତକ ହାସଲ କରିଛନ୍ତି। ୧୯ ବର୍ଷୀୟ ଓପନର ୧୦୯ ଓ ଅନ୍ୟତମ ଓପନର କ୍ୟାମ୍ପବେଲ କେଲାୱେ ୮୮ ରନ୍ କରିବା ଫଳରେ ପ୍ରଥମ ଦିନ ଖେଳ ଶେଷ ବେଳକୁ ଅଷ୍ଟ୍ରେଲିଆ-ଏ' ପ୍ରଥମ ଇନିଂସରେ ୫ ୱିକେଟରେ ହରାଇ ୩୩୭ ରନ୍ ସ୍କୋର କରିଛି। ଷ୍ଟମ୍ପ ଅପସାରଣ ବେଳକୁ ଲିଆମ ସ୍କଟ ୭୦ ଓ ୱିକେଟରକ୍ଷକ ଜୋଶ ଫିଲିପ୍ ୩ ରନ୍‌ରେ ବ୍ୟାଟିଂ କରୁଥିଲେ। ଅନ୍ୟମାନଙ୍କ ମଧ୍ୟରେ ୨୨ ବର୍ଷୀୟ ଅଲରାଉଣ୍ଡର କୁପର କୋନୋଲୀ ୭୦ ରନ୍‌ର ଉଲ୍ଲେଖନୀୟ ପାଳି ଖେଳିଛନ୍ତି। ଅଧିନାୟକ ନାଥାନ ମ୍ୟାକ୍‌ସ୍ୱିନୀ ୧ ଓ ଅଲିଭର ପିକ୍ ୨ ରନ୍ କରି ଏଠାରେ କ୍ଲିକ୍ କରିପାରି ନାହାନ୍ତି। ଭାରତ ପକ୍ଷରୁ ବାମହାତି ସ୍ପିନର ହର୍ଷ ଦୁବେ ସର୍ବାଧିକ ୩ଟି, ଖଲୀଲ ଅହମ୍ମଦ୍ ଓ ଗୁରନୁର ବ୍ରାର୍ ଗୋଟିଏ ଲେଖାଏଁ ୱିକେଟ ହାସଲ କରିଛନ୍ତି। ବର୍ତ୍ତମାନ ଫର୍ମରେ ଥିବା ଫାଷ୍ଟ ବୋଲର ପ୍ରସିଦ୍ଧ କ୍ରିଷ୍ଣା ଓ ସ୍ପିନ୍ ଅଲରାଉଣ୍ଡର ତନୁସ କୋଟିଆନଙ୍କୁ କୌଣସି ସଫଳତା ମିଳିନାହିଁ।

**ଓପିଟିଏଲ: ୬ ଦଳର ଜର୍ସି ଉନ୍ମୋଚିତ**

# ରାଜ୍ୟସ୍ତରୀୟ ଲିଗ୍ ଆଇପିଏଲ ପାଇଁ ଫିଡର୍: ଇର୍ଫାନ



କଟକ,୧୬।୯ (ସମିସ): ବୁଧବାରଠାରୁ ବାରବାଟୀ ଷ୍ଟାଡିୟମରେ ଆରମ୍ଭ ହେବ ଓଡ଼ିଶା ପ୍ରୋ ଟି-୨୦ ଲିଗ୍। ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏବଂ ଆରିଭା ସ୍ପୋର୍ଟସର ମିଳିତ ଆନୁକୂଲ୍ୟରେ ହେବାକୁ ଥିବା ଏହି ଲିଗ୍ ନିମନ୍ତେ ପ୍ରସ୍ତୁତି ଶେଷ ହୋଇଛି। ଆଜି ଚହଟାସ୍ଥିତ ଏକ ହୋଟେଲରେ ୬ଟି ଯାକ ଦଳର ଜର୍ସି ଉନ୍ମୋଚନ କରାଯାଇଥିଲା। ଲିଗ୍‌ର ବ୍ରାଣ୍ଡ ଆମ୍ବାସଡର ପୂର୍ବତନ ଅନ୍ତର୍ଜାତୀୟ କ୍ରିକେଟର ଇର୍ଫାନ ପଠାନ୍ ଯୋଗ ଦେଇ ଓଡ଼ିଶା କ୍ରିକେଟର ନିରନ୍ତର ବିକାଶ ଉତ୍ସାହଜନକ ବୋଲି କହିଥିଲେ। ରାଜ୍ୟସ୍ତରୀୟ ଲିଗ୍ ଗୁଡିକ ଆଇପିଏଲ ପାଇଁ ଫିଡର ଭଳି କାର୍ଯ୍ୟ କରେ। ଓଡ଼ିଶାର ଖେଳାଳିମାନଙ୍କ ଉପରେ ନଜର ରହିଛି। ଲିଗ୍ ଅନେକ ଖେଳାଳିଙ୍କୁ ଏକ ଉପଯୁକ୍ତ ପ୍ଲାଟଫର୍ମ ଯୋଗାଇବ ବୋଲି ଇର୍ଫାନ କହିଥିଲେ। କାର୍ଯ୍ୟକ୍ରମରେ ସମସ୍ତ ଦଳର ଅଧିନାୟକ, ବିଭିନ୍ନ ଦଳର ଆମ୍ବାସଡର ନରେନ୍ଦ୍ର ହିରୱାନି, ଶ୍ରୀତମ ଦାସ, ଏଲିନା ସାମନ୍ତରାୟ, ସୁପ୍ରିୟା ନାୟକ, ଶୈଳେନ୍ଦ୍ର ସାମନ୍ତରାୟ, ଶୀତଲ ଦାସ ପ୍ରମୁଖ ଯୋଗ ଦେଇଥିଲେ। ଓସିଏ ସମ୍ପାଦକ ସଞ୍ଜୟ ବେହେରା, କୋଷାଧ୍ୟକ୍ଷ ବିକାଶ ପ୍ରଧାନ, ଯୁଗ୍ମ ସମ୍ପାଦକ ପ୍ରଭାତ କୁମାର ଭୋଳ, ଆରିଭା ସ୍ପୋର୍ଟସର ନିର୍ଦ୍ଦେଶକ କ୍ଷୀତଜୀ ଗୁପ୍ତା ଅତିଥି ଭାବେ କାର୍ଯ୍ୟକ୍ରମରେ ସାମିଲ ଥିଲେ। ସୂଚନାଯୋଗ୍ୟ, ୨୬ ତାରିଖ ପର୍ଯ୍ୟନ୍ତ ହେବାକୁ ଥିବା ଏହି ଲିଗ୍‌ରେ ମୋଟ ୧୮ଟି ଲିଗ୍ ମ୍ୟାଚ୍ ଖେଳାଯିବ। ପଏଣ୍ଟ ଭିତ୍ତିରେ ପ୍ରଥମ ୪ଟି ଦଳ ସେମିଫାଇନାଲରେ ପ୍ରବେଶ କରିବେ। ବୁଧବାର ରଙ୍ଗାରଙ୍ଗ କାର୍ଯ୍ୟକ୍ରମ ସହ ଲିଗ୍ ଉଦ୍‌ଘାଟିତ ହେବ। ଉଦ୍‌ଘାଟନୀ ମୁକାବିଲାରେ କଟକ ପାନ୍ଥର୍ସ ଏବଂ ଭୁବନେଶ୍ୱର ଟାଇଗର୍ସ ମୁହାଁମୁହିଁ ହେବେ। ଲିଗ୍‌ର ପ୍ରତ୍ୟେକ ମ୍ୟାଚ୍ ଷ୍ଟାରସ୍ପୋର୍ଟସ ଖେଲ୍ ଏବଂ ଫ୍ୟାନ୍‌କୋଡ(ଓଟିଟି)ରେ ସିଧାପ୍ରସାରଣ କରାଯିବ। ଦର୍ଶକମାନଙ୍କ ନିମନ୍ତେ ଗ୍ୟାଲେରୀ ନଂ-୧,୩ ଏବଂ ୫ ଉନ୍ମୁକ୍ତ ରଖାଯିବ।

**ୱାର୍ଲ୍ଡ ଆଥଲେଟିକ୍ସ ଚାମ୍ପିଅନସିପ୍**

## ହାଇଜମ୍ପ୍‌ରେ ସର୍ବେଶ ଷଷ୍ଠ

ଟୋକିଓ, ୧୬।୯ (ଏଜେନ୍ସି): ପ୍ରଥମ ଭାରତୀୟ ଆଥ୍‌ଲେଟଭାବେ ଏଠାରେ ଚାଲିଥିବା ୱାର୍ଲ୍ଡ ଆଥଲେଟିକ୍ସ ଚାମ୍ପିଅନସିପ୍‌ର ପୁରୁଷ ହାଇ ଜମ୍ପ ଫାଇନାଲରେ ପ୍ରବେଶ କରିଥିବା ସର୍ବେଶ କୁଶାରେ ଷଷ୍ଠ ସ୍ଥାନରେ ସନ୍ତୁଷ୍ଟ ହୋଇଛନ୍ତି। ଫାଇନାଲରେ ସେ ୨.୨୮ ମିଟରକୁ ଡେଇଁ ବ୍ୟକ୍ତିଗତ ଶ୍ରେଷ୍ଠ ସଫଳତା ହାସଲ କରିଥିଲେ। ଜାତୀୟ ରେକର୍ଡ ୨.୨୯ ମିଟର ଥିଲାବେଳେ ସେ ୨.୩୧ ମିଟର ଡେଇଁବାକୁ ୩ଥର ଉଦ୍ୟମ କରି ବିଫଳ ହୋଇଥିଲେ। ଅଲିମ୍ପିକ୍ ଚାମ୍ପିଅନ ନ୍ୟୁଜିଲାଣ୍ଡର ହାମିଶ କେର୍ ୨.୩୬ ଉଚ୍ଚତାକୁ ଡେଇଁ ପ୍ରଥମ, ଦକ୍ଷିଣ କୋରିଆର ସାଙ୍ଗେୟକ୍ ଉ ୨.୩୪ ଉଚ୍ଚତାକୁ ଡେଇଁ ଦ୍ୱିତୀୟ ଓ ଚେକ୍ ରିପବ୍ଲିକର ଜାନ୍ ଷ୍ଟେଫେରା ୨.୩୧ ମିଟର ଉଚ୍ଚତାକୁ ଡେଇଁ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଯୋଗ୍ୟତା ପର୍ଯ୍ୟାୟ ମୁକାବିଲାରେ ସର୍ବେଶ କୁଶାରେ ୨.୨୫ ମିଟର ଉଚ୍ଚତାକୁ ଡେଇଁ ସହଜରେ ଫାଇନାଲରେ ପ୍ରବେଶ କରିଥିଲେ।

**ଆପୋଲୋ ଟାୟର୍ସ ଭାରତୀୟ କ୍ରିକେଟ୍ ଦଳର ଜର୍ସି ପ୍ରାୟୋଜକ**

# ଅଢ଼େଇ ବର୍ଷ ପାଇଁ ଦେବ ୫୭୯ କୋଟି ଟଙ୍କା

ମୁମ୍ବଇ, ୧୬।୯

ଆପୋଲୋ ଟାୟର୍ସ ଭାରତୀୟ କ୍ରିକେଟ୍ ଦଳର ଜର୍ସି ପ୍ରାୟୋଜକ ହୋଇଛି। ଏଣିକି ଭାରତୀୟ ପୁରୁଷ ଓ ମହିଳା କ୍ରିକେଟ୍ ଦଳର ଖେଳାଳିଙ୍କ ଜର୍ସିରେ ଆପୋଲୋ ଟାୟର୍ସ ଲେଖାଯିବ। ଡ୍ରିମ୍‌୧୧ ସ୍ଥାନରେ ଆପୋଲୋ ଟାୟର୍ସ ଭାରତୀୟ କ୍ରିକେଟ୍ ଦଳର ନୂଆ ପ୍ରାୟୋଜକ ହୋଇଛି। ଗତମାସ ୨୫ରେ ଭାରତୀୟ କ୍ରିକେଟ୍ ଦଳର ପ୍ରାୟୋଜକ ହେବା ପାଇଁ ବିସିସିଆଇ ଟେଣ୍ଡର ଆହ୍ୱାନ କରିଥିଲା। ଏଥିପାଇଁ ୩ଟି କମ୍ପାନୀ ପ୍ରାୟୋଜକ ହେବା ଦୌଡ଼ରେ ରହିଥିଲେ। ସେମାନେ ହେଲେ କମ୍ପ୍ୟୁଟର ଡିଜାଇନ୍ କମ୍ପାନୀ କାନ୍‌ଭା, ଜେକେ ସିମେଣ୍ଟ ଓ ଆପୋଲୋ ଟାୟର୍ସ। ସେମାନଙ୍କ ମଧ୍ୟରୁ ଆପୋଲୋ ଟାୟର୍ସ ସର୍ବାଧିକ ୫୭୯ କୋଟି ଟଙ୍କା (୬୫.୭ ନିୟୁତ ଡଲାର) ଦେବାକୁ ଦାବି କରିଥିବାରୁ ଏହାକୁ ପ୍ରାୟୋଜନ ଅଧିକାର ମିଳିଛି। ୨୦୨୮ ମାର୍ଚ୍ଚ ପର୍ଯ୍ୟନ୍ତ ଅଢ଼େଇ ବର୍ଷ ଆପୋଲୋ ଟାୟର୍ସ ଭାରତୀୟ ଦଳର ଜର୍ସି ପ୍ରାୟୋଜକ ରହିବ। ଏହା ମଧ୍ୟରେ ଭାରତ ୧୨୧ଟି ଦ୍ୱିପାକ୍ଷିକ ଓ ୨୧ଟି ଆଇସିସି ମ୍ୟାଚ ଖେଳିବ। ଏହାର ଅର୍ଥ ହେଉଛି ଭାରତ ଖେଳିବାକୁ ଥିବା ପ୍ରତ୍ୟେକ ଆନ୍ତର୍ଜାତିକ ମ୍ୟାଚ୍ ପାଇଁ ଆପୋଲୋ ଟାୟର୍ସ ବିସିସିଆଇକୁ ୪.୭୭ କୋଟି ଟଙ୍କା ପ୍ରଦାନ କରିବ। ତେବେ ଆଇସିସି ଟୁର୍ଣ୍ଣାମେଣ୍ଟ ଏବଂ ବହୁଦେଶୀୟ ଟୁର୍ଣ୍ଣାମେଣ୍ଟ ପାଇଁ ପ୍ରତି ମ୍ୟାଚ୍ ପାଇଁ ଆପୋଲୋ ଟାୟର୍ସ ୧.୭୨ କୋଟି ଟଙ୍କା ପ୍ରଦାନ କରିବ। ସେପ୍ଟେମ୍ବର ୩୦ରୁ ଭାରତ ଓ ଶ୍ରୀଲଙ୍କାରେ ଖେଳାଯିବାକୁ ଥିବା ମହିଳା ଦିନିକିଆ ବିଶ୍ୱକପ୍ ଏବଂ ଅକ୍ଟୋବରରୁ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଘରୋଇ ଟେଷ୍ଟ ଶୃଙ୍ଖଳାରୁ ଭାରତୀୟ ପୁରୁଷ ଖେଳାଳି ସେମାନଙ୍କ ଜର୍ସିରେ ଆପୋଲୋ ଟାୟର୍ସର ଲୋଗୋ ପିନ୍ଧିବେ। ଭାରତରେ କ୍ରିକେଟ୍‌ର ଲୋକପ୍ରିୟତାକୁ ଦୃଷ୍ଟିରେ ରଖି ଭାରତୀୟ ଦଳର ପ୍ରାୟୋଜକ ହେବା ତାଙ୍କ ପାଇଁ ଗର୍ବର ବିଷୟ ବୋଲି ଆପୋଲୋ ଟାୟର୍ସର ପରିଚାଳନା ନିର୍ଦ୍ଦେଶକ ନୀରଜ କନ୍‌ୱାର କହିଛନ୍ତି। ଫଳରେ ଏବେ ଏସିଆ କପ୍ ଖେଳୁଥିବା ଭାରତୀୟ ପୁରୁଷ ଦଳ ଏବଂ ଅଷ୍ଟ୍ରେଲିଆ ସହ ଦିନିକିଆ ଶୃଙ୍ଖଳା ଖେଳୁଥିବା ଭାରତୀୟ ମହିଳା ଦଳର ଜର୍ସିରେ କୌଣସି ବ୍ୟାବସାୟିକ ସଂସ୍ଥାର ଲୋଗୋ ନ ଥିଲା।

୨୦୨୩ରୁ ୨୦୨୬- ଏହିପରି ୩ ବର୍ଷ ଲାଗି ୪୪ ନିୟୁତ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୩୫୮ କୋଟି ଟଙ୍କା) ବିସିସିଆଇକୁ ଦେବା ଲାଗି ଡ୍ରିମ୍‌୧୧ ଚୁକ୍ତି କରିଥିଲା। ହେଲେ ଅନ୍‌ଲାଇନ୍ ଗେମିଙ୍ଗ୍ ପ୍ରୋତ୍ସାହନ ଓ ନିୟାମକ ବିଧେୟକ ପାରିତ ହେବା ପରେ କୌଣସି ଅନ୍‌ଲାଇନ ଗେମ୍‌ରେ ଅର୍ଥ ଖଟାଇବା ସମ୍ପୂର୍ଣ୍ଣ ବାସନ୍ଦ ହୋଇ ଯାଇଥିଲା। ତେଣୁ ଭାରତୀୟ କ୍ରିକେଟ୍ ଦଳର ମୁଖ୍ୟ ପ୍ରାୟୋଜକ ରହିବାକୁ ଡ୍ରିମ୍‌୧୧ ଅକ୍ଷମତା ପ୍ରକାଶ କରିଥିଲା। ଏବେ ଡ୍ରିମ୍‌୧୧ଠାରୁ ଅଧିକ ଅର୍ଥ ଦେଇ ଆପୋଲୋ ପ୍ରାୟୋଜନ ଅଧିକାର ହାସଲ କରିଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS